



- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
## THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

•VOLUME- 42 •ISSUE-348 •BHUBANESWAR •MONDAY •16 JUNE 2025 •PAGE-12 •₹ 6.00 | BHUBANESWAR | •ବର୍ଷ-୪୨ •ସଂଖ୍ୟା-୩୪୮ •ଭୁବନେଶ୍ୱର •ସୋମବାର •୧୬ ଜୁନ୍ ୨୦୨୫ •ପୃଷ୍ଠା-୧୨ •ଟ.୬.୦୦



ADMISSION OPENS

+2 1ST YR Sc. (CHSE & CBSE) & NEET-2025-26

# TETRAHEDRON
## GROUP OF INSTITUTIONS

Tangi,Cuttack,
For Admission Contact :-
8093064522, 8093064525,9040363480, 7008222977

## NEET RESULTS -2025

- 590 — AIR-2241, Category Rank -762 — SOURAV RANJAN — JAJPUR — M. : 9337135920
- 588 — AIR-2418, Category Rank -1329 — PRANAB KUMAR — CUTTACK — M : 9348405006
- 585 — AIR-2839, Category Rank -220 — AMIT ANSUMAN — JAJPUR — M : 8260552053
- 578 — AIR-3798, Category Rank -1414 — G.S TANISHA — BHADRAK — M : 6370203229
- 575 — AIR-4483, Category Rank -1714 — SOUMYA RANJAN — KENDRAPARA — M: 9853490176
- 574 — AIR-4690, Category Rank -113 — ASHUTOSH (SC) — SAMBALPUR — M : 9438110102
- 574 — AIR-4551, Category Rank -1743 — SUBHASANKAR — BALASORE — M. : 9556941413
- 572 — AIR-5040, Category Rank -1968 — ASHUTOSH — KENDRAPARA — M : 7735074814
- 571 — AIR-5170, Category Rank -2530 — SOMESH PRASAD — TALCHER, ANGUL — M. : 7849035336
- 568 — AIR-5836, Category Rank -2793 — SWARAJ — JAGATSINGHPUR — M. : 6372296215
- 567 — AIR-6281, Category Rank -2980 — MONALISHA — KEONJHAR — M. : 9938758948
- 567 — AIR-6262, Category Rank -590 — ANSUMAN — CUTTACK — M. :6372343040
- 565 — AIR-6808, Category Rank -2755 — RAJESH — JAJPUR — M : 6370895135
- 564 — AIR-7229, Category Rank -3377 — ARCHITA — CUTTACK — M. : 7978178553
- 564 — AIR-2241, Category Rank -762 — PRASANTA KU. — JAJPUR — M : 7894331492
- 562 — AIR-7733, Category Rank -755 — ASIS KU. — KEONJHAR — M : 9827856657
- 560 — AIR-6105, Category Rank -3362 — SUBHASHISH — JAJPUR — M. : 9040499248
- 559 — AIR-8790, Category Rank - 4013 — SOVNA — JAJPUR — M : 7978917103
- 558 — AIR-8910, Category Rank -3873 — SATYARANJAN — CUTTACK — M. : 8249555100
- 555 — AIR-10001, Category Rank -4505 — KABIR — CUTTACK — M. :8917235240
- 553 — AIR-10868, Category Rank -4844 — IRA MOHANTY — JAJPUR — M. :9438174925
- 552 — AIR-11400, Category Rank -1844 — SURYASNAT — SALIPUR,CUTTACK — M. : 9439942163
- 552 — AIR-11200, Category Rank -4738 — SWATI SNIGDHA — BARIPADA — M. : 9040575691
- 551 — AIR-11844, Category Rank -5213 — SOUBHAGYA RANJAN — JAJPUR — M. : 9692767335
- 550 — AIR-12293, Category Rank -5263 — JAYASHREE — JAJPUR — M. : 7077298174
- 549 — AIR-12842, Category Rank -5591 — SANJIB KU. — CUTTCK — M. : 8658284937
- 549 — AIR-12780, Category Rank -1372 — PRADIPTA KU. — CUTTACK — M. :8338869928
- 549 — AIR-12748, Category Rank -5483 — R.S BHAKTI SWARUPA — CUTTACK(MAHANGA) — M. :9777746799
- 548 — AIR-13272, Category Rank -1436 — RUDRA NARAYAN — JAJPUR — M : 8908938985
- 548 — AIR-13018, Category Rank -1400 — RAJKUMAR — BHUBANESWAR — M. : 9692089794
- 548 — AIR-13377, Category Rank -5793 — AMIT KU. — JAJPUR — M : 9348601405
- 545 — AIR-14827, Category Rank -6475 — SUBHANKAR — JAJPUR — M. : 9310679902
- 544 — AIR-15048, Category Rank -6412 — AMIT KU. — CUTTACK — M. : 9692868645
- 542 — AIR-16115, Category Rank -6792 — RITIK NARENDRA — NAYAGARH — M. :7855924761
- 541 — AIR-16789, Category Rank -7429 — ANUPAMA — JAJPUR — M. :8260543757
- 541 — AIR-16951, Category Rank -7308 — JYOTIRANJAN — JAGATSINGHPUR — M. :9090317675
- 540 — AIR-17367, Category Rank -7698 — IPSITA — BARIPADA — M. : 7847007731
- 540 — AIR-17183, Category Rank -7814 — GYANARANJAN — JAJPUR — M. :8984012686
- 539 — AIR-18094, Category Rank -2014 — RAJENDRA — KENDRAPARA — M. :8249757722
- 539 — AIR-18150, Category Rank -7530 — SWARNAPRAVA — BHADRAK — M. : 9348538749
- 539 — AIR-17974, Category Rank -7990 — ASHUTOSH — JAJPUR — M. :9438213231
- 539 — AIR-18113, Category Rank -7518 — ARUP — ANGUL — M. : 8260114745
- 538 — AIR-18804, Category Rank -8370 — ASISH — KENDRAPARA — M. : 8093906398
- 538 — AIR-000, Category Rank -000 — ROHIT RASHMI — KHORDHA — M. : 9090478270
- 538 — AIR-18329, Category Rank -7603 — SARASWATA — CUTTACK — M. :9827707252
- 535 — AIR-20761, Category Rank -9399 — SACHITANANDA — KENDRAPARA — M. : 7978636315
- 535 — AIR-20362, Category Rank -8360 — PRAGYAN PARAMITA — M. : 7008984646
- 534 — AIR-21361, Category Rank -9650 — DEBASMITA(SGS) — ANGUL — M. :7848987971
- 533 — AIR-22099, Category Rank -8971 — SUBHAM — BHADRAK — M. : 9937533036
- 532 — AIR-22673, Category Rank -2585 — LOKANTH — DHENKANAL — M. :8984711270
- 531 — AIR-23543, Category Rank -2705 — DEEPANKAR — JAJPUR — M. :7750878883
- 531 — AIR-23310, Category Rank -9394 — SUBHASHREE — JAJPUR — M. : 7077329698
- 531 — AIR-23105, Category Rank -2644 — SAIEED — JAJPUR — M. :8984303637

## OUR ACHIEVERS FOR AIIMS

- 710 — AIIMS,BBSR(2024) — KAMALAKANTA — Mob. : 8249906661
- 700 — AIIMS,RAIPUR(2024) — RAHUL — M. : 6372741832
- 697 — AIIMS,DELHI(2021) — SUSHREE SANGITA — Mob. : 9810975701
- 695 — AIIMS,GRORAKHAPUR(2024) — OMM PRAKASH — M. : 6372521307
- 695 — SWAGATIKA — M. : 7381845430 — AIIMS GORAKHAPUR(2024)
- 680 — DEVASIS SAHOO — Mob. : 9861492793 — AIIMS BBSR(2021)
- 675 — ASHIRBAD BISWAL — Mob. : 7846821473 — AIIMS GORAKHPUR(2023)
- 670 — ADITYA NARAYAN — M. : 8260333635 — AIIMS MADURAI(2024)
- 670 — ANUPAM NAYAK — Mob. : 7205755502 — AIIMS KALYANI (2023)
- 665 — SATYAJIT NAYAK — Mob. : 8260601336 — AIIMS RAIPUR(2022)

| | | | | | |
|---|---|---|---|---|---|
| 590+ MARKS 01 STUDENT | 580+ MARKS 03 STUDENTS | 570+ MARKS 09 STUDENTS | 560+ MARKS 17 STUDENTS | 550+ MARKS 25 STUDENTS | 540+ MARKS 38 STUDENT |
| 530+ MARKS 53 STUDENTS | 520+ MARKS 65 STUDENTS | 515+ MARKS 79 STUDENTS | GOVT. MBBS 95-110 EXPECTED | AIIMS 10 EXPECTED | SCB 20 EXPECTED |

TETRAHEDRON HIGHER SECONDARY SCHOOL
TETRAHEDRON WOMEN'S HIGHER SECONDARY SCHOOL
TETRAHEDRON RESIDENTIAL COACHING FOR NEET & JEE

Qualifying & Scholarship Test for NEET :
22nd JUNE 2025 (Exam from 11am. to 2.00pm.)
FOR ONLINE REGISTRATION VISIT OUR WEBSITE :
https://neet.tetrahedroncoaching.com

### Course Fees According to NEET Score -2025

- For Student Scoring 500 above : Free
- For Student Scoring 490 above : Rs. 10,000/- +(GST)
- For Student Scoring 480 above : Rs. 20,000/- +(GST)
- For Student Scoring 470 above : Rs. 30,000/- +(GST)
- For Student Scoring 460 above : Rs. 40,000/- +(GST)
- For Student Scoring 450 above : Rs. 50,000/- +(GST)
- For Student Scoring 425 above : Rs. 60,000/- +(GST)
- For Student Scoring 400 above : Rs. 65,000/- +(GST)
- For Student Scoring 350 above : Rs. 70,000/- +(GST)
- For Student Scoring 300 above : Rs. 75,000/- +(GST)

For very very poor student scoring 500+ in NEET 2025 Hostel fees also free

## OUR CHSE RESULTS -2025

581 — ABINASH PANDA — R. NO. : 312CZ142 — MOB. : 8926374475

- 578 — ANUNJAYA — R.NO. : 312CZ044 — M. : 9937820270
- 575 — HARAPRASAD — R.NO. : 312CZ052 — M. : 9777635809
- 574 — ANANYA ANUPRITA — R.NO. : 321CZ001 — M. : 6372522094
- 574 — ANANYA — R.NO. : 321CZ018 — M. : 9178552089
- 574 — PRIYADARSHINI — R.NO. : 321CZ020 — M. : 8456010982
- 574 — RUTUPURNA — R.NO. : 321CZ025 — M. : 8908000397
- 573 — ASHUTOSH — R.NO. : 312CZ009 — M. : 7008710810
- 573 — SWARNA PRAVA — R.NO. : 321CZ002 — M. : 9348538749
- 572 — SOUMYAK — R.NO. : 312CZ015 — M. : 6372996292
- 572 — SANDEEP — R.NO. : 312CZ021 — M. : 9438775289
- 571 — PRIYANKA — R.NO. : 321CZ016 — M. : 8328937059
- 570 — SWAYAM — R.NO. : 312CZ039 — M. : 9583495922

99% 1st Division

- RESULT : 99.7%
- ABOVE 95% : 13
- ABOVE 560 : 51
- ABOVE 90% : 185
- ABOVE 89% : 229
- ABOVE 88% : 280
- ABOVE 85% : 446
- ABOVE 500 : 534
- ABOVE 80% : 712
- ABOVE 75% : 902
- ABOVE 70% : 1023
- ABOVE 60% : 1120

ଆମର ମୁଖ୍ୟ strength ହେଉଛି ତ୍ରିଦେବ୍ ସାର୍‌ଙ୍କ ଦ୍ୱାରା ପିଲାମାନଙ୍କୁ counselling ଏବଂ 24hour guidance, self study from morning 8.00am. to night 2.00am, super specialist teachers and completion of course before 15th December, Weekly Test, 30No. of PTS & VST, Doubt Clearing by Expert Teachers. .

**One Year NEET Coaching Starts from 23rd June & 30th June 2025**

# ଡେଉଁଛି ଡାଇରିଆ | ଯାଜପୁରରେ ପୁଣି ନେଲା ୩ ଜୀବନ

## ପ୍ରଶାସନ ଉପରୁ ଭରସା ତୁଟିଲା; ଗାଁ ଗାଁରେ ପୂଜାପାଠ

ଯାଜପୁର,୧୫।୬(ସମିସ): ଯାଜପୁରରେ ଆଜି ଝାଡ଼ାବାନ୍ତି (ଡାଇରିଆ) ପୁଣି ୩ଜଣଙ୍କ ଜୀବନ ନେଇଥିବା ବେଳେ ୯୬ ନୂଆ ରୋଗୀ ଜିଲ୍ଲାର ବିଭିନ୍ନ ଡାକ୍ତରଖାନାରେ ଭର୍ତ୍ତି ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ୬ ସଂକଟାପନ୍ନଙ୍କୁ କଟକ ସ୍ଥାନାନ୍ତର କରାଯାଇଛି। ମୃତକମାନେ



ହେଲେ, ଯାଜପୁର ବ୍ଲକ ଖଇରାବାଦ ଗାଁର ଜୟନ୍ତୀ ସାହୁ, କମଳପୁର ଗାଁର ଜଟାଧାରୀ ସାହୁ ଓ ଯାଜପୁର ପୌରପାଳିକା ଅଧୀନ କୋଟବସନ୍ତପୁରର ମଦନମୋହନ ସେନାପତି। ଜୟନ୍ତୀ ଓ ଜଟାଧାରୀଙ୍କ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଚିକିତ୍ସାଧୀନ ଅବସ୍ଥାରେ ମୃତ୍ୟୁ ଘଟିଥିବା ବେଳେ ମଦନମୋହନ କଟକ ଏସ୍‌ସିବି ମେଡିକାଲରେ ପ୍ରାଣ ହରାଇଛନ୍ତି।

ଗତ ୬ ଦିନ ତଳୁ ଆରମ୍ଭ ହୋଇଥିବା ଏହି ପ୍ରାଣଘାତୀ ଝାଡ଼ାବାନ୍ତି ଯୋଗୁଁ ଜିଲ୍ଲାରେ ହାହାକାର ପରିସ୍ଥିତି ସୃଷ୍ଟି ହୋଇଥିବା ବେଳେ ଏହାକୁ ନିୟନ୍ତ୍ରଣ କରିବାରେ ପ୍ରଶାସନ ପୂରା ବିଫଳ ହୋଇଛି। ଝାଡ଼ାବାନ୍ତିର ଉତ୍ପତ୍ତିସ୍ଥଳ ଏପର୍ଯ୍ୟନ୍ତ ପାଇପାରୁନାହିଁ। ତେଣୁ ପ୍ରଶାସନ ଓ ସରକାରଙ୍କ ଉପରୁ ଲୋକଙ୍କ ଆସ୍ଥା ତୁଟିବାରେ ଲାଗିଛି। ଏପରି ସ୍ଥିତିରେ ଗାଁଗାଁରେ ଏବେ ଲୋକ ପୂଜାପାଠ କରିବା ଆରମ୍ଭ କରିଦେଇଛନ୍ତି।

■ ସ୍ଥିତି ସମୀକ୍ଷା କଲେ ସ୍ୱାସ୍ଥ୍ୟମନ୍ତ୍ରୀ
■ ପାଣି ଓ ଖାଦ୍ୟ ନମୁନା ସଂଗ୍ରହ କଲା କେନ୍ଦ୍ରୀୟ ଟିମ୍

ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ମିଳିଥିବା ସୂଚନା ମୁତାବକ, ଗତକାଲି ରାତି ୧୧ଟାରୁ ରବିବାର ସକାଳ ୮ଟା ସୁଦ୍ଧା ଜିଲ୍ଲାରେ ମୋଟ ୨୨୫ ଜଣ ଚିକିତ୍ସିତ ହେଉଥିଲେ। ତେବେ ଆଜି ୯୬ ଜଣ ନୂଆ ରୋଗୀ ବିଭିନ୍ନ ଡାକ୍ତରଖାନାରେ ଭର୍ତ୍ତି ହୋଇଛନ୍ତି। ସେହିପରି, ସନ୍ଧ୍ୟା ସୁଦ୍ଧା ୫୭ ଜଣ ଡିସ୍‌ଚାର୍ଜ ହୋଇଛନ୍ତି ଏବଂ ୨୫୮ ଜଣ ଏବେ ବି ଚିକିତ୍ସିତ ହେଉଛନ୍ତି।

ଅପରପକ୍ଷେ, କେନ୍ଦ୍ରୀୟ ପ୍ରତିନିଧି ଦଳ ଆଜି ଜିଲ୍ଲାରେ ପହଞ୍ଚି ଉଭୟ ପାଣି ଓ ଖାଦ୍ୟ ନମୁନା ସଂଗ୍ରହ କରିଛନ୍ତି। ରିପୋର୍ଟ ଆସିବା ପରେ ହଇଜାର ପ୍ରକୃତ କାରଣ ଜଣାପଡ଼ିବ ବୋଲି ମନ୍ତ୍ରୀ କହିଛନ୍ତି। ଜିଲ୍ଲାରେ ମୃତ୍ୟୁବରଣ କରିଥିବା ରୋଗୀ ସଂଖ୍ୟା ସଂପର୍କରେ ସର୍ଭେ କରାଯାଉଛି ବୋଲି କହିଥିଲେ। ଜିଲ୍ଲାରେ ଥିବା ପ୍ରତ୍ୟେକ ସରକାରୀ ଓ ବେସରକାରୀ ନଳକୂପ, କୂପ ଓ ଓଭରହେଡ ଟାଙ୍କି ଥିବା ଜଳ ଉତ୍ସଗୁଡ଼ିକୁ ବିଭାଗୀୟ କର୍ମଚାରୀମାନଙ୍କ ଦ୍ୱାରା ବିଶୋଧନ କରାଯାଉଛି।

## କେନ୍ଦ୍ରାପଡ଼ାରେ ଗଡ଼ିଲା ପ୍ରଥମ ମୁଣ୍ଡ

ଡେରାବିଶ,୧୫।୬(ସମିସ): ଯାଜପୁରରୁ ବ୍ୟାପିଥିବା ଡାଇରିଆ ଏବେ କେନ୍ଦ୍ରାପଡ଼ା ଜିଲ୍ଲାରେ ପଶିଛି। ଡେରାବିଶ ବ୍ଲକ୍‌ରେ ଏହାର ପ୍ରଭାବ ଦେଖିବାକୁ ମିଳିଛି। ଆଜି ସକାଳୁ ଡାଇରିଆରେ ଆକ୍ରାନ୍ତ ଜଣେ ମହିଳାଙ୍କ ମୃତ୍ୟୁ ହୋଇଛି। ମୃତକ ହେଲେ, ଡେରାବିଶ ବ୍ଲକ୍ ଅନ୍ତର୍ଗତ ଏଣ୍ଡର ପଞ୍ଚାୟତ ଶ୍ୟାମସୁନ୍ଦରପୁର ଗ୍ରାମର ସଜନୀ ମଲିକ (୬୧)। ଗତକାଲି ତାଙ୍କୁ ଡେରାବିଶ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ଅବସ୍ଥା ସଂକଟାପନ୍ନ ହେବାରୁ କଟକ ବଡ଼ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା। ଆଜି ସେଠାରେ ତାଙ୍କର ମୃତ୍ୟୁ ହୋଇଯାଇଛି। ଅପରପକ୍ଷେ, ଡାଇରିଆରେ ୬ରୁ ଊର୍ଦ୍ଧ୍ୱ ଆକ୍ରାନ୍ତ ହୋଇ କେନ୍ଦ୍ରାପଡ଼ା ଓ କଟକ ମେଡିକାଲରେ ଚିକିତ୍ସିତ ହେଉଛନ୍ତି। ସେମାନେ ହେଲେ, ସଜନୀଙ୍କ ପୁଅ ଭାଗୀରଥି (୪୩) ଓ ନିରଞ୍ଜନ (୩୦) ଏବଂ ଗ୍ରାମର ରଙ୍ଗଲତା ମଲିକ (୪୫), ତପନ ମଲିକ (୪୬), କୁଞ୍ଜବିହାରୀ ମଲିକ (୭୫), ରଶ୍ମିତା ମଲିକ (୪୬)। ସମସ୍ତଙ୍କୁ କେନ୍ଦ୍ରାପଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି।

ଏହି ଖବର ପଦାକୁ ଆସିବା ପରେ ସ୍ଥାନୀୟ ଅଞ୍ଚଳରେ ଭୟର ବାତାବରଣ ଦେଖାଦେଇଛି। ଘଟଣାସ୍ଥଳରେ କେନ୍ଦ୍ରାପଡ଼ା ଜିଲ୍ଲା ପବ୍ଲିକ ହେଲ୍‌ଥ ଅଫିସର ଡାକ୍ତର ନିରୁପମା ଶତପଥୀ ଓ ଡେରାବିଶର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ଡାକ୍ତର ଚିତ୍ତରଞ୍ଜନ ବେହେରାଙ୍କ ନେତୃତ୍ୱରେ ଡକ୍ତରୀ ଟିମ୍ ପହଞ୍ଚିଛନ୍ତି। ଏଥିସହ ସ୍ଥାନୀୟ ଆଶା, ଅଙ୍ଗନବାଡ଼ି କର୍ମୀ ପହଞ୍ଚିଛନ୍ତି। ସ୍ୱାସ୍ଥ୍ୟ ବିଭାଗ ଟିମ୍ ଆକ୍ରାନ୍ତଙ୍କ ଘରକୁ ଯାଇ ରୋଗ ଉତ୍ପତ୍ତିର କାରଣ ଖୋଜିଛନ୍ତି। ସ୍ୱାସ୍ଥ୍ୟ ବିଭାଗ ଟିମ୍ ସହ ଏଣ୍ଡର ସରପଞ୍ଚ ଦୁର୍ଯ୍ୟୋଧନ ମଲିକ ଓ ସମାଜସେବୀ ମହେନ୍ଦ୍ର ମଲିକ ଉପସ୍ଥିତ ରହି ଗ୍ରାମର ସମସ୍ତ ଘରକୁ ଯାଇ ଲୋକମାନଙ୍କ ସ୍ୱାସ୍ଥ୍ୟବସ୍ଥା ପଚାରି ବୁଝିଥିଲେ ଓ ଲୋକଙ୍କୁ ସତର୍କତା ଅବଲମ୍ବନ କରିବାକୁ ପରାମର୍ଶ ଦେଇଥିଲେ।

■ ଭଦ୍ରକରେ ମାଡୁଛି

## ଧାମନଗରରେ ୬୦, ଭଣ୍ଡାରିପୋଖରୀରେ ୬ ଆକ୍ରାନ୍ତ

ବାରିକପୁର/ଧାମନଗର: ଭଦ୍ରକ ଜିଲ୍ଲା ଭଣ୍ଡାରିପୋଖରୀ, ଧାମନଗରରେ ଝାଡ଼ାବାନ୍ତି ଅଣାୟତ୍ତ ହେବାରେ ଲାଗିଛି। ଏବେ ୬୦ ଆକ୍ରାନ୍ତ ଧାମନଗର ମେଡ଼ିକାଲରେ ଚିକିତ୍ସିତ ହେଉଛନ୍ତି। ମେଡିକାଲରୁ ସେମାନଙ୍କୁ ସାଲାଇନ ଓ ଔଷଧ ଦିଆଯାଇ ଛଡ଼ାଯାଇଛି। ପ୍ରତିଦିନ ଆକ୍ରାନ୍ତଙ୍କ ସଂଖ୍ୟା ବଢୁଛି ବୋଲି ଡାକ୍ତର ସୂଚନା ଦେଇଛନ୍ତି। ରାଧାବଲ୍ଲଭପୁରର ବନ୍ଧଟିଆ ଯେନା ସାହି ଗ୍ରାମର ୪ଟି ପରିବାରରଲୋକ କାଲିଠାରୁ ଝାଡ଼ାବାନ୍ତିରେ ଆକ୍ରାନ୍ତ ହୋଇଛନ୍ତି। ଗାଁ ନଳକୂଅରୁ ପାଣି ପିଇଥିଲେ। କାଲି ସକାଳୁ ଘରର ୩ ପିଲାଙ୍କର ଝାଡ଼ାବାନ୍ତି ଆରମ୍ଭ ହୋଇଥିଲା। ଅପରାହ୍ନକୁ ବାପା ମାଆଙ୍କର ଝାଡ଼ାବାନ୍ତି ଆରମ୍ଭ ହୋଇ ଯାଇଥିଲା। ସମସ୍ତଙ୍କୁ ପଡ଼ିଶା ଘର ଲୋକେ ଧାମନଗର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ।

ସେହିପରି ଭଣ୍ଡାରିପୋଖରୀ ବ୍ଲକ ମାଳଦା ଓ ଷୋଳମପୁର ପଞ୍ଚାୟତ ଅଞ୍ଚଳରେ ଗତ ଚାରି ପାଞ୍ଚ ଦିନ ହେବ ଝାଡ଼ାବାନ୍ତି ବ୍ୟାପୁଥିବା ଜଣାପଡ଼ିଛି। ଏହାରି ଭିତରେ କିଛି ଆକ୍ରାନ୍ତ ଚିକିତ୍ସା ହୋଇ ଘରକୁ ଫେରିଥିବା ବେଳେ ଆହୁରି କିଛି ଯାଜପୁର ଓ କଟକ ମେଡ଼ିକାଲରେ ଚିକିତ୍ସିତ ହେଉଛନ୍ତି। ପଞ୍ଚାୟତ ଅଧୀନ ରାଢୋ ଗ୍ରାମର ମହିଳା ଓ ପୁରୁଷଙ୍କୁ ମିଶାଇ ୬/୭ ଜଣ ଦୁଇ ଦିନ ମଧ୍ୟରେ ଆକ୍ରାନ୍ତ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ୪ଜଣ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଠାରେ ଚିକିତ୍ସିତ ହେଉଥିବା ବେଳେ ଜଣେ କଟକ ଓ ଅନ୍ୟ ଜଣେ ଯାଜପୁର ମେଡ଼ିକାଲରେ ଚିକିତ୍ସିତ ହେଉଛନ୍ତି। ଜଣେ ମାତ୍ର ସୁସ୍ଥ ହୋଇ ଘରକୁ ଫେରିଥିବା ଜଣାପଡିଛି। ଗାଆଁରେ ଏଯାଏଁ ମେଡିକାଲ ଟିମ୍ ପହଞ୍ଚି ନଥିବା ଅଭିଯୋଗ ହୋଇଛି।

## ଅସ୍ତରଙ୍ଗରେ ଦିନକୁ ୨୦ ଆକ୍ରାନ୍ତ

ଅସ୍ତରଙ୍ଗ,୧୫।୬(ସମିସ): ଦିନକୁ ଦିନ ଡାଇରିଆ ତା'ର କାୟା ବିସ୍ତାର କରି ଜିଲ୍ଲା ପରେ ଜିଲ୍ଲାକୁ ବ୍ୟାପି ଚାଲିଥିବାବେଳେ ସେଥିରେ ସାମିଲ୍ ହୋଇଛି ପୁରୀ ଜିଲ୍ଲାର ଅସ୍ତରଙ୍ଗ ଅଞ୍ଚଳ। ଦୀର୍ଘ ବର୍ଷ ଧରି ଯାହା ଦେଖିବାକୁ ମିଳି ନ ଥିଲା, ତାହା ଏବେ ବିଭିନ୍ନ ଜିଲ୍ଲାର ଜନଜୀବନକୁ ଅସ୍ତବ୍ୟସ୍ତ କରିଦେଲାଣି। ଅସ୍ତରଙ୍ଗ ବ୍ଲକ୍‌ର ବିଭିନ୍ନ ପଞ୍ଚାୟତରୁ ପ୍ରତିଦିନ ୧୫ରୁ ୨୦ ଜଣ ଝାଡ଼ାବାନ୍ତିରେ ଆକ୍ରାନ୍ତ ହୋଇ ଡାକ୍ତରଖାନାରେ ଭର୍ତ୍ତି ହେଉଛନ୍ତି। ଡାକ୍ତର ବିଶ୍ୱଭାରତ ମହାଲିକଙ୍କଠାରୁ ମିଳିଥିବା ସୂଚନା ଅନୁସାରେ, ପ୍ରତିଦିନ ଝାଡ଼ାବାନ୍ତି ରୋଗୀ ଆସୁଛନ୍ତି। ଯେଉଁମାନେ ଆସୁଛନ୍ତି ଚିକିତ୍ସା ପରେ ସୁସ୍ଥ ହେଉଛନ୍ତି, ବର୍ତ୍ତମାନ ସୁଦ୍ଧା କେହି ଗୁରୁତର ହୋଇନାହାନ୍ତି। ପ୍ରତିବର୍ଷ ଏହି ସମୟରେ ଏମିତି ସଂକ୍ରମିତ ରୋଗୀ ଆସନ୍ତି। ରାଜ୍ୟରେ ବର୍ତ୍ତମାନ ସୁଦ୍ଧା ହଇଜାରେ ୧୪ଜଣ ପ୍ରାଣ ହରାଇଥିବା ବେଳେ ରାଜ୍ୟ ସରକାର ଏହାକୁ ଅତି ହାଲୁକା ଭାବେ ନେବା ସମସ୍ତଙ୍କୁ ବେଶ୍ ଚକିତ କରୁଛି। ଲୋକଙ୍କ ଜୀବନକୁ ଆଉ ବିପଦକୁ ନ ଠେଲି ସରକାର ସଜାଗ ହୋଇ ଜନସଚେତନତା କରିବା ସହିତ ଉତ୍ତମ ଚିକିତ୍ସା ସୁବିଧା, ସାଲାଇନ, ଔଷଧ ପର୍ଯ୍ୟାପ୍ତ ପରିମାଣରେ ମହଜୁଦ ରଖିବା ଏବଂ ଝାଡ଼ାବାନ୍ତି ରୋକିବା ପାଇଁ ବିହିତ ପଦକ୍ଷେପ ଗ୍ରହଣ କରିବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।





## ଭୁବନରେ ଆତଙ୍କ | ବଢୁଛି ରୋଗୀ ସଂଖ୍ୟା

ଭୁବନ,୧୫।୬ (ସମିସ): ଢେଙ୍କାନାଳ ଜିଲ୍ଲା ଭୁବନ ଏନ୍‌ଏସିର ସହିତ ବିଭିନ୍ନ ୱାର୍ଡରେ ଡାଇରିଆ ଆତଙ୍କ ସୃଷ୍ଟି କରିଛି। ପଡ଼ୋଶୀ ଯାଜପୁରରୁ ଏହା ବ୍ୟାପୁଥିବା ଆଶଙ୍କା କରାଯାଇଛି। ଗତକାଲି ଡାଇରିଆରେ ଜଣେ ବ୍ୟକ୍ତି ମୃତ୍ୟୁବରଣ କରିଥିବା ବେଳେ ଆକ୍ରାନ୍ତଙ୍କ ସଂଖ୍ୟା ୫୦ ଟପି ଯାଇଛି। ମୃତ ବ୍ୟକ୍ତିଜଣଙ୍କ ହେଲେ, ଏନ୍‌ଏସି ୱାର୍ଡ ନମ୍ବର ୧୨ ଦଳିତ ବସ୍ତିର କୃପାସିନ୍ଧୁ ମଲିକ। ଝାଡ଼ାବାନ୍ତି ଯୋଗୁଁ ତାଙ୍କର ମୃତ୍ୟୁ ହୋଇଥିବା ପରିବାରଲୋକ ଅଭିଯୋଗ କରୁଥିବା ବେଳେ ଡାକ୍ତର ଏହାକୁ ଖଣ୍ଡନ କରିଛନ୍ତି। ସମସ୍ତ ରୋଗୀଙ୍କୁ ଭୁବନ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଛି। ସେହିପରି ବହୁ ଡାଇରିଆ ଆକ୍ରାନ୍ତ ଘରେ ରହି ଚିକିତ୍ସିତ ହେଉଥିବା ଦେଖିବାକୁ ମିଳିଛି।

ସ୍ଥାନୀୟ ଆଶାକର୍ମୀ ଓ ଅଙ୍ଗନୱାଡ଼ି କର୍ମୀମାନେ ପ୍ରାଥମିକ ଚିକିତ୍ସାରେ ସହଯୋଗ କରିଛନ୍ତି। କେଉଁ କାରଣ ଯୋଗୁଁ ବିଭିନ୍ନ ୱାର୍ଡରେ ଝାଡ଼ାବାନ୍ତି ରୋଗୀଙ୍କ ସଂଖ୍ୟା ବଢ଼ିବାରେ ଲାଗିଛି ତାହା ଅସ୍ପଷ୍ଟ ରହିଛି। ଖବର ପାଇ ତୁରନ୍ତ ସ୍ୱାସ୍ଥ୍ୟ ବିଭାଗ ଟିମ ପହଞ୍ଚି ରୋଗୀଙ୍କ ଚିକିତ୍ସାରେ ସହଯୋଗ କରୁଛନ୍ତି। ଘଟଣାସ୍ଥଳରେ ମୁଖ୍ୟ ଚିକିତ୍ସା ଅଧିକାରୀ ସଞ୍ଜୟ କୁମାର ମହାପାତ୍ର, କାମାକ୍ଷାନଗର ଉପଜିଲ୍ଲାପାଳ ଦିନମଣି ନାଇକ, ତହସିଲଦାର ସୂର୍ଯ୍ୟ ଶଙ୍କର ଦାସ, ବିଧାୟକ ଶତ୍ରୁଘ୍ନ ଜେନା ନଗରପାଳ ଶୁଭେନ୍ଦୁ କୁମାର ସାହୁ, ନିର୍ବାହି ଅଧିକାରୀ ପ୍ରଦାତ ସାହୁ, ମୁଖ୍ୟ ଡାକ୍ତର ରମେଶ ଚନ୍ଦ୍ର ସାହୁ ଘଟଣାସ୍ଥଳ ପରିଦର୍ଶନ କରିଛନ୍ତି। ଜନସ୍ୱାସ୍ଥ୍ୟ ବିଭାଗର ଯନ୍ତ୍ରୀଙ୍କ ଅନୁପସ୍ଥିତିକୁ ନେଇ ପ୍ରଶାସନ ଚିନ୍ତା ପଡ଼ିଯାଇଛି।



■ ପଛକୁ ପଛ ଧକ୍କା ହେଲା କାର୍

## ପୂର୍ବତନ ମୁଖ୍ୟମନ୍ତ୍ରୀଙ୍କ ସ୍ତ୍ରୀ, ଝିଅ, ନାତୁଣୀ ଗୁରୁତର

କିଶୋରନଗର/ବଇଣ୍ଡା, ୧୫।୬ (ସମିସ): କଟକ-ସମ୍ବଲପୁର ୫୫ନମ୍ବର ଜାତୀୟ ରାଜପଥର ହଣ୍ଡପା ଥାନା ହଣ୍ଡପା ବଜାର ନିକଟରେ ରବିବାର ଦୁଇଟି କାର୍ ପଛକୁ ପଛ ଧକ୍କା ହେବାରୁ ପୂର୍ବତନ ମୁଖ୍ୟମନ୍ତ୍ରୀ ସ୍ୱର୍ଗତ ହେମାନନ୍ଦ ବିଶ୍ୱାଳଙ୍କ ସ୍ତ୍ରୀ ଉର୍ମିଳା ବିଶ୍ୱାଳ(୭୮), ଝିଅ ଅନିତା ବିଶ୍ୱାଳ(୩୮), ନାତୁଣୀ ଅନବିକା ଧାମେ(୧୧)ଙ୍କ ସମେତ ଗାଡ଼ି ଚାଳକ ସଞ୍ଜୟ ବେଉରା ଗୁରୁତର ଆହତ ହୋଇଛନ୍ତି।



ସେହିପରି ଅନ୍ୟ ଏକ କାର୍‌ରେ ବସିଥିବା ପୂର୍ବତନ ବିଧାୟକ ଅମର ଶତପଥୀ ଓ ପ୍ରଭାତ ତ୍ରିପାଠୀ ମଧ୍ୟ ସାମାନ୍ୟ ଆହତ ହୋଇଛନ୍ତି। ହଣ୍ଡପା ଥାନା ଆଇଆଇସି ନମିତା ନାୟକଙ୍କ ନେତୃତ୍ୱରେ ପୁଲିସ୍ ଟିମ୍ ସମସ୍ତଙ୍କୁ ଉଦ୍ଧାର କରି ଅନୁଗୋଳ ଜିଲ୍ଲା ମୁଖ୍ୟ ଡାକ୍ତରଖାନାରେ ଭର୍ତ୍ତି କରାଇଛି। ସୂଚନାନୁଯାୟୀ, ପୂର୍ବତନ ବିଧାୟକ ଅମର ଶତପଥୀ ଓ ପ୍ରଭାତ ତ୍ରିପାଠୀ ଏକ ଇନୋଭାରେ ସମ୍ବଲପୁରରୁ ଭୁବନେଶ୍ୱର ଅଭିମୁଖେ ଯାଉଥିବା ବେଳେ ପଛରେ ଅନ୍ୟ ଏକ କାର୍‌ରେ ପୂର୍ବତନ ମୁଖ୍ୟମନ୍ତ୍ରୀ ସ୍ୱର୍ଗତ ବିଶ୍ୱାଳଙ୍କ ପରିବାରଲୋକେ ଭୁବନେଶ୍ୱର ଯାଉଥିଲେ। ହଣ୍ଡପା ବଜାର ନିକଟରେ ଭାରସାମ୍ୟ ହରାଇ ଇନୋଭା ପଛରେ କାର୍ ଧକ୍କା ହୋଇଥିଲା।

## କାଳ ହେଲା ରଜ ମଉଜ | ପାଣିରେ ବୁଡ଼ି ୩ ସାଙ୍ଗ ମୃତ, ୨ ନିଖୋଜ

ବାରିପଦା, କୋଷାଗୁମୁଡ଼ା/ ଜଗତସିଂହପୁର/ଏରସମା, ୧୫।୬(ସମିସ): କାଳ ହେଲା ରଜ ମଉଜ। ବିଭିନ୍ନ ସ୍ଥାନରେ ଆଜି ପାଣିରେ ବୁଡ଼ି ଆଜି ରାଜ୍ୟରେ ୩ଜଣଙ୍କ ମୃତ୍ୟୁ ହୋଇଥିବା ବେଳେ ୨ଜଣ ନିଖୋଜ ହୋଇଯାଇଛନ୍ତି। ମୟୂରଭଞ୍ଜ ଜିଲ୍ଲା ଦେଇ ଯାଇଥିବା ପଳପଳା ନଦୀରେ ବୁଡ଼ି ୨ସାଙ୍ଗ ପ୍ରାଣ ହରାଇଥିବା ବେଳେ ଜଗତସିଂହପୁର ଜିଲ୍ଲା ଶିଆଳି ବେଳାଭୂମି ନିକଟରେ ସମୁଦ୍ରରେ ବୁଡ଼ି ଜଣଙ୍କର ମୃତ୍ୟୁ ହୋଇଛି। ଅପରପକ୍ଷେ, ନବରଙ୍ଗପୁର ଜିଲ୍ଲା କୋଷାଗୁମୁଡ଼ାସ୍ଥିତ ଗୁଲମି ଜଳପ୍ରପାତ ବୁଲିବାକୁ ଯାଇଥିବା ୨ ସାଙ୍ଗ ପାଣିରେ ବୁଡ଼ି ନିଖୋଜ ହୋଇଯାଇଛନ୍ତି।

ସୂଚନାନୁଯାୟୀ, ବାରିପଦା ସହରରୁ ୨୦କିମି ଦୂର ଶିମିଳିପାଳ ପାଦଦେଶ ଲୁଲୁଙ୍ଗ ନିକଟ ପଳପଳା ନଦୀରେ ବୁଡ଼ି ରବିବାର ୨ ସାଙ୍ଗଙ୍କ ମୃତ୍ୟୁ ଘଟିଛି। ମୃତ ଯୁବକଦ୍ୱୟ ହେଲେ, ଭଞ୍ଜପୁର ଥାନା ଅଧୀନ ମୁର୍ଗାବାଡ଼ି ଅଞ୍ଚଳର ଅଙ୍କିତ କୁମାର ଭୁଜବଳ (୨୦) ଓ ରଘୁନାଥପୁର ଅଞ୍ଚଳର ଅଂଶୁମାନ ନାଏକ (୨୦)। ଉଭୟ ଭୁବନେଶ୍ୱରର ଏକ ଘରୋଇ ଶିକ୍ଷାନୁଷ୍ଠାନରେ ପଢ଼ନ୍ତି। ରଜ ଛୁଟିରେ ଘରକୁ ଆସିଥିଲେ। ଅନ୍ୟ ୫ଜଣ ସାଙ୍ଗଙ୍କ ସହ ସେମାନେ ଆଜି ବଣଭୋଜି କରିବାକୁ ଲୁଲୁଙ୍ଗ ଯାଇଥିଲେ। ସେଠାରେ ସମସ୍ତେ ପଳପଳା ନଦୀକୁ ଗାଧୋଇବାକୁ ଯାଇଥିଲେ। ୪ଜଣ ନଦୀ ଭିତରକୁ ପଶିବା ବେଳେ ଅସାବଧାନତାବଶତଃ ପଥରରେ ଗୋଡ଼ ଖସିଯିବାରୁ ନଦୀର ଗଭୀର ଜଳରାଶିକୁ ଚାଲିଯାଇଥିଲେ। ଉପରେ ଥିବା ୩ ସାଙ୍ଗ ୨ଜଣଙ୍କୁ ଉଦ୍ଧାର କରିଥିଲେ ହେଁ ଅଂଶୁମାନ ଓ ଅଙ୍କିତ ନିଖୋଜ ହୋଇଯାଇଥିଲେ। ଅଗ୍ନିଶମ ବାହିନୀ ସେଠାରେ ପହଞ୍ଚି ସେମାନଙ୍କୁ ଉଦ୍ଧାର କରିବା ବେଳକୁ ଦୁହିଁଙ୍କ ମୃତ୍ୟୁ ହୋଇସାରିଥିଲା।



ସେହିପରି କୋଷାଗୁମୁଡ଼ା ସଦର ମହକୁମାର ମିରଗାନ ସାହିର ଦୁଇ ନାବାଳକ ଚାନ୍ଦିଲି ନିକଟସ୍ଥ ଗୁଲମି ଜଳପ୍ରପାତରେ ଭାସି ଯାଇଛନ୍ତି। ସ୍ଥାନୀୟ ପୁଲିସ ଓ ଅଗ୍ନିଶମ ବାହିନୀ ସେମାନଙ୍କୁ ଉଦ୍ଧାର କରିବାକୁ ଉଦ୍ୟମ କରୁଛି। କିନ୍ତୁ ସଂଧ୍ୟା ସୁଦ୍ଧା ସେମାନଙ୍କର କୌଣସି ଖବର ମିଳି ପାରିନାହିଁ। ସୂଚନା ଅନୁସାରେ ରବିବାର ଅପରାହ୍ନରେ ୫ ଜଣ ସାଙ୍ଗ ଦୁଇ ବାଇକ୍‌ରେ ଜଳପ୍ରପାତ ନିକଟକୁ ବୁଲି ଯାଇଥିଲେ। ସେଠାରେ ସେମାନେ ଗାଧେଇବା ବେଳେ ଦୁଇଜଣ ବାଳକ ଅଲୋକ ସୁନା ଓ କିରଣ ନାୟକ ଭାସି ଯାଇଥିଲେ। ଖବର ପାଇ ଅଗ୍ନିଶମ ବିଭାଗ ସେମାନଙ୍କୁ ଉଦ୍ଧାର କରିବାକୁ ଉଦ୍ୟମ ଚଳାଇଛି। ଦୁଇ ସାଙ୍ଗ ଚଳିତ ବର୍ଷ ୧୦ମ ଶ୍ରେଣୀରେ ପଢୁଛନ୍ତି। ଏହାକୁ ନେଇ କୋଷାଗୁମୁଡାରେ ଏକ ଦୁଃଖର ବାତାବରଣ ଖେଳିଯାଇଛି।

ଅପରପକ୍ଷେ, ଜଗତସିଂହପୁର ଜିଲ୍ଲା ଏରସମା ବ୍ଲକ୍ ଅନ୍ତର୍ଗତ ଶିଆଳି ବେଳାଭୂମିରେ ସମୁଦ୍ରରେ ଗାଧୋଇବା ବେଳେ ଜଣେ ଯୁବକ ଜୁଆରରେ ଭାସି ପ୍ରାଣ ହରାଇଛନ୍ତି। ମୃତ ଯୁବକ ହେଲେ, ବାଲିକୁଦା ଥାନା ଅଧୀନ ତିତିରା ପଞ୍ଚାୟତ ବେଗୁନିଆ ଗ୍ରାମର ଗୌତମ ପରିଜାଙ୍କ ପୁଅ ଦୀପ୍ତିରଞ୍ଜନ ପରିଜା ଓରଫ୍ ବବୁଲ (୨୨)। ବାଲିକୁଦା ଥାନା ତିତିରା ପଞ୍ଚାୟତ ବେଗୁନିଆ ଗ୍ରାମର ୬ଜଣ ଯୁବକ ଆଜି ମଧ୍ୟାହ୍ନରେ ଶିଆଳି ଯାଇଥିଲେ। ସେଠାରେ ଗାଧୋଉଥିବା ବେଳେ ସେମାନଙ୍କ ମଧ୍ୟରୁ ୪ଜଣଙ୍କୁ ଜୁଆର ଟାଣି ନେଇଥିଲା। ୩ଜଣଙ୍କୁ ସ୍ଥାନୀୟ ଲୋକ ଉଦ୍ଧାର କରିଥିବା ବେଳେ ବବୁଲଙ୍କ ପତ୍ତା ମିଳିନଥିଲା। କିଛି ସମୟ ପରେ ନିକଟସ୍ଥ ରାମତରା ନିକଟରେ ବବୁଲ ଭାସୁଥିବା ଦେଖି ସ୍ଥାନୀୟ ଲୋକେ ତାଙ୍କୁ ଉଦ୍ଧାର କରି ଏରସମା ମେଡିକାଲରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ।

## ମୌସୁମୀକୁ ଟାଣିଲା ଘୂର୍ଣ୍ଣିବଳୟ

ଭୁବନେଶ୍ୱର, ୧୫।୬ (ସମିସ): ଉତ୍ତର-ପଶ୍ଚିମ ବଙ୍ଗୋପସାଗର ଓ ଏହାର ପାର୍ଶ୍ୱବର୍ତ୍ତୀ ଅଞ୍ଚଳରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହୋଇଛି। ଏହା ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଜାରି ରହିଛି। ଅନ୍ୟପଟେ ଘୂର୍ଣ୍ଣିବଳୟ ଯୋଗୁଁ ମୌସୁମୀ ସକ୍ରିୟ ହେବାକୁ ପାଗ ଅନୁକୂଳ ହୋଇଛି। ତେଣୁ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ରାଜ୍ୟର ଅନ୍ୟ କିଛି ଜିଲ୍ଲାକୁ ମୌସୁମୀ ଅଗ୍ରସର ହେବାର ସମ୍ଭାବନା ରହିଛି। ଫଳରେ ଆସନ୍ତା ୭ ଦିନ ଯାଏଁ ରାଜ୍ୟରେ ମୌସୁମୀ ବର୍ଷା ହୋଇପାରେ ବୋଲି ଅକଳନ କରାଯାଇଛି। ମୌସୁମୀ ଅଗ୍ରସର ନେଇ ପାଣିପାଗ କେନ୍ଦ୍ର ପକ୍ଷରୁ ସୂଚନା ଦିଆଯାଇଥିବା ବେଳେ ଆସନ୍ତା ୧୯ ପର୍ଯ୍ୟନ୍ତ ରାଜ୍ୟର ବିଭିନ୍ନ ଜିଲ୍ଲାରେ ବର୍ଷାର ପ୍ରଭାବ ଅଧିକ ରହିବା ନେଇ ଆକଳନ କରାଯାଇଛି। ସୋମବାର ବିଶେଷ କରି ଉତ୍ତର, ଉତ୍ତର ଉପକୂଳ ଓ ଉତ୍ତର ପଶ୍ଚିମ ଜିଲ୍ଲା ମାନଙ୍କରେ ଅଧିକ ବର୍ଷା ନେଇ ଅନୁମାନ କରାଯାଇଛି। ଏହି ସମୟରେ ସୁନ୍ଦରଗଡ଼, ଝାରସୁଗୁଡା, ବରଗଡ଼, ସମ୍ବଲପୁର, ଦେବଗଡ଼, ଅନୁଗୋଳ, ବରଗଡ଼ ଜିଲ୍ଲାର ଗୋଟିଏ ୨ଟି ସ୍ଥାନରେ ପ୍ରବଳ ବର୍ଷାର ସମ୍ଭାବନା ରହିଛି। ଗତ ୨୪ ଘଣ୍ଟାରେ ଛତ୍ରପୁରରେ ୩୭, କେନ୍ଦୁଝରରେ ୩୨, ଅନୁଗୁଳ ୨୧, ଖୋର୍ଦ୍ଧା ୧୮, ବୌଦ୍ଧ ୧୬, ପୁରୀ ଓ ନୟାଗଡ଼ରେ ୧୦ ମିମି ଲେଖାଏଁ ବର୍ଷା ରେକର୍ଡ ହୋଇଛି।

### ଓଡ଼ିଆରେ ନିଟ୍-ୟୁଜି ପରୀକ୍ଷା ଦେଲେ ମାତ୍ର ୧.୩୭%

## ଓଡ଼ିଆ ପ୍ରତି ଅନାଗ୍ରହୀ ଓଡ଼ିଶା ଛାତ୍ରଛାତ୍ରୀ

ଭୁବନେଶ୍ୱର,୧୫।୬(ସମିସ): ଡ଼ାକ୍ତରୀ ପଢ଼ିବାପାଇଁ ଓଡ଼ିଆ ଭାଷାରେ ପରୀକ୍ଷା ଦେବାକୁ ଓଡ଼ିଆ ଛାତ୍ରଛାତ୍ରୀ ରାଜି ହେଉ ନାହାନ୍ତି । ନିଟ୍ ୟୁଜି ପରୀକ୍ଷାରେ ଓଡ଼ିଆ ଭାଷାରେ ପରୀକ୍ଷା ଦେବାକୁ ବିକଳ୍ପ ରହିଥିଲେ ମଧ୍ୟ ଛାତ୍ରଛାତ୍ରୀମାନେ ଆଗ୍ରହ ପ୍ରକାଶ କରୁନାହାନ୍ତି। ଚଳିତ ବର୍ଷ ମାତ୍ର ୧.୩୭ ପ୍ରତିଶତ ପିଲା ଓଡ଼ିଆରେ ପରୀକ୍ଷା ଦେଇଛନ୍ତି। ସରକାର ବିଭିନ୍ନ ପାଠ୍ୟକ୍ରମକୁ ଜାତୀୟ ଶିକ୍ଷାନୀତି ଆଧାରରେ ଆଞ୍ଚଳିକ ଭାଷା ଓଡ଼ିଆରେ ଅନୁବାଦ କରିବାକୁ ପଦକ୍ଷେପ ନେଉଥିବାବେଳେ ଓଡ଼ିଆ ଭାଷାରୁ ଛାତ୍ରଛାତ୍ରୀମାନେ ମୁହଁ ମୋଡ଼ିବା ଚିନ୍ତା ବଢ଼ାଇଛି।

ଚଳିତବର୍ଷ ଓଡ଼ିଶାରୁ ସମୁଦାୟ ୬୧,୧୧୧ ପିଲା ନିଟ୍-ୟୁଜି ପରୀକ୍ଷା ଦେବାକୁ ପଞ୍ଜିକରଣ କରିଥିଲେ। ତନ୍ମଧ୍ୟରୁ ୫୯,୨୩୮ ଜଣ ପରୀକ୍ଷା ଦେଇଥିବାବେଳେ ପ୍ରାୟ ୫୩% ଅର୍ଥାତ୍ ୩୧,୬୭୩ ଛାତ୍ରଛାତ୍ରୀ କୃତକାର୍ଯ୍ୟ ହୋଇଛନ୍ତି। ପ୍ରାୟ ୬୦ ହଜାର ପରୀକ୍ଷାର୍ଥୀଙ୍କ ମଧ୍ୟରୁ ଚଳିତ ବର୍ଷ ମାତ୍ର ୧.୩୭ ପ୍ରତିଶତ ବା ୮୧୨ ଜଣ ପିଲା ଓଡ଼ିଆରେ ପରୀକ୍ଷା ଦେଇଛନ୍ତି। ଯାହା ସର୍ବକାଳୀନ ସର୍ବନିମ୍ନ ବୋଲି ଜଣାପଡ଼ିଛି। ୨୦୧୭ ମସିହାରୁ ଓଡ଼ିଆ ଭାଷାରେ ନିଟ୍-ୟୁଜି ପରୀକ୍ଷା ହେଉଛି। ପ୍ରଥମ ୩ବର୍ଷ ଓଡ଼ିଆ

**ଓଡ଼ିଆରେ ପାଠ୍ୟପୁସ୍ତକ ଅଭାବ ଓ ଶିକ୍ଷାଦାନ ପ୍ରମୁଖ ପ୍ରତିବନ୍ଧକ**

ଭାଷାରେ ପରୀକ୍ଷା ଦେବାକୁ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଉତ୍ସାହ ଦେଖାଦେଇଥିଲା। ଏପରିକି ପ୍ରାୟ ୫୦% ଲେଖାଏଁ ଓଡ଼ିଆରେ ପରୀକ୍ଷା ଦେଉଥିଲେ। ୨୦୧୯ ମସିହାରେ ୩୧,୪୯୦ ପିଲା ଓଡ଼ିଆରେ ପରୀକ୍ଷା ଦେଇଥିଲେ। ଏହାପରେ କ୍ରମାଗତ ଭାବେ ଓଡ଼ିଆ ପ୍ରତି ଅନାଦର ବଢୁଛି। ୨୦୨୦ରୁ ୨୦୨୩ ପର୍ଯ୍ୟନ୍ତ ପ୍ରାୟ ହଜାରେ ଲେଖାଏଁ ପିଲା ଓଡ଼ିଆରେ ପରୀକ୍ଷା ଦେଉଥିବାବେଳେ ୨୦୨୪ରେ ୧୩୧୨ ଜଣ ଓଡ଼ିଆରେ ପରୀକ୍ଷା ଦେଇଥିଲେ। ଚଳିତ ବର୍ଷ ଏହି ଗ୍ରାଫ୍ ଆହୁରି ତଳମୁହାଁ ହେବା ସହ ୮୧୨ରେ ପହଞ୍ଚିଛି।

ଓଡ଼ିଆ ଭାଷାରେ ପରୀକ୍ଷାର୍ଥୀଙ୍କ ସଂଖ୍ୟା କମିବାରେ ଓଡ଼ିଆ ପାଠ୍ୟକ୍ରମ ଓ ଶିକ୍ଷାଦାନର ଘୋର ଅଭାବ ବୋଲି ବିଶେଷଜ୍ଞମାନେ ମତବ୍ୟକ୍ତ କରିଛନ୍ତି। ଶିକ୍ଷାବିତ୍ ଡ. ଶରତ କରଙ୍କ କହିବା ଅନୁଯାୟୀ, ଓଡ଼ିଆ ଭାଷାରେ ଡ଼ାକ୍ତରୀ ପାଠ୍ୟକ୍ରମ ପାଇଁ ପର୍ଯ୍ୟାପ୍ତ ପାଠ୍ୟପୁସ୍ତକ ନାହିଁ। ମୁଖ୍ୟତଃ ଓଡ଼ିଶାର ବିଭିନ୍ନ ଇଂରାଜୀ ମାଧ୍ୟମ ବିଦ୍ୟାଳୟ ଓ କୋଚିଂ ସେଣ୍ଟରରେ ମଧ୍ୟ ଓଡ଼ିଆ ଭାଷାରେ ପଢ଼ାଯାଉ ନାହିଁ। ଫଳରେ ଇଂରାଜୀରେ ପଢ଼ିଥିବା ପିଲା ଓଡ଼ିଆରେ ପରୀକ୍ଷା ଦେବାକୁ ଆଗ୍ରହୀ ହେଉ ନାହାନ୍ତି। ଅପରପକ୍ଷରେ ଓଡ଼ିଆରେ ପରୀକ୍ଷା ଦେଇ ସଫଳତା ପାଉଥିବା ଛାତ୍ରଛାତ୍ରୀଙ୍କ ସଫଳ କାହାଣୀଗୁଡ଼ିକୁ ମଧ୍ୟ ପ୍ରୋତ୍ସାହିତ କରାଯାଉନାହିଁ। ଏଣୁ ଅନ୍ୟ ଛାତ୍ରଛାତ୍ରୀମାନେ ଓଡ଼ିଆ ପ୍ରତି ଆଗ୍ରହ ପ୍ରକାଶ କରୁନାହାନ୍ତି। ସେହିପରି ଗୁଗୁଲ୍ ଟ୍ରାନ୍ସଲେସନ୍ ଅନ୍ୟତମ କାରଣ ବୋଲି ମଧ୍ୟ ମତ ପ୍ରକାଶ ପାଉଛି। ଡ଼ାକ୍ତରୀ ପାଇଁ ଯେଉଁ ହାତଗଣତି ପାଠ୍ୟପୁସ୍ତକ ରହିଛି ସେସବୁକୁ ଗୁଗୁଲ୍ ଟ୍ରାନ୍ସଲେଟର୍ ପକାଇ ପ୍ରସ୍ତୁତ କରାଯାଇଛି। ଫଳରେ ଓଡ଼ିଆ ଲିପିରେ ଲେଖା ହୋଇଥିଲେ ମଧ୍ୟ ଭାବାର୍ଥ ବୁଝାପଡୁନାହିଁ। ପରୀକ୍ଷାରେ ମଧ୍ୟ ଟ୍ରାନ୍ସଲେସନ୍ ହୋଇ ପ୍ରଶ୍ନ ଆସୁଥିବାରୁ ବହୁ ପ୍ରଶ୍ନ ବୁଝାପଡୁନାହିଁ। ଯେଉଁଠି ଓଡ଼ିଆ ଭାଷା ବୁଝି ନ ହେବ ବା ଭାବାର୍ଥରେ ସାମଞ୍ଜସ୍ୟ ଥିବ ତାହେଲେ ଇଂରାଜୀ ଭାଷାରେ ପଢ଼ିଥିବା ପ୍ରଶ୍ନକୁ ସଠିକ୍ ବୋଲି ଧରାଯିବ ବୋଲି ଉଲ୍ଲେଖ ରହୁଛି। ଏଣୁ ଓଡ଼ିଆରେ ପରୀକ୍ଷା ଦେଇ ଅସୁବିଧାରେ ପଡ଼ିବା ଅପେକ୍ଷା ମୂଳରୁ ଇଂରାଜୀ ଭାଷାରେ ପରୀକ୍ଷା ଦେବାକୁ ଛାତ୍ରଛାତ୍ରୀମାନେ ପସନ୍ଦ କରୁଛନ୍ତି। ଓଡ଼ିଆ ଭାଷାରେ ପାଠ୍ୟକ୍ରମ ଓ ନିୟମିତ ଶିକ୍ଷାଦାନ ହେଲେ ଓଡ଼ିଆ ଭାଷା ପ୍ରତି ଛାତ୍ରଛାତ୍ରୀଙ୍କ ଆଗ୍ରହ ବଢ଼ିବ ବୋଲି ବିଶେଷଜ୍ଞମାନେ ପ୍ରକାଶ କରିଛନ୍ତି।

## ସ୍ୱାସ୍ଥ୍ୟମନ୍ତ୍ରୀଙ୍କ ଯାଜପୁର ଜିଲ୍ଲା ଗସ୍ତ ଉପରଠଉରିଆ: କଂଗ୍ରେସ

ଭୁବନେଶ୍ୱର,୧୫।୬(ସମିସ): ଯାଜପୁର ଜିଲ୍ଲାରେ ହଇଜା ଚିହ୍ନଟ ହେବା ଏବଂ ରାଜ୍ୟର ୮ଟି ଜିଲ୍ଲାକୁ ଝାଡ଼ାବାନ୍ତି ବ୍ୟାପିଥିବାବେଳେ ରାଜ୍ୟ ସ୍ୱାସ୍ଥ୍ୟ ବିଭାଗ ଏବେ ଚୁପ୍ ବସିଛି। ରାଜ୍ୟ ସ୍ୱାସ୍ଥ୍ୟମନ୍ତ୍ରୀ ଉପରଠଉରିଆ ଭାବେ ଯାଜପୁର ଜିଲ୍ଲା ଗସ୍ତ କରି ତାଙ୍କ ପାରିବାପଣିଆ ଦେଖାଇଛନ୍ତି। ଝାଡ଼ାବାନ୍ତି ବ୍ୟାପିବାର ୭ଦିନ ପରେ ସ୍ୱାସ୍ଥ୍ୟମନ୍ତ୍ରୀଙ୍କର ରୋଗୀମାନଙ୍କ ସ୍ୱାସ୍ଥ୍ୟାବସ୍ଥା କଥା ମନେପଡ଼ିଲା। ରାଜ୍ୟର ସ୍ୱାସ୍ଥ୍ୟ ସେବା ବ୍ୟବସ୍ଥାକୁ ନେଇ ଆଜି ଏଭଳି ଢଙ୍ଗରେ ସରକାରଙ୍କ ଉପରେ ବର୍ଷିଛି ରାଜ୍ୟ ଯୁବ କଂଗ୍ରେସ।

ରାଜ୍ୟ ଯୁବ କଂଗ୍ରେସ ସାଧାରଣ ସମ୍ପାଦକ ସୁଦୀପ ସାମଲ ଏକ ପ୍ରେସ ବିଜ୍ଞପ୍ତିରେ କହିଛନ୍ତି ଯେ ଯାଜପୁର ଜିଲ୍ଲାରେ ୧୦ରୁ ଅଧିକ ଲୋକ ଏହି ରୋଗରେ ଜୀବନ ହାରିଥିବାବେଳେ ଶତାଧିକ ଲୋକ ପ୍ରଭାବିତ ଅଛନ୍ତି। ରାଜ୍ୟ ସରକାର ଏ ଦିଗରେ ପୂର୍ବରୁ ଉପଯୁକ୍ତ ଧ୍ୟାନ ଦେଲେ ନାହିଁ। ଯାହାଫଳରେ ଯାଜପୁରରେ ଦେଖାଦେଇଥିବା ଝାଡ଼ାବାନ୍ତି ଆଜି ଭଦ୍ରକ, କେନ୍ଦୁଝର, କଟକ, କେନ୍ଦ୍ରାପଡ଼ା, ଢେଙ୍କାନାଳ ଓ ଖୋର୍ଦ୍ଧା ଭଳି ଜିଲ୍ଲାକୁ ବ୍ୟାପିଲାଣି। ରାଜ୍ୟ ସରକାର ସ୍ୱାସ୍ଥ୍ୟ ବ୍ୟବସ୍ଥାରେ ବାଃ ବାଃ ନେବାର ଡିଣ୍ଡିମ ପିଟୁଥିବାବେଳେ ଆଜିର ଦିନରେ ରାଜ୍ୟରେ ହଇଜା ଭଳି ରୋଗ ବ୍ୟାପୁଛି। ଏଭଳି ପରିସ୍ଥିତି କାହିଁକି ଆସିଲା, ରାଜ୍ୟ ସରକାର ତା'ର ସ୍ପଷ୍ଟୀକରଣ ଦିଅନ୍ତୁ ବୋଲି ଶ୍ରୀ ସାମଲ ଦାବି କରିଛନ୍ତି।

ଶ୍ରୀ ସାମଲ ଆହୁରି କହିଛନ୍ତି ଯେ ଏହି ରୋଗ ବ୍ୟାପିଥିବା ଜିଲ୍ଲାଗୁଡ଼ିକୁ ସରକାର ତୁରନ୍ତ ଚିକିତ୍ସକ ଦଳ ପଠାଇ ରୋଗ ନିୟନ୍ତ୍ରଣ କରିବା ଉପରେ ମୁଖ୍ୟମନ୍ତ୍ରୀ ତୁରନ୍ତ ପଦକ୍ଷେପ ନେବା ଆବଶ୍ୟକ। ପ୍ରଭାବିତ ଜିଲ୍ଲାରେ କେନ୍ଦ୍ରୀୟ ଟିମ୍ ଆସି ସ୍ଥିତି ଅନୁଧ୍ୟାନ କରିବା ରାଜ୍ୟ ସରକାରଙ୍କ ସ୍ୱାସ୍ଥ୍ୟ ବ୍ୟବସ୍ଥାର ବିକଳ ଚିତ୍ରକୁ ଦର୍ଶାଉଛି। ଆଜିର ଦିନରେ ଆମ ରାଜ୍ୟର ସ୍ୱାସ୍ଥ୍ୟ ବିଭାଗ ଅପରାଗ ବୋଲି ରାଜ୍ୟ ସରକାର ପ୍ରମାଣିତ କରିଥିବା ଶ୍ରୀ ସାମଲ ପ୍ରେସ୍ ବିଜ୍ଞପ୍ତିରେ ପ୍ରକାଶ କରିଛନ୍ତି।



୪୦୦ ମ୍ୟାଚ୍ କ୍ଲବ୍‌ରେ ମନ୍‌ପ୍ରୀତ୍

▶ପୃଷ୍ଠା ୧୨ ଦେଖନ୍ତୁ...


RNI REGD NO: 42041/83

www.sakalaepaper.com

/sakalanews

/sakalanews

www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 42 ♦ISSUE-348 ♦BHUBANESWAR ♦MONDAY ♦16 JUNE 2025 ♦PAGE-12 ♦₹ 6.00

♦ବର୍ଷ-୪୨ ♦ସଂଖ୍ୟା-୩୪୮ ♦ଭୁବନେଶ୍ୱର ♦ସୋମବାର ♦୧୬ ଜୁନ୍ ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦






# ଦୁଃଖଦ

## ପୁଣେରେ ପୋଲ ଭୁଶୁଡ଼ି ୫ ମୃତ; ୩୦ ନିଖୋଜ

■ **ପୁଣେ, ୧୫।୬ (ଏଜେନ୍ସି):** ମହାରାଷ୍ଟ୍ରର ପୁଣେ ନିକଟରେ ଆଜି ଇନ୍ଦ୍ରାୟଣୀ ନଦୀ ଉପରେ ନିର୍ମିତ ଏକ ପୁରୁଣା ପୋଲ ଭୁଶୁଡ଼ି ପଡ଼ିବାରୁ ୨୦ରୁ ୩୦ ଜଣ ବ୍ୟକ୍ତି ଭାସିଯାଇଛନ୍ତି । ଏଥିରେ ୫ ଜଣ ପ୍ରାଣ ହରାଇଛନ୍ତି ଏବଂ ୧୩ ଜଣଙ୍କୁ ଉଦ୍ଧାର କରାଯାଇଥିବା ମୁଖ୍ୟମନ୍ତ୍ରୀ ଦେବେନ୍ଦ୍ର ଫଡ୍‌ନାଭିସ ସୂଚନା ଦେଇଛନ୍ତି । ଅନ୍ୟମାନଙ୍କୁ ଉଦ୍ଧାର କରିବା ଲାଗି ଉଦ୍ୟମ ଚାଲିଛି । ପାଣିର ସ୍ରୋତ ପ୍ରଖର ହୋଇଥିବା ଦୃଷ୍ଟିରୁ ମୃତ୍ୟୁ ସଂଖ୍ୟା ବଢ଼ିପାରେ ବୋଲି ଆଶଙ୍କା ପ୍ରକାଶ ପାଉଛି । ଉଦ୍ଧାର ପାଇଥିବା ଲୋକମାନଙ୍କ ମଧ୍ୟରୁ ୬ ଜଣଙ୍କୁ ଗୁରୁତର ଅବସ୍ଥାରେ ମେଡିକାଲରେ ଭର୍ତ୍ତି କରାଯାଇଛି । ଯାନବାହନ ପାଇଁ ଏହି ପୋଲକୁ ବନ୍ଦ ରଖାଯାଇଥିଲେ ମଧ୍ୟ ବନ୍ୟା ପାଣି ଦେଖିବା ଲାଗି ୨୦ରୁ ୩୦ ଜଣ ଲୋକ ଏହି ବିପଦସଙ୍କୁଳ ପୋଲ ଉପରେ ଭିଡ଼ ଜମାଇଥିଲେ । ଏହି ସମୟରେ ପୋଲ ଭୁଶୁଡ଼ି ପଡ଼ିଥିଲା । ବନ୍ୟା ପାଣିର ପ୍ରଖର ସ୍ରୋତରେ ସେମାନେ ଭାସିଯାଇଥିଲେ । ସେମାନଙ୍କୁ ଉଦ୍ଧାର କରିବା ଲାଗି ବଡ଼ ଧରଣର ଅଭିଯାନ ଆରମ୍ଭ ହୋଇଥିଲା । ୧୩ ଜଣ ଉଦ୍ଧାର ହୋଇଥିଲେ ମଧ୍ୟ ପୋଲ ଉପରେ କେତେ ଲୋକ ଥିଲେ ତାହା ନିର୍ଦ୍ଦିଷ୍ଟ ଭାବେ ଜଣାପଡ଼ି ନାହିଁ । ତେଣୁ ନଦୀରେ ଉଦ୍ଧାର ଅଭିଯାନ ଜାରି ରହିଛି । ପ୍ରକାଶଥାଉକି କିଛି ଦିନ ତଳେ ସରକାର ଏହି ବିପଦଶଙ୍କୁଳ ଏହି ପୋଲ ଉପରେ ଯାତାୟତକୁ ବାରଣ କରିଥିଲେ ।

## କେଦାରନାଥରେ ଖସିପଡ଼ିଲା ହେଲିକପ୍ଟର୍; ୭ ମୃତ

■ **ନୂଆଦିଲ୍ଲୀ, ୧୫।୬ (ଏଜେନ୍ସି):** ଉତ୍ତରାଖଣ୍ଡର ଗୌରିକୁଣ୍ଡ ଜଙ୍ଗଲରେ ଆଜି ସକାଳେ ଏକ ହେଲିକପ୍ଟର ଦୁର୍ଘଟଣାରେ ପାଇଲଟଙ୍କ ସମେତ ୭ ଜଣ ପ୍ରାଣ ହରାଇଛନ୍ତି । ହେଲିକପ୍ଟର ଆଜି ସକାଳ ୫ଟା ୧୭ ମିନିଟରେ କେଦାରନାଥ ଧାମରୁ ଗୁପ୍ତକାଶୀ ଯାଉଥିବା ବେଳେ ଖରାପ ପାଗ ଯୋଗୁଁ ଜଙ୍ଗଲ ଭିତରେ ଖସିପଡ଼ିଥିଲା । ହେଲିକପ୍ଟର ଉଡ଼ିଲା ବେଳକୁ କିଛି ଦେଖାଯାଉନଥିଲା ଏବଂ ପାଗ ମଧ୍ୟ ଅନୁକୂଳ ନଥିଲା । ଏହାସତ୍ତ୍ୱେ ପାଇଲଟ ଗୁପ୍ତକାଶୀ ଆଡ଼କୁ ଅଗ୍ରସର ହୋଇଥିଲେ । ଖବର ପାଇ ଏନ୍‌ଡିଆର୍‌ଏଫ୍‌ର ସ୍ୱତନ୍ତ୍ର ଟିମ୍ ଦୁର୍ଘଟଣାଗ୍ରସ୍ତ ଅଞ୍ଚଳକୁ ଯାଇଛନ୍ତି । ଏହି ଦୁର୍ଘଟଣା ପରେ ଚାର ଧାମ ଅଞ୍ଚଳରେ ଆସନ୍ତାକାଲି ପର୍ଯ୍ୟନ୍ତ ହେଲିକପ୍ଟର ସେବାକୁ ବନ୍ଦ କରିଦିଆଯାଇଛି । ଉତ୍ତରାଖଣ୍ଡରେ ଗତ ୬ ସପ୍ତାହ ମଧ୍ୟରେ ଏହା ହେଉଛି ପଞ୍ଚମ ହେଲିକପ୍ଟର ଦୁର୍ଘଟଣା । ମୁଖ୍ୟମନ୍ତ୍ରୀ ପୁଷ୍କର ସିଂହ ଧାମି କହିଛନ୍ତି ଯେ ଏଭଳି ପ୍ରତିକୂଳ ପାଗରେ ହେଲିକପଟର ଉଡ଼ାଇବାରେ ପାଇଲଟଙ୍କର ପୂର୍ବ ଅଭିଜ୍ଞତା ଥିଲା । କେଉଁ ପରିସ୍ଥିତିରେ ଏହି ଦୁର୍ଘଟଣା ଘଟିଲା, ତାହାର ଯାଞ୍ଚ କରାଯିବ । ତେବେ ହେଲିକପ୍ଟର ଉଡ଼ାଣ ପାଇଁ ଯେଉଁ ଗାଇଡଲାଇନ୍ସ ରହିଛି ତାହାର ଅନୁପାଳନ ଲାଗି ସେ ହେଲିକପ୍ଟର ସେବା ଯୋଗାଉଥିବା ସଂସ୍ଥା ଏବଂ ପାଇଲଟମାନଙ୍କୁ ପରାମର୍ଶ ଦେଇଛନ୍ତି ।

# ବାଡ଼ିବୁଢ଼ୀ ନେଲାଣି ୨୦ ମୁଣ୍ଡ

### କେନ୍ଦ୍ରାପଡ଼ା ଓ ପୁରୀ ଜିଲ୍ଲାକୁ ମାଡ଼ିଲା ଝାଡ଼ାବାନ୍ତି

### ଡେରାବିଶରେ ଡାଇରିଆ ନେଲା ପ୍ରଥମ ମୁଣ୍ଡ

### ଯାଜପୁର ଜିଲ୍ଲାରେ ଆଖି ବୁଜିଲେ ଆଉ ୩ ରୋଗୀ

### କଣାସ ଘଟଣାରୁ କିଛି ଶିଖିଲେନି ରାଜ୍ୟ ସରକାର

### ଝାଡ଼ାବାନ୍ତି ବ୍ୟାପିବା ପଛରେ ଦୂଷିତ ପାନୀୟ ଜଳ

### ଫୁରସତ୍ ମିଳିବା ପରେ ପ୍ରଭାବିତ ଅଞ୍ଚଳରେ ମନ୍ତ୍ରୀ

■ **ଭୁବନେଶ୍ୱର, ୧୫।୬ (ସମିସ):** ମାତିଛି ବାଡ଼ିବୁଢ଼ୀ । ଯାଜପୁରରୁ ଆରମ୍ଭ କରି ଗୋଟିକ ପରେ ଗୋଟିଏ ଜିଲ୍ଲାରୁ ମୁଣ୍ଡ ଗୋଟାଉଛି । ପ୍ରଥମେ ଯାଜପୁରରୁ ଆରମ୍ଭ ହୋଇଥିବା ଝାଡ଼ାବାନ୍ତି କେନ୍ଦୁଝର, ଭଦ୍ରକ, କଟକ, ଖୋର୍ଦ୍ଧା, ପୁରୀ, କେନ୍ଦ୍ରାପଡ଼ାକୁ ବ୍ୟାପିଛି । ସେହିପରି ପଶ୍ଚିମ ଓଡ଼ିଶାର ବରଗଡ଼ ଜିଲ୍ଲାରେ ମଧ୍ୟ ଝାଡ଼ାବାନ୍ତି ବ୍ୟାପିଥିବା ଖବର ଆସିଛି । ଅବିଭକ୍ତ କଟକ ଓ ଅବିଭକ୍ତ ପୁରୀ ଜିଲ୍ଲାରେ ପରିସ୍ଥିତି ଅଣାୟତ୍ତ ହେବାକୁ ବସିଛି । ରାଜ୍ୟ ସ୍ୱାସ୍ଥ୍ୟ ବିଭାଗ ଆରମ୍ଭରୁ ଘଟଣାକୁ ଗୁରୁତ୍ୱ ନ ଦେବାର ପରିଣାମ ଏବେ ସାଧାରଣ ଲୋକଙ୍କୁ ଭୋଗିବାକୁ ପଡ଼ିଛି । ଯାଜପୁର ଜିଲ୍ଲାର ଡାକ୍ତରଖାନାଗୁଡ଼ିକ କେବଳ ଝାଡ଼ାବାନ୍ତି ରୋଗୀରେ ଭର୍ତ୍ତି ହୋଇଯାଇଛି । ପ୍ରତିଦିନ ରୋଗୀ ସଂଖ୍ୟା ବଢ଼ିବଢ଼ି ଚାଲିଛି । ଯାଜପୁର, କେନ୍ଦୁଝର, ଭଦ୍ରକ, ଢେଙ୍କାନାଳ ଓ କେନ୍ଦ୍ରାପଡ଼ା ଜିଲ୍ଲାରେ ମୃତ୍ୟୁ ସଂଖ୍ୟା ୨୦ରେ ପହଞ୍ଚିଲାଣି । ଏହାକୁ ରୋକିବାରେ ସ୍ଥାନୀୟ ପ୍ରଶାସନଠାରୁ ଆରମ୍ଭ କରି ରାଜ୍ୟ ସରକାର ସଂପୂର୍ଣ୍ଣ ଫେଲ୍ ମାରିଛନ୍ତି । ଏବେ ବର୍ଷପୂର୍ତ୍ତି ଉତ୍ସବରୁ ଫୁରସତ୍ ମିଳିବା ପରେ ସ୍ୱାସ୍ଥ୍ୟମନ୍ତ୍ରୀ ପ୍ରଭାବିତ ଯାଜପୁର




ଓ କେନ୍ଦୁଝର ଜିଲ୍ଲାରେ ପହଞ୍ଚିଛନ୍ତି । ୫ ମାସ ତଳେ ପୁରୀ ଜିଲ୍ଲା କଣାସରେ ଡାଇରିଆ ସ୍ଥିତି ପୁରା ଅଣାୟତ୍ତ ହୋଇଥିଲା । ଶତାଧିକ ଲୋକ ଆକ୍ରାନ୍ତ ହୋଇଥିବାବେଳେ ୬ଜଣ ମୃତ୍ୟୁବରଣ କରିଥିଲେ । ଦୂଷିତ ପାନୀୟ ଜଳ ଯୋଗାଣରୁ ଏହି ଘଟଣା ଘଟିଥିବା ସେତେବେଳେ ଜଣା ପଡ଼ିଥିଲେ ହେଁ ସରକାର କୌଣସି ଦୃଷ୍ଟାନ୍ତମୂଳକ ପଦକ୍ଷେପ ନେଲେ ନାହିଁ; ଫଳସ୍ୱରୂପ ଏବେ ଉପକୂଳ ଓଡ଼ିଶା ସମେତ ଦକ୍ଷିଣ ଓ ପଶ୍ଚିମ ଓଡ଼ିଶାକୁ ଡାଇରିଆ ବ୍ୟାପିଛି । ଏବେଠାରୁ ସଜାଗ ନ ହେଲେ ଆଗକୁ ଆହୁରି ଭୟଙ୍କର ସ୍ଥିତି ହେବ ବୋଲି ସ୍ୱାସ୍ଥ୍ୟ ବିଶେଷଜ୍ଞ ଚେତାବନୀ ଦେଇଛନ୍ତି ।

ଡାଇରିଆ ବ୍ୟାପିବା ପଛରେ ଦୂଷିତ ପାଣି ଓ ଖାଦ୍ୟ ମୂଳ କାରଣ ବୋଲି କୁହାଯାଉଛି । ରାଜ୍ୟର ଲୋକମାନଙ୍କୁ ବିଶୁଦ୍ଧ ପାନୀୟ ଜଳ ଯୋଗାଣ ପାଇଁ ତତ୍‌କାଳୀନ ରାଜ୍ୟ ସରକାର ଆରମ୍ଭ କରିଥିବା ପାନୀୟ ଜଳ ପ୍ରକଳ୍ପଗୁଡ଼ିକର କାମ ବନ୍ଦ କରି ଦିଆଯାଇଛି । ଏହି ପ୍ରକଳ୍ପ କେବେ ଶେଷ ହେବ ତାହା ଅନିଶ୍ଚିତ । ସେହିପରି ରାଜ୍ୟରେ ଜଳର ଗୁଣବତ୍ତା ପରୀକ୍ଷା ପାଇଁ ପ୍ରତି ଜିଲ୍ଲାରେ ପରୀକ୍ଷାଗାର ଥିବା ବେଳେ ଏ ସମ୍ପର୍କରେ କୌଣସି ପଦକ୍ଷେପ ଗ୍ରହଣ କରାଯାଉନାହିଁ । ସ୍ୱାସ୍ଥ୍ୟ ବିଭାଗ, ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗ ମଧ୍ୟରେ ତାଳମେଳ ଅଭାବ ଯୋଗୁଁ ଏବେ ଲୋକମାନେ ଜୀବନ ହରାଉଛନ୍ତି ।

ଓଡ଼ିଶାରେ ୨୦୧୩ ମସିହାରୁ ୨୦୧୭ ମସିହା ପର୍ଯ୍ୟନ୍ତ କେହି କଲେରା ଆକ୍ରାନ୍ତ ▶ପୃଷ୍ଠା-୭

## ଅବହେଳାକୁ ନେଇ ନବୀନଙ୍କ କ୍ଷୋଭ



### ଚକିତ ଓ ବିଚଳିତ କରିଛି ରାଜ୍ୟ ସରକାରଙ୍କ ନିଷ୍କ୍ରିୟତା


### ଲୋକଙ୍କ ଜୀବନକୁ ବିପଦକୁ ନ ଠେଲିବାକୁ ପରାମର୍ଶ

■ **ଭୁବନେଶ୍ୱର, ୧୫।୬ (ସମିସ):** ଯାଜପୁର ଜିଲ୍ଲାରେ ଡାଇରିଆ ସଂଗୀନ ସ୍ଥିତି ସୃଷ୍ଟି କରିଥିବା ବେଳେ ରବିବାର ସୁଦ୍ଧା ରାଜ୍ୟର ୮ ଜିଲ୍ଲା ଏଥିରେ ପ୍ରଭାବିତ ହୋଇଛି । ଡାଇରିଆ ଓ କଲେରା ମୁକାବିଲା କ୍ଷେତ୍ରରେ ପ୍ରଶାସନର ବିଳମ୍ବିତ ପଦକ୍ଷେପ ଏବଂ ସ୍ୱାସ୍ଥ୍ୟ ବିଭାଗର ନିଷ୍କ୍ରିୟତାକୁ ସାଧାରଣରେ ତୀବ୍ର ସମାଲୋଚନା କରାଯାଉଛି । ଅନ୍ୟପକ୍ଷରେ ବିରୋଧୀଦଳ ନେତା ତଥା ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକ ବ୍ୟାପୁଥିବା ଡାଇରିଆକୁ ନେଇ ଉଦ୍‌ବେଗ ଓ କ୍ଷୋଭ ପ୍ରକାଶ କରିଛନ୍ତି । ରାଜ୍ୟରେ ହଇଜା ବ୍ୟାପୁଥିବାବେଳେ ସରକାର ଏହାକୁ ହାଲୁକାରେ ନେବା ସମସ୍ତଙ୍କୁ ଚକିତ ଓ ବିଚଳିତ କରିଥିବା ଉଲ୍ଲେଖ କରି ତୁରନ୍ତ ଦୃଢ଼ ପଦକ୍ଷେପ ଗ୍ରହଣ ନିମନ୍ତେ ପରାମର୍ଶ ଦେଇଛନ୍ତି ।

ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ନବୀନ କହିଛନ୍ତି ଯେ ରାଜ୍ୟରେ ହଇଜା ଲୋକଙ୍କ ଜୀବନକୁ ସଙ୍କଟରେ ପକାଇଲାଣି । ଦୀର୍ଘ ବର୍ଷ ଧରି ଯାହା ରାଜ୍ୟରେ ଦେଖିବାକୁ ମିଳି ନ ଥିଲା ତାହା ଏବେ ବିଭିନ୍ନ ଜିଲ୍ଲାର ଜନଜୀବନକୁ ଅସ୍ତବ୍ୟସ୍ତ କରିଦେଇଛି । ଯାଜପୁର, କେନ୍ଦ୍ରାପଡ଼ା, ଭଦ୍ରକ, ପୁରୀ, କଟକ ଓ କେନ୍ଦୁଝର ଆଦି ଜିଲ୍ଲାରେ ହଇଜା ଭୟଙ୍କର ରୂପ ନେଉଥିବା ବେଳେ ଅନ୍ୟ ଜିଲ୍ଲାକୁ ମଧ୍ୟ ଏହା ବ୍ୟାପିବାକୁ ଲାଗିଲାଣି । ବର୍ତ୍ତମାନ ସୁଦ୍ଧା ହଇଜାରେ ୧୪ ଜଣ ପ୍ରାଣ ହରାଇବା ମୋତେ ବ୍ୟଥିତ କରିଛି । ସେମାନଙ୍କ ପରିବାରବର୍ଗ ଓ ଆତ୍ମୀୟସ୍ୱଜନଙ୍କ ପ୍ରତି ମୋର ସମବେଦନା ଜଣାଉଛି । ତେବେ ରାଜ୍ୟର ଏତେବଡ଼ ସ୍ପର୍ଶକାତର ପ୍ରସଙ୍ଗକୁ ରାଜ୍ୟ ସରକାର ଏହାକୁ ହାଲୁକା ଭାବେ ନେବା ସମସ୍ତଙ୍କୁ ବେଶ୍ ଚକିତ ଓ ବିଚଳିତ କରୁଛି ବୋଲି ନବୀନ ଉଲ୍ଲେଖ କରିଛନ୍ତି ।

# ଘମାଘୋଟ ଲଢ଼େଇ

### ଇରାନରେ ୭୮ , ଇସ୍ରାଏଲରେ ୧୩ ମୃତ



### ଥରୁଛି ତେହେରାନ୍, ତେଲ୍-ଆଭିଭ୍

### ଯୁଦ୍ଧବିରତି ଖୁବ୍‌ଶୀଘ୍ର: ଡୋନାଲ୍ଡ ଟ୍ରମ୍ପ

■ **ତେହରାନ, ୧୫।୬(ଏଜେନ୍ସି):** ଗତ ଶୁକ୍ରବାର ଇରାନ ଉପରେ ଇସ୍ରାଲର ପ୍ରଚଣ୍ଡ ଆକ୍ରମଣ ପରେ ଦୁଇ ଦେଶ ମଧ୍ୟ ଯୁଦ୍ଧ ଆରମ୍ଭ ହୋଇଯାଇଛି । ତିନି ଦିନ ଧରି ଉଭୟ ଦେଶ ପରସ୍ପର ଉପରେ ଜୋରଦାର ଆକ୍ରମଣ ଚଳାଇଛନ୍ତି । ଆକ୍ରମଣରେ କେବଳ ସାମରିକ ପ୍ରତିଷ୍ଠାନ ନୁହେଁ, ତୈଳ ବିଶୋଧନାଗାର ଏବଂ ଆବାସିକ ଅଞ୍ଚଳକୁ ମଧ୍ୟ ଟାର୍ଗେଟ କରାଯାଇଛି । ଗତକାଲି ଇରାନର ସର୍ବବୃହତ୍ ତୈଳ ବିଶୋଧନାଗାର ଉପରେ ଇସ୍ରାଏଲ ଆକ୍ରମଣ କରିବା ପରେ ଇରାନ ଇସ୍ରାଏଲ ଉପରେ ଜବାବୀ ହମଲା କରିଛି । ଇରାନ ମଧ୍ୟ ଇସ୍ରାଏଲର ତୈଳ ବିଶୋଧନାଗାର ଉପରେ ଆକ୍ରମଣ କରିଛି । ଇସ୍ରାଏଲ ପକ୍ଷରୁ ଏହି ସୂଚନା ଦେଇ କୁହାଯାଇଛି ଯେ ଗତ ରାତି ତମାମ ଇରାନ ପକ୍ଷରୁ ଇସ୍ରାଏଲ ଉପରେ କ୍ଷେପଣାସ୍ତ୍ର ମାଡ଼ କରାଯାଇଛି । ଆଜି ସନ୍ଧ୍ୟାର ଇରାନ ପୁଣି ଥରେ ଇସ୍ରାଏଲ ଉପରେ ବାଲିଷ୍ଟିକ କ୍ଷେପଣାସ୍ତ୍ର ମାଡ଼ କରିଥିବା ଜଣାପଡ଼ିଛି । ଇରାନ ବୈଦେଶିକ ମନ୍ତ୍ରୀ କହିଛନ୍ତି ଯେ ଇସ୍ରାଏଲ ଆକ୍ରମଣ ବନ୍ଦ ନକରିବା ପର୍ଯ୍ୟନ୍ତ ଇରାନ ସାମରିକ କାର୍ଯ୍ୟାନୁଷ୍ଠାନ ଜାରି ରଖିବ । ଦୁଇ ଦେଶ ମଧ୍ୟରେ ଯୁଦ୍ଧ ଉଗ୍ର ରୂପ ଧାରଣ କରୁଥିବା ବେଳେ ଆମେରିକା ରାଷ୍ଟ୍ରପତି ଟ୍ରମ୍ପ କହିଛନ୍ତି ଯେ ଦୁଇ ଦେଶ ମଧ୍ୟରେ କଥାବାର୍ତ୍ତା ଚାଲିଛି ଏବଂ ଯୁଦ୍ଧ ଖୁବଶୀଘ୍ର ବନ୍ଦ ହୋଇଯିବ । ଏହାସହିତ ଇରାନକୁ ସେ ଧମକ ଦେଇ କହିଛନ୍ତି ଯେ ଆମେରିକାର କୌଣସି ପ୍ରତିଷ୍ଠାନ ଉପରେ ଆକ୍ରମଣ ହେଲେ ଇରାନକୁ ଧ୍ୱଂସ କରିବା ଲାଗି ତାଙ୍କ ଦେଶ ସମସ୍ତ ଶକ୍ତି ଖଟାଇବାକୁ ପଛାଇବ ନାହିଁ ।

ଯୁଦ୍ଧ ମଇଦାନରୁ ମିଳିଥିବା ସୂଚନା ଅନୁଯାୟୀ ଇରାନର ପରମାଣୁ କେନ୍ଦ୍ର, ସାମରିକ ପ୍ରତିଷ୍ଠାନ ଏବଂ ଏୟାର ଡିଫେନ୍ସ ସିଷ୍ଟମ ଉପରେ ଇସ୍ରାଏଲ ଆକ୍ରମଣ ଜାରି ରଖିଛି । ଏଥିରେ ୭୮ ଜଣ ପ୍ରାଣ ହରାଇଥିବା ବେଳେ ୬ ଜଣ ବରିଷ୍ଠ ସେନା ଅଧିକାରୀ ଏଥିରେ ସାମିଲ ଅଛନ୍ତି । ▶ପୃଷ୍ଠା-୭

## ବଜ୍ରପାତ ନେଲା ୪ ଜୀବନ

■ **କଳାବାଡ଼ିଆ/ନୂଆପଡ଼ା/ବରଗଡ଼/କେନ୍ଦ୍ରାପଡ଼ା/ମହାକାଳପଡ଼ା/ତୁରୁମୁଙ୍ଗା,୧୫।୬(ସମିସ):** ରାଜ୍ୟର ବିଭିନ୍ନ ସ୍ଥାନରେ ବଜ୍ରପାତ ଘଟି ଆଜି ୪ ଜଣଙ୍କ ଜୀବନ ଯାଇଥିବା ବେଳେ ୧୦ରୁ ଊର୍ଦ୍ଧ୍ୱ ଗୁରୁତର ଆହତ ହୋଇଛନ୍ତି । ମୃତକମାନେ ହେଲେ, ମୟୂରଭଞ୍ଜ ଜିଲ୍ଲା ବାଙ୍ଗିରିପୋଷି ବ୍ଲକ୍ ଅନ୍ତର୍ଗତ ଭୋଳାଗଡ଼ିଆ ଗ୍ରାମର ଭୀମ ମାର୍ଣ୍ଡି (୨୫), କେନ୍ଦୁଝର ଜିଲ୍ଲା ତୁରୁମୁଙ୍ଗା ଥାନା ଅନ୍ତର୍ଗତ ବାଉଁଶୁଳି ଗ୍ରାମର ଶୈଳେନ୍ଦ୍ରୀ ନାଏକ (୫୪), ବରଗଡ଼ ଜିଲ୍ଲା ପାଇକମାଳ ବ୍ଲକ୍ ଅନ୍ତର୍ଗତ ବାରଫାଳିଆ ଗ୍ରାମର ବଳଦେବ ମାଝୀ (୪୩), ଓ କେନ୍ଦ୍ରାପଡ଼ା ଜିଲ୍ଲା ମହାକାଳପଡ଼ା ଅନ୍ତର୍ଗତ ଷାଠିଏବାଟି ଗ୍ରାମର ପ୍ରଶାନ୍ତ ଦାସ (୪୫) ।

ସୂଚନାନୁଯାୟୀ, ଭୋଳାଗଡ଼ିଆ ଗ୍ରାମର ଭୀମ ଓ ଜଗନ୍ନାଥ ମାର୍ଣ୍ଡି (୪୦) ଆଜି ଦିନ ପ୍ରାୟ ୧ଟା ବେଳେ ଗୋରୁ ଆଣିବା ପାଇଁ ଗୋହିରାପାଳ ଜାହିରାକୁ ଯାଇଥିବା ବେଳେ ହଠାତ୍ ବର୍ଷା, ପବନ ହୋଇଥିଲା । ଦୁହେଁ ଏକ ଗଛ ମୂଳେ ଆଶ୍ରୟ ନେଇଥିବା ବେଳେ ସେଠାରେ ବଜ୍ରପାତ ହେବାରୁ ଏଥିରେ ଭୀମଙ୍କ ମୃତ୍ୟୁ ହୋଇଯାଇଥିଲା । ସ୍ଥାନୀୟ ଲୋକ ଗୁରୁତର ଅବସ୍ଥାରେ ▶ପୃଷ୍ଠା-୭

## ଖୁବ୍‌ଶୀଘ୍ର ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ

# ୬ ପଦ ପାଇଁ ୬୦ ଆଶାୟୀ

### ସମ୍ପ୍ରସାରଣରେ ମୋହନଙ୍କର ରହିବ ସର୍ବାଧିକ ଭୂମିକା

### ମନ୍ତ୍ରିମଣ୍ଡଳରେ ବୃଦ୍ଧି ପାଇବ ମହିଳାଙ୍କ ଭାଗିଦାରୀ

### ବିଦା ହେବେ ୩, ବଦଳିବ ଅନେକ ମନ୍ତ୍ରୀଙ୍କ ବିଭାଗ

### ସମ୍ପ୍ରସାରଣ ପରେ ନିଗମ ଓ ବୋର୍ଡ ଥଇଥାନ ପ୍ରକ୍ରିୟା

■ **ଭୁବନେଶ୍ୱର, ୧୫।୬ (ସମିସ):** ରାଜ୍ୟରେ ବିଜେପି ସରକାର ପ୍ରଥମ ବର୍ଷ ପୂରଣ କରିଛି । ବିନା ପୂର୍ଣ୍ଣାଙ୍ଗ ମନ୍ତ୍ରିମଣ୍ଡଳରେ ସରକାର ଯେନେତେନ ପ୍ରକାରେ ପ୍ରଥମ ବର୍ଷରଶାସନପୂରଣକରିନିଜପିଠିନିଜେଥାପୁଡ଼ଉଛନ୍ତି । ବର୍ତ୍ତମାନ ରାଜ୍ୟବ୍ୟାପୀ ସରକାର ନିଜର ପ୍ରଥମ ବର୍ଷ ଶାସନ ଉତ୍ସବ ପାଳନ କରୁଥିବା ବେଳେ ଆସନ୍ତା ୨୦ରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓଡ଼ିଶା ଆସୁଛନ୍ତି । ଏହି ଅବସରରେ ରାଜ୍ୟ ସରକାର ପ୍ରଧାନମନ୍ତ୍ରୀଙ୍କୁ ପ୍ରଥମ ବର୍ଷ ଶାସନର ରିପୋର୍ଟ କାର୍ଡ ବିଧିବଦ୍ଧ ଭାବେ ପ୍ରଦାନ କରିବେ । ତେବେ ପ୍ରଧାନମନ୍ତ୍ରୀଙ୍କ ଓଡ଼ିଶା ଗସ୍ତ ପରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ କରାଯାଇପାରେ ବୋଲି ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଛି । ତେବେ ରଥଯାତ୍ରା ପୂର୍ବରୁ କି ବାହୁଡ଼ା ଯାତ୍ରା ପରେ ମନ୍ତ୍ରୀମଣ୍ଡଳ ସମ୍ପ୍ରସାରଣ ହେବ ତାହା ଚୂଡ଼ାନ୍ତ ହୋଇ ପାରିନାହିଁ । ରାଜ୍ୟ ସରକାରଙ୍କ ମନ୍ତ୍ରୀମାନେ ସେମାନଙ୍କର ବାର୍ଷିକ ରିପୋର୍ଟ କାଡର୍ ମୁଖ୍ୟମନ୍ତ୍ରୀଙ୍କୁ ପ୍ରଦାନ କରିଛଛନ୍ତି । ସେହି ଆଧାରରେ କେଉଁମାନେ ମନ୍ତ୍ରିମଣ୍ଡଳରେ ସ୍ଥାନ ବଜାୟ ରଖିବେ ଓ କେଉଁମାନେ ବାଦ ପଡ଼ିବେ ତାହା ମୁଖ୍ୟମନ୍ତ୍ରୀ ସ୍ଥିର କରିବେ । ତେବେ ଏହି ସୂତ୍ରରୁ ମିଳିଥିବା ▶ପୃଷ୍ଠା-୭

## ଜଳଭଣ୍ଡାରକୁ ଡେଇଁ ପ୍ରେମୀଯୁଗଳଙ୍କ ଆତ୍ମହତ୍ୟା



■ **ନନ୍ଦପୁର, ୧୫।୬ (ସମିସ):** ପ୍ରେମରେ ବିଫଳ ହେବାରୁ ନାବାଳକ ପ୍ରେମୀଯୁଗଳ ଜଳଭଣ୍ଡାର ଭିତରକୁ ଡେଇଁ ଆତ୍ମହତ୍ୟା କରିଛନ୍ତି । ଉଭୟଙ୍କର ହାତବନ୍ଧା ହୋଇଥିବା ଅବସ୍ଥାରେ ଶବ ଉଦ୍ଧାର ହୋଇଛି । ଘଟଣାଟି ଘଟିଛି, କୋରାପୁଟ ଜିଲ୍ଲା ନନ୍ଦପୁର ବ୍ଲକ ପାଡୁଆ ଥାନା ଅଧୀନସ୍ଥ ଅତଣ୍ଡା ଗ୍ରାମ ପଞ୍ଚାୟତର ବନୁର ଗ୍ରାମରେ । ଶନିବାର ସନ୍ଧ୍ୟାରେ ଏହି ନାବାଳକ ପ୍ରେମୀଯୁଗଳ ଏଭଳି ଚରମ ନିଷ୍ପତ୍ତି ନେଇଥିବା ଜଣାପଡ଼ିଛି । ସୂଚନାନୁସାରେ, ନାବାଳିକାଜଣଙ୍କ ସ୍ଥାନୀୟ ଏକ ହାଇସ୍କୁଲ୍‌ରେ ୧୦ମ ଶ୍ରେଣୀରେ ପାଠ ପଢୁଥିବା ବେଳେ ନାବାଳକଜଣଙ୍କ ନନ୍ଦପୁର ସିନ୍ଧେଦେବୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଯୁକ୍ତ ଦୁଇବର୍ଷର ▶ପୃଷ୍ଠା-୭

### ରାଏତୁଣ୍ଡି ଗାଁରେ ପାଣି ସଙ୍କଟ

# ପିଇବା ପାଣି ପାଇଁ ୩୦ ପରିବାର ଡହଳବିକଳ

ପଞ୍ଚୁପାଣ୍ଡବ,୧୫।୬(ସମିସ):

ଡେରାବିଶ ବ୍ଲକ୍ ବେଣୀପୁର ପଞ୍ଚାୟତ ଅନ୍ତର୍ଗତ ରାଏତୁଣ୍ଡି ଗ୍ରାମରେ ପିଇବା ପାଣି ସମସ୍ୟା ଲାଗି ରହିଛି। ଏ ଗ୍ରାମର ପ୍ରାୟ ୩୦ଟି ପରିବାର ପାଣି ପାଇଁ ଡହଳବିକଳ ହେଉଥିବା ଅଭିଯୋଗ ହେଉଛି। ଗ୍ରାମର ପରିସ୍ଥିତିକୁ ଦେଖି ସରକାରଙ୍କ ପକ୍ଷରୁ ଆଦର୍ଶ ଗ୍ରାମରେ ରୂପାନ୍ତରିତ କରାଯାଇ ଗ୍ରାମ୍ୟ ରାସ୍ତାକୁ ପ୍ରଧାନମନ୍ତ୍ରୀ ସଡ଼କ ଯୋଜନାରେ ଅନ୍ତର୍ଭୁକ୍ତ କରାଯାଇଛି। ତେବେ ପାନୀୟଜଳ ସମସ୍ୟା ଯେପରି ଏହି ଗ୍ରାମବାସୀଙ୍କ ପିଛା ଛାଡୁନାହିଁ। ଦୁଇବର୍ଷ ପୂର୍ବେ ପ୍ରାୟ ଦୁଇ କିଲୋମିଟର ଦୂରରେ ଥିବା ସଦାନନ୍ଦପୁର ପାନୀୟଜଳ ପ୍ରକଳ୍ପରୁ ଏହି ଗ୍ରାମକୁ ପାନୀୟଜଳ ପାଇପ୍ ସଂଯୋଗ ଦିଆଯାଇଥିଲା। କିନ୍ତୁ ପାନୀୟଜଳ ପର୍ଯ୍ୟାପ୍ତ ହେଉ ନ ଥିଲେ ମଧ୍ୟ ଗ୍ରାମବାସୀ କୌଣସି ମତେ ଚଳିଯାଉଥିଲେ। ପରେ ଏହି ଗ୍ରାମରେ ସଡ଼କ ଯୋଜନା କାର୍ଯ୍ୟ ହେବାରୁ ରାସ୍ତା ତଳେ ଥିବା ପାଇପ ଫାଟି ଯାଇ ଏହି ଗ୍ରାମକୁ ପାନୀୟଜଳ ଯୋଗାଣ ସମ୍ପୂର୍ଣ୍ଣ ବନ୍ଦ ହୋଇଯାଇଥିଲା। ଯାହା ଆଜିଯାଏଁ ସୁଧୁରି ପାରିନାହିଁ। ଏ ସମ୍ପର୍କରେ ଗ୍ରାମବାସୀ ବିଭାଗୀୟ ଉଚ୍ଚ ଅଧିକାରୀଙ୍କୁ ଅବଗତ କରିଥିଲେ ମଧ୍ୟ କିଛି ସୁଫଳ ମିଳି ନ ଥିବା ଅଭିଯୋଗ ହେଉଛି।



ଦୁଇ ମାସ ତଳେ ରାସ୍ତାକୁ ତାଡ଼ି ଦେଇ ପାଇପ ପକାଯାଇଥିବା ଦେଖିବାକୁ ମିଳୁଛି। ଏପରିକି ଏକ ଗଭୀର ନଳକୂପ ଖନନ ପାଇଁ ଗ୍ରାମବାସୀ ଆବେଦନ କରିଥିଲେ ମଧ୍ୟ ଜଣେ ବିଭାଗୀୟ ସହକାରୀ ଯନ୍ତ୍ରୀ ଏହି ଗ୍ରାମରେ ଏକ ଗଭୀର ନଳକୂପ ଥିବା ଯୋଗୁଁ ଆଉ ନଳକୂପର ଆବଶ୍ୟକତା ନ ଥିବା ଦର୍ଶାଇଥିଲେ। ଏହି ଗ୍ରାମରେ ଥିବା ଗଭୀର ନଳକୂପରୁ ଦୂଷିତ ପାଣି ବାହାରୁଛି। ଫଳରେ ଗ୍ରାମବାସୀ ପିଇବା ପାଣି ପାଇଁ ଦହଗଞ୍ଜ ହେଉଛନ୍ତି। ଅନ୍ୟପକ୍ଷରେ ରାସ୍ତା ତାଡ଼ି ଦୁଇ ମାସ ହେବ ପାଇପ ପକାଯାଉଥିବା ଯୋଗୁଁ ଯାତାୟାତରେ ବାଧା ମଧ୍ୟ ସୃଷ୍ଟି ହୋଇଛି। ଠିକାଦାର ରାସ୍ତା ତାଡ଼ି ପାଇପ ପକାଉଥିବାରୁ ଯାତାୟାତରେ ସମସ୍ୟା ହେଉଥିବା ଅଭିଯୋଗ ହେଉଛି। ଇତିମଧ୍ୟରେ ଦୁଇବର୍ଷ ବିତିବାକୁ ବସିଥିବାବେଳେ ନା ବିଭାଗୀୟ ଯନ୍ତ୍ରୀ ନା ଠିକାଦାର ଏହି ସମସ୍ୟା ଦୂର କରିବା ପାଇଁ ଚେଷ୍ଟା କରୁ ନ ଥିବା ରାଏତୁଣ୍ଡି ଗ୍ରାମର କ୍ଷୀରୋଦ ରାଏ କ୍ଷୋଭର ସହ ପ୍ରକାଶ କରିଛନ୍ତି। ପାନୀୟଜଳ ସମସ୍ୟା ସମ୍ପର୍କରେ ଗ୍ରାମବାସୀ ବହୁବାର ଜିଲ୍ଲାପାଳଙ୍କ ଜନଶୁଣାଣି ଶିବିରଠାରୁ ଆରମ୍ଭ କରି ବିଭାଗୀୟ ଉଚ୍ଚପଦସ୍ଥ ଅଧିକାରୀଙ୍କୁ ଜଣାଇଥିଲେ ମଧ୍ୟ କିଛି ସୁଫଳ ମିଳିନାହିଁ। ଗ୍ରାମବାସୀ ନିରାଶ ହୋଇ ଶେଷରେ ମାର୍ଚ୍ଚ ୧୨ ତାରିଖରେ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠରେ ଅଭିଯୋଗ କରିଥିବାବେଳେ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ମାର୍ଚ୍ଚ ୨୬ ତାରିଖରେ ବିଭାଗୀୟ ମୁଖ୍ୟ ନିର୍ବାହୀ ଯନ୍ତ୍ରୀଙ୍କୁ ତୁରନ୍ତ ଏ ସମସ୍ୟାର ସମାଧାନ ପାଇଁ ନିର୍ଦ୍ଦେଶନାମା ଜାରି କରାଯାଇଥିଲା। ଦୁଇମାସ ବିତିବାକୁ ବସିଥିବାବେଳେ ଗ୍ରାମବାସୀଙ୍କ ସମସ୍ୟା ସମସ୍ୟାରେ ରହିଯାଇଛି। ଯଥାଶୀଘ୍ର ପାନୀୟଜଳ ସମସ୍ୟା ଦୂର ନ ହେଲେ ଗ୍ରାମବାସୀ ଆନ୍ଦୋଳନାତ୍ମକ ପନ୍ଥା ଅବଲମ୍ବନ କରିବେ ବୋଲି ଗ୍ରାମର ଅମରେନ୍ଦ୍ର ସାହୁ, ବଂଶୀଧର ସାହୁ, ବବୁଲ ସାହୁ, ଅରକ୍ଷିତ ସାମଲ, ବାବୁ ରାୟ, ଚିତ୍ରସେନା ଦଳାଇ ଓ ପପୁ ସାହୁ ପ୍ରମୁଖ ଚେତାବନୀ ଦେଇଛନ୍ତି।

## ସହଦେବ ଦାସଙ୍କ ଶ୍ରାଦ୍ଧୋତ୍ସବ



ଆଳି,୧୫।୬(ସମିସ): ଆଳି-ପଟ୍ଟାମୁଣ୍ଡାଇ ଯୁଗ୍ମ ନିର୍ବାଚନମଣ୍ଡଳୀର ପ୍ରାକ୍ତନ ବିଧାୟକ, ସ୍ୱାଧୀନତା ସଂଗ୍ରାମୀ, ସମାଜସେବୀ ତଥା ଆଳିର ଗାନ୍ଧୀ ସହଦେବ ଦାସଙ୍କ ୬୪ତମ ଶ୍ରାଦ୍ଧବାର୍ଷିକ ତାଙ୍କ ଜନ୍ମସ୍ଥାନ ନମୌଜା ନୂଆଗାଁଠାରେ ଅନୁଷ୍ଠିତ ହୋଇଯାଇଛି। ଏହି ଦିବସ ଉପଲକ୍ଷେ ଆଜି ସହଦେବ ଦାସ ସ୍ମୃତି ସଂସଦ ପକ୍ଷରୁ ଭୋର ୬ଟାଠାରୁ ନମୌଜାର ପ୍ରତ୍ୟେକ ଗ୍ରାମରେ ରାମଧୁନ ଗାନ କରାଯିବା ସହ ପ୍ରଭାତ ଫେରି କରାଯାଇଛି। ପରେ ସକାଳ ୮ ଘଟିକା ସମୟରେ ତାଙ୍କ ସମାଧି ପୀଠ ଓ ତାଙ୍କ ସ୍ମୃତିରେ ଗଢି ଉଠିଥିବା ବିଦ୍ୟାଳୟ ନୂଆଗାଁ ସିନିଅର ବେସିକ ସ୍କୁଲରେ ଥିବା ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ ପରେ ବଡାମ୍ବିଳା ପଞ୍ଚାୟତ କାର୍ଯ୍ୟାଳୟରେ ଥିବା ପ୍ରତିମୂର୍ତ୍ତିରେ ମଧ୍ୟ ଫୁଲ ଓ ଧୂପ ପ୍ରଦାନ କରାଯାଇଥିଲା। ଶେଷରେ ସହଦେବ ଦାସ ମାର୍ଗର ଆରମ୍ଭ ନିଆଳ ଛକଠାରେ ଥିବା ସହଦେବ ଦାସଙ୍କ ପ୍ରତମୂର୍ତ୍ତିରେ ମଧ୍ୟ ମାଲ୍ୟାର୍ପଣ ହୋଇଥିଲା। ସହଦେବ ଦାସଙ୍କୁ ଭଲ ପାଉଥିବା ଶତାଧିକ ଲୋକ ଏକାଠି ହୋଇ ତାଙ୍କ ସମାଧି ପୀଠ ପାଖରେ ରାମଧୂନ ଗାନ କରିବା ସହ ଶ୍ରୀ ଦାସଙ୍କ ନାମରେ ସ୍ଲୋଗାନ ଦେଇ ପରିବେଶକୁ ପ୍ରକମ୍ପିତ କରିଥିଲେ। ଏ ସମସ୍ତ କାର୍ଯ୍ୟକ୍ରମକୁ ସଂସଦ ସଭାପତି ଗୋବିନ୍ଦ ଚନ୍ଦ୍ର ନନ୍ଦ, ସମ୍ପାଦକ ବୀରେନ୍ଦ୍ର ପଣ୍ଡାଙ୍କ ସହ ବାମନ ଚରଣ ବେହେରା, ପ୍ରଫୁଲ୍ଲ ପରିଡ଼ା, ଲକ୍ଷ୍ମୀଧର ଦୀକ୍ଷିତ, ରବୀନ୍ଦ୍ର ସୂତାର, ମଧୁସୂଦନ ଦାସ ଓ ବିନୋଦ ଚନ୍ଦ୍ର ଦାଶ ପ୍ରମୁଖ ପରିଚାଳନା କରିଥିବାବେଳେ କଂଗ୍ରେସ ରାଜ୍ୟ ସମ୍ପାଦିକା ଡା. ଦେବସ୍ମିତା ଶର୍ମା, ମାନଗୋବିନ୍ଦ ଦାସ, ସରପଞ୍ଚଙ୍କ ପ୍ରତିନିଧି ବିଜୟ ମହୀ, ସମାଜସେବୀ ପ୍ରଦ୍ୟୁମ୍ନ ଦାଶ, ଅକ୍ଷୟ ମହାନ୍ତି, କାହ୍ନୁଚରଣ ତ୍ରିପାଠୀ, ଦେବେନ୍ଦ୍ର ପଣ୍ଡା, ଦର୍ପନାରାୟଣ ସାହୁ ପ୍ରମୁଖ ଉପସ୍ଥିତ ଥିଲେ।

# କାଳିକାପୁରରେ ପାନୀୟଜଳ ସଙ୍କଟ

ରାଜକନିକା, ୧୫।୬(ସମିସ): ଉପାନ୍ତ ନୁହେଁ କି ଅପହଞ୍ଚ ବି ନୁହେଁ, ରାଜକନିକା ସଦର କଣ୍ଟପଡା ପଞ୍ଚାୟତର ସଦର ଗାଁ କାଳିକାପୁରରେ ଏବେ ପାନୀୟଜଳ ସଙ୍କଟ ଉଗ୍ରରୂପ ନେଉଛି। ଏହି ଗାଁରେ ରହୁଥିବା ୩୦୦ ପରିବାରର ୧୨ ଶହ ଲୋକଙ୍କ ପାଇଁ ଥିବା ଗଙ୍ଗାଧରପୁରର ୨ଟି, ବେହେରା ସାହିର ୧ଟି, ଗାଁ ମୁଣ୍ଡରେ ୧ଟି ଓ ବିଶ୍ୱାଳ ସାହିର ୧ଟି ନଳକୂପରେ ଜଳସ୍ତର କମିବା କାରଣରୁ ଗୋଟିକ ପରେ ଗୋଟିଏ ନଳକୂପ ଏମିତି ୫ଟି ଅଚଳ ହୋଇପଡ଼ିଛି। କେବଳ ମା' କାଳିକାଇଙ୍କ ପୀଠ ନଳକୂପରୁ ପାଣି ବାହାରୁଥିବାରୁ ଲୋକେ ପାଇପ ପାଣି ଉପରେ ସମ୍ପୂର୍ଣ୍ଣ ନିର୍ଭରଶୀଳ। ଏବେ ଝଡ଼ ବର୍ଷା ଓ ବିଜୁଳି ବିଭାଗର ଅନ୍ୟ କାରଣ ପାଇଁ ଦିନ ଦିନ ଲାଇନ ରହୁ ନ ଥିବା, ପୁଣି ମଟର ପୋଡିଯିବା ଭଳି ଜରୁରୀ କାରଣରେ ପାଇପ ପାଣି ଦିନ ଦିନ ଧରି ବନ୍ଦ ରହୁଛି। ଫଳରେ ପିଇବା ପାଣି ପାଇଁ ଡହଳବିକଳ ହେଉଛନ୍ତି ଏହି ଗାଁର ଲୋକେ।





ରାଜ୍ୟର ଚାରିଆଡେ ଏବେ ଜଳ ସଂକ୍ରମଣ ଜନିତ ରୋଗ ଦୂର ପାଇଁ ଗ୍ରାମ ଓ ସହରାଞ୍ଚଳରେ ଥିବା ସମସ୍ତ ଜଳଉତ୍ସକୁ ମରାମତି କରିବା ସହ ବିଶୋଧିତ କରିବାକୁ ଜଳଯୋଗାଣ ବିଭାଗ ଯନ୍ତ୍ରୀଙ୍କୁ କଡ଼ା ନିର୍ଦ୍ଦେଶ ଦିଆଯାଇଥିବା ନେଇ ମୁଖ୍ୟ ଶାସନ ସଚିବଙ୍କ ସ୍ପଷ୍ଟ ନିର୍ଦ୍ଦେଶକୁ ଏଠାରେ ଖୋଲା ଉଲ୍ଲଂଘନ କରାଯାଇଛି। ନିଜ ଆଡୁ ପାନୀୟ ଜଳ ଉତ୍ସ ସଜାଡି ତାକୁ ବିଶୋଧନ କରିବାର ସରକାରୀ ନିର୍ଦ୍ଦେଶ ଏଠି ଆଦୌ ଅନୁପାଳନ ହେଉନାହିଁ। କେତେକ ଲୋକ ବଜାରରୁ ବଟଲ ପାଣି କିଣି ପିଉଥିବାବେଳେ ସାଧାରଣ ଲୋକେ ପୋଖରୀ ପାଣି ପିଇବାକୁ ବାଧ୍ୟ ହେଉଛନ୍ତି। କେନ୍ଦ୍ରାପଡ଼ା ଜିଲ୍ଲାର ରାଜକନିକା ବ୍ଲକରେ ପିଇବା ପାଣିର ସମସ୍ୟା ଚଳିତବର୍ଷ ଉଗ୍ରରୂପ ନେଉଥିବାବେଳେ ବିଭାଗ ମଧ୍ୟ ବେଫିକର ରହୁଛି।

ରାଜକନିକା ଭଳି ନଦୀ ପରିବେଷ୍ଟିତ ବ୍ଲକରେ ନଦୀ ପାଣି ବଳକା ଦର୍ଶାଇ ରାଜନେତାଙ୍କ ସୁପାରିଶରେ ଖରସ୍ରୋତା ନଦୀ ପାଣି ପଡୋଶୀ ଭଦ୍ରକ ଜିଲ୍ଲାକୁ ପାଇପ ଯୋଗେ ଶୋଷି ଯୋଗାଇ ଦେବାର ପ୍ରମୁଖ କାରଣରୁ ଜଳସଙ୍କଟ ଦେଖାଦେଇଛି। ଏହି ନଦୀପାଣି ଶୋଷଣକୁ ଲୋକେ ବନ୍ଦ କରିବାକୁ ଚାହିଁଥିଲେ ହେଁ ସରକାର ସେତେବେଳେ ଜଳ ସଙ୍କଟ ହେବନାହିଁ କହି ନାନା ଯୁକ୍ତିରେ ପାଣି ଶୋଷଣର ପରିଣାମ ଏବେ ଆମେ ଭୋଗୁଛୁ ବୋଲି କାଳିକାପୁରର ହରି ସାହୁ, ସୁକୁଟା ବଳ, ମୃତ୍ୟୁଞ୍ଜୟ ବିଶ୍ୱାଳ, ସମ୍ପଦ ବାରିକ, ଜୀବନ ବିଶ୍ୱାଳ କହିଛନ୍ତି। ପାନୀୟଜଳ ଉତ୍ସର ସଠିକ ପରିଚାଳନା ଓ ବିଶୋଧନ ପାଇଁ ବ୍ଲକର ଜଳଯୋଗାଣ ଯନ୍ତ୍ରୀଙ୍କୁ ପଚାରିବାରୁ ଆମେ ଖରାଦିନ ପାଇଁ ମୋବାଇଲ ଭ୍ୟାନ ଚଳାଇ ଆବଶ୍ୟକ ମରାମତି କରୁଛୁ। ଜଳବାହିତ ରୋଗ ନିରାକରଣ ପାଇଁ ଆମେ ବ୍ୟବସ୍ଥାରେ ଅଛୁ ବୋଲି କହିଛନ୍ତି।

## ଅସରାଏ ବର୍ଷାରେ ଗାଁ ରାସ୍ତାରେ ପାଣିର ସୁଅ

ପଞ୍ଚୁପାଣ୍ଡବ,୧୫।୬(ସମିସ): ଡେରାବିଶ ବ୍ଲକ୍ ରଘୁଦେଇପୁର ପଞ୍ଚାୟତ ଅନ୍ତର୍ଗତ ବେଲାରପୁର ଗ୍ରାମର ବାରିକ ଓ ବଣିଆ ସାହିକୁ ଯାଇଥିବା ଢ଼ଳେଇ ରାସ୍ତାରେ ଆଣ୍ଠୁଏ ପାଣି ଦେଖିବାକୁ ମିଳୁଛି। ଏହି ରାସ୍ତାଟି ଖାଲ ହୋଇଥିବାରୁ ଅସରାଏ ବର୍ଷା ହେଲେ ରାସ୍ତା ଉପରେ ପାଣି ଜମି ରହିଥିବା ଦେଖିବାକୁ ମିଳୁଛି। ବାରିକ ସାହି ଓ ବଣିଆ ସାହିର ପ୍ରାୟ ୪୦ ଘର ପରିବାର ଲୋକେ ବସବାସ କରୁଥିବାବେଳେ ବର୍ଷା ଦିନେ ଯାତାୟାତ କରିବା ପାଇଁ ବିଭିନ୍ନ ପ୍ରକାର ସମସ୍ୟା ଭୋଗୁଥିବା ଅଞ୍ଚଳବାସୀ ଅଭିଯୋଗ କରିଛନ୍ତି। ଏ ସମ୍ପର୍କରେ ସରପଞ୍ଚଙ୍କଠୁ ପ୍ରଶାସନ ଅଧିକାରୀଙ୍କ ନିକଟରେ ଅଭିଯୋଗ କରିଥିଲେ ସୁଦ୍ଧା କେହି ସମସ୍ୟାକୁ ସମାଧାନ କରୁ ନ ଥିବା ଅଭିଯୋଗ ହେଉଛି। ଏହି ରାସ୍ତା ଉଚ୍ଚ କରିବା ସହ ପାଣି ନିଷ୍କାସନ ପାଇଁ ଡ୍ରେନ ତିଆରି କରିବା ଲାଗି ଅଞ୍ଚଳବାସୀ ଦାବି କରିଛନ୍ତି। ଏ ବିଷୟରେ ସ୍ଥାନୀୟ ସରପଞ୍ଚ ଭକ୍ତିଲତା ନାୟକଙ୍କୁ ପଚାରିବାରୁ ସେ କହିଛନ୍ତି, ଏ ବାବଦରେ କିଛି ଟଙ୍କା ଅଛି ଓ କିଛି ସରକାରୀ ଅନୁଦାନ ପାଇଁ ବିଧାୟକଙ୍କୁ କହିଛୁ। ଅର୍ଥ ମଞ୍ଜୁର ହେଲେ ସମସ୍ୟାର ସମାଧାନ ହୋଇଯିବ।



## ପେଟ୍ରୋଲ ପମ୍ପ ଥାଇ ବି ଓଳାଭର ବଜାରରେ ଖୋଲାରେ ବିକ୍ରି ହେଉଛି ପେଟ୍ରୋଲ, ଡିଜେଲ

ରାଜକନିକା,୧୫।୬(ସମିସ): ଓଳାଭର ବଜାରଠାରୁ ସ୍ୱଳ୍ପ ଦୂରରେ ପେଟ୍ରୋଲ ପମ୍ପ ରହିଥିଲେ ବି ବଜାରର ପାନ ଓ ଚା' ଦୋକାନରେ ପେଟ୍ରୋଲ ଓ ଡିଜେଲ ବିକ୍ରି ହେଉଛି। ଉଭୟ ଦହନଶୀଳ ପଦାର୍ଥ ଏପରି ବିକିବା ଉପରେ କଟକଣା ଥିବାବେଳେ ତାହା ଉପରେ ବିଭାଗୀୟ ଅଧିକାରୀ କେବେ ଦୃଷ୍ଟି ଦେଉନାହାନ୍ତି। ଚା ଓ ଦୋକାନ ପାନ ଦୋକାନରେ ଗ୍ରାହକ ଧୂମପାନ କରୁଥିବାରୁ ଅଘଟଣ ଘଟିବା ଆଶଙ୍କା ସୃଷ୍ଟି ହୋଇଛି। ରାଜକନିକା ବ୍ଲକର ପ୍ରମୁଖ ବାଣିଜ୍ୟିକ କେନ୍ଦ୍ର ଭାବେ ପରିଚିତ ଓଳାଭର ବଜାରଠାରୁ ମାତ୍ର ଅଧ କିଲୋମିଟର ଦୂରରେ ପେଟ୍ରୋଲ ପମ୍ପ ରହିଛି। ଏହି ବଜାର ସବୁବେଳେ ଲୋକାରଣ୍ୟ ରହୁଥିବାବେଳେ କାନାଡା ବ୍ୟାଙ୍କ୍ ପାଖରୁ ତାରିଣୀ ଛକ ମଧ୍ୟରେ ଖୋଲାମେଲାରେ ପେଟ୍ରୋଲ ଓ ଡିଜେଲ ବିକ୍ରି ହେଉଥିବାରୁ କେତେବେଳେ ଅଘଟଣ ଘଟିବ ତାହା କହି ହେବନାହିଁ। ସ୍ଥାନୀୟ ପ୍ରଶାସନ ଏଥିପ୍ରତି ସ୍ୱତନ୍ତ୍ର ଦୃଷ୍ଟି ଦେଇ ଖୋଲାମେଲାରେ ଚାଲିଥିବା ପେଟ୍ରୋଲ ଡିଜେଲ ବିକ୍ରି ବନ୍ଦ କରିବାକୁ ସ୍ଥାନୀୟ ବୁଦ୍ଧିଜୀବୀ ଦାବି କରିଛନ୍ତି।

■ ବରଦିଆ ପ୍ରିମିୟର ଲିଗ୍

## ଡ୍ରିମ୍‌କୁ ହରାଇ ଲାୟନ୍ସ ଏକାଦଶ ଚାମ୍ପିଅନ୍



ବାଲିକୁଦା,୧୫।୬(ସମିସ): ରଜ ପର୍ବ ଉପଲକ୍ଷେ ତିନିଦିନ ଧରି ବରମୁଣ୍ଡଳୀ ପଞ୍ଚାୟତର ବରଦିଆ ଗ୍ରାମେଶ୍ୱର କ୍ରିକେଟ କ୍ଲବ୍ ପକ୍ଷରୁ ଗ୍ରାମେଶ୍ୱର ପଡ଼ିଆରେ ଆୟୋଜିତ ବରଦିଆ ପ୍ରିମିୟର ଲିଗ୍ ଉଦ୍‌ଯାପିତ ହୋଇଯାଇଛି। ଏଥିରେ ୪ଟି ଦଳ ଲାୟନ୍ସ ଏକାଦଶ, ଡ୍ରିମ ଟିମ୍ ଏକାଦଶ, ଷ୍ଟ୍ରିମ ୱାରିୟର, ବିଜିସିସି ବ୍ଲାଷ୍ଟର ଅଂଶଗ୍ରହଣ କରିଥିଲେ। ଇଣ୍ଡିଆନ ପ୍ରିମିୟର ଲିଗ ଢ଼ାଞ୍ଚାରେ ଆୟୋଜିତ ଏହି ଟୁର୍ଣ୍ଣାମେଣ୍ଟର ୪ଟି ଦଳକୁ ମାଲିକ ଭାବେ ନିତ୍ୟାନନ୍ଦ ପରିଡା, କାର୍ତ୍ତିକ ପରିଡା, ରଶ୍ମିରଞ୍ଜନ ରାଉତ, ମୋହନ ମିଶ୍ର କିଣିଥିଲେ। ଫାଇନାଲ ମ୍ୟାଚ୍‌ରେ ଲାୟନ୍ସ ଏକାଦଶ ଟସ ଜିତି ପ୍ରଥମେ ବ୍ୟାଟିଂ କରି ନିର୍ଦ୍ଧାରିତ ୭ ଓଭରରେ ୬ ୱିକେଟ ହରାଇ ୩୦ ରନ ସଂଗ୍ରହ କରିଥିଲା। ଜବାବରେ ଡ୍ରିମ ଟିମ୍ ଏକାଦଶ ୭ ୱିକେଟ ବିନିମୟରେ ୨୮ ରନ କରି ପରାସ୍ତ ହୋଇଥିଲା। ଲାୟନ୍ସ ଏକାଦଶ ଚାମ୍ପିଅନ ହୋଇଥିଲା। ଗଗନ ମହାନ୍ତି ଓ ପ୍ରତାପ ରାଉତ ଖେଳ ପରିଚାଳନା କରିଥିବାବେଳେ ଈଶାନ ମହାନ୍ତି ଓ ସ୍ରିତୁ ବିଶ୍ୱାଳ ସ୍କୋରର ଥିଲେ। ଲିକୁଲ ରାଉତ, ରାକେଶ ଦାସ, ବୁଟୁ ମହାନ୍ତି ଧାରା ବିବରଣୀ ପ୍ରଦାନ କରିଥିଲେ। ମ୍ୟାଚ୍‌ରେ ମ୍ୟାନ ଅଫ ଦି ମ୍ୟାଚ ସତ୍ୟଜିତ ରାଉତ ଓ ମ୍ୟାନ ଅଫ ଦି ସିରିଜ ଆଶୁତୋଷ ମିଶ୍ରଙ୍କୁ ପ୍ରଦାନ କରାଯାଇଥିଲା। ପୁରସ୍କାର ବିତରଣୀ ଉତ୍ସବରେ ମୁଖ୍ୟଅତିଥି ଭାବେ ଜିଲ୍ଲା ପରିଷଦ ସଭ୍ୟା ତଟିନା ସ୍ୱାଇଁ ଓ ସମ୍ମାନିତ ଅତିଥି ଭାବେ ଇଂ ରଞ୍ଜିତ ସ୍ୱାଇଁ ଯୋଗଦେଇ ଉଭୟ ଚାମ୍ପିଅନ ଓ ରନର୍ସଅପ ଦଳକୁ ଟ୍ରଫି ଓ ପୁରସ୍କାର ରାଶି ପ୍ରଦାନ କରିଥିଲେ।

## ନିଟ୍‌ରେ ଶୁଭ୍ରାଂଶୁ ସଫଳ

ରାଜକନିକା, ୧୫।୬(ସମିସ): ଗତକାଲି ପ୍ରକାଶ ପାଇଥିବା ସର୍ବଭାରତୀୟ ନିଟ୍ ପରୀକ୍ଷା ଫଳରେ ରାଜକନିକା ବ୍ଲକ ମେଘପୁର ଗ୍ରାମର ଶୁଭ୍ରାଂଶୁ ଶେଖର ସର୍ବଭାରତୀୟ ର୍‌ୟାଙ୍କ ୧୩୯୧୦ ଓ ଜେନେରାଲ କାଟାଗୋରି ର୍‌ୟାଙ୍କ ୫୯୯୯ ପାଇ କୃତିତ୍ୱ ଅର୍ଜନ କରିଛନ୍ତି। ଝାଡ଼ଖଣ୍ଡର ବୋକାରୋ ଡିଏଭି ପବ୍ଲିକ ସ୍କୁଲରେ ଶିକ୍ଷକତା କରୁଥିବା ନିର୍ମଳ ବେହୁରା ଓ ଶୁଭସ୍ମିତା ସାମଲଙ୍କ ଶୁଭ୍ରାଂଶୁ ଦଶମ ଶ୍ରେଣୀରେ ୯୮.୪ ପ୍ରତିଶତ ଓ ଦ୍ୱାଦଶ ଶ୍ରେଣୀରେ ୯୫.୪ ପ୍ରତିଶତ ନମ୍ବର ରଖି କୃତିତ୍ୱ ହାସଲ କରିଥିଲେ।



## ବଜ୍ରପାତରେ ୨ ଗାଈ ମୃତ

ପଟ୍ଟାମୁଣ୍ଡାଇ/ମାଳିପୁର,୧୫।୬(ସମିସ): ପଟ୍ଟାମୁଣ୍ଡାଇ ବ୍ଲକ୍ ଅନ୍ତର୍ଗତ ଶାସନ ପଞ୍ଚାୟତ ନିମପୁର ଗ୍ରାମର ଗରିବ ଚାଷୀ ରବୀନ୍ଦ୍ର



କୁମାର ସାହୁ ଗାଈ ରଖି କ୍ଷୀର ବିକ୍ରି କରି ପରିବାର ପ୍ରତିପୋଷଣ କରନ୍ତି। ଆଜି ପ୍ରାୟ ସାଢ଼େ ଗୋଟାଏ ସମୟରେ ପ୍ରବଳ ବର୍ଷା ସାଙ୍ଗକୁ ବଜ୍ରପାତ ଯୋଗୁଁ ବ୍ରାହ୍ମଣୀ ନଦୀ କୂଳରେ ଥିବା ବାଉଁଶ ବୁଦା ମୂଳେ ବିଶ୍ରାମ ନେଇଥିବା ରବୀନ୍ଦ୍ରଙ୍କ ଦୁଇଟି ଗାଈଙ୍କ ମୃତ୍ୟୁ ଘଟିଛି। ଗାଈ ରଖି ପରିବାର ଚଳାଉଥିବା ରବୀନ୍ଦ୍ରଙ୍କୁ ସମସ୍ତ ସରକାରୀ ସହାୟତା ଯୋଗାଇ ଦେବାକୁ ନିମପୁର ଗ୍ରାମବାସୀ ଦାବି କରିଛନ୍ତି।

## ବଳଭଦ୍ରପୁର, ଶ୍ରୀରାମପୁର, ଡାମରପୁର, ଶାସନ ପଞ୍ଚାୟତରେ ବିକାଶ ରଥ ପରିକ୍ରମା

ପଟ୍ଟାମୁଣ୍ଡାଇ/ମାଳିପୁର, ୧୫।୬(ସମିସ): ପଟ୍ଟାମୁଣ୍ଡାଇ ବ୍ଲକ୍ ଅନ୍ତର୍ଗତ ବଳଭଦ୍ରପୁର ପଞ୍ଚାୟତରେ ବିକାଶ ରଥ ପରିକ୍ରମା ଓ ସଚେତନତା ସଭା ଅନୁଷ୍ଠିତ ହୋଇଯାଇଛି। ସରପଞ୍ଚ ପ୍ରିୟବ୍ରତ ଓଝାଙ୍କ ପୌରୋହିତ୍ୟରେ ଆୟୋଜିତ ସଭାରେ ପଟ୍ଟାମୁଣ୍ଡାଇ ବ୍ଲକ୍ ଅଧ୍ୟକ୍ଷ ପ୍ରଦ୍ୟୁମ୍ନ ସାମନ୍ତରାୟ ମୁଖ୍ୟଅତିଥି ଭାବେ ଯୋଗଦେଇ ସମସ୍ତ ସରକାରୀ ଯୋଜନାର ସଫଳ ରୂପାୟନ କରି ତୃଣମୂଳ ସ୍ତରରେ ଥିବା ହିତାଧିକାରୀ ନିକଟରେ ପହଞ୍ଚାଇବାକୁ ପରାମର୍ଶ ଦେଇଥିଲେ। ଏହି ସଭାରେ ଉପାଧ୍ୟକ୍ଷା ଜୟନ୍ତୀ ସ୍ୱାଇଁ, ବିଡିଓ ଅଶୋକ ମହାନ୍ତି, ଅତିରିକ୍ତ ବିଡିଓ ସନ୍ତୋଷ ମନ୍ତ୍ରୀ, ସମିତି ସଭ୍ୟ କୈଳାସ ପରିଡା, ସରପଞ୍ଚ ସଂଘ ସଭାନେତ୍ରୀ ଲକ୍ଷ୍ମୀପ୍ରିୟା ଷଢଙ୍ଗୀ, ପିଇଓ ଜ୍ୟୋତି ରଞ୍ଜନ ସାମଲ, ସିଡିପିଓ ଲକ୍ଷ୍ମୀମଣି ସିଂହ, ବ୍ଲକ ସହକାରୀ ଯନ୍ତ୍ରୀ ବିନୟ ମିଶ୍ର, ଅଙ୍ଗନବାଡି ସୁପରଭାଇଜର ତୁଳସୀ ଦାସ, ସିଆରସିସି ଲକ୍ଷ୍ମଣ ସେଠୀ, ସିଏଚଓ ସଂଯୁକ୍ତା ରାଉତ, ଏସବିଏମ ସଂଯୋଜକ ରବୀନ୍ଦ୍ର ରାଉତ ପ୍ରମୁଖ ବହୁ ସରକାରୀ ଅଧିକାରୀ ଓ ମାନ୍ୟଗଣ୍ୟ ବ୍ୟକ୍ତି ଯୋଗ ଦେଇ ସରକାରଙ୍କ ବିଭିନ୍ନ ଯୋଜନା ସମ୍ପର୍କରେ ସଚେତନତା ସୃଷ୍ଟି କରିବା ସହିତ ରାସନ, ଅନ୍ତ୍ୟୋଦୟ, ଭତ୍ତା, ଆୟୁଷ୍ମାନ କାର୍ଡ ବଣ୍ଟନ କରିଥିଲେ। ସେହିପରି ଶ୍ରୀରାମପୁର ପଞ୍ଚାୟତରେ ବିକାଶ ରଥ ପରିକ୍ରମା ଓ ସଚେତନତା ସଭା ଅନୁଷ୍ଠିତ ହୋଇଛି। ସରପଞ୍ଚ ସସ୍ମିତା ସେଠୀଙ୍କ ପୌରୋହିତ୍ୟରେ ଆୟୋଜିତ ସଭାରେ ଉପରୋକ୍ତ ସରକାରୀ ଅଧିକାରୀ ଓ ମାନ୍ୟଗଣ୍ୟ ବ୍ୟକ୍ତି ଯୋଗ ଦେଇ ସରକାରଙ୍କ ବିଭିନ୍ନ ଯୋଜନା ସମ୍ପର୍କରେ



ସଚେତନତା ସୃଷ୍ଟି କରିବା ସହ ରାସନ, ଆୟୁଷ୍ମାନ କାର୍ଡ ଓ ଭତ୍ତା ବଣ୍ଟନ କରିଥିଲେ।

ଡାମରପୁର ପଞ୍ଚାୟତରେ ବିକାଶ ରଥ ପରିକ୍ରମା ଓ ସଚେତନତା ସଭା ଅନୁଷ୍ଠିତ ହୋଇଛି। ସରପଞ୍ଚ ଅନସୂୟା ନାଥଙ୍କ ପୌରୋହିତ୍ୟରେ ଆୟୋଜିତ ସଭାରେ ପଟ୍ଟାମୁଣ୍ଡାଇ ବ୍ଲକ ଉପାଧ୍ୟକ୍ଷା ଜୟନ୍ତୀ ସ୍ୱାଇଁ, ବିଡିଓ ଅଶୋକ ମହାନ୍ତି, ଏବିଡିଓ ସନ୍ତୋଷ ମନ୍ତ୍ରୀ, ବ୍ଲକ ସହକାରୀ ଯନ୍ତ୍ରୀ ପ୍ରସନ୍ନ ରାଉତ, ସମିତିସଭ୍ୟା ନିରୁପମା ସାହୁ, ପିଇଓ ଶୁଭଶ୍ରୀ ନାୟକ ଯୋଗ ଦେଇଥିଲେ। ଶେଷରେ ଶାସନ ପଞ୍ଚାୟତରେ ବିକାଶ ରଥ ପରିକ୍ରମା ଓ ସଚେତନତା ସଭା ଅନୁଷ୍ଠିତ ହୋଇଥିଲା। ସରପଞ୍ଚ ସଂଗ୍ରାମ ବାରିକଙ୍କ ପୌରୋହିତ୍ୟରେ ଆୟୋଜିତ ସଭାରେ ପଟ୍ଟାମୁଣ୍ଡାଇ ବ୍ଲକ୍ ଉପାଧ୍ୟକ୍ଷା ଜୟନ୍ତୀ ସ୍ୱାଇଁ, ବିଡିଓ ଅଶୋକ ମହାନ୍ତି, ଏବିଡିଓ ସନ୍ତୋଷ ମନ୍ତ୍ରୀ, ସମିତିସଭ୍ୟା ଡଲି ପରିଡା, ସରପଞ୍ଚ ସଂଘ ସଭାନେତ୍ରୀ ଲକ୍ଷ୍ମୀପ୍ରିୟା ଷଢଙ୍ଗୀ, ପିଇଓ ରାଜନନ୍ଦିନୀ ବିଶ୍ୱାଳ, ସିଡିପିଓ ଲକ୍ଷ୍ମୀମଣି ସିଂହ, ସିଏଚଓ ବୈଶାଳୀ କର ପ୍ରମୁଖ ଯୋଗଦେଇ ରାସନ, ଅନ୍ତ୍ୟୋଦୟ, ଭତ୍ତା ଓ ଆୟୁଷ୍ମାନ କାର୍ଡ ବଣ୍ଟନ କରିଥିଲେ।

## ପୁରାତନ ଛାତ୍ରଛାତ୍ରୀଙ୍କ ଗୁରୁପୂଜନ



ଆଳି,୧୫।୬(ସମିସ): ଆଳି ବ୍ଲକ୍ ଅନ୍ତର୍ଗତ ନିଆଳ ପଞ୍ଚାୟତ ରାମେଶ୍ୱର ହାଇସ୍କୁଲ ୨୦୨୧ ମାଟ୍ରିକ ବ୍ୟାଚ୍ ଛାତ୍ରଛାତ୍ରୀଙ୍କ ବନ୍ଧୁମିଳନ ଓ ଗୁରୁପୂଜନ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ପୁରାତନ ଛାତ୍ର ଆଦର୍ଶ ମହାନ୍ତି, ସୁଶାନ୍ତ ସିଂହ, ବିନାୟକ ମହାପାତ୍ର, ଶେଖର ବେହେରା, ଅବିନାଶ ପ୍ରଧାନ, ସୌଭାଗ୍ୟ ସାହୁ, ସୁଭାଶିଷ ମଲ୍ଲିକ, ସୌମ୍ୟ ସୌରଭ ପଣ୍ଡା, ଅୟସ କାନ୍ତ ସ୍ୱାଇଁ ପ୍ରମୁଖଙ୍କ ସଂଯୋଜନାରେ ଅନୁଷ୍ଠିତ ଏହି ଉତ୍ସବରେ ଶିକ୍ଷକ ତ୍ରିଲୋଚନ କର, ଅଶୋକ ବିଶ୍ୱାଳ, ଶରତ ଦାସ, ହଳଧର ନନ୍ଦି, ଜଗମୋହନ ମିଶ୍ର, ରମେଶ ସ୍ୱାଇଁଙ୍କୁ ଉପସ୍ଥିତ ସମସ୍ତ ଛାତ୍ରଛାତ୍ରୀ ପୂଜାର୍ଚ୍ଚନା କରି ସମ୍ବର୍ଦ୍ଧିତ କରିଥିଲେ। ପୁରାତନ ଛାତ୍ରଛାତ୍ରୀ ଶୁଭମ୍ ଶେଖର ଦାସ, ପ୍ରେମ ବରାଳ, ଆଶିଷ ବାରିକ, ସୌମ୍ୟଜିତ ବେହେରା, ରୁଦ୍ର ବିଶ୍ୱାଳ, ସୁବ୍ରତ ରାୟ ମଲ୍ଲିକ, ଜୟ ପ୍ରକାଶ ବେହେରା, ଆଶୁତୋଷ ନାୟକ, ପ୍ରିୟଙ୍କା ସିଂ, ପ୍ରିୟଂଶୀ ସ୍ୱାଇଁ, ଲୋରାଜ୍ୟୋତି ପାଣି, ଅନନ୍ୟା ମିଶ୍ର, ଦୀପଶିଖା ମଲ୍ଲିକ, ବର୍ଷାରାଣୀ ପଲାଇ, ମୀରା ଜେନା, ପ୍ରିୟଙ୍କା ଦାସ, ସିମି ସାମଲ, ମୋନାଲିସା ନାୟକ, ଶୁଭସ୍ମିତା ପଣ୍ଡା ଯୋଗଦେଇ ପାଠପଢା ଦିନର ସ୍ମୃତିଚାରଣ କରିଥିଲେ।

### ଯୁବକଙ୍କ ସନ୍ଦେହଜନକ ମୃତ୍ୟୁ

# ହତ୍ୟା ଅଭିଯୋଗ ଆଣିଲେ ମୃତକଙ୍କ ବାପା

ଡେରାବିଶ,୧୫।୬(ସମିସ):

କେନ୍ଦ୍ରାପଡ଼ା ସଦର ଥାନା ଅଧୀନ ବସପୁର ପଞ୍ଚାୟତର ଭାଣ୍ଡିଲୋ ଗ୍ରାମର ଜଣେ ଯୁବକ ମୃତ୍ୟୁ ହୋଇଛି। ଏ ନେଇ ମୃତକଙ୍କ ପିତା ସଦର ଥାନାରେ ହତ୍ୟା ଅଭିଯୋଗ କରିଛନ୍ତି। ଏହି ହତ୍ୟାରେ ସେହି ଗ୍ରାମର ଯୁବକଙ୍କ ଜଣେ ସାଙ୍ଗ ସମ୍ପୃକ୍ତ ଥିବା ନେଇ ଅଭିଯୋଗ କରିଛନ୍ତି ମୃତ ଯୁବକଙ୍କ ପିତା। ଅଭିଯୋଗ ପାଇବା ପରେ ପୁଲିସ ଅଭିଯୁକ୍ତଙ୍କୁ ନିଜ ହେବାଜତକୁ ନେଇ ତଦନ୍ତ ଆରମ୍ଭ କରିଛି। ତେବେ ଅଭିଯୁକ୍ତର ବୟାନ ଏକ ଚୋରି ର୍‌ୟାକେଟ୍‌ର ପର୍ଦ୍ଦାଫାସ୍ କରିଥିବା ଜଣାଯାଇଛି।

ସୂଚନା ମୁତାବକ, ଭାଣ୍ଡିଲୋ (ଖରିଦାପରି) ଗ୍ରାମର ଯୁବକ ଶୁଭଶ୍ରୀ ସ୍ମୃତି ଆକାଶ ବିଶ୍ୱାଳ (ସିପୁନ) ୧୩ ତାରିଖ ସନ୍ଧ୍ୟାରେ ଘରୁ କେଉଁଆଡ଼େ ଯାଇ ଫେରି ନଥିଲେ। ୧୪ ତାରିଖ ଦିନ ପୂର୍ବାହ୍ନରେ କଟକ ବଡ଼ ମେଡ଼ିକାଲରେ ସିପୁନଙ୍କ



ମୃତ୍ୟୁ ହୋଇଥିବା ଜାଣି ତାଙ୍କ ବାପା ସେଠାରେ ପହଞ୍ଚି ପୁଅର ଶବ ବ୍ୟବଚ୍ଛେଦ କରାଇ ଗ୍ରାମ ଶ୍ମଶାନରେ ଶେଷକୃତ୍ୟ ସମ୍ପନ୍ନ କରିଥିଲେ। ଆଜି ସକାଳେ ସିପୁନର ବାପା ତା'ର ସାଙ୍ଗ ସେହି ଗ୍ରାମର ଜଣେ ଯୁବକ ସିପୁନ ହତ୍ୟାରେ ସମ୍ପୃକ୍ତ ଥିବା ନେଇ ଥାନାରେ ଅଭିଯୋଗ କରିଥିଲେ। ସଦର ଥାନା ପୁଲିସ ଅଭିଯୁକ୍ତ ଯୁବକଙ୍କୁ ନିଜ ହେପାଜତକୁ ନେଇ ପଚରାଉଚରା ଜାରି ରଖିଛି। ତେବେ ଏକ ଅସମର୍ଥିତ ସୂତ୍ରରୁ ଅଭିଯୁକ୍ତ ଯୁବକର ବୟାନ ଏକ ବଡ଼ ଚୋର ର୍‌ୟାକେଟର ପର୍ଦ୍ଦାଫାସ୍ କରିଥିବା ଶୁଣିବାକୁ ମିଳିଛି। ଏମାନେ ଏକ ବଡ଼ ଚୋର ଗ୍ୟାଙ୍ଗ ସହ ମିଶି ଏକ ରୋଟାଭେଟର ଚୋରି କରି ଆଣୁଥିବା ସମୟରେ ମାହାଙ୍ଗା ଅଞ୍ଚଳରେ ପୁଲିସ ହାବୁଡ଼ରେ ପଡ଼ିଥିଲେ। ସିପୁନ୍ ଫେରାର ହେବାକୁ ଗାଡ଼ିରୁ ଡେଇଁବା ସମୟରେ ଏକ ପଥରରେ ମାଡ଼ ହୋଇ ଗୁରୁତର ହୋଇପଡ଼ିଥିଲା। ତାକୁ ପ୍ରଥମେ ମହାଙ୍ଗା ସ୍ୱାସ୍ଥ୍ୟକେନ୍ଦ୍ର ଓ ପରେ ଗୁରୁତର ଅବସ୍ଥାରେ କଟକ ବଡ଼ ମେଡିକାଲ୍‌କୁ ନିଆଯାଇଥିଲା। ସେଠାରେ ଡାକ୍ତର ସିପୁନକୁ ମୃତ ଘୋଷଣା କରିଥିଲେ। ତେବେ ଘଟଣାର ସତ୍ୟାସତ୍ୟ ପୁଲିସ ତଦନ୍ତ ପରେ ଜଣାପଡ଼ିବ। ଏଥିରେ ସମ୍ପୃକ୍ତ ଥିବା ଗ୍ୟାଙ୍ଗର ଅନ୍ୟ ସଦସ୍ୟଙ୍କୁ ଗିରଫ କରାଯିବ ବୋଲି ଜଣାଯାଇଛି।




## ନିଟ୍ ପରୀକ୍ଷାରେ ବିକାଶଙ୍କ ସଫଳତା



କଣିହାଁ,୧୫।୬(ସମିସ): କଣିହାଁ ବ୍ଲକ୍ କମରେଇ ପଞ୍ଚାୟତ ଦଣ୍ଡସିଂହା ଗ୍ରାମର ବିକାଶ ରଞ୍ଜନ ପରିଡ଼ା (୨୦) ନିଟ ପ୍ରବେଶିକା ପରୀକ୍ଷାରେ ସଫଳତା ହାସଲ କରିଛନ୍ତି। ରାଜ୍ୟରେ ୫୯୮ ଓ ସର୍ବଭାରତୀୟ ସ୍ତରରେ ୧୪୮୫ ରାଙ୍କରେ ରହି ସେ ଉତ୍ତୀର୍ଣ୍ଣ ହୋଇଛନ୍ତି। ବାନମ୍ବର ପରିଡ଼ା ଓ ସୁନିତା ମାଳିନୀ ଭୁତିଆଙ୍କ ପୁଅ ହେଉଛନ୍ତି ବିକାଶ। ସେ ଭୁବନେଶ୍ୱର ଡିଏଭି ସ୍କୁଲରେ ଯୁକ୍ତ ଦୁଇ ପଢୁଥିବା ବେଳେ ଦୈନିକ ୧୦ରୁ ୧୨ ଘଣ୍ଟା ପରିଶ୍ରମ କରୁଥିଲେ। ଏହି ସଫଳତା ପାଇଁ ସେ ବାପା ମାଆ, ଶିକ୍ଷାନୁଷ୍ଠାନର ଅଧ୍ୟାପକମାନଙ୍କୁ ଶ୍ରେୟ ଦେଇଛନ୍ତି। ଉତ୍କଳ ଗୋପାଳ ସମାଜ ପକ୍ଷରୁ ତାଙ୍କ ଉଜ୍ଜ୍ୱଳ ଭବିଷ୍ୟତ କାମନା କରାଯାଇଛି।

● ଅନଲାଇନ୍ ଗେମ୍ ଖେଳିବା ହେଲା କାଳ

## ହାରିବା ପରେ ଛାତ୍ରଙ୍କ ଆତ୍ମହତ୍ୟା

ଅନୁଗୋଳ,୧୫।୬(ସମିସ): ଅନଲାଇନ ଗେମ୍ ଖେଳିବା ହେଲା କାଳ। ଗେମ୍‌ରେ ହାରିବା ପରେ ଜଣେ ଛାତ୍ର ରବିବାର ଆତ୍ମହତ୍ୟା କରିଛନ୍ତି। ସେ ହେଲେ ଆଠମଲ୍ଲିକ ଏନ୍ଏସିରେ କାମ କରୁଥିବା ନିର୍ମଳ ବେହେରାଙ୍କ ପୁଅ ବି. ନିଭାନ କୁମାର (୧୧)। ନିଭାନ ଏଥର ନବୋଦୟ ବିଦ୍ୟାଳୟରେ ଷଷ୍ଠ ଶ୍ରେଣୀରେ ନାମ ଲେଖାଇଥିଲେ। ରବିବାର ଅପରାହ୍ଣରେ ଫ୍ୟାନ୍‌ରେ ତାଙ୍କ ମୃତଦେହ ଝୁଲୁଥିବା ଦେଖିବାକୁ ମିଳିଥିଲା। ଅନ୍‌ଲାଇନ ଗେମ୍ ଖେଳି ସେ ଆତ୍ମହତ୍ୟା କରିଥିବା ପୁଲିସ ପ୍ରାଥମିକ ତଦନ୍ତରୁ ଜାଣିବାକୁ ପାଇଛି। ଏନେଇ ଏକ ଅପମୃତ୍ୟୁ ମାମଲା ରୁଜୁ କରି ପୁଲିସ ତଦନ୍ତ କରୁଛି। ଏପଟେ ଜଣେ ମେଧାବୀ ଛାତ୍ରଙ୍କ ଅକାଳ ମୃତ୍ୟୁରେ ପରିବାର ଲୋକେ ଭାଙ୍ଗିପଡ଼ିଛନ୍ତି।

## ଶ୍ରୀ ଶ୍ରୀ ଆଚାର୍ଯ୍ୟ ଦେବଙ୍କ ଜୟନ୍ତୀ ପାଳିତ

ବଇଣ୍ଡା,୧୫।୬(ସମିସ): ବଇଣ୍ଡା ସତସଙ୍ଗ କେନ୍ଦ୍ର ଆନୁକୂଲ୍ୟରେ ରବିବାର ପରମ ପୂଜ୍ୟପାଦ ଶ୍ରୀ ଶ୍ରୀ ଆଚାର୍ଯ୍ୟ ଦେବଙ୍କ ୫୮ତମ ଜୟନ୍ତୀ ସତସଙ୍ଗ କେନ୍ଦ୍ର ପରିସରରେ ଗୁରୁଭାଇ ଓ ମାଆମାନଙ୍କ ସହଯୋଗରେ ପାଳିତ ହୋଇଛି। ବୌଦ୍ଧ ସତସଙ୍ଗ ବିହାରର ଋତ୍ୱିକ ପବିତ୍ର ମୋହନ ମିଶ୍ରଙ୍କ ପୌରୋହିତ୍ୟରେ ଆୟୋଜିତ ସତସଙ୍ଗ ସମାରୋହ ଅବସରରେ ଭଜନକୀର୍ତ୍ତନ ଅନୁଷ୍ଠିତ ହୋଇଥିଲା। ଏଥିରେ ବିଷ୍ଣୁପ୍ରିୟା ତ୍ରିପାଠୀ, ସନ୍ଧ୍ୟାରଣୀ ମହାପାତ୍ର, ଭୋଳାନାଥ ବାଘ, ମନସ୍ୱିନୀ ବେହେରା, ରଶ୍ମିତା ଦାଶ, ସୂର୍ଯ୍ୟକାନ୍ତ ବିଶ୍ୱାଳ, ସିଦ୍ଧି ନାଥ ପ୍ରମୁଖ ସହଯୋଗ କରିଥିଲେ। ଶ୍ରୀ ଶ୍ରୀ ଠାକୁରଙ୍କ ଭାବବାଣୀ ଏବଂ ଆଦର୍ଶରେ ଅନୁପ୍ରାଣୀତ ହେଲେ ସମାଜର ଉନ୍ନତି ସହ ପରିବାରର ମଙ୍ଗଳ ହେବ ବୋଲି ଦିଗ୍‌ଦର୍ଶନ ଦେଇଥିଲେ। ଏଥିରେ ସମ୍ବଲପୁର ସତସଙ୍ଗ ବିହାରର ଗୁରୁ ମା' ବିନୋଦିନୀ ବେହେରା, ଯାଜକ ପୂର୍ଣ୍ଣେନ୍ଦୁ ଶେଖର ଦେହୁରୀଙ୍କ ସମେତ ସ୍ଥାନୀୟ ଗୁରୁଭାଇ ଅରବିନ୍ଦ ସାହୁ, ଶ୍ରୀନିବାସ ବିଶ୍ୱାଳ, ପ୍ରମୋଦ ପ୍ରଧାନ, ସଞ୍ଜିତ୍ ପଟ୍ଟନାୟକ, ବିଚିତ୍ରାନନ୍ଦ ସାହୁ, ନିରଞ୍ଜନ ଦାଶ, ବୀରବର ଶତପଥୀ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେରେ ୫ ଜଣ ସତ୍‌ଦୀକ୍ଷା ଗ୍ରହଣ କରିଥିଲେ।

## ଝାଡ଼ାବାନ୍ତି: ଆଉ ୩ ଜଣଙ୍କ ମୃତ୍ୟୁ

ଯାଜପୁର, ୧୫।୬ (ସମିସ): ଯାଜପୁର ଜିଲ୍ଲାର ବିଭିନ୍ନ ଡାକ୍ତରଖାନାରେ ଆଜି ସନ୍ଧ୍ୟା ସୁଦ୍ଧା ୨୫୮ ଜଣ ଚିକିତ୍ସିତ ହେଉଥିବା ଜଣାପଡ଼ିଛି। ତେବେ ଆଜି ସକାଳୁ ଜିଲ୍ଲାର ୩ ଜଣ ଆକ୍ରାନ୍ତଙ୍କର ମୃତ୍ୟୁ ହୋଇଥିବା ଜଣାପଡ଼ିଛି। ସେମାନେ ହେଲେ ଯାଜପୁର ବ୍ଲକ ଖଇରାବାଦ ଗାଁର ଜୟନ୍ତୀ ସାହୁ, କମଳପୁର ଗାଁର ଜଟାଧାରୀ ସାହୁ। ଉଭୟ ଯାଜପୁର ମୁଖ୍ୟ ଡାକ୍ତରଖାନାରେ ଚିକିତ୍ସିତ ହେଉଥିବା ବେଳେ ତାଙ୍କର ମୃତ୍ୟୁ ହୋଇଥିବା ଜଣାପଡ଼ିଛି। ସେହିପରି କଟକରେ ଚିକିତ୍ସିତ ହେଉଥିବା ଯାଜପୁର ପୌରପାଳିକ କୋଟବସନ୍ତପୁର ଅଞ୍ଚଳର ମଦନ ମୋହନ ସେନାପତିଙ୍କ ମଧ୍ୟ ମୃତ୍ୟୁ ହୋଇଯାଇଛି। ସେହିପରି ଜିଲ୍ଲା ବାହାରେ କେତେକ ଘରୋଇ ଡାକ୍ତରଖାନାରେ ମଧ୍ୟ କେତେକ ରୋଗୀଙ୍କ ମୃତ୍ୟୁ ଘଟିଥିବା ଅଭିଯୋଗ ହୋଇଛି। କିନ୍ତୁ ଏ ପର୍ଯ୍ୟନ୍ତ ସରକାରୀ ଭାବେ କେବଳ ୫ ଜଣଙ୍କ ମୃତ୍ୟୁ ହୋଇଥିବା ସୂଚନା ଦିଆଯାଇଛି।

## ୨ ସପ୍ତାହ ହୋଟେଲ, ଢାବା ବନ୍ଦ

ବରୀ, ୧୫।୬ (ସମିସ): ଯାଜପୁର ଜିଲ୍ଲାରେ ହଇଜା ସଂକ୍ରମଣକୁ ଦୃଷ୍ଟିରେ ରଖି ବରୀ ତହସିଲଦାରଙ୍କ କାର୍ଯ୍ୟାଳୟ ପକ୍ଷରୁ ରବିବାର ଏକ ବଡ଼ ପଦକ୍ଷେପ ନିଆଯାଇଛି। ଯାଜପୁର ଜିଲ୍ଲା ବରୀ ଅଞ୍ଚଳରେ ୨ ସପ୍ତାହ ପାଇଁ ହୋଟେଲ, ଢାବା, ଫାଷ୍ଟଫୁଡ୍ ଦୋକାନ, ଗୁପଚାପ୍, ଚାଟ୍, ବରା ପିଆଜି ଦୋକାନ, ମାଛ ଦୋକାନ, ଚିକେନ୍ ଦୋକାନ, ଆଇସକ୍ରିମ୍ ଦୋକାନ, ପାଣି ପାଉଚ୍ ବିକ୍ରି, ତେଜରାତି ଦୋକାନ ଓ ମିଠା ଦୋକାନ, ସମସ୍ତ ଖାଦ୍ୟ ବିକ୍ରି ଦୋକାନ ବନ୍ଦ ରହିବ। ଅନ୍ୟପକ୍ଷରେ ପ୍ରଶାସନ ପକ୍ଷରୁ ବିଭିନ୍ନ ସ୍ଥାନରେ ଚଢ଼ଉ ଜାରି ରହିଛି।

## ଜିଲ୍ଲାସ୍ତରୀୟ ପୁରାଣ ପ୍ରତିଯୋଗିତା; ବଡ଼ଯୋରଡ଼ା ପ୍ରଥମ

ତାଳଚେର,୧୫।୬(ସମିସ)

ପବିତ୍ର ରଜ ସଂକ୍ରାନ୍ତି ପାଳନ ଅବସରରେ ତାଳଚେର ଗୋପାଳପ୍ରସାଦସ୍ଥିତ ମା' ହିଙ୍ଗୁଳା ପୀଠ ପରିସରରେ ୧୩ତମ ଜିଲ୍ଲାସ୍ତରୀୟ ପୁରାଣ ପ୍ରଶ୍ନୋତ୍ତର ପ୍ରତିଯୋଗିତା ଅନୁଷ୍ଠିତ ହୋଇଛି। ମା' ହିଙ୍ଗୁଳା ପୀଠ ଉନ୍ନୟନ ପରିଷଦ ଆନୁକୂଲ୍ୟରେ ଆୟୋଜିତ ଏହି ପ୍ରତିଯୋଗିତାରେ ପରିଷଦର ସମ୍ପାଦକ ତଥା ଶିକ୍ଷାବିତ୍ ଜଗନ୍ ମୋହନ ଗଡ଼ନାୟକ ଅଧ୍ୟକ୍ଷତା କରିଥିଲେ। ମୁଖ୍ୟଅତିଥି ଭାବେ ଏମ୍‌ସିଏଲ୍ ବୈଷୟିକ ନିର୍ଦ୍ଦେଶକ ସଞ୍ଜୟ କୁମାର ଝା ଯୋଗଦେଇ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ସମ୍ମାନିତ ଅତିଥି ଭାବେ ମା' ହିଙ୍ଗୁଳା ପୀଠ ଉନ୍ନୟନ ପରିଷଦ ସଭାପତି ତଥା ବରିଷ୍ଠ ଶ୍ରମିକ ନେତା ସୌଭାଗ୍ୟ ଚନ୍ଦ୍ର ପ୍ରଧାନ, ଶିକ୍ଷାବିତ୍ ଡ. ପ୍ରଶାନ୍ତ କୁମାର ରଥ, ପୂର୍ବତନ ସରପଞ୍ଚ ପଠାଣି ବାରିହା, ଭରତପୁର କ୍ଷେତ୍ର ମହାପ୍ରବନ୍ଧକ ଦିବ୍ୟଜୀବନ ସି, ହିଙ୍ଗୁଳା କୋଇଲା ଖଣି ପ୍ରକଳ୍ପ ଅଧିକାରୀ ଏସ୍‌ଭି ଯୋଶୀ, ଟ୍ରଷ୍ଟ ବୋର୍ଡ ସଦସ୍ୟ ମୁରଲୀଧର ସାହୁ, ସଞ୍ଜୟ କୁମାର ସାହୁ, ସମାଜସେବୀ କ୍ଷୀରୋଦ ସାହୁ ପ୍ରମୁଖ ଯୋଗଦେଇଥିଲେ। ପ୍ରତିଯୋଗିତାରେ ସାନକଞ୍ଜିନୀ, ମାନପୁର, ଡେରା, ଶିରିଗିଡ଼ା, ହେଁସମୂଳ, ଲକେଇପଶି, ବ୍ରଜନାଥପୁର, ଘଣ୍ଟପଡ଼ା, କଙ୍କିଳି, କୁସୁମପାଳ, ବଡ଼ ଯୋରଡ଼ା, ବଡ଼କଞ୍ଜିନୀ, ପୁରିକିଆ, ଶାବଳଭଙ୍ଗା, ଗୋବରା ପ୍ରମୁଖ ୧୫ ଦଳ ଅଂଶଗ୍ରହଣ କରିଥିଲେ। ବିଚାରକ ଭାବେ ଗବେଷକ ବିଭୂତି ଭୂଷଣ ସାହୁ ଦାୟିତ୍ୱ ତୁଲାଇଥିଲେ। ଅରୁଣ କୁମାର ଗଡ଼ନାୟକ, ହେମନ୍ତ ଦାସ, ରାହାସ ଚନ୍ଦ୍ର ବିଶ୍ୱାଳ, ସୁଶୀଲ କୁମାର ପ୍ରଧାନ, ଦିଲୀପ ଦାସ, ଗୀତାମୟୀ ମହାପାତ୍ର, ସଞ୍ଜୁକ୍ତା ସାହୁ ପ୍ରମୁଖ ମଞ୍ଚ ପରିଚାଳନା କରିଥିଲେ।




ତ୍ରେତାନନ୍ଦ ସାମନ୍ତ ଓ ଲିଲି ପ୍ରଧାନ ସ୍କୋରର୍ ଦାୟିତ୍ୱ ତୁଲାଇଥିଲେ। ପ୍ରତିଯୋଗିତାରେ ବଡ଼ ଯୋରଡ଼ା ପ୍ରଥମ, ଘଣ୍ଟପଡ଼ା ଦ୍ୱିତୀୟ ଓ ମାନପୁର ଦଳ ତୃତୀୟ ସ୍ଥାନ ଅଧିକାର କରିଥିଲେ। ସମସ୍ତ ପ୍ରତିଯୋଗୀଙ୍କୁ ମୁଖ୍ୟଅତିଥି ମାନପତ୍ର ସହ ଟ୍ରଫି ଓ ଆଧ୍ୟାତ୍ମିକ ପୁସ୍ତକ ଉପହାର ଦେଇ ସମ୍ମାନିତ କରିଥିଲେ।

ଏହି ଅବସରରେ ଘଣ୍ଟପଡ଼ା ଗ୍ରାମସ୍ଥିତ ଭାଗବତ ଟୁଙ୍ଗୀ ରୌପ୍ୟଜୟନ୍ତୀ ପାଳନ କରୁଥିବା ବେଳେ ଦୀର୍ଘ ୨୫ ବର୍ଷ ଧରି ଜନସାଧାରଣଙ୍କୁ ନିରନ୍ତର ସେବା ପ୍ରଦାନ କରୁଥିବାରୁ ମା' ହିଙ୍ଗୁଳା ପୀଠ ଉନ୍ନୟନ ପରିଷଦ ପକ୍ଷରୁ ସ୍ୱତନ୍ତ୍ର ଭାବେ ସମ୍ମାନିତ କରାଯାଇଥିଲା। ଏହି ଅନନ୍ୟ ଆଧ୍ୟାତ୍ମିକ ପ୍ରତିଯୋଗିତାରେ ଜିଲ୍ଲାର ବିଭିନ୍ନ ସ୍ଥାନରୁ ଶତାଧିକ ପୁରାଣପ୍ରେମୀ ଯୋଗଦେଇଥିଲେ। ସମାଜସେବୀ ବିଭୂତି ଭୂଷଣ ସ୍ୱାଇଁ, ତିଲେଶ୍ୱର ସାମଲ, ହରେଶ କୁମାର ବେହେରା, ବିନୟ କୁମାର ସାମଲ, ବାଉରୀବନ୍ଧୁ ସାମଲ, ପ୍ରସନ୍ନ ସାହୁ ଓ ନୀଳକଣ୍ଠ ଦ୍ୱିବେଦୀ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ। ପରିଷଦ ପକ୍ଷରୁ ସମସ୍ତଙ୍କୁ ପିଠା ଦେଇ ଆପ୍ୟାୟିତ କରାଯାଇଥିଲା। ଆସନ୍ତା ବର୍ଷ ଜଗନ୍ନାଥ ଦାସକୃତ ଭାଗବତ ଉପରେ ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ ବୋଲି ବିଚାରକ ବିଭୂତି ଭୂଷଣ ସାହୁ ସୂଚନା ଦେଇଛନ୍ତି।

## ବଦଳିଲା ରଥ ନିର୍ମାଣରେ ଲାଗିଥିବା ଦଦରା କାଠ



ତାଳଚେରସଦର,୧୫।୬(ସମିସ): ତାଳଚେର ରଥଯାତ୍ରା ପାଇଁ ବହୁ ପୁରାତନ କାଠରେ ରଥ ନିର୍ମାଣ କରାଯାଉଥିବାବେଳେ ଏନେଇ ଜଗନ୍ନାଥପ୍ରେମୀଙ୍କ ମନରେ ଅସନ୍ତୋଷ ପ୍ରକାଶ ପାଇଥିଲା। ଏ ସମ୍ପର୍କରେ ରବିବାର 'ସକାଳ'ରେ ଖବର ପ୍ରକାଶ ପାଇବା ପରେ ରଥଯାତ୍ରା କମିଟି ତରଫରୁ ତତ୍ପରତା ପ୍ରକାଶ ପାଇଛି। ପୁରୁଣା ଦଦରା କାଠଗୁଡ଼ିକ ବଦଳାଯାଇଛି।

'ସକାଳ' ପ୍ରଭାବ

ରଥ ନିର୍ମାଣ କାର୍ଯ୍ୟ ଜାରି ରହିଥିବା ବେଳେ ଏହାକୁ ତଦାରଖ କରିବାକୁ କେହି ରହୁନାହାନ୍ତି। ତେଣୁ ନୂତନ କାଠ ଥାଇ ମଧ୍ୟ ପୁରାତନ କାଠରେ ରଥ ନିର୍ମାଣ ଚାଲିଥିଲା। ରଥଯାତ୍ରା କମିଟିର କେତେକ ସଦସ୍ୟ ଏହାକୁ ବିରୋଧ କରି କମିଟି ସଭାପତି ତଥା ତାଳଚେର ଉପଜିଲ୍ଲାପାଳ ସମିର କୁମାର ଜେନାଙ୍କୁ ଏହି ବିଷୟରେ ଅବଗତ କରିଥିଲେ। ଏ ନେଇ 'ସକାଳ' ଖବର ମଧ୍ୟ ପ୍ରକାଶ ପାଇଥିଲା। ଉପଜିଲ୍ଲାପାଳଙ୍କ ନିର୍ଦ୍ଦେଶ କ୍ରମେ ପୁରୁଣା କାଠଗୁଡ଼ିକୁ ବଦଳାଯାଇ ନୂଆ କାଠ ବ୍ୟବହାର କରାଯାଉଛି। ଅନ୍ୟପଟେ ରଥ ଦୌଡ଼ିର ଅବସ୍ଥା ମଧ୍ୟ ତଦାରଖ କରିବା ଆବଶ୍ୟକ ବୋଲି ଜଗନ୍ନାଥପ୍ରେମୀ ମତ ରଖିଛନ୍ତି।

## ଧଉରାପାଲ୍ଲୀ ଓ କଦଳୀମୁଣ୍ଡାରେ ବିକାଶ ମେଳା

କିଶୋରନଗର,୧୫।୬(ସମିସ): କିଶୋରନଗର ବ୍ଲକ କଦଳୀମୁଣ୍ଡା ଓ ଧଉରାପାଲ୍ଲୀ ପଞ୍ଚାୟତରେ ରାଜ୍ୟ ସରକାରଙ୍କ ଏକ ବର୍ଷ ପୂର୍ତ୍ତି ପାଳନ ଅବସରରେ ବିକାଶ ମେଳା ଅନୁଷ୍ଠିତ ହୋଇଛି। ଏଥିରେ ଧଉରାପାଲ୍ଲୀ ସରପଞ୍ଚ ସଞ୍ଜିତ ସାହୁ, ଏଡିଇଓ ଭରତ ବଡ଼ମାଳୀଙ୍କ ସମେତ ସମସ୍ତ ଲାଇନ ଡିପାର୍ଟମେଣ୍ଟ ଅଧିକାରୀ ଯୋଗଦେଇ ନୂତନ ହିତାଧିକାରୀଙ୍କୁ ଭତ୍ତା, ରାସନ କାର୍ଡ, ଜବ୍‌କାର୍ଡ ପ୍ରଦାନ କରିଥିଲେ। ଏହି ଅବସରରେ ବିକାଶ ବାହାନକୁ ସ୍ୱାଗତ କରାଯାଇଥିଲା। ସେହିପରି କଦଳୀମୁଣ୍ଡା ପଞ୍ଚାୟତରେ ସରପଞ୍ଚ ପ୍ରଶାନ୍ତ ସେଠୀଙ୍କ ଅଧ୍ୟକ୍ଷତାରେ ପିଇଓ, ଏଡିଇଓ, ଲାଇନ ଡିପାର୍ଟମେଣ୍ଟ ଅଧିକାରୀ ଯୋଗଦେଇ ଭତ୍ତା, ରାସନ କାର୍ଡ, ଜବ୍‌କାର୍ଡ ବଣ୍ଟନ କରିଥିଲେ।



## ଏଚ୍‌ପିଏଲ୍ କପ୍ ଟୁର୍ଣ୍ଣାମେଣ୍ଟ; ଜିକେ ଫାଇଟର ଚାମ୍ପିଅନ



ବଇଣ୍ଡା,୧୫।୬(ସମିସ)

କିଶୋରନଗର ବ୍ଲକ ହଣ୍ଡପା ହାଇସ୍କୁଲ ପଡ଼ିଆରେ ମା' ମାହେଶ୍ୱରୀ କ୍ରିକେଟ କ୍ଲବ ଆନୁକୂଲ୍ୟରେ ଚାଲିଥିବା ଏଚପିଲ କପ ଟୁର୍ଣ୍ଣାମେଣ୍ଟ ଶନିବାର ଉଦଯାପିତ ହୋଇଛି। ଆଇପି ପ୍ଲେଜର କ୍ରିକେଟ କ୍ଲବ ଓ ଜିକେ ଫାଇଟର କ୍ଲବ ମଧ୍ୟରେ ଫାଇନାଲ ମ୍ୟାଚ ଅନୁଷ୍ଠିତ ହୋଇଥିଲା। ଜିକେ ଫାଇଟର ବିଜୟୀ ହୋଇ ଚାମ୍ପିଅନ ହୋଇଛି। ଜିକେ ଫାଇଟର ପ୍ରଥମେ ବ୍ୟାଟିଂ କରି ୮୩ ରନ ସଂଗ୍ରହ କରିଥିଲା। ଜବାବରେ ଆଇପି ପ୍ଲାଜର ୬୨ ରନ କରିବାକୁ ସକ୍ଷମ ହୋଇଥିଲା। ଉଦଯାପନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ପୂର୍ବତନ ବ୍ଲକ ଉପାଧ୍ୟକ୍ଷ ସୁନୀଲ କୁମାର ପ୍ରଧାନ ଯୋଗଦେଇ ଉଭୟ ଦଳକୁ ପୁରସ୍କାର ପ୍ରଦାନ କରିଥିଲେ। ସମ୍ମାନିତ ଅତିଥି ଭାବେ ଅନିଲ କୁମାର ବେହେରା, ସୁବାସ ସାହୁ, ଗୁଲଜାର ଖାଁ, ଅସୀମ କୁମାର ଜେନା, ତରୁଣ କୁମାର ସାହୁ ପ୍ରମୁଖ ଯୋଗଦେଇଥିଲେ। ଶ୍ରେଷ୍ଠ ବୋଲର ଭାବେ ସାଗର ନାୟକ ଓ ଶ୍ରେଷ୍ଠ ବ୍ୟାଟର ଭାବେ ଜ୍ଞାନରଞ୍ଜନ ପ୍ରଧାନଙ୍କୁ ଅତିଥି ପୁରସ୍କୃତ କରିଥିଲେ। ଆୟୋଜକ କ୍ଲବର ପ୍ରୀତାଶ ରଞ୍ଜନ ଦେହୁରୀ, ଟୁଲୁ ପ୍ରଧାନ, ବାବୁଲି ସାହୁ, ଅନିଲ ସାହୁ, ଜିତେନ୍ଦ୍ର ସାହୁ, ମାନସ ରଞ୍ଜନ ପରିଡ଼ା, ସାଗର ସ୍ୱାଇଁ, ଅଜୟ ମାଝୀ ପ୍ରମୁଖ ସହଯୋଗ କରିଥିଲେ।

## ଝାଡ଼ାବାନ୍ତିକୁ ରୋକିବାକୁ ଜୋରଦାର ଉଦ୍ୟମ

କୟାଁଗୋଲା, ୧୫।୬ (ସମିସ): ଦଶରଥପୁର ବ୍ଲକ ଅଞ୍ଚଳରେ ଧୀରେ ଧୀରେ ଡାଇରିଆ ସ୍ଥିତି ବଢ଼ିବାରେ ଲାଗିଛି। ଯାଜପୁର ଜିଲ୍ଲାରେ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସଂଗୃହିତ ନମୁନାରେ କଲେରା ବା ହଇଜା ଭୁତାଣୁ ବାହାରିବା ପରେ ଏହା କୁ ନେଇ ଦାଶରଥପୁର ବ୍ଲକରେ ଭୟର ବାତାବରଣ ଦେଖା ଦେଇଛି। ଆଜି ପୂର୍ବାହ୍ନରେ ସମୟରେ ଏହି ବ୍ଲକର ପାଳଟପୁର ପଞ୍ଚାୟତର ନୀଳକଣ୍ଠପୁର, ମୁରାଲୀପୁର, ବିନ୍ଧାନନ୍ଦିପୁର, ପାଳଟପୁର, ସାଠିବାଟି ଗ୍ରାମର ପୋଖରୀ ଗୁଡିକକୁ ଜନସାଧାରଣ ବ୍ୟବହାର ନ କରିବାକୁ ପ୍ରଶାସନ ପକ୍ଷରୁ ନାଲି ପତାକା ପୋତାଯାଇ ସିଲ କରାଯାଇଛି। କୌଣସି ବ୍ୟକ୍ତି ଏହି ପାଣି ବ୍ୟବହାର କରିପାରିବି ନାହିଁ। ଗୁପଚୁପ, ଦହିବରା, ବାରମଜା, ଗ୍ରାମରେ ଭୋଜି ଭାତକୁ ପ୍ରଶାସନ ବନ୍ଦ କରିଛି। ମଙ୍ଗଳପୁର ସ୍ୱାସ୍ଥ୍ୟ କେନ୍ଦ୍ର ର ଅଧିକାରିଣୀ ଅମ୍ରିତା ପ୍ରିତମ ମଲ୍ଲଙ୍କ ନିର୍ଦ୍ଦେଶକ କ୍ରମେ ଓଆରଏସ, ହାଲଜିନ ବଟିକା, ଜିଙ୍କ ବଟିକା ବଣ୍ଟନ କରାଯାଇଛି। ପଞ୍ଚାୟତରେ ଥିବା ସରକାରୀ ନଳକୂପ ଗୁଡିକୁ ବ୍ଲିଚିଂ କରାଯାଉଛି, ମାତ୍ର ଘରୋଇ ନଳକୂପ ଗୁଡିକ ବ୍ଲିଚିଙ୍ଗ କରିବାକୁ ସାଧାରଣ ରେ ଦାବି ହେଉଛି। ସ୍ଥାନୀୟ ସରପଞ୍ଚ ଲିପିକା ମଲ୍ଲିକ, ସହ ସିଏଚଓ ଜିନା ମଲ୍ଲିକ, ସରୋଜ ନାଥ, ଆରାଆଇ ମିନତୀ ସେଠୀ, ପଞ୍ଚାୟତ ଜେଇ ସବିତା ନାୟକ, ପିଇଓ ସଞ୍ଜିତ କର, ଯୁବ ନେତା ଚନ୍ଦ୍ରଶେଖର ସାହୁ, ସୌମ୍ୟ ରଞ୍ଜନ ବେହେରା, ପାନ୍ୟ ଜଳ ବିଭାଗ ବିଜୟ ବେହେରା, ଗ୍ରାମର ୱାର୍ଡମେମ୍ବର ଗ୍ରାମବାସୀ ଉପସ୍ଥିତ ରହି ସଚେତନତା କରାଇଥିଲେ।

## ଝାଡ଼ାବାନ୍ତି ସ୍ଥିତି ପରଖିଲେ ସ୍ୱାସ୍ଥ୍ୟମନ୍ତ୍ରୀ

ଧର୍ମଶାଳା/ବ୍ୟାସନଗର/କୁଆଖିଆ, ୧୫।୬ (ସମିସ): ଧର୍ମଶାଳା ବ୍ଲକରେ ଝାଡାବାନ୍ତି ରୋଗ ଥମୁ ନାହିଁ। ଦିନକୁ ଦିନ ସ୍ଥିତି ଗମ୍ଭିର ହେବାରେ ଲାଗିଛି। ଏହାକୁ ନେଇ ଆଜି ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗ ଧର୍ମଶାଳା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଛନ୍ତି। ଏଥିସହ ଏକ କେନ୍ଦ୍ରିୟ ଟିମ୍ ଡାକ୍ତରଖାନାକୁ ଆସି ସ୍ଥିତି ପରଖିଛି। ଅସିଥିବା କେନ୍ଦ୍ରିୟ ଟିମ ଡାକ୍ତର ମାନଙ୍କ ସହ କିଛି ସମୟ ଆଲୋଚନା କାରି ଯାଜପୁର ହେଡକ୍ୱାଟରକୁ ଯାଇ ସ୍ଥିତି ଅନୁଧ୍ୟାନ କରିଛନ୍ତି। ଜିଲ୍ଲା ଖାଦ୍ୟ ସୁରକ୍ଷା ୟୁନିଟର ଏକ ଟିମ ବଜାରରେ ଥିବା ବିଭିନ୍ନ ଜଳଖିଆ ଓ ମିଠା ଦୋକାନରୁ ଖାଦ୍ୟ ଓ ସେମାନେ ବ୍ୟବହାର କରୁଥିବା ପାଣି ସାମ୍ପୁଲ ସଂଗ୍ରହ କରି ପରୀକ୍ଷା ନିମନ୍ତେ ନେଇଛନ୍ତି। ଧର୍ମଶାଳା ଡାକ୍ତରଖାନାରେ ଅଦ୍ୟାବଧି ୩୪୦ ଜଣ ଝାଡାବାନ୍ତି ରୋଗୀ ଚିକିତ୍ସିତ ହୋଇଥିବା ବେଳେ ଏବେବି ଡାକ୍ତରଖାନାରେ ୫୨ ଆକ୍ରାନ୍ତଙ୍କ ଚିକିତ୍ସା ଚାଲିଛି। ଧର୍ମଶାଳାରେ ଝାଡାବାନ୍ତି ସ୍ଥିତି ଗମ୍ଭୀର ରହିଥିବା ନେଇ ସ୍ୱାସ୍ଥ୍ୟମନ୍ତ୍ରୀ କହିବା ସହ ଏହାର ମୁକାବିଲା ପାଇଁ କଟକ ଏସସିବିରୁ ଏକ ଡାକ୍ତରୀ ଟିମ ଏଠାରେ ଆସି ରହି ରୋଗୀ ସେବା ଯୋଗଇ ଦେଉଛନ୍ତି। ଏଥିସହ ଲୋକମାନେ ପ୍ୟାନିକ ନହୋଇ ଝାଡାବାନ୍ତି ରୋଗ ହେବାମାତ୍ରେ ସେମାନେ ମେଡିକାଲକୁ ଆସି ଚିକିତ୍ସିତ ହୁଅନ୍ତୁ ଏବଂ ମେଡିକାଲରେ ଆବଶ୍ୟକ ଔଷଧ ମହଜୁଦ ରହିଛି ଲୋକେ ଭୟଭିତ ନହୋଇ ମେଡିକାଲକୁ ଆସି ଚିକିତ୍ସିତ ହେବାକୁ ମନ୍ତ୍ରୀ ନିବେଦନ କରିଛନ୍ତି। ପରିସ୍ଥିତିର ମୁକାବିଲା ପାଇଁ ରାଜ୍ୟ ସରକାର ପ୍ରସ୍ତୁତ ଅଛନ୍ତି। ତେବେ ବସ୍ତି ଓ ସାହି ଗୁଡିକରେ ବିଶୋଧନ କାର୍ଯ୍ୟକୁ ତ୍ୱରାନ୍ୱିତ କରିବାକୁ ମନ୍ତ୍ରୀ ପରାମର୍ଶ ଦେବା ସହ ଏଥିରେ ପ୍ୟାନିକ ନହେବା ଲାଗି ସେ ନିବେଦନ କରିଛନ୍ତି। ସେହିପରି ରସୁଲପୁର ବ୍ଲକ ମଧୁବନ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ଯାଇ ସ୍ୱାସ୍ଥ୍ୟମନ୍ତ୍ରୀ ସ୍ଥିତି ପରଖିଛନ୍ତି। ସ୍ୱାସ୍ଥ୍ୟ କେନ୍ଦ୍ର ଅଧିକାରୀ, ରୋଗୀ ଓ ସେମାନଙ୍କ ସମ୍ପର୍କୀୟଙ୍କ ସହ ଆଲୋଚନା କରିଥିଲେ।



ସ୍ୱାସ୍ଥ୍ୟମନ୍ତ୍ରୀ ଯାଜପୁର ଗ୍ରସ୍ତରେ ଆସି ଯାଜପୁର ରୋଡ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଚିକିତ୍ସିତ ରୋଗୀମାନଙ୍କ ଭଲମନ୍ଦ ପଚାରି ବୁଝିବା ସହିତ ରୋଗୀମାନେ ଖୁବ୍‌ଶୀଘ୍ର ସୁସ୍ଥ ହୋଇଯିବେ ବୋଲି ସେମାନଙ୍କୁ ସକରାନକ ଆଶ୍ୱସନା ଦେଇଛନ୍ତି। ତେବେ ରୋଗୀମାନଙ୍କ ଚିକିତ୍ସା ନେଇ ଉପସ୍ଥିତ ଡାକ୍ତର ଏବଂ ମେଡିକାଲ ଅଧିକାରୀଙ୍କ ସହିତ ଆଲୋଚନା କରିଥିଲେ। ତେବେ ସହରରେ ବିଷାକ୍ତ ତଥା ବାସି ଖାଦ୍ୟ ଯୋଗୁଁ ଏହି ସମସ୍ୟା ଦ୍ୱିଗୁଣିତ ହୋଇଥିବା ବେଳେ ଏହାର ନିରାକରଣ ନିମନ୍ତେ ଶନିବାର ଏକ ମିଳିତ ଟିମ ହୋଟେଲ ଉପରେ ଛଡାଉ କରି ବାସି ଖାଦ୍ୟ ଜବତ କରି ପରୀକ୍ଷା ନିମନ୍ତେ ପଠାଇବା ସହିତ ୨ ହୋଟେଲକୁ ସିଲ କରିଥିଲେ। ଏହାର ପରବର୍ତ୍ତୀ ପଦକ୍ଷେପ ସ୍ୱରୂପ ରବିବାର ବ୍ୟାସନଗର ପୌର ନିର୍ବାହୀ ଅଧିକାରୀ ଦେବାଶିଷ ପାଢ଼ୀ ସହରରେ ଥିବା ବିଭିନ୍ନ ଛୋଟ ବଡ ହୋଟେଲ ଉପରେ ଚଢାଉ କରି ସେଠାରେ ମହଜୁଦ ଥିବା ବାସି ଖାଦ୍ୟ ନେଇଯିବା ସହିତ ଅନେକ ଦୋକାନ ପରବର୍ତ୍ତୀ ନିର୍ଦ୍ଦେଶ ପର୍ଯ୍ୟନ୍ତ ବନ୍ଦ ରଖିବାକୁ ନିର୍ଦ୍ଦେଶ ଦେଇଛନ୍ତି।

## ବିଜେଡି ପ୍ରତିନିଧି ଦଳର ସମୀକ୍ଷା




ବିଞ୍ଝାରପୁର, ୧୫।୬ (ସମିସ): ବିଞ୍ଝାରପୁର ବିଧାୟିକା ପ୍ରମିଳା ମଲ୍ଲିକଙ୍କ ନିର୍ଦ୍ଦେଶ କ୍ରମେ ବିଜେଡିର ଏକ ଟିମ ବିଞ୍ଝାରପୁର ଗୋଷ୍ଠି ସ୍ୱାସ୍ଥ୍ୟକେନ୍ଦ୍ରରେ ପହଞ୍ଚି ଝାଡା ବାନ୍ତିରେ ଆକ୍ରାନ୍ତ ଥିବା ରୋଗୀମାନଙ୍କୁ ଭେଟିବା ସହ ସ୍ଥାନୀୟ ବିଡିଓ ଓ ସ୍ୱାସ୍ଥ୍ୟ ଅଧିକାରୀଙ୍କ ସହ ଆଲୋଚନା କରିଛନ୍ତି। ଆଜି ବିଞ୍ଝାରପୁର ମେଡିକାଲକୁ ମୋଟ ୧୬ଜଣ ଆକ୍ରାନ୍ତ ଚିହ୍ନଟ ହୋଇଥିବା ବେଳେ ଦିନକୁ ଦିନ ବିଞ୍ଝାରପୁର ଅଞ୍ଚଳରେ ଆକ୍ରାନ୍ତଙ୍କ ସଂଖ୍ୟା ବଢ଼ିବାରେ ଲାଗିଛି ତେଣୁ ଏହାକୁ କିଭଳି ରୋକାଯାଇପାରିବ ସେ ସମ୍ପର୍କରେ ମେଡିକାଲ କତୃପକ୍ଷ୍ୟଙ୍କ ସହ ଆଲୋଚନା କରିଛନ୍ତି। ଏହି ପ୍ରତିନିଧି ଦଳରେ ବ୍ଲକ ଅଧକ୍ଷ ରଞ୍ଜିତା କୁମାରୀ ଦାସ, ବ୍ଲକ ବିଜେଡି ଯୁବ ସଭାପତି ଦିଲ୍ଲୀପ ରାଉଳ, ଜିଲ୍ଲାପରିଷଦ ସଭ୍ୟା ଅହଲ୍ୟା ସ୍ୱାଇଁ, ସୁନିତା ନାୟକ, ଉପାଧ୍ୟକ୍ଷ ସେକ ଇର୍ସାଦ, ସୟଦପୁର ସରପଞ୍ଚ ସେକ ସବୀର, ଯୁବନେତା ଅଶୋକ ସାହୁ, ଜାବେଦ ଇକବାଲା, ସାଲାମାତ ଖାଁ, ମେହରବାନ ଖାଁ ଝାଆନାୱାଜ ଅକଟର ପ୍ରମୁଖ ଉପସ୍ଥିତ ଥିଲେ।

ସକାଳ
THE SAKALA



# ସମ୍ପାଦକୀୟ



ବାସ୍ତବରେ ସବୁ କଥାର ଦୁଇଟି ଦିଗ ଥାଏ - ବିଜ୍ଞାନ ଓ ମତାମତ, ପ୍ରଥମଟି ସୃଷ୍ଟି କରେ ଜ୍ଞାନ ଓ ଦ୍ୱିତୀୟଟି ଅଜ୍ଞାନ।
-ହିପୋକ୍ରାଟ୍ସ୍

## ମଧ୍ୟପ୍ରାଚ୍ୟରେ ଯୁଦ୍ଧଧ୍ୱନି

ମଧ୍ୟପ୍ରାଚ୍ୟରେ ପୁଣି ଥରେ ଯୁଦ୍ଧ ସ୍ଥିତି ସୃଷ୍ଟି ହୋଇଛି। ହମାସ୍‌କୁ ମୂଳପୋଛ କରିବା ଲକ୍ଷ୍ୟରେ ଇସ୍ରାଏଲ୍ ଆରମ୍ଭ କରିଥିବା ନିର୍ଣ୍ଣାୟକ ଯୁଦ୍ଧର ମୀମାଂସା ଏ ପର୍ଯ୍ୟନ୍ତ ହୋଇ ନ ଥିବା ବେଳେ ଇରାନ୍ ଉପରେ ଆକ୍ରମଣ କରିଛି ଏବଂ ଇରାନ୍ ପାଲଟା ଜବାବ୍ ଦେଇଛି। ପ୍ରାରମ୍ଭିକ ପର୍ଯ୍ୟାୟରେ ଇରାନ୍‌ର ଆଣବିକ କେନ୍ଦ୍ର ଓ ସେନା ଶିବିରମାନଙ୍କ ଉପରେ ବାଛିବାଛି ଇସ୍ରାଏଲ୍ ଆକ୍ରମଣ କରିଛି ଏବଂ ଇରାନ୍‌କୁ ସମ୍ପୂର୍ଣ୍ଣ ଆଣବିକଶକ୍ତି ବିହୀନ କରିବା ପର୍ଯ୍ୟନ୍ତ ଏହି ଯୁଦ୍ଧ ଚାଲିବ ବୋଲି ଇସ୍ରାଏଲ୍ ପ୍ରଧାନମନ୍ତ୍ରୀ ନେତାନ୍ୟାହୁ ଘୋଷଣା କରିଛନ୍ତି। ଆଗାମୀ ଦିନରେ ଇସ୍ରାଏଲ୍‌ର ଆକ୍ରମଣ ଆହୁରି ଭୟଙ୍କର ହେବ ବୋଲି ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ କହିବା ପରେ ମଧ୍ୟପ୍ରାଚ୍ୟରେ ଯୁଦ୍ଧର ଘନଘଟା ଆହୁରି ଭୟଙ୍କର ହୋଇପାରେ। ଏବେ କେବଳ ସାମରିକ କେନ୍ଦ୍ର ଉପରେ କେନ୍ଦ୍ରିତ ଥିବା ଆକ୍ରମଣ-ପ୍ରତିଆକ୍ରମଣ ପରବର୍ତ୍ତି ସମୟରେ ବେସାମରିକ କ୍ଷେତ୍ରକୁ ବ୍ୟାପୀ ପାରେ ବୋଲି ଆଶଙ୍କା ପ୍ରକାଶ ପାଇଛି।

ଇରାନ୍ ଉପରେ ଇସ୍ରାଏଲ୍‌ର ଏହି ଆକ୍ରମଣ ଅପ୍ରତ୍ୟାଶିତ ହୋଇଥିଲେ ହେଁ ଅସ୍ୱାଭାବିକ ନୁହେଁ। ଏକଦା ବନ୍ଧୁ ଥିବା ଏହି ଦୁଇରାଷ୍ଟ୍ର ମଧ୍ୟରେ ଗତ ପ୍ରାୟ ଦୁଇବର୍ଷ ଧରି ଉତ୍ତେଜନା ଏବଂ ଆକ୍ରମଣ-ପ୍ରତିଆକ୍ରମଣ ଲାଗି ରହିଛି। ତେବେ ତାହା ସାମୟିକ ପ୍ରଶମିତ ହୋଇସାରିଥିବା ବେଳେ ଇସ୍ରାଏଲ୍‌ର ହଠାତ୍ 'ଅପରେସନ୍ ରାଇଜିଂ ଲାୟନ(ଇରାନ୍ ଆକ୍ରମଣ)' ପଛରେ ରହିଛି ଆନ୍ତର୍ଜାତିକ ଆଣବିକ ଶକ୍ତି ସଂସ୍ଥା ପରିଚାଳନା ମଣ୍ଡଳିର ସଦ୍ୟ ଅନୁଷ୍ଠିତ ବୈଠକ। ଇରାନ୍ ବିପଜ୍ଜନକ ଆଣବିକ ଅସ୍ତ୍ରଶସ୍ତ୍ର ନିର୍ମାଣ କରୁଥିବା ଅଭିଯୋଗ ଉପରେ ଆଲୋଚନା ପାଇଁ ଏହି ବୈଠକ ଆହୂତ ହୋଇଥିଲା। ୩୫ ସଦସ୍ୟ ବିଶିଷ୍ଟ ଏହି ସଂସ୍ଥାର ପରିଚାଳନା ମଣ୍ଡଳି ବୈଠକରେ ୧୯ ଜଣ ସଦସ୍ୟ ଇରାନ୍ ଉପରେ କଟକଣା ଜାରି କରିବା ପାଇଁ ଆଗତ ସଂକଳ୍ପ ସପକ୍ଷରେ ମତ ଦେଇଥିବା ବେଳେ ୩ ଜଣ ବିରୋଧ କରିଥିଲେ। ବିଗତ ଦୁଇଦଶନ୍ଧି ମଧ୍ୟରେ ଇରାନ୍ ବିରୋଧରେ ଏଭଳି ସଂକଳ୍ପ ପ୍ରଥମ ବୋଲି କୁହାଯାଉଛି। ଉଲ୍ଲେଖନୀୟ, କେବଳ ରୁଷିଆ, ଚୀନ୍ ଓ ବୁର୍କିନା ଫାସୋ ଏହି ସଂକଳ୍ପକୁ ବିରୋଧ କରିଥିବା ବେଳେ ଆଲଜେରିଆ, ବାଂଲାଦେଶ, ଇଣ୍ଡୋନେସିଆ, କାତାର, ସାଉଦି ଆରବ, ତୁର୍କି ଆଦି ଇସ୍‌ଲାମିକ୍ ଦେଶଗୁଡ଼ିକ ସଂକଳ୍ପକୁ ବିରୋଧ କରି ନଥିଲେ। ଇସ୍‌ଲାମିକ୍ ବହୁଳ ଅଞ୍ଚଳରେ ଇରାନ୍‌କୁ ସମର୍ଥନ ନ ମିଳିବା ମଧ୍ୟପ୍ରାଚ୍ୟରେ ଏକ ନୂଆ ଭୂରାଜନୈତିକ ସମୀକରଣର ସଂକେତ ଦିଗକୁ ଅଙ୍ଗୁଳି ନିର୍ଦ୍ଦେଶ କରୁଛି।

ଏଠାରେ ଆଉ ଏକ ପ୍ରସଙ୍ଗ ଆଲୋଚନା ପରିସରକୁ ସ୍ୱାଭାବିକ ଭାବେ ଆସୁଛି। ଯଦି ଇସ୍ରାଏଲ୍‌ର 'ଅପରେସନ୍ ରାଇଜିଂ ଲାୟନ୍' ପଛରେ ଇରାନ୍ ବିରୋଧରେ ଆନ୍ତର୍ଜାତିକ ଆଣବିକ ଶକ୍ତି ସଂସ୍ଥାର କଟକଣା ସଂକଳ୍ପ ହିଁ ଏକମାତ୍ର କାରଣ ହୁଏ ତେବେ ପ୍ରଶ୍ନ ଉଠୁଛି ଇସ୍ରାଏଲ୍‌କୁ ସେ ଅଧିକାର କିଏ ଦେଲା? ଏବଂ କାହାର ଇଙ୍ଗିତ ଓ ବଳରେ ଆନ୍ତର୍ଜାତିକ ଶକ୍ତିସଂସ୍ଥାର ପ୍ରତିନିଧିତ୍ୱ କରିବାକୁ ଇସ୍ରାଏଲ୍ ଆଗଭର ହୋଇଗଲା? ଉଭୟ ଇସ୍ରାଏଲ୍ ଓ ଇରାନ୍ ଗୁପ୍ତରେ ଆଣବିକ ଶକ୍ତିର ଅଧିକାରୀ ହୋଇଥିବା ବିଷୟ ଆନ୍ତର୍ଜାତିକ ଆଣବିକ ସଂସ୍ଥାର ଅଗୋଚର ନୁହେଁ। କିନ୍ତୁ ହଠାତ୍ ଆନ୍ତର୍ଜାତିକ ଶକ୍ତିସଂସ୍ଥାର ପରିଚାଳନା ମଣ୍ଡଳି ବୈଠକ ବସିବା, ଇରାନ୍ ବିରୋଧରେ ଐତିହାସିକ ସଂକଳ୍ପ ପାରିତ ହେବା ଏବଂ ଇସ୍ରାଏଲ୍ ବଡ଼ଭାଇ ପଣିଆ ଦେଖାଇ ଇରାନ୍‌ର ଆଣବିକ ଶକ୍ତିକେନ୍ଦ୍ର ଉପରେ ଆକ୍ରମଣ କରିବା ଆଦୌ କାକତାଳିକ ନୁହେଁ। ତେଣୁ ଏହି ସମଗ୍ର ଘଟଣା ପଛରେ ଆମେରିକାର ଭୂମିକା ସନ୍ଦେହରୁ ଊର୍ଦ୍ଧ୍ୱକୁ ଯାଇପାରୁନାହିଁ।

ମଧ୍ୟପ୍ରାଚ୍ୟରେ ବହୁଦଶନ୍ଧି ଧରି କୁହୁଳି ଆସୁଥିବା ଧୂଆଁ ମଝିରେ ମଝିରେ ବାହ୍ୟଶକ୍ତିର ପ୍ରଭାବରେ ଅଗ୍ନିସ୍ଫୁଲିଙ୍ଗର ରୂପ ନିଏ। ଏବେ ତାହାର ପୁନରାବୃତ୍ତି ଘଟିଛି। କେତେବେଳେ ଇରାନ୍ ସମର୍ଥିତ ଓ ସହାୟତା ପ୍ରାପ୍ତ ପାଲେଷ୍ଟାଇନ୍‌ର ଆତଙ୍କବାଦୀ ଗୋଷ୍ଠୀ ହମାସ୍ ଇସ୍ରାଏଲ୍ ଉପରେ ଆକ୍ରମଣ କରିଛି; ପୁଣି କେତେବେଳେ ସିରିଆରେ ଗୃହଯୁଦ୍ଧ ପଛରେ ଇସ୍ରାଏଲ୍‌ର ବନ୍ଧୁ ଆମେରିକାର ହାତ ରହିଥିବା ଅଭିଯୋଗ ହୋଇଛି। ଏବେ ଇରାନ୍ ଉପରେ ଇସ୍ରାଏଲ୍ ଆକ୍ରମଣ ପଛର ଯଥାର୍ଥତା କେତେ ତାହା ଏକ ଭିନ୍ନ ପ୍ରଶ୍ନ। କିନ୍ତୁ ଏହା ଅନସ୍ୱୀକାର୍ଯ୍ୟ ଯେ ପରିବର୍ତ୍ତିତ ପରିସ୍ଥିତିରେ ଆମେରିକାର ଦୃଷ୍ଟିକଟୁ ତାଲିକାରେ ଇରାକ୍‌ର ସ୍ଥାନରେ ଏବେ ଇରାନ୍‌କୁ ଅବସ୍ଥାପିତ କରାଯାଇଛି ଏବଂ ଏଥିପାଇଁ ଇସ୍ରାଏଲ୍‌କୁ ବ୍ୟବହାର କରାଯାଇଛି। ଏବେ ଇରାନ୍ ବିରୋଧରେ ଯେଉଁ ଅଭିଯୋଗ ଆସିଛି ତାହା ଏକଦା ଇରାକ୍ ବିରୋଧରେ ମଧ୍ୟ ଆମେରିକା ଆଣିଥିଲା। ଇରାକ୍‌କୁ ଧ୍ୱସ୍ତବିଧ୍ୱସ୍ତ କରି ସଦ୍ଦାମ ହୁସେନ୍‌ଙ୍କ କବଳରୁ ମୁକ୍ତି ଦେବାରେ ଆମେରିକା ସଫଳ ହେଲା ସତ, କିନ୍ତୁ ସଦ୍ଦାମ୍ ଗୋପନୀୟ ଆଣବିକ ଅସ୍ତ୍ରଶସ୍ତ୍ର ନିର୍ମାଣ କରୁଥିବା ପ୍ରମାଣ କରିପାରିଲା ନାହିଁ। ଆମେରିକାର ଏହି ଉଦ୍ଦେଶ୍ୟ ପଛରେ ଯେ ମଧ୍ୟପ୍ରାଚ୍ୟର ବିଶାଳ ତୈଳ ଖଣି ଉପରେ କବ୍‌ଜା ଲକ୍ଷ୍ୟ ଥିଲା, ତାହାର ପ୍ରମାଣ କିନ୍ତୁ ବିଶ୍ୱବାସୀ ପାଇଗଲେ। ଏବେ ଆମେରିକାର ଆଖି ପୁଣି ଇରାନ୍‌ର ତୈଳ ଭଣ୍ଡାର ଉପରେ ପଡ଼ିନାହିଁ ଏବଂ ଇରାକ୍‌ର ଦଶା ଇରାନ୍ ଭୋଗିବ ନାହିଁ ବୋଲି ନିଶ୍ଚିତ କରିହେଉନାହିଁ।

ଯୁଦ୍ଧ ଘନଘଟା ସତ୍ତ୍ୱେ ମଧ୍ୟପ୍ରାଚ୍ୟ ପାଇଁ ଏକ ଆଶ୍ୱସ୍ତିର ବିଷୟ ଯେ ଇରାନ୍‌ର ଆଣବିକ କେନ୍ଦ୍ର ଉପରେ ଆକ୍ରମଣ ହୋଇଥିଲେ ମଧ୍ୟ ତେଜସ୍କ୍ରିୟ ବିକିରଣ ଆଶଙ୍କା କମ୍ ବୋଲି ବିଶେଷଜ୍ଞମାନେ ମତ ଦେଇଛନ୍ତି। କିନ୍ତୁ ଯୁଦ୍ଧର ଘନଘଟା ଲାଗି ରହିଲେ ସମଗ୍ର ପଶ୍ଚିମଏସିଆ ସମେତ ଭାରତ ମଧ୍ୟ ପ୍ରଭାବିତ ହେବ। କୂଟନୈତିକ ଓ ବାଣିଜ୍ୟିକ ଦୃଷ୍ଟିକୋଣରୁ ଇରାନ୍ ସହିତ ଭାରତର ସମ୍ପର୍କ ଭଲ। ଚବାହାର ବନ୍ଦର ପ୍ରତିଷ୍ଠା କରି ଭାରତ ଇରାନ୍ ସହିତ ଦ୍ୱିପାକ୍ଷିକ ବାଣିଜ୍ୟ ସମ୍ପର୍କକୁ ଦୃଢ଼ କରିଛି। ଆମେରିକାର ଇରାନ୍ ବିରୋଧୀ କଟକଣା ପୂର୍ବରୁ ଭାରତର ସର୍ବବୃହତ୍ ଅଶୋଧିତ ତୈଳ ରପ୍ତାନୀକାରୀ ଥିଲା ଇରାନ୍। ଅପରପକ୍ଷରେ ଆତଙ୍କବାଦ ବିରୋଧରେ ଇସ୍ରାଏଲ୍ କାର୍ଯ୍ୟାନୁଷ୍ଠାନକୁ ଭାରତ ସମର୍ଥନ ଦେଇ ଆସୁଛି ଏବଂ ପ୍ରତିରକ୍ଷା ଉପକରଣ, ସାମରିକ-ବୈଷୟିକ ଜ୍ଞାନକୌଶଳ ହାସଲ କରିବା ପାଇଁ ଦୁଇ ରାଷ୍ଟ୍ର ଚୁକ୍ତିବଦ୍ଧ। ତେଣୁ ଏଭଳି ପରିସ୍ଥିତିରେ ଭାରତ ନିର୍ଦ୍ଦିଷ୍ଟ ଭାବେ କୌଣସି ପକ୍ଷ ନେଇପାରିବ ନାହିଁ।

ସାମ୍ପ୍ରତିକ ସ୍ଥିତିରେ ଭାରତ ପାଇଁ ସବୁଠାରୁ ଉଦ୍‌ବେଗ ହେଉଛି ମଧ୍ୟପ୍ରାଚ୍ୟରେ ପ୍ରବାସୀ ଭାରତୀୟଙ୍କ ସୁରକ୍ଷା। ସେହି ଅଞ୍ଚଳରେ ପ୍ରାୟ ୯୦ ଲକ୍ଷ ପ୍ରବାସୀ ଭାରତୀୟ ବସବାସ କରୁଛନ୍ତି। ଏବେ ମଧ୍ୟ ଭାରତର ମୋଟ ତୈଳ ଆମଦାନୀର ୮୦% ମଧ୍ୟପ୍ରାଚ୍ୟ ଉପରେ ନିର୍ଭରଶୀଳ। ଉଭୟ ଦେଶ କେହି କାହାର ଇନ୍ଧନ ଭିତ୍ତିଭୂମି ଉପରେ ଆକ୍ରମଣ କରିବେ ନାହିଁ ବୋଲି ଘୋଷଣା କରିଥିଲେ ମଧ୍ୟ ବିଶ୍ୱ ତୈଳ ଓ ଏଲ୍‌ଏନ୍‌ଜି ରପ୍ତାନୀ ପାଇଁ ବ୍ୟବହୃତ ପ୍ରମୁଖ ପଥ 'ଷ୍ଟ୍ରେଟ୍ ଅଫ୍ ହର୍ମୁଜ୍ ଲାଇନ୍'କୁ ଯଦି ଇରାନ୍ ବନ୍ଦ କରିଦିଏ, ତେବେ ଭାରତର ତୈଳ ଆମଦାନୀ ପ୍ରଭାବିତ ହେବ ଏବଂ ଅର୍ଥନୈତିକ ସଙ୍କଟ ବଢ଼ିବ। ପଣ୍ୟବାହୀ ଜାହାଜଗୁଡ଼ିକ ମଧ୍ୟ ଲୋହିତ ସାଗର ପରିବର୍ତ୍ତେ 'କେପ୍ ଅଫ୍ ଗୁଡ୍ ହୋପ୍ ରୁଟ୍' ଦେଇ ଯିବାକୁ ପଡ଼ିବ, ଯାହା ବାଣିଜ୍ୟ ଖର୍ଚ୍ଚ ଓ ଅବଧିକୁ ବହୁଗୁଣା ବୃଦ୍ଧି କରିବ। ତେଣୁ ଯେତେଶୀଘ୍ର ମଧ୍ୟପ୍ରାଚ୍ୟରେ ଶାନ୍ତି ବାହାଲ ହେବ ତାହା ଭାରତ, ମଧ୍ୟପ୍ରାଚ୍ୟ ସମେତ ପଶ୍ଚିମ ଏସିଆ ପାଇଁ ମଙ୍ଗଳକର ହେବ।

## ଡିଜିପିନ: ଆଶୀର୍ବାଦ ନା ଆପଦ?

ବୃହସ୍ପତି ସାମଲ

ଭାରତ ସରକାର ୨୭ ମେ ୨୦୨୫ରେ ଏକ ଦଶ-ଅକ୍ଷର ବିଶିଷ୍ଟ ଅଲଫାନ୍ୟୁମରିକ କୋଡ୍ ଭାବରେ ଡିଜାଇନ ହେଇଥିବା ଡିଜିପିନ (ଡିଜିଟାଲ ପୋଷ୍ଟାଲ ଇଣ୍ଡେକ୍ସ ନମ୍ବର) ନାମରେ ଏକ ନୂଆ ଡିଜିଟାଲ ପ୍ରୟାସର ଉନ୍ମୋଚନ କରିଛନ୍ତି, ଯାହା ଦେଶର ପ୍ରତ୍ୟେକ ୪ଗୁଣା୪ ମିଟର ଅଞ୍ଚଳକୁ ଦ୍ରାଘିମା ଓ ଅକ୍ଷାଂଶ ଭିତ୍ତିରେ ସଠିକ୍ ଭାବେ ଚିହ୍ନଟ କରିବା ପାଇଁ ବ୍ୟବହାର କରାଯାଇପାରିବ। ଭାରତୀୟ ଡାକ ବିଭାଗ, ଆଇଆଇଟି ହାଇଦ୍ରାବାଦ ଓ ଇସ୍ରୋ ଅନ୍ତର୍ଗତ ଜାତୀୟ ରିମୋଟ୍ ସେନ୍ସିଂ କେନ୍ଦ୍ରଙ୍କ ସହଯୋଗରେ ବିକଶିତ ଏହି ଡିଜିପିନକୁ ଭାରତର ଡିଜିଟାଲ ଢାଞ୍ଚାରେ ଏକ ପରିବର୍ତ୍ତନକାରୀ ପଦକ୍ଷେପ ବୋଲି ବିବେଚନା କରାଯାଉଛି। ଏହାକୁ ଏକ ଗୋପନୀୟତାକୈନ୍ଦ୍ରିକ ଓ ଜିଓକୋଡିଂ ଭିତ୍ତିକ ପଦ୍ଧତି ଭାବରେ ଉପସ୍ଥାପନ କରାଯାଇଛି, ଯାହା ଭାରତୀୟ ଡାକ ବିଭାଗ ଦ୍ୱାରା ୧୯୭୨ରୁ ପ୍ରଚଳିତ ହୋଇ ଆସୁଥିବା 'ପିନ୍‌କୋଡ୍' ବ୍ୟବସ୍ଥାକୁ ଏକ ଆଧୁନିକତାର ସ୍ପର୍ଶ ଦେବ। ଡିଜିପିନର ଏହି ସଠିକ ଭୌଗୋଳିକ ଟ୍ୟାଗିଂ ଦ୍ୱାରା ଲଜିଷ୍ଟିକ୍ସ, ଆପାତକାଳୀନ ସେବା, ଗ୍ରାମୀଣ ସେବା ପ୍ରଦାନ ଓ ଡିଜିଟାଲ ଶାସନ ପ୍ରଣାଳୀରେ ଲାଭ ମିଳିବ ବୋଲି କୁହାଯାଉଛି। ଅରଣ୍ୟ, ନଦୀ କୂଳ, ପାହାଡ଼ ଅଞ୍ଚଳ ଭଳି ସଠିକ୍ ଠିକଣା ନଥିବା ସ୍ଥାନଗୁଡ଼ିକୁ ଡିଜିପିନ୍ ଦ୍ୱାରା ଏବେ ଡିଜିଟାଲ ଉପାୟରେ ଚିହ୍ନଟ କରାଯାଇପାରିବ।

ଏକ ଡିଜିପିନ୍ ତିଆରି ପାଇଁ ବ୍ୟବହାରକାରୀଙ୍କୁ ନିଜର ରିଅଲ୍-ଟାଇମ୍ ଅବସ୍ଥାନ ତଥ୍ୟକୁ ଆକ୍ସେସ୍ କରିବା ଅନୁମତି ଦେବାକୁ ପଡ଼ିଥାଏ। ଯଦିଓ ଭାରତୀୟ ଡାକ ବିଭାଗ ଦାବି କରୁଛି ଯେ ଏହି ତଥ୍ୟ ସଂରକ୍ଷିତ ବା ରେକର୍ଡ ହେବ ନାହିଁ ଏବଂ କେବଳ କୋଡ୍ ସୃଷ୍ଟି ପାଇଁ ବ୍ୟବହୃତ ହେବ, ତଥାପି ଏହି ତଥ୍ୟ ଆକ୍ସେସ୍ କରିବା ଅଭିକ୍ରିୟା ଏକ ଭବିଷ୍ୟତ ତଥ୍ୟଚ୍ୟୁତିର ଦ୍ୱାର ଖୋଲିଦେଇପାରେ। ଏହି ନୂତନ ପଦକ୍ଷେପକୁ ଏକ ଡିଜିଟାଲ ଉନ୍ନତି ନାମରେ ପ୍ରଚାର କରାଯାଉଥିଲେ ମଧ୍ୟ ଦେଶରେ ଇଣ୍ଟରନେଟ ଆଧାରିତ ସାଇବର ଅପରାଧ ବୃଦ୍ଧି ପାଉଥିବା ବେଳେ ଏହା ବ୍ୟକ୍ତିଗତ ତଥ୍ୟର ଗୋପନୀୟତା, ନିରୀକ୍ଷଣ ଓ ଦୁରୁପଯୋଗ ବିଷୟରେ ଚିନ୍ତା ବୃଦ୍ଧି କରିଛି।

ଭାରତର ସାଇବର ଅପରାଧ ସମନ୍ୱୟ କେନ୍ଦ୍ରର ତଥ୍ୟ ଅନୁସାରେ, ୨୦୨୩ ମସିହାରେ ଭାରତରେ ୧.୫୫ ଲକ୍ଷରୁ ଅଧିକ ସାଇବର ଅପରାଧ ଘଟିଛି, ଯାହା ୨୦୨୦ର ୫୦, ୦୩୫ ଘଟଣାଠାରୁ ବହୁଗୁଣା ବେଶି। ସେଥିମଧ୍ୟରୁ ଅନେକଟି ଅର୍ଥ ଠକେଇ, ଫିସିଂ, ପରିଚୟ ଚୋରି ଓ ସିମ୍ କ୍ଲୋନିଂ ସହିତ ସଂପୃକ୍ତ, ଯେଉଁଥିରେ ଆଧାର, ମୋବାଇଲ ନମ୍ବର, ବ୍ୟାଙ୍କ ଖାତା ଓ ସରକାରୀ ଯୋଜନା ସହିତ ଜଡ଼ିତ ବ୍ୟକ୍ତିଗତ ତଥ୍ୟ ଦୁରୁପଯୋଗ ମୁଖ୍ୟ ଭୂମିକା ନେଇଥିଲା। ଆଧାର, ପ୍ୟାନ୍, ଫୋନ୍ ଓ ଅର୍ଥ ବିବରଣୀକୁ ବାଧ୍ୟତାମୂଳକ ଭାବେ ଯୋଡ଼ିବା ଦ୍ୱାରା ପ୍ରତ୍ୟେକ ଭାରତୀୟ ଏବେ ଏକ ଡିଜିଟାଲ ତଥ୍ୟ କ୍ଷେତ୍ରରେ ପରିଣତ ହୋଇଥିବା ଯୋଗୁଁ ବ୍ୟକ୍ତିଗତ ପ୍ରଦତ୍ତ ତଥ୍ୟର ଦୁରୁପଯୋଗ ହେବାର ଆଶଙ୍କା ଯଥେଷ୍ଟ ବଢ଼ି ଯାଇଛି। ଏପରି ପରିବେଶରେ, ବ୍ୟକ୍ତିଙ୍କ ନିଜସ୍ୱ ଅବସ୍ଥାନକୁ ସଠିକ ଭାବରେ ଚିହ୍ନଟ କରି ଡିଜିପିନ୍ ଲୋକମାନଙ୍କୁ ଏକ ନୂଆ ସ୍ତରର ବିପଦ ଭିତରକୁ ଟାଣି ନେବାକୁ ଉଦ୍ୟମରତ ବୋଲି ଅଭିଯୋଗ ହେଉଛି।

ସାଇବର ସୁରକ୍ଷା ବିଶେଷଜ୍ଞମାନଙ୍କ ମତରେ ସାଧାରଣ ଠିକଣା ତୁଳନାରେ ଡିଜିପିନ ବ୍ୟକ୍ତିଗତ ଗୋପନୀୟତାକୁ ପ୍ରାୟ ଶୂନ୍ୟ କରିଦେଇଥାଏ। ଯଦି ଏହା ଭୋଟର ତାଲିକା, ସ୍ୱାସ୍ଥ୍ୟ କାର୍ଡ, ଟେଲିକମ୍ ତଥ୍ୟ ଓ ଆଧାର ଲିଙ୍କ କ୍ଷେତ୍ର ଭଳି ଅନ୍ୟ ତଥ୍ୟ ସହ ଯୋଡ଼ି ଦିଆଯାଏ, ତେବେ ଏହା ଏକ ବ୍ୟକ୍ତିକୁ ନିର୍ଦ୍ଦିଷ୍ଟ ଭାବେ ଖୋଜି ବାହାର କରିବାର ଏକ ମଜବୁତ ହତିଆର ହୋଇପାରେ। ଯେଉଁ ପ୍ରତିରକ୍ଷା ସ୍ତର ଦିନେ ନାଗରିକଙ୍କୁ ଟ୍ରାକିଂରୁ ବଞ୍ଚାଉଥିଲା, ବର୍ତ୍ତମାନ ସେହି ସୁରକ୍ଷା ଭାଙ୍ଗିଯିବ, ଯାହା ଫଳରେ କୃତ୍ରିମ ବୁଦ୍ଧିମତ୍ତା (ଆର୍ଟିଫିସିଆଲ୍ ଇଣ୍ଟେଲିଜେନ୍ସ) ସହ ନିର୍ଦ୍ଦିଷ୍ଟ ସ୍ଥାନ ନିରୂପଣ (ଲୋକେସନ୍ ଟ୍ରେସିଂ) ପାଇଁ ଅତ୍ୟାଧୁନିକ ଡିଜିଟାଲ କୌଶଳ ଅବଲମ୍ବନ କରୁଥିବା ସାଇବର ଅପରାଧୀମାନେ ଡିଜିପିନକୁ ଏକ ଆପରାଧିକ ଅସ୍ତ୍ର ଭାବରେ ବ୍ୟବହାର କରିପାରିବେ। ଅଧିକନ୍ତୁ, ଡିଜିଟାଲ ବ୍ୟକ୍ତିଗତ ତଥ୍ୟ ସୁରକ୍ଷା ଆଇନ୍ ୨୦୨୩ର ଦୁର୍ବଳ ଓ ଅସ୍ପଷ୍ଟ ଧାରା ଏହି ସମସ୍ୟାକୁ ଆଉ ଗମ୍ଭୀର କରୁଛି।

ଏହି ପରିପ୍ରେକ୍ଷୀରେ ଆଉ ଏକ ଗଭୀର ଚିନ୍ତା ହେଉଛି ଡିଜିଟାଲ ବ୍ୟବସ୍ଥାର ବାଧ୍ୟବାଧକତାରୁ ସୃଷ୍ଟି ସାମାଜିକ ଅନିଚ୍ଛା। ବିଗତ ଦଶବର୍ଷ ଧରି ବିଶେଷତଃ ବୃଦ୍ଧ, ଗ୍ରାମୀଣ ଜନତା ଓ ଅର୍ଥନୈତିକ ଦୃଷ୍ଟିରୁ ଦୁର୍ବଳ ଶ୍ରେଣୀର ନାଗରିକମାନେ ନିରନ୍ତର ଡିଜିଟାଲ୍ ଉପକରଣ ବ୍ୟବହାର କରିବାକୁ ବାଧ୍ୟ ହେଉଛନ୍ତି। ଅଧିକାଂଶ ସମୟରେ ଆଧାର କାର୍ଡ ପ୍ରସ୍ତୁତିରେ ବିଳମ୍ବ, ବାୟୋମେଟ୍ରିକ୍ ଅମେଳ ଓ ପ୍ରକ୍ରିୟାଗତ ଉଦାସୀନତା ଦେଖିବାକୁ ମିଳିଛି। ପାନ୍ ସହ ଆଧାର ସଂଯୋଗକୁ ବାଧ୍ୟତାମୂଳକ କରି ଅନେକବାର ଜମାକାରୀଙ୍କ ଖାତାକୁ ବନ୍ଦ କରିଦେବାର ଭୟ ଦେଖାଯାଉଛି। 'ଆୟୁଷ୍ମାନ୍ ଭାରତ ଯୋଜନା'ର ଲାଭ ନେବା ପାଇଁ ବର୍ତ୍ତମାନ ଅନଲାଇନ୍ ପୋର୍ଟାଲ୍, ଓଟିପି ଓ ଜିଓ-ଭେରିଫିକେସନ୍ ଜରୁରୀ, ଯାହା ମିଳିନଥିବା ଲକ୍ଷ-ଲକ୍ଷ ଲୋକଙ୍କ ପାଇଁ ଏକ ଅସମ୍ଭବ ଆହ୍ୱାନ। ଭାରତ ସରକାରଙ୍କ ରେଳ ମନ୍ତ୍ରାଳୟ ତରଫରୁ ଜାରି ସଦ୍ୟତମ ସୂଚନା ଅନୁଯାୟୀ ଜୁଲାଇ ମାସରୁ ତତ୍କାଳ ରେଳ ଟିକେଟର ବୁକିଂ ପାଇଁ ଆଧାର କାର୍ଡ ତଥା ସେଥିରେ ସଂଯୋଜିତ ଟେଲିଫୋନ ନମ୍ବରର ଓଟିପି ବାଧ୍ୟତାମୂଳକ ହେବ। ଯଦି ଡିଜିପିନ୍ ଭବିଷ୍ୟତରେ ଆଧାର ଓ ପ୍ୟାନ ଭଳି ବ୍ୟାଙ୍କିଂ, ଜମିଜମା ପଞ୍ଜୀକରଣ, ବିଦ୍ୟୁତ୍ ସେବା, ରେଳ ଟିକେଟ ବୁକିଂ କିମ୍ବା ସରକାରୀ ଯୋଜନା ଦେବାରେ ଆବଶ୍ୟକ କରାଯିବ, ତେବେ ଏହା ଲୋକଙ୍କ ପାଇଁ ଅଧିକ ବିପଦ ଓ ଅନେକ ଜଟିଳ ସମସ୍ୟା ସୃଷ୍ଟି କରିବ। ଯେଉଁ ବ୍ୟବସ୍ଥାକୁ ଲୋକଙ୍କର ସୁବିଧା ପାଇଁ ପ୍ରସ୍ତୁତ କରାଯାଉଛି, ତାହା ଶେଷରେ ଏକ ଅନିଚ୍ଛାକୃତ ଆବଶ୍ୟକତା ହୋଇ କେବଳ ଏକ ପ୍ରସାଶନିକ ବୋଝ ହିସାବରେ ଜନସାଧାରଣଙ୍କ ପାଇଁ ଦୁର୍ବିସହ ହୋଇପଡ଼ିବ।

ପ୍ରକୃତ ବିପଦ କେବଳ ଡିଜିପିନ୍ କ'ଣ କରିବ ସେଥିରେ ନାହିଁ, ବରଂ ଏହା ଯାହା ସୂଚିତ କରେ ସେଥିରେ ଅଛି। ଆଇନଗତ ସୁରକ୍ଷା ଓ ସ୍ୱଚ୍ଛତା ନଥାଇ ନାଗରିକଙ୍କ ବିନା ପରାମର୍ଶରେ ସେମାନଙ୍କର ବ୍ୟକ୍ତିଗତ ତଥ୍ୟକୁ ନେଇ ସରକାରଙ୍କର ଏହା ଏକ କ୍ରମବର୍ଦ୍ଧିଷ୍ଣୁ ସମ୍ବେଦନଶୀଳ ଡିଜିଟାଲ ହସ୍ତକ୍ଷେପ। ନିହାତି ଭାବରେ ଏହା ଏକ ଏକତରଫା ଶୀର୍ଷସ୍ତରୀୟ ନୀତି ନିର୍ମାଣ ପ୍ରଣାଳୀକୁ ପ୍ରତିବିମ୍ବିତ କରେ, ଯାହା ଗ୍ରାମାଞ୍ଚଳରେ ରହୁଥିବା ଅଶିକ୍ଷିତ, ଗରିବ ତଥା ଡିଜିଟାଲ ଉପକରଣର ବ୍ୟବହାର ଜାଣି ନଥିବା ଜନସାଧାରଣଙ୍କୁ କିଭଳି ପ୍ରଭାବିତ କରିବ ବୁଝିବା ପୂର୍ବରୁ ସେମାନଙ୍କ ଉପରେ ଜୋରଜବରଦସ୍ତି ଲଦି ଦିଆଯାଉଛି। ଅନେକ ନାଗରିକଙ୍କ ପାଇଁ, ବିଶେଷକରି ଯେଉଁମାନେ ଆଧାର ନିବନ୍ଧନ ବିଳମ୍ବ, ବ୍ୟାଙ୍କ ସଂଯୋଜନ ବା ଡିଜିଟାଲ୍ ସୁଦୃଢ଼ୀକରଣର ବିଫଳତା ଦ୍ୱାରା ପୂର୍ବରୁ ହତାଶ ହୋଇଛନ୍ତି, ସେମାନଙ୍କ ପାଇଁ ଡିଜିପିନ୍ ଏକ ସଶକ୍ତୀକରଣର ଉପକରଣ ନୁହେଁ। ଆଶୀର୍ବାଦ ନୁହେଁ, ବରଂ ଏହା ଗୋଟିଏ ସମ୍ଭାବ୍ୟ ଆପଦ, ଏକ ଅତ୍ୟଧିକ ହସ୍ତକ୍ଷେପକାରୀ ଡିଜିଟାଲ୍ ଫାଶ।

ଏଠି ପ୍ରଶ୍ନ ଉଠିବା ସ୍ୱାଭାବିକ ଯେ ବର୍ତ୍ତମାନର ପିନ୍‌କୋଡ୍ ପ୍ରଣାଳୀ ଦ୍ୱାରା ଭାରତୀୟ ଡାକ ବିଭାଗ ଡାକ ପ୍ରେରଣ ଓ ବଣ୍ଟନ, ସ୍ଥାନ ପରିଚୟ ଓ ପ୍ରଶାସନିକ ବିଭାଜନ ପାଇଁ ପର୍ଯ୍ୟାପ୍ତ ଭାବେ ସୁରୁଖୁରୁରେ କାମ କରୁଥିବା ବେଳେ ଭାରତକୁ ଏକ ଅସୁରକ୍ଷିତ ଡିଜିପିନ୍ ବ୍ୟବସ୍ଥାର ଆବଶ୍ୟକତା ଅଛି କି? ଜର୍ମାନୀ, ଫ୍ରାନ୍ସ ଓ ଜାପାନ ଭଳି ବିକାଶଶୀଳ ଦେଶଗୁଡ଼ିକର ଡାକ ବିଭାଗ ଅତ୍ୟଧିକ ସୂକ୍ଷ୍ମ ଜିଓକୋଡିଂ ଯୋଗ କରି ନୁହେଁ, ବରଂ ତାଙ୍କର ପ୍ରଚଳିତ କୋଡ୍ ବ୍ୟବସ୍ଥା ମଧ୍ୟରେ ଜନସାଧାରଣଙ୍କୁ ସୁରକ୍ଷିତ ଡାକସେବା ପ୍ରଦାନ କରୁଛନ୍ତି। ଭାରତୀୟ ଡାକ, ଯାହା ୧.୬୫ ଲକ୍ଷରୁ ଅଧିକ ଡାକଘର ସହିତ ବିଶ୍ୱର ସବୁଠୁ ବଡ଼ ଡାକ ବ୍ୟବସ୍ଥା, ତା'ର ଅନେକ ନିଜସ୍ୱ ସମସ୍ୟା ସମାଧାନ ଅପେକ୍ଷାରେ ଅଟକି ରହିଛି। ଏଭଳି ପରୀକ୍ଷାନିରୀକ୍ଷାରୁ ବିରତ ରହି ସାମ୍ପ୍ରତିକ ତଥା ମୌଳିକ ସମସ୍ୟାଗୁଡ଼ିକର ଆଶୁ ସମାଧାନ ପାଇଁ ଡାକ ବିଭାଗକୁ ପ୍ରାଥମିକତା ଦେବାର ଆବଶ୍ୟକତା ରହିଛି। ଚିଠି ପ୍ରେରଣରେ ବିଳମ୍ବ, ଡାକଘରଗୁଡ଼ିକରେ ବିଶେଷକରି ଗ୍ରାମାଞ୍ଚଳରେ ଉତ୍ତମ ନେଟୱାର୍କ ଓ ଡିଜିଟାଲ୍ ଢାଞ୍ଚାର ଅଭାବ, ଗ୍ରାହକ ଅଭିଯୋଗ ଶୁଣାଣିରେ ଅବ୍ୟବସ୍ଥା ଭଳି ସମସ୍ୟାଗୁଡ଼ିକର ସମାଧାନ ଦିଗରେ ତୁରନ୍ତ ଧ୍ୟାନ ଦେଇ କର୍ମଚାରୀଙ୍କୁ ସଠିକ୍ ପ୍ରଶିକ୍ଷଣ ଦେବା, ବିତରଣ ବ୍ୟବସ୍ଥାରେ ଉନ୍ନତି ଆଣିବା, ଗ୍ରାମୀଣ ବ୍ୟାଙ୍କିଂକୁ ବିସ୍ତାର କରି ଡାକଘର ଠକେଇକୁ ରୋକିବା, ଭଡ଼ା ଓ ଭଙ୍ଗା ଦଦରା ଘରେ ତଥା ଅସ୍ୱାସ୍ଥ୍ୟକର ପରିବେଶ ଭିତରେ ଚାଲୁଥିବା ଡାକଘରଗୁଡ଼ିକର ଉନ୍ନତିକରଣ ପାଇଁ ଉଚିତ୍ ପଦକ୍ଷେପ ନେଲେ ନାଗରିକମାନେ ଅଧିକ ଭଲ ସେବା ପାଇପାରିବେ। ଏକ ଅବାଞ୍ଛିତ ଡିଜିଟାଲ୍ ଯୋଜନା ଆଣିବା ପରିବର୍ତ୍ତେ ଏପରି ପଦକ୍ଷେପ ଲୋକମାନଙ୍କର ଭରସାକୁ ମଜଭୁତ କରିପାରିବ ଏବଂ ଏହି ପ୍ରତିଷ୍ଠାନର ଐତିହ୍ୟକୁ ପୁନର୍ଜୀବନ ଦେଇପାରିବ।

ଭାରତ ଏକ ସଙ୍କଟମୟସ୍ଥିତିରେ ଅଛି, ଯେଉଁଠାରେ ପ୍ରଯୁକ୍ତିଗତ ନବୋନ୍ମେଷ ଓ ନୈତିକ ଶାସନ ହାତକୁ ହାତ ମିଳେଇ ଚାଲିବା ଦରକାର। ସମସ୍ତ ଡିଜିଟାଲ୍ ନବୋନ୍ମେଷ ପ୍ରଗତି ନୁହେଁ। କେବେ କେବେ ସଂଯମ ଓ ସାବଧାନତା ହିଁ ସଠିକ୍ ପଥ ବୋଲି ବିଚାର କରାଯାଏ। ସାମ୍ପ୍ରତିକ ସମୟରେ ଡିଜିପିନ୍ ଭରସାଯୋଗ୍ୟ ନହୋଇ ଏକ ଗମ୍ଭୀର ସଙ୍କଟ ସୃଷ୍ଟି କରିବାର ଆଗୁଆ ସୂଚନା ପ୍ରଦାନ କରୁଛି। ଯଦି ଶାସନର ଲକ୍ଷ୍ୟ ସୁରକ୍ଷା ଓ ସଶକ୍ତୀକରଣ, ତେବେ ଏହି ଡିଜିଟାଲ୍ ପ୍ରଣାଳୀର ପୁନର୍ବିଚାର ହେବା ଉଚିତ୍।

ଭୁବନେଶ୍ୱର, ମୋ: ୯୪୩୭୦୨୨୬୬୯

## ଧର୍ମ ବ୍ୟକ୍ତିଗତ ବ୍ୟାପାର ହେଉ

ନିରାକାର ଦାସ

ଦିନ ଥିଲା ମାନବ ସମାଜର ଏକ ଅବଲମ୍ବନ ଥିଲା ଧର୍ମ। ସମାଜ କଲ୍ୟାଣ ପାଇଁ ଓ ମାନବ ଜାତିର ଜୀବନଚର୍ଯ୍ୟାରେ ଶୃଙ୍ଖଳା ଓ ବ୍ୟବସ୍ଥିତତା ଆଣିବା ପାଇଁ ସୃଷ୍ଟି ହୋଇଥିଲା ଧର୍ମ। ଆମ ମୁନି, ଋଷି, ମହର୍ଷି, ସନ୍ନ୍ୟାସୀମାନେ ଏକ ଶୃଙ୍ଖଳିତ ଓ ଉନ୍ନତ ସମାଜ ବ୍ୟବସ୍ଥା ଗଠନ ନିମନ୍ତେ ନୀତି, ନିୟମ ଓ ଅନୁଶାସନ ସୃଷ୍ଟି କରୁଥିଲେ। ସଭ୍ୟତା ଓ ମାନବ ସଂସ୍କୃତି ଆଗକୁ ବଢ଼ିବା ସହ ସୃଷ୍ଟ ବହୁ ନୀତି, ନିୟମ ପୁରୁଣା ବା ଅକାମୀ ହୋଇଗଲେ ଆମେ ପୁନଶ୍ଚ ସେହି ରଢ଼ିବାଦୀ ପରମ୍ପରାକୁ ଭାଙ୍ଗି ନୂତନ ନୀତି, ନିୟମ ଓ ସଂସ୍କାର ଯୋଡ଼ୁ ଏବଂ ଏହି ଯୋଡ଼ିଥିବା ଅସାଧାରଣ ମଣିଷ ଦିନେ ମହାମାନବରେ ପରିଣତ ହୁଅନ୍ତି। ସମୟକ୍ରମେ ବହୁ ଧର୍ମାଚରଣ ପରମ୍ପରାରେ ପରିଣତ ହୋଇଯାଏ ଏବଂ ଏହା ମାନବ ସମାଜକୁ କଷ୍ଟଦିଏ, ଯାହାର ପରିବର୍ତ୍ତନ ପାଇଁ ସ୍ୱର ଉଠେ ଏବଂ ତାହାର ପୁନଃ ପରିବର୍ତ୍ତନ ହୁଏ। ଏହି ପରିବର୍ତ୍ତନ ହେଉଛି ବୈଜ୍ଞାନିକ ସତ୍ୟ।

ଧର୍ମ ବା ଆଧ୍ୟାତ୍ମିକ ଚେତନା ଉତ୍‌ଥାନ ଓ ପତନ ଦେଇ ଆଗକୁ ଆଗକୁ ବଢ଼ିଛି। ଆଧ୍ୟାତ୍ମିକ ଗୁରୁମାନେ ଧର୍ମାନ୍ଧତାରୁ ମାନବ ସମାଜକୁ ମୁକ୍ତି ପାଇଁ ବହୁ ସଂସ୍କାର ଆଣିଛନ୍ତି। ଆଧ୍ୟାତ୍ମିକତାର ଉତ୍ତରଣ ବହୁ ଘାତ-ସଂଘାତ ମଧ୍ୟ ଦେଇ କ୍ରମାନ୍ୱୟରେ ଆସିଛି। କିନ୍ତୁ ଏବେ ଆମେ ଏମିତି ଏକ ଆଧ୍ୟାତ୍ମିକ, ଧର୍ମୀୟ ଓ ସାଂସ୍କୃତିକ ସଙ୍କଟରେ ଉପନୀତ ହୋଇଯାଇଛୁ, ଯେଉଁଠି ଧର୍ମର ଉପସ୍ଥିତି ହିଁ ମାନବଜାତି ପାଇଁ ଅସହ୍ୟ ଅନୁଭବ ହେଉଛି। ଧର୍ମୀୟ ମୂଲ୍ୟବୋଧ ପରିବର୍ତ୍ତେ ଧର୍ମାନ୍ଧତା ବିଶାଳ ରୂପ ଧାରଣ କରି ବିଶ୍ୱମାନବ ପ୍ରଜାତିକୁ ଧ୍ୱଂସ ଆଡ଼କୁ ଟାଣି ନେଉଛି। ସେଥିପାଇଁ କୁହାଯାଇଛି - 'ଧର୍ମ ଯୋ ବାଧତେ ଧର୍ମଃ, ନ ସ ଧର୍ମଃ, କୁଧର୍ମ ତତ୍, ଅବିରୋଧୀ ତୁ ଯୋ ଧର୍ମଃ, ସ ଧର୍ମଃ ସତ୍ୟବିକ୍ରମଃ (ଯେଉଁ ଧର୍ମ ଅନ୍ୟ ଧର୍ମକୁ ବାଧା ଦିଏ, ସେ ଧର୍ମ ନୁହେଁ, ତାହାକୁ କୁଧର୍ମ ବୋଲାଯାଏ। ନିର୍ବିବାଦୀୟ ଧର୍ମ ହିଁ ପ୍ରକୃତ ସତ୍ୟନିଷ୍ଠ ଧର୍ମ)।' ଆଜି ସାରା ବିଶ୍ୱରେ ଯେତେ ଯୁଦ୍ଧ ହେଉଛି ବା ହୋଇଛି ସେଥିରୁ ଅଧିକାଂଶ ଧର୍ମ ଏବଂ ଧର୍ମ ମଧ୍ୟରେ ହିଂସା, ପ୍ରତିହିଂସା ଉପରେ ପର୍ଯ୍ୟବସିତ। ଆମ ଦେଶରେ 'ସର୍ବ ଧର୍ମ ସମନ୍ୱୟ' ନିମନ୍ତେ ଯେତେ ଚେଷ୍ଟାକଲେ ବି ଧର୍ମାନ୍ଧମାନଙ୍କ ସଂଖ୍ୟା ବଢ଼ିବାରେ ଲାଗିଛି। ଏହି ଧର୍ମାନ୍ଧତାକୁ ରାଜନେତାମାନେ ଖୁବ୍ ସନ୍ତର୍ପଣରେ ଓ ପ୍ରାୟୋଜିତ ଭାବେ ଉତ୍ସାହିତ କରୁଛନ୍ତି କ୍ଷମତା ଦଖଲ ପାଇଁ, ଯାହା ସର୍ବାଦୌ ଅନୁଚିତ୍। ଏଠାରେ ସଆଦତ୍ ହସନ ମଂଟୋଙ୍କ ଉକ୍ତିକୁ ଉଲ୍ଲେଖ କରାଯାଇପାରେ - 'ଧର୍ମ ଯେତେବେଳେ ହୃଦୟରୁ ବାହାରି ମୁଣ୍ଡକୁ ଚଢ଼ିଯାଏ, ସେତେବେଳେ ତାହା ବିଷ ପାଲଟିଯାଏ।'

୧୯୩୯ ରେ ମୁମ୍ବାଇରେ ଫରୱାର୍ଡ ବ୍ଲକ ସମ୍ମିଳନୀରେ ନେତାଜୀ ସୁଭାଷ ଚନ୍ଦ୍ର ବୋଷ କହିଥିଲେ- 'ଧର୍ମକୁ ରାଜନୀତିଠାରୁ ସମ୍ପୂର୍ଣ୍ଣ ଭାବେ ଦୂରରେ ରଖାଯିବା ଉଚିତ୍। ଧର୍ମ ଜଣେ ବ୍ୟକ୍ତିର ବ୍ୟକ୍ତିଗତ ବିଷୟ ହେବା ଉଚିତ୍। ଜଣେ ମଣିଷ ହିସାବରେ ସେ ଚାହୁଁଥିବା ଯେକୌଣସି ଧର୍ମକୁ ମାନିବାର ସମ୍ପୂର୍ଣ୍ଣ ସ୍ୱାଧୀନତା ଜଣେ ବ୍ୟକ୍ତିର ରହିବା ଉଚିତ୍। ମାତ୍ର ରାଜନୀତି ଧର୍ମ କିମ୍ବା ଅନ୍ୟ କୌଣସି ଅତିପ୍ରାକୃତିକ ଧାରଣା ଦ୍ୱାରା ପରିଚାଳିତ ହେବା ଉଚିତ୍ ନୁହେଁ।' ଦେଶ ସ୍ୱାଧୀନ ହେବାର ୪୮ ବର୍ଷ ପରେ ସମ୍ବିଧାନର ୪୨ ତମ ସଂଶୋଧନରେ ଧର୍ମନିରପେକ୍ଷ ଶବ୍ଦକୁ ସମ୍ବିଧାନର ପ୍ରସ୍ତାବନାରେ ଯୋଡ଼ାଗଲା। ଏହି ୪୮ ବର୍ଷ ଭିତରେ ଧର୍ମାନ୍ତରୀକରଣ ବଢ଼ିଚାଲିଲା। ଦେଶ ସ୍ୱାଧୀନ ହେବା ପୂର୍ବରୁ ମଧ୍ୟ ଧର୍ମାନ୍ତରୀକରଣ ବହୁ ପରିମାଣରେ ଚାଲିଥିଲା। ଆମ ଦେଶରେ ଅଶିକ୍ଷା, ଅଜ୍ଞାନତା ଓ ଦାରିଦ୍ର୍ୟତାର ସୁଯୋଗ ନେଇ ଶିକ୍ଷାର ପ୍ରସାର କରିବାକୁ ଯାଇ ମିଶନାରୀମାନେ ବହୁଳଭାବେ ଧର୍ମାନ୍ତରୀକରଣ କରାଇଲେ, ଯାହାର ଉଲ୍ଲେଖ ୧୯୫୪ ମସିହା ଏପ୍ରିଲ ୧୬ ତାରିଖରେ ମଧ୍ୟପ୍ରଦେଶ ସରକାର ବସେଇଥିବା ନିୟୋଗୀ କମିଟି (ନାଗପୁର ଉଚ୍ଚନ୍ୟାୟାଳୟର ଅବସରପ୍ରାପ୍ତ ମୁଖ୍ୟ ବିଚାରପତି ଡଃ ଭବାନୀ ଶଙ୍କର ନିୟୋଗୀ ଥିଲେ ଏହି କମିଟିର ଅଧ୍ୟକ୍ଷ) ରିପୋର୍ଟରେ ପୁଙ୍ଖାନୁପୁଙ୍ଖ ଉଲ୍ଲେଖ ରହିଛି। ଧର୍ମର ତ୍ରୁଟିପୂର୍ଣ୍ଣ ବାଖ୍ୟା, ରାଜନୀତି, ଶିକ୍ଷାନୁଷ୍ଠାନ ଓ ପ୍ରଶାସନରେ ଧର୍ମର ଅନୁପ୍ରବେଶ ହିଁ ଆଜି ଭାରତବର୍ଷ ପରି ଏକ ପବିତ୍ର, ଶାନ୍ତ, ସ୍ନିଗ୍ଧ ଓ ମାନବିକ ମୂଲ୍ୟବୋଧର ରୂପକାର ଦେଶ ଧର୍ମାନ୍ଧତାର କାଠଗଡ଼ାରେ ଠିଆ ହୋଇଛି।

୧୯୬୭/୬୮ ମସିହାରେ ଓଡ଼ିଶା ଓ ମଧ୍ୟପ୍ରଦେଶ ସରକାର ଦେଶରେ ପ୍ରଥମ ଥର ପାଇଁ 'ଫ୍ରିଡମ୍ ଅଫ୍ ରିଲିଜିଅନ୍ ଆକ୍ଟ' ପ୍ରଣୟନ କରିଥିଲେ, ଯେଉଁଥିରେ ବାଧ୍ୟବାଧକତା, ତଞ୍ଚକତା କିମ୍ବା ଲୋଭ ଦେଖାଇ ଧର୍ମାନ୍ତରୀକରଣ କରିବା ଏକ ଅପରାଧ ବୋଲି ଅଭିହିତ କରାଗଲା। ଏହି ଆଇନ୍ ଦ୍ୱାରା ଧର୍ମାନ୍ତରୀକରଣ ବନ୍ଦ ହୋଇପାରିଥା'ନ୍ତା। କିନ୍ତୁ ତାହା ନାଲିଫିତା ଫାଇଲ୍ ତଳେ ରହିଯିବାରୁ ପରିଣାମ ଆଜି ଆମକୁ ଭୋଗିବାକୁ ପଡ଼ୁଛି। ବହୁ ପ୍ରଗତିଶୀଳ ଓ ଉନ୍ନତ ରାଷ୍ଟ୍ରଗୁଡ଼ିକରେ ଧର୍ମକୁ ରାଷ୍ଟ୍ରଠାରୁ ଅଲଗା ରଖାଯାଇଛି। କିନ୍ତୁ ଆମେ ଧର୍ମୀୟ କାର୍ଯ୍ୟକଳାପ, ଧର୍ମର ପ୍ରଚାର, ପ୍ରସାର ନିମନ୍ତେ ସବୁ ଧର୍ମକୁ ପ୍ରୋତ୍ସାହନ ଦେଇଚାଲିଛୁ। ଯାହାଦ୍ୱାରା ସବୁ ଧର୍ମ ଓ ସମ୍ପ୍ରଦାୟ ନିଜ ନିଜର ସାମାଜିକ ପ୍ରତିପତ୍ତି ବଢ଼େଇବାକୁ ଉଦ୍ୟମରତ। କିଏ ପାରମ୍ପାରିକ ତ କିଏ ରଢ଼ିବାଦୀ ତ କିଏ ଉଦାରବାଦୀ। ଯାହା ଫଳରେ ଧର୍ମ ଓ ସମ୍ପ୍ରଦାୟିକ ଉତ୍ତେଜନା ବଢ଼ୁଛି।

ଏହି ସଙ୍କଟରୁ ବଞ୍ଚିବା ଓ ଶାନ୍ତିପୂର୍ଣ୍ଣ ସହାବସ୍ଥାନ ନିମନ୍ତେ ଧର୍ମ ମଣିଷର ବ୍ୟକ୍ତିଗତ ବ୍ୟାପାର ହେଉ। ନିଜ ନିଜ ଧର୍ମ ଓ ଆଚରଣ ନିଜର ଘର, ପରିସର ଏବଂ ଧର୍ମାନୁଷ୍ଠାନ ପରିସର ମଧ୍ୟରେ ସୀମିତ ରହିବା ଜରୁରୀ। ଶିକ୍ଷାନୁଷ୍ଠାନ, ରାଜନୈତିକ କାର୍ଯ୍ୟକଳାପ, ପ୍ରଶାସନ, ବିଧି ଓ ବୈଧାନିକ ବ୍ୟବସ୍ଥା ମଧ୍ୟରେ ଧର୍ମ ଓ ସମ୍ପ୍ରଦାୟର ପ୍ରବେଶ ସମ୍ପୂର୍ଣ୍ଣ ନିଷେଧ ହେଉ। ଡାକବାଜି ଯନ୍ତ୍ରର ବ୍ୟବହାର ସୀମିତ ପରିସରରେ ବ୍ୟବହୃତ ହେବା ସହ ଧର୍ମୀୟ ଶୋଭାଯାତ୍ରା ଓ ଧର୍ମୀୟ ସମାବେଶ ଇତ୍ୟାଦିକୁ ରାଷ୍ଟ୍ର ନିରୁତ୍ସାହିତ କରିବା ବିଧେୟ। ବିଶେଷ କରି ଶିକ୍ଷା କ୍ଷେତ୍ରରୁ ଧର୍ମ ଓ ଧର୍ମୀୟ ଚିନ୍ତା ଚେତନାକୁ ସମ୍ପୂର୍ଣ୍ଣ ମୁକ୍ତ ରଖାଯାଇ ପାରିଲେ ଏକ ସୁସ୍ଥ ସମାଜ ଗଠନ ହେବ।

ଭୁବନେଶ୍ୱର, ମୋ: ୯୪୩୭୦୧୩୧୩୯

## ଆମ ବୃକ୍ଷଲତା ଆମ ଜୀବନ

ପ୍ରକୃତି-ପରିବେଶ

### ବିଛୁଆତି

ସୌଭାଗ୍ୟସୁନ୍ଦର

ବିଛୁଆତି ଭାରତର ପୂର୍ବଘାଟ ପର୍ବତମାଳାରେ ଏବଂ ଶ୍ରୀଲଙ୍କା, ଚୀନ୍, ମିଆଁମାର ଆଦି ପଡ଼ୋଶୀ ଦେଶଗୁଡ଼ିକରେ ପ୍ରାକୃତିକ ଭାବରେ ଦେଖାଯାଏ। ଏହା ଉଷ୍ମମଣ୍ଡଳୀୟ ଏବଂ ଉପ ଉଷ୍ମ ମଣ୍ଡଳୀୟ ଅଞ୍ଚଳରେ ଭଲ ବଢ଼େ ଏବଂ ନିକଟବର୍ତ୍ତୀ ବୃକ୍ଷଲତା ଉପରେ ମାଡ଼ିଥାଏ। ଏହା ଏକ ଜ୍ୱଳନ ଉଦ୍ଭିଦ ଭାବରେ ଲୋକପ୍ରିୟ। ଏହା ମଧ୍ୟ ବହୁବର୍ଷୀୟ ଦୁର୍ବଳ କାଣ୍ଡ ବିଶିଷ୍ଟ ଉଦ୍ଭିଦ, ଯାହାର ସାରା ଶରୀରରେ କେଶ ରହିଥାଏ। ଏହାକୁ ଇଂରାଜୀରେ ଇଣ୍ଡିଆନ୍ ଷ୍ଟିଙ୍ଗିଂ ନେଟଲ୍ କିମ୍ବା କ୍ଲାଇମ୍ବିଂ ନେଟଲ୍ କୁହାଯାଏ। କାରଣ ଏହାର ସଂସ୍ପର୍ଶରେ ଆସିଲେ ଚର୍ମରେ ଜଳା ପୋଡ଼ା ଓ କୁଣ୍ଡାଇ ହୁଏ। ଏହାର ପତ୍ରଗୁଡ଼ିକ ୬-୧୦ ସେମି ଲମ୍ବା, ୩-୫ ସେମି ଓସାରିଆ, ସରଳ, ଦନ୍ତୁରିତ ଧାର, ଡିମ୍ବାକାର। ଫୁଲଗୁଡ଼ିକ ପୁଷ୍ପୋଦ୍ଗମରେ ଡାଳର ଅଗ୍ର ଭାଗରେ ସଜ୍ଜିତ ଥାଏ। ସେଗୁଡ଼ିକ ଆକାରରେ ବହୁତ ଛୋଟ, ମୋନୋସିୟସ୍ ବା ଲିଙ୍ଗ ଭେଦରେ ପୃଥକ୍। ବିହନଗୁଡ଼ିକ ଗୋଲାକାର, ଧୂସର ମାଟିଆ, ମସୃଣ ଓ ହାଲୁକା ରଙ୍ଗର। ଫୁଲ ଫୁଟିବାର ସମୟ ହେଉଛି ଫେବୃଆରୀ, ମାର୍ଚ୍ଚ, ଜୁନ୍। ଫଳ ବର୍ଷସାରା ହୋଇଥାଏ।

ବିଛୁଆତିକୁ ଆୟୁର୍ବେଦ ଓ ଆଧୁନିକ ଏଲପାଥିକ ଔଷଧ ପ୍ରୟୋଗରେ ବହୁଳ ଭାବରେ ବ୍ୟବହାର କରାଯାଏ। ଓଡ଼ିଶାର ଆଦିବାସୀ ଲୋକମାନେ ଏହାର ମୂଳ ଓ ପତ୍ରକୁ ଶୁଖିଲା କାଶ ପାଇଁ ବ୍ୟବହାର କରନ୍ତି। ତାମିଲନାଡୁର କରନ୍ଦମାଲାଇର ଲୋକମାନେ କୋଷ୍ଠକାଠିନ୍ୟ ଦୂର କରିବା ପାଇଁ ଏହାର ମୂଳକୁ ବ୍ୟବହାର କରନ୍ତି। ପଶ୍ଚିମବଙ୍ଗରେ ବିଛା ଦଂଶନର ଚିକିତ୍ସା ପାଇଁ ମୂଳରୁ ତିଆରି ପେଷ୍ଟ ବ୍ୟବହାର କରାଯାଏ। କେଶ ଝଡ଼ିବା ରୋକିବା ପାଇଁ ଏହାର ମଞ୍ଜିରୁ ତିଆରି ପେଷ୍ଟ ମୁଣ୍ଡରେ ଲଗାଯାଇପାରେ। ଏହି ପେଷ୍ଟକୁ ଆଲୋପେସିଆ ଚିକିତ୍ସାରେ ମଧ୍ୟ ବ୍ୟବହାର କରାଯାଏ। ଉତ୍ତର-ପୂର୍ବ ଭାରତ ଏବଂ ଦକ୍ଷିଣ-ଏସୀୟ ଦେଶଗୁଡ଼ିକର ଲୋକମାନେ ଶତାବ୍ଦୀ ଧରି ମଧୁମେହ ଚିକିତ୍ସା ପାଇଁ ବିଛୁଆତିକୁ ବ୍ୟବହାର କରନ୍ତି। ଏହାକୁ ସ୍ତନ ଟ୍ୟୁମର ଚିକିତ୍ସା ପାଇଁ ମଧ୍ୟ ବ୍ୟବହାର କରାଯାଏ।

ଆୟୁର୍ବେଦର ତିନୋଟି ପ୍ରମୁଖ ଗ୍ରନ୍ଥ ଚରକ ସଂହିତା, ସୁଶ୍ରୁତ ସଂହିତା ଓ ଭାଗବତ୍ ସଂହିତାରେ ଏହା ବୃଷ୍ଚକାଳି ଭାବରେ ଉଲ୍ଲେଖିତ। ଚରକ ସଂହିତାରେ ଏହା ଅପସ୍ମାର ଚିକିତ୍ସା, ଶୁଶ୍ରୁତ ସଂହିତାରେ ଜ୍ୱର ଚିକିତ୍ସା ଏବଂ ଭାଗବତ୍/ଅଷ୍ଟାଙ୍ଗହୃଦ ସଂହିତାରେ ବିଦାର୍ୟାଦି ଗୃହର ଏକ ଉପାଦାନ ଭାବରେ ଉଲ୍ଲେଖ କରାଯାଇଛି, ଯାହା ଶ୍ୱାସକ୍ରିୟାର ଲକ୍ଷଣର ବିକାର ଉପଶମରେ ବ୍ୟବହୃତ ହୁଏ। ଏଥିରେ ଆଣ୍ଟିବ୍ୟାକ୍ଟେରିଆଲ୍/ଆଣ୍ଟିମାଇକ୍ରୋବାୟଲ୍, ଡାଇବେଟିକ୍/ହାଇପୋଗ୍ଲାଇସେମିକ୍, ଆଣ୍ଟିଅକ୍ସିଡାଣ୍ଟ ଏବଂ ପ୍ରଦାହ-ପ୍ରତିରୋଧୀ, ଆଣ୍ଟିଫଙ୍ଗାଲ୍ ଭଳି ଅନେକ ଜୈବିକ କାର୍ଯ୍ୟକଳାପ ଅଛି। ଏହା ଫାଇଟୋକେମିକାଲ୍ସରେ ସମନ୍ୱିତ। ଏହା ମଧ୍ୟ ଆଲଜାଇମର ରୋଗ (ସ୍ମରଣ ଶକ୍ତି ହ୍ରାସ), କୋଏଡ୍-୧୯, ଆଣ୍ଟି-ଇନ୍‌ଫ୍ଲାମେଟୋରୀ, ଆଣ୍ଟିଅକ୍ସିଡାଣ୍ଟ, ଆଣ୍ଟିପାରାସାଇଟିକ୍, ଡାଇୟୁରେଟିକ୍, ଆଣ୍ଟି ଟ୍ୟୁମର, ହେପାଟୋପ୍ରୋଟେକ୍ଟିଭ୍ ପାଇଁ ବ୍ୟବହୃତ ହୁଏ। ବିଛୁଆତିରେ ପ୍ରଚୁର ପରିମାଣରେ ଆଲକାଲଏଡ୍, ଫେନୋଲ୍ସ, ଟେର୍ପେନୋଏଡ୍ସ, ଟାନିନ୍ ଫ୍ଲାଭୋନୋଏଡ୍ସ, ଷ୍ଟେରୋଲ୍ସ, ସାପୋନିନ୍ସ, ଗ୍ଲାଇକୋସାଇଡ୍ସ ଓ କ୍ୟାରିଓଫାଇଲିନ୍, ଇଥିଲିନ୍ ଗ୍ଲାଇକଲ୍ ମୋନୋ-ଟେର୍ଟ-ବ୍ୟୁଟାଇଲ୍ ଇଥର ଓ ଜେରାନିଲ୍ ଆସିଟୋନ୍ ଭଳି ଅତ୍ୟାବଶ୍ୟକ ତେଲ ରହିଛି। ଏଥିରେ ଥିବା କ୍ୟାଲସିୟମ୍ ଅକ୍ସାଲେଟ୍ ଓ ସେଲସୋଲ୍ ଜଳା ପୋଡା, କୁଣ୍ଡେଇ ହେବା ଭଳି ଦଂଶନକାରୀ ଗୁଣ ପାଇଁ ଦାୟୀ। ଏହା ହେଉଛି ନିଜର ପ୍ରାକୃତିକ ପ୍ରତିରକ୍ଷା ବ୍ୟବସ୍ଥା।

ଯେହେତୁ ଏହି ଗଛ ଏକ ଅନାବନା ଉଦ୍ଭିଦ, ଏହାର ଔଷଧୀୟ ମୂଲ୍ୟ ବିଷୟରେ ଜ୍ଞାନର ଅଭାବ ଯୋଗୁଁ ଏହାକୁ ବ୍ୟାପକ ଭାବରେ ନଷ୍ଟ କରିଦିଆଯାଉଛି ଅଜାଣତରେ। ତେଣୁ ଏହାର ରକ୍ଷଣାବେକ୍ଷଣ ପାଇଁ ଆବଶ୍ୟକୀୟ ପଦକ୍ଷେପ ନିଆଯିବା ଆବଶ୍ୟକ। ବିଶେଷ ଭାବରେ ଭେଷଜ କମ୍ପାନୀମାନେ ଏବଂ ସଚେତନ ଜନସାଧାରଣ ଏହାର ରକ୍ଷଣାବେକ୍ଷଣ ଓ ଚାଷ ପାଇଁ ତତ୍ପରତା ପ୍ରକାଶ କରିବା ଉଚିତ୍। ସରକାରୀ ପ୍ରୋତ୍ସାହନର ଜରୁରୀ ଆବଶ୍ୟକତା ମଧ୍ୟ ଅନୁଭବ କରାଯାଏ।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୨୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

**ବିସ୍ଫୋରକ ଲୁଟ୍ ଘଟଣା**

## ମାଓବାଦୀଙ୍କ ମୁଖ୍ୟ ସହଯୋଗୀ ଗିରଫ

**ରାଉରକେଲା, ୧୫।୬(ସମିସ):** କେ. ବଲାଙ୍ଗ ଥାନା ଅନ୍ତର୍ଗତ ବଙ୍କୋ ପଥର ଖଣିକୁ ଚାଲାଣ ହେଉଥିବା ୫ଟନ୍ ବିସ୍ଫୋରକ ସାମଗ୍ରୀ ଲୁଟ୍ ଘଟଣାରେ ମାଓବାଦୀଙ୍କ ମୁଖ୍ୟ ସହଯୋଗୀଙ୍କୁ ରାଉରକେଲା ପୁଲିସ ଗିରଫ କରି କୋର୍ଟ ଚାଲାଣ କରିଛି। ଗିରଫ ଅଭିଯୁକ୍ତ ହେଲେ, ବଙ୍କୋ ଗ୍ରାମର ଜର୍ଜ ମୁଣ୍ଡା ଓରଫ କୁଲୁ (୪୩)। ସେ ମାଓବାଦୀଙ୍କୁ ଆଗୁଆ ସୂଚନା ଦେଇ ସହଯୋଗ କରୁଥିଲେ ବୋଲି ରବିବାର ଏକ ସାମ୍ବାଦିକ ସମ୍ମିଳନୀରେ ପଶ୍ଚିମାଞ୍ଚଳ ପୁଲିସ ଡିଆଇଜି ବ୍ରିଜେଶ କୁମାର ରାଏ ଏବଂ ଏସ୍‌ପି ନିତେଶ ୱାଧୱାନୀ ସୂଚନା ଦେଇଛନ୍ତି।

ଡିଆଇଜି ଶ୍ରୀ ରାଏ କହିଛନ୍ତି, ଗତ ମେ' ୨୭ରେ ବାଙ୍କୋ ପଥରକ୍ୱାରୀ ନିକଟରୁ ୫ ଟନ୍ ବିସ୍ଫୋରକ ସାମଗ୍ରୀ ଲୁଟ୍ ହେବାରେ କେ. ବଲାଙ୍ଗ ଥାନାରେ ଏନେଇ ଏକ ମାମଲା ରୁଜୁ ହୋଇ ତଦନ୍ତ ଆରମ୍ଭ ହୋଇଥିଲା। ଓଡ଼ିଶା ଏବଂ ଝାଡ଼ଖଣ୍ଡ ପୁଲିସ ପକ୍ଷରୁ ଏନେଇ ବ୍ୟାପକ ତନାଘନା ଆରମ୍ଭ ହୋଇଥିଲା। ଅତିରିକ୍ତ ଏସ୍‌ପିଙ୍କ ନେତୃତ୍ୱରେ ଏକ ଏସ୍‌ଆଇଟି ଗଠନ କରାଯାଇ ଏସ୍‌ଡିପିଓ କେ. ବଲାଙ୍ଗ ଥାନା




ଅଧିକାରୀ ତଦନ୍ତ କରିଥିଲେ। ଏସପି ନିତେଶ ୱାଧୱାନୀ ପୂରା ଘଟଣାର ମନିଟରିଂ କରିଥିଲେ। ସେ ଆହୁରି କହିଛନ୍ତି ଯେ ଗିରଫ ଜର୍ଜ ମୁଣ୍ଡା ଦୀର୍ଘ ଦିନ ଧରି ବାଙ୍କୋଠାରେ ଥିବା ବାଙ୍କୋ ଷ୍ଟୋନ୍ କ୍ୱାରୀକୁ ବିରୋଧ କରିଆସୁଥିଲା। ଏଥିସହ ସ୍ଥାନୀୟ ମାଓବାଦୀ ସଂଗଠନ ସହ ମଧ୍ୟ ତାର ସମ୍ପର୍କରେ ଥିଲା। ଯାହାକୁ ଆଧାର କରି ବିସ୍ଫୋରକ ସାମଗ୍ରୀ ଲୁଟ ଘଟଣାରେ ସେ ମାଓବାଦୀଙ୍କୁ ସହାୟତା କରିଥିଲା ବୋଲି ଡିଆଇଜି ଶ୍ରୀ ରାଏ କହିଛନ୍ତି। ଏସ୍‌ପି ନିତେଶ ୱାଧୱାନୀ କହିଛନ୍ତି, ବାଙ୍କୋ ଷ୍ଟୋନ୍ କ୍ୱାରୀକୁ ବିରୋଧ କରିଆସୁଥିବାରୁ ଜର୍ଜ ମୁଣ୍ଡା ପ୍ରତିଶୋଧ ନେବାକୁ ସୁଯୋଗ ଅପେକ୍ଷାରେ ରହିଥିଲା। ବାଙ୍କୋ ଷ୍ଟୋନ କ୍ୱାରୀକୁ ବ୍ଲାଷ୍ଟିଂ ପାଇଁ ଯାଉଥିବା ବିସ୍ଫୋରକ ସାମଗ୍ରୀର ଗତିବିଧି ଉପରେ ସେ ନଜର ରଖିଥିଲା। ଗତ ମେ ୨୭ ତାରିଖ ରାତି ପ୍ରାୟ ସାଢେ ୮ଟାରେ ବଡ଼ଗାଁସ୍ଥିତ ଇକମା ଅଞ୍ଚଳରୁ ଏକ ବିସ୍ଫୋରକ ସାମଗ୍ରୀ ବୋଝେଇ ଭ୍ୟାନ ବାଙ୍କୋ ଖଣିକୁ ଆସୁଥିବା ନେଇ ଜର୍ଜ ମୁଣ୍ଡା ମାଓବାଦୀଙ୍କୁ ସୂଚନା ଦେଇଥିଲା। ଏହି ସୂଚନାକୁ ଆଧାର କରି ଘଟଣା ଦିନ ସଶସ୍ତ୍ର ମାଓବାଦୀମାନେ ୫ ଟନ୍ ଓଜନର ୨୦୦ ପ୍ୟାକେଟ ବିସ୍ଫୋରକ ସାମଗ୍ରୀ ବୋଝେଇ ଭ୍ୟାନ୍‌କୁ ଲୁଟ କରିବାରେ ସଫଳ ହୋଇଥିଲେ। ଘଟଣା ଦିନ ମାଓବାଦୀମାନେ ବନ୍ଧୁକ ମୁନରେ ଭ୍ୟାନ୍ ଚାଳକକୁ ଧମକ ଦେଇ ବିସ୍ଫୋରକ ବୋଝେଇ ଭ୍ୟାନ୍‌କୁ ସରଣ୍ଡା ଜଙ୍ଗଲ ଭିତରକୁ ନେଇଯାଇଥିଲେ। ସମସ୍ତ ବିସ୍ଫୋରକ ସାମଗ୍ରୀ ଲୁଟି ନେବା ପରେ ମାଓବାଦୀମାନେ ଭ୍ୟାନ୍ ଚାଳକକୁ ଜଙ୍ଗଲ ଭିତରେ ଛାଡ଼ି ଦେଇଥିଲେ।

## ୨୦ରେ ଖୋଲିବ ସ୍କୁଲ୍

**ଭୁବନେଶ୍ୱର, ୧୫।୬ (ସମିସ):** ପ୍ରାୟ ଦୁଇ ମାସର ଛୁଟି ପରେ ଆସନ୍ତା ୨୦ ତାରିଖରେ ଖୋଲିବ ସ୍କୁଲ୍। ଏଥିପାଇଁ ୧୯ ତାରିଖରେ ବିଦ୍ୟାଳୟ ପରିସର ସଫାସୁତୁରା କରାଯିବ। ସ୍କୁଲର ବୈଦ୍ୟୁତିକ ସରଞ୍ଜାମ ଓ ବିଦ୍ୟୁତ୍ ସଂଯୋଗ ଯାଞ୍ଚ କରାଯିବ। ପାଣି ଟାଙ୍କି ସଫା କରାଯିବ ଓ ପିଲାଙ୍କ ବସିବା ବେଞ୍ଚ୍ ଓ ଚେୟାରକୁ ପରିଷ୍କାର କରାଯିବ। ଛାତ୍ରଛାତ୍ରୀଙ୍କୁ ମଧ୍ୟାହ୍ନ ଭୋଜନ ପାଇଁ ଚାଉଳ, ଡ଼ାଲି ଓ ଅନ୍ୟ ଖାଦ୍ୟ ପଦାର୍ଥର ଯାଞ୍ଚ ହେବ ଓ ୨୦ ତାରିଖଠାରୁ ପାଠପଢ଼ା ଚାଲିବ। ଏଥିପାଇଁ ସରକାରଙ୍କ ପକ୍ଷରୁ ନିର୍ଦ୍ଦେଶନାମା ଜାରି କରାଯାଇଛି। ଚଳିତବର୍ଷ ଗ୍ରୀଷ୍ମ ପ୍ରବାହ ଯୋଗୁଁ ବହୁ ପୂର୍ବରୁ ଖରାଛୁଟି ହୋଇଥିଲା। ମେ ୬ରୁ ଛୁଟି କରିବା ପାଇଁ ପୂର୍ବରୁ ନିର୍ଦ୍ଧାରିତ ହୋଇଥିଲେ ମଧ୍ୟ ଖରା ପାଇଁ ଏପ୍ରିଲ୍ ୨୩ ତାରିଖରୁ ଖରାଛୁଟି ଘୋଷଣା କରିଥିଲେ ସରକାର। ଫଳରେ ପ୍ରାୟ ୧୩ ଦିନ ପାଠପଢ଼ା ବାଧାପ୍ରାପ୍ତ ହୋଇଥିଲା। ଆଗାମୀ ୨ ଦିନ ମଧ୍ୟରେ ରାଜ୍ୟରେ ମୌସୁମୀ ପୁନଃ ସକ୍ରିୟ ହେବାରୁ ଖରାଛୁଟି ବଢ଼ିବାର କୌଣସି ସମ୍ଭାବନା ନ ଥିବା ଜଣେ ବରିଷ୍ଠ ଅଧିକାରୀ ସୂଚନା ଦେଇଛନ୍ତି।

## ସ୍ୱାମୀର ଗୋଇଠା ମାଡ଼ରେ ଗର୍ଭବତୀ ସ୍ତ୍ରୀ ମୃତ



**ଭଦ୍ରକ,୧୫।୬(ସମିସ):** ଜଣେ ୪ମାସର ଅନ୍ତସତ୍ତ୍ୱା ମହିଳାଙ୍କୁ ତାଙ୍କ ସ୍ୱାମୀ ଗୋଇଠା ମାରି ହତ୍ୟା କରିବା ଭଳି ସଙ୍ଗୀନ ଅଭିଯୋଗ ହୋଇଛି। ଏଭଳି ଅଭାନୀୟ ଘଟଣା ଘଟିଛି ଭଦ୍ରକ ଜିଲ୍ଲା ତିହିଡି ଥାନା ଅଧୀନ ତାଳପଦା ଗାଁରେ। ଗତ ଶନିବାର ରାତିରେ ତାଳପଦା ଗାଁର ପଞ୍ଚାନନ ଜେନାଙ୍କ ବିବାହିତ ଝିଅ ମୋନାଲିସା ଜେନା(୨୬)ଙ୍କୁ ଅଧିକ ଯୌତୁକ ପାଇଁ ଏଭଳି ବୀଭତ୍ସ ହତ୍ୟା କରାଯାଇଥିବା ଅଭିଯୋଗ ହୋଇଛି। ତିହିଡ଼ି ପୁଲିସ ଏହି ଘଟଣାରେ ଏକ ମକଦ୍ଦମା (ନଂ ୨୧୧/୨୫) ରୁଜୁ କରି ମହିଳାଙ୍କ ସ୍ୱାମୀ ଶଙ୍କର୍ଷଣ ଜେନାକୁ ରବିବାର ଗିରଫ କରିଛି।

ଅଭିଯୋଗ ଅନୁଯାୟୀ, ତାଳପଦା ପଞ୍ଚାୟତ ତାଳପଦା ଗାଁର ପଞ୍ଚାନନ ଜେନାଙ୍କ ଝିଅ ମୋନାଲିସା ଜେନା ସେହି ପଞ୍ଚାୟତର ଶଙ୍କର୍ଷଣ ଜେନାଙ୍କୁ ୨୦୧୯ ମସିହାରେ ପ୍ରେମ ବିବାହ କରିଥିଲେ। ପରେ ମୋନାଲିସାଙ୍କୁ ତାଙ୍କ ସ୍ୱାମୀ ଓ ଶ୍ୱଶୁର ଘର ଲୋକେ ନାନାଦି ଶାରୀରିକ ମାନସିକ ନିର୍ଯାତନା ଦେଇଆସୁଥିବା ପରିବାର ଲୋକେ ଅଭିଯୋଗ କରିଛନ୍ତି। ତେବେ ଗତକାଲି ରାତ୍ରିରେ ମୋନାଲିସାଙ୍କ ସହ ତାଙ୍କ ସ୍ୱାମୀଙ୍କ କୌଣସି କାରଣରୁ ଝଗଡ଼ା ହୋଇଥିଲା। ପରେ ଝଗଡ଼ାରେ ଉତ୍‌କ୍ଷିପ୍ତ ହୋଇ ମୋନାଲିସାଙ୍କ ପେଟକୁ ମାଡ଼ ମାରିଥିବା ପରିବାର ଲୋକେ ଅଭିଯୋଗ କରିଛନ୍ତି। ମୋନାଲିସାଙ୍କୁ ତିହିଡ଼ି ମେଡିକାଲ ଓ ପରେ ଭଦ୍ରକ ମେଡିକାଲକୁ ଅଣାଯାଇଥିଲେ ମଧ୍ୟ ସେଠାରେ ତାଙ୍କର ମୃତ୍ୟୁ ହୋଇଥିଲା। ଏଥି ନେଇ ମୋନାଲିସାଙ୍କ ପରିବାର ପକ୍ଷରୁ ତିହିଡ଼ି ଥାନାରେ ଅଭିଯୋଗ କରାଯାଇଛି। ଅଭିଯୋଗ ପରେ ତିହିଡ଼ି ପୁଲିସ ସ୍ୱାମୀ ଶଙ୍କର୍ଷଣକୁ ଅଟକ ରଖିଛି। ତେବେ ଶ୍ୱଶୁରଘର ପକ୍ଷରୁ ମୋନାଲିସା ବିଷ ପିଇ ଆତ୍ମହତ୍ୟା କରିଥିବା କୁହାଯାଉଛି।

## ହତ୍ୟା କରି ପୋଖରୀରେ ଫିଙ୍ଗିଦେଲେ

### ସଂଦିଗ୍ଧଙ୍କୁ ଉଦ୍ଧାର ବେଳେ ପୁଲିସ୍-ଗ୍ରାମବାସୀ ମୁହାଁମୁହିଁ; ୪ ଅଟକ

**ତୁରୁମୁଙ୍ଗା, ୧୫।୬ (ସମିସ):** କେନ୍ଦୁଝର ଜିଲ୍ଲା ତୁରୁମୁଙ୍ଗା ଥାନା ଡଲଙ୍ଗମୁଣ୍ଡା ସାହି ପୋଖରୀରୁ ପୁଲିସ୍ ଆଜି ସନ୍ଦେହଜନକ ଅବସ୍ଥାରେ ଜଣେ ବ୍ୟକ୍ତିଙ୍କ ମୃତଦେହ ଉଦ୍ଧାର କରିଛି। ମୃତକ ହେଲେ, କଣ୍ଟିଆପଡ଼ା ଗ୍ରାମର ରୟା ବେହେରା(୫୪)। ସେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଜଣେ କର୍ମଚାରୀ। ରୟାଙ୍କୁ ପିଟିପିଟି ହତ୍ୟା କରାଯାଇଛି ବୋଲି ତାଙ୍କ ପୁଅ ମନୋରଞ୍ଜନ ଅଭିଯୋଗ କରିବାରୁ ପୁଲିସ୍ ଏକ ହତ୍ୟା ମାମଲା ରୁଜୁ କରି ୪ ଜଣଙ୍କୁ ଅଟକ ରଖିଛି। ଏହାସହ ଶବକୁ ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଅଧିକ ତଦନ୍ତ ଚଳାଇଛି।

ସୂଚନାନୁଯାୟୀ, ରଜ ଛୁଟି ଅବସରରେ ରୟା ଗାଁକୁ ଆସିଥିଲେ। ଶନିବାର ରାତିରେ ସେ ପ୍ରଫୁଲ୍ଲ ମୁଣ୍ଡାଙ୍କ ଘରକୁ ଦେଶୀ ମହୁଲି ପିଇବାକୁ ଯାଇଥିଲେ। କିନ୍ତୁ ବିଳମ୍ବିତ ରାତି ପର୍ଯ୍ୟନ୍ତ ଘରକୁ ନ ଫେରିବାରୁ ପରିବାରଲୋକଙ୍କ ସନ୍ଦେହ ହୋଇଥିଲା। ତେବେ ଆଜି ସକାଳେ ତାଙ୍କ ଶବ ପୋଖରୀରେ ଭାସୁଥିବା ଦେଖି କିଛି ସ୍ଥାନୀୟ ଲୋକ ପୁଲିସ୍‌କୁ ଖବର ଦେଇଥିଲେ। ଚମ୍ପୁଆ ଏସ୍‌ଡିପିଓ ରଶ୍ମିରଞ୍ଜନ ସାହୁ, ଥାନାଧିକାରୀ ଦୀପ୍ତିରଞ୍ଜନ ସାହୁ, ଏକ ପ୍ଲାଟୁନ ପୁଲିସ ଫୋର୍ସ ଉପସ୍ଥିତିରେ ଅଗ୍ନିଶମ ବାହିନୀ ମୃତଦେହକୁ ପୋଖରୀରୁ ଉଦ୍ଧାର କରିଥିଲେ। ଅପରପକ୍ଷେ, ରୟାଙ୍କୁ ହତ୍ୟା କରାଯାଇଥିବା ଅଭିଯୋଗ କରି ଗ୍ରାମବାସୀ ପ୍ରଫୁଲ୍ଲ ମୁଣ୍ଡା, ନନ୍ଦ ମୁଣ୍ଡା ଓ ସରେନ ମୁଣ୍ଡାଙ୍କ ପରିବାରଲୋକଙ୍କୁ ଘର ଭିତରେ ବନ୍ଦ କରି ରଖିଥିଲେ। ପୁଲିସ ପହଞ୍ଚି ସେମାନଙ୍କୁ ଉଦ୍ଧାର କରିବାରୁ ତୀବ୍ର ଉତ୍ତେଜନା ପ୍ରକାଶ ପାଇଥିଲା। ଏପରିକି ପୁଲିସ୍-ଗ୍ରାମବାସୀ ମୁହାଁମୁହିଁ ପରିସ୍ଥିତି ଉପୁଜିଥିଲା। ଗ୍ରାମବାସୀ ପୁଲିସ୍‌କୁ ଗୋଡ଼ାଇବା ସହ ଅଟକ ବ୍ୟକ୍ତିଙ୍କୁ ମାଡ଼ ମାରିଥିଲେ। ଏହି ଘଟଣାରେ ପୁଲିସ ୪ ଜଣଙ୍କୁ ଉଦ୍ଧାର କରି ଥାନାକୁ ଆଣି ଘଟଣା ତଦନ୍ତ କରୁଛି।

## ମୋବାଇଲ ଚୋରିରୁ ତଣ୍ଟି ଚିପି ହତ୍ୟା; ୨ଗିରଫ

**ଖପ୍ରାଖୋଲ,୧୫।୬(ସମିସ):** ମୋବାଇଲ୍ ଚୋରିକୁ କେନ୍ଦ୍ର କରି ଯୁବକକୁ ତଣ୍ଟି ଚିପି ହତ୍ୟା। ବଲାଙ୍ଗିର ଜିଲ୍ଲା ଅନ୍ତର୍ଗତ ଖପ୍ରାଖୋଲ ଥାନା ଦେଦର୍ହଗ୍ରାମରେ ଏହି ଆପରାଧିକ ଘଟଣା ଘଟିଛି। ମୃତକ ହେଲେ, ଗ୍ରାମର ଅଜୟ ପ୍ରଧାନ ଓରଫ୍ ଅଜୁ। ଖପ୍ରାଖୋଲ ପୁଲିସ୍ ପାଟଣାଗଡ଼ ଡାକ୍ତରଖାନାରୁ ଅଜୁଙ୍କ ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ୧୩୧/୨୫ରେ ଏକ ହତ୍ୟା ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଏହି ଘଟଣାରେ ପୁଲିସ୍ ୨ଅଭିଯୁକ୍ତଙ୍କୁ ଗିରଫ କରିଛି। ସେମାନେ ହେଲେ, ଗ୍ରାମର କରାଦୁ ମାଝୀ(୪୫) ଓ ଧରମୁ ମାଝୀ (୪୦)।

ସୂଚନାନୁଯାୟୀ, ଶନିବାର ସଂଧ୍ୟା ପ୍ରାୟ ସାଢ଼େ ୮ଟା ବେଳେ ଅଜୁ ଗାଁ ନିକଟରେ ଥିବା ଏକ ଦେଶୀ ମଦ ଦୋକାନକୁ ଯାଇଥିଲେ। ସେଠାରେ ପୂର୍ବରୁ କରାଦୁ ଏବଂ ଧରମୁ ବସି ମଦ ପିଉଥିଲେ। ଅଜୁ କୌଶଳକ୍ରମେ ସେମାନଙ୍କ ପାଖରୁ ଗୋଟିଏ ମୋବାଇଲ୍ ଚୋରି କରି ଫେରାର୍ ହୋଇଯାଇଥିଲେ। ଏହା ଦେଖି କରାଦୁ ଓ ଧରମୁ ପିଛା କରି ତାଙ୍କୁ ପୋଖରୀ କୂଳ ଉପରେ ଧରି ପକାଇଥିଲେ। ସେଠାରେ ସେମାନଙ୍କ ମଧ୍ୟରେ ବଚସା ହେବାରୁ ଅଭିଯୁକ୍ତଦ୍ୱୟ ଅଜୟର ତଣ୍ଟି ଚିପି ହତ୍ୟା କରିବା ପରେ ତାଙ୍କୁ ପୋଖରୀକୁ ଠେଲି ଦେଇଥିଲେ। ନିକଟରେ ଶୌଚ କରୁଥିବା ପ୍ରଦୀପ ଏହା ଦେଖି ଅଜୟଙ୍କୁ ପାଣିରୁ ବାହାରକୁ ଆଣି ପାଟଣାଗଡ଼ ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ ଡାକ୍ତର ସେଠାର ତାଙ୍କୁ ମୃତ ଘୋଷଣା କରିଥିଲେ। ଘଟଣାର ଅଧିକ ତଦନ୍ତ କରୁଥିବା ଖପ୍ରାଖୋଲ ଥାନାଧିକାରୀ ନରେନ୍ଦ୍ର ଛତ୍ର ପ୍ରକାଶ କରିଛନ୍ତି।

**ଆନ୍ଦୋଳନରେ ବନ କର୍ମଚାରୀ**

## ସାରା ରାଜ୍ୟରେ ପାଟ୍ରୋଲିଂ ବନ୍ଦ

**ଭୁବନେଶ୍ୱର,୧୫।୬(ସମିସ):** ସାରା ରାଜ୍ୟରେ ବନ କର୍ମଚାରୀଙ୍କ ଆନ୍ଦୋଳନ। ରାଜ୍ୟର ସମସ୍ତ ବନାଞ୍ଚଳରେ ଫରେଷ୍ଟଗାର୍ଡ, ଫରେଷ୍ଟର ଓ ଡେପୁଟି ରେଞ୍ଜରମାନେ ପ୍ରତୀକାତ୍ମକ ଅନଶନ ସ୍ୱରୂପ କଳାବ୍ୟାଜ୍ ପିନ୍ଧି ଆନ୍ଦୋଳନ ଆରମ୍ଭ କରିଛନ୍ତି। ଫଳରେ ୧୫ ତାରିଖଠାରୁ ସାରା ରାଜ୍ୟରେ ଜଙ୍ଗଲ ପାଟ୍ରୋଲିଂ ବନ୍ଦ ହୋଇଯାଇଛି। ଏହି ସମୟରେ ହାତୀ, ବାଘ ଓ ଅନ୍ୟ ବନ୍ୟଜନ୍ତୁମାନେ ଜନବସତିମୁହାଁ ହେଲେ ମଧ୍ୟ ବନ କର୍ମଚାରୀମାନେ ସେମାନଙ୍କୁ ଘଉଡ଼ାଇବା ପାଇଁ ଯିବେ ନାହିଁ ବୋଲି ଘୋଷଣା କରିଛନ୍ତି। ଯାହାଫଳରେ ବନ ବିଭାଗର କ୍ଷେତ୍ର ସ୍ତରରେ ବର୍ତ୍ତମାନ ଅଚଳାବସ୍ଥା ସ୍ଥିତି ସୃଷ୍ଟି ହୋଇଛି। ବଡ଼ କଥା ହେଉଛି ଯେ ୨୨ ତାରିଖ ପର୍ଯ୍ୟନ୍ତ ଏପରି ଆନ୍ଦୋଳନ ଚାଲିବା ସହ ଯଦି ଏହି ସମୟ ମଧ୍ୟରେ ରାଜ୍ୟ ସରକାର ସେମାନଙ୍କ ଦାବି ପୂରଣ ନ କରନ୍ତି, ତେବେ ୨୨ରୁ ସମୂହ ଛୁଟିରେ ଯିବାକୁ ବନ କର୍ମଚାରୀମାନେ ନିଷ୍ପତ୍ତି ନେଇଛନ୍ତି।

ସୂଚନା ଅନୁଯାୟୀ, ହିନ୍ଦୋଳ ରେଞ୍ଜ ରାଜମୋହନପୁର ଜଙ୍ଗଲରେ ପାଟ୍ରୋଲିଂ



କରୁଥିବାବେଳେ କାର୍ଯ୍ୟରତ ଫରେଷ୍ଟ ଗାର୍ଡ ପ୍ରହଲ୍ଲାଦ ପ୍ରଧାନଙ୍କୁ ଶିକାରୀମାନେ ଗୁଳି କରି ହତ୍ୟା କରିଥିଲେ। ଏହାପୂର୍ବରୁ ମଧ୍ୟ ଶିକାରୀଙ୍କ ଗୁଳିରେ ବହୁ ବନକର୍ମଚାରୀ ପ୍ରାଣ ହରାଇଛନ୍ତି। ଏହାକୁ ନେଇ ଗତ ମେ' ୨୫ ତାରିଖରେ ଓଡ଼ିଶା ଅଣ-ଗେଜେଟେଡ୍ ବନସେବା ସଂଘର ଏକ ଜରୁରୀକାଳୀନ ବୈଠକ ବସିଥିଲା। ବୈଠକରେ ବନ କର୍ମଚାରୀଙ୍କ ହତ୍ୟା ଘଟଣାକୁ ଫାଷ୍ଟଟ୍ରାକ୍ କୋର୍ଟରେ ବିଚାର କରିବା ସହ ମୃତକଙ୍କ ପରିବାରକୁ ଏକ କୋଟି ଟଙ୍କା ପ୍ରଦାନ ନେଇ ବ୍ୟବସ୍ଥା କରିବାକୁ ଦାବି ହୋଇଥିଲା। ଏହା ସହ ରାଜ୍ୟ ସରକାର ଏକ "ଫରେଷ୍ଟ କମିଶନ' ଗଠନ କରି ଓଡ଼ିଶା ବନ ବିଭାଗରେ ସଂରଚନା-ପୁନର୍ଗଠନ, ସୁରକ୍ଷା ବ୍ୟବସ୍ଥା, କ୍ୟାଡର ପରିମାର୍ଜନ, ନିଯୁକ୍ତି ପ୍ରକ୍ରିୟା ଓ କର୍ମଚାରୀଙ୍କ ଦକ୍ଷତା ବୃଦ୍ଧି ସମ୍ବନ୍ଧରେ ବିଚାର କରି, ସରକାରଙ୍କୁ ଦୁଇମାସ ମଧ୍ୟରେ ରିପୋର୍ଟ ପ୍ରଦାନ କରିବାକୁ ଦାବି କରାଯାଇଥିଲା। ଏହା ବ୍ୟତୀତ ସମସ୍ତ ବନ/କ୍ଷେତ୍ର ଅଧିକାରୀଙ୍କୁ ଜାତୀୟ ବ୍ୟାଙ୍କ ଜରିଆରେ ପୁଲିସ୍ ଭଳି 'ସାଲାରୀ ପ୍ୟାକେଜ୍ ବୀମା' ପ୍ରଦାନ କରିବାକୁ ଦାବି କରାଯାଇଥିଲା। ମାତ୍ର ସରକାର ଏଥିପ୍ରତି କୌଣସି ପଦକ୍ଷେପ ନ ନେବା ପରେ ସେମାନେ ଆନ୍ଦୋଳନକୁ ଓହ୍ଲାଇଛନ୍ତି।

ଏହି ୩ ଦଫା ଦାବି ସମ୍ବନ୍ଧରେ ସରକାର ଜୁନ୍ ୮ ତାରିଖ ସୁଦ୍ଧା ଉପଯୁକ୍ତ ପଦକ୍ଷେପ ଗ୍ରହଣ ନ କଲେ ସାମୂହିକ ଆନ୍ଦୋଳନ କରାଯିବ ବୋଲି ବୈଠକରେ ନିଷ୍ପତ୍ତି ହୋଇଥିଲା। ଏହି ଆଧାରରେ ପ୍ରଥମେ ଜୁନ୍ ୯ରେ ପ୍ରତ୍ୟେକ ସର୍କଲ ଜୋନ୍ ତରଫରୁ ହେଡ୍‌କ୍ୱାର୍ଟର, ଜିଲ୍ଲାପାଳଙ୍କ ଜରିଆରେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ କରାଯାଇଛି। ପରେ ଜୁନ୍ ୧୫-୨୧ ତାରିଖ

- ୨୧ ପର୍ଯ୍ୟନ୍ତ କଳାବ୍ୟାଜ୍ ପିନ୍ଧି ଆନ୍ଦୋଳନ
- ୨୨ରୁ ସମୂହ ଛୁଟିରେ ଯିବେ ବନ କର୍ମଚାରୀ

ମଧ୍ୟରେ ଯଦି ସରକାର ଅବହେଳା କରନ୍ତି, ତେବେ ପ୍ରତୀକାତ୍ମକ ଅନଶନ ସ୍ୱରୂପ ସମସ୍ତ ସଭ୍ୟସଭ୍ୟା କଳାବ୍ୟାଜ୍ ପିନ୍ଧି ବିରୋଧ ପ୍ରଦର୍ଶନ କରିବେ ବୋଲି ନିଷ୍ପତ୍ତି ହୋଇଥିଲା। ଏହିକ୍ରମରେ ୧୫ ତାରିଖରୁ ବନ କର୍ମଚାରୀମାନେ କଳାବ୍ୟାଜ୍ ପିନ୍ଧି ଆନ୍ଦୋଳକୁ ଓହ୍ଲାଇଛନ୍ତି। ଦାବି ପୂରଣ ନ ହେଲେ ଜୁନ୍ ୨୨ ଠାରୁ ଦାବି ପୁରଣ ହେବା ପର୍ଯ୍ୟନ୍ତ ସଭ୍ୟ/ସଭ୍ୟାମାନେ ସାମୂହିକ ଛୁଟିରେ ରହି ସର୍କଲ ଅଫିସ ସାମ୍ନାରେ ୟୁନିଫର୍ମ ପିନ୍ଧି ଧାରଣା ପ୍ରଦର୍ଶନ କରିବେ ବୋଲି ସଂଘ ଚେତାବନୀ ଦେଇଛି।

**ବାପା ନା ପିଶାଚ!**

## ନାବାଳିକା ଝିଅକୁ ମାଡ଼ ମାରି ଦୁଷ୍କର୍ମ

**ଦିଗପହଣ୍ଡି, ୧୫।୬(ସମିସ):** ବାପା ନାଁରେ ପିଶାଚ! ନିଜ ଝିଅକୁ ମାଡ଼ ମାରି ଦୁଷ୍କର୍ମ କରିବା ଭଳି ଏକ ଲଜ୍ଜାଜନକ ଘଟଣା ଗଂଜାମ ଜିଲ୍ଲାରେ ତୀବ୍ର ଆଲୋଡ଼ନ ସୃଷ୍ଟି କରିଛି। ଦିଗପହଣ୍ଡି ଥାନା ଅଞ୍ଚଳରେ ଏହି ଲଜ୍ଜାଜନକ ଘଟଣା ଘଟିଛି। ଏହି ଘଟଣାରେ ପୁଲିସ୍ ଅଭିଯୁକ୍ତ ବାପା ଭୀମ ପ୍ରଧାନକୁ ଗିରଫ କରି କୋର୍ଟଚାଲାଣ କରିଛି। କୋର୍ଟରେ ତା'ର ଜାମିନ ଖାରଜ ହେବାରୁ ତାକୁ ବ୍ରହ୍ମପୁର ବିଚାର ବିଭାଗୀୟ ଜେଲ୍ ହାଜତକୁ ପଠାଇ ଦିଆଯାଇଛି। ସୂଚନାନୁଯାୟୀ, ନାବାଳିକାଙ୍କ ମା' ମୂଲ ଲାଗନ୍ତି। ଗତ ବୁଧବାର ସେ କାମକୁ ଯାଇଥିବା ବେଳେ କାମାନ୍ଧ ଭୀମ ନିଜର ୧୬ ବର୍ଷୀୟ ଝିଅକୁ ନିସ୍ଥୁକ ମାଡ଼ ମାରିବା ସହ ଦୁଷ୍କର୍ମ କରିଥିଲା। ଫଳରେ ନାବାଳିକାଜଣକ ମାନସିକ ଭାରସାମ୍ୟ ହରାଇ ଆତ୍ମହତ୍ୟା ପାଇଁ ଏକକାଳୀନ ୧୦ଟି ନିଦ ବଟିକା ଖାଇ ଦେଇଥିଲେ। ଗୁରୁତର ଅବସ୍ଥାରେ ତାଙ୍କୁ ଦିଗପହଣ୍ଡି ସରକାରୀ ମେଡିକାଲରେ ଭର୍ତ୍ତି କରାଯାଇଥିଲା। ଅବସ୍ଥାରେ ସୁଧାର ନ ଆସିବାରୁ ତାଙ୍କୁ ସଂକଟାପନ୍ନ ଅବସ୍ଥାରେ ବ୍ରହ୍ମପୁର ବଡ଼ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା। ସେଠାରୁ ଚିକିତ୍ସା ପରେ ତାଙ୍କୁ ଗାଁ ନିକଟସ୍ଥ ଆଈଙ୍କ ଘରେ ରଖାଯାଇଥିଲା। ନାବାଳିକାଜଣକ ସମସ୍ତ ଘଟଣା ତାଙ୍କ ମା'ଙ୍କୁ ଜଣାଇବା ପରେ

**ନିଦ ବଟିକା ଖାଇ ପୀଡ଼ିତାଙ୍କ ଆତ୍ମହତ୍ୟା ଉଦ୍ୟମ**

ଏନେଇ ମା' ଦିଗପହଣ୍ଡି ଥାନାରେ ଏତଲା ଦେଇଥିଲେ। ଏନେଇ ପୁଲିସ୍ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଅପରପକ୍ଷେ, ଏହି ଖବର ପ୍ରଘଟ ହେବା ପରେ ଗ୍ରାମବାସୀ ଅଭିଯୁକ୍ତକୁ କାବୁ କରି ପୁଲିସକୁ ହସ୍ତାନ୍ତର କରିଥିଲେ।

ବ୍ରହ୍ମପୁର ବଡ଼ ମେଡିକାଲରେ ରବିବାର ଅଭିଯୁକ୍ତ ବାପା ଏବଂ ନାବାଳିକାଙ୍କ ଡାକ୍ତରୀମାଇନା କରାଯିବା ପରେ ମାଜିଷ୍ଟ୍ରେଟଙ୍କ ସମ୍ମୁଖରେ ନାବାଳିକାଙ୍କ ବୟାନ ରେକର୍ଡ କରାଯାଇଛି। ନାବାଳିକା ଅସୁସ୍ଥ ଥିବାରୁ ତାଙ୍କୁ ପୁଣି ଥରେ ଚିକିତ୍ସା ନିମନ୍ତେ ବ୍ରହ୍ମପୁର ବଡ଼ ମେଡିକାଲରେ ଭର୍ତ୍ତି କରାଯାଇଛି। ଘଟଣାକୁ ଚାରିଆଡ଼େ ନିନ୍ଦା କରାଯିବା ସହ ପିଶାଚ ବାପାକୁ କଠୋରରୁ କଠୋର ଦଣ୍ଡ ଦେବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

## ନୂଆପଡ଼ାର ୨ ବୃହତ୍ ଉଠାଜଳସେଚନ ପ୍ରକଳ୍ପକୁ ଅନୁମୋଦନ

**ଭୁବନେଶ୍ୱର,୧୫।୬(ସମିସ):** ନୂଆପଡ଼ା ଜିଲ୍ଲାରେ ୨ଟି ବୃହତ୍ ଉଠାଜଳସେଚନ ପ୍ରକଳ୍ପକୁ ଜଳସମ୍ପଦ ବିଭାଗ ପକ୍ଷରୁ ଅନୁମୋଦନ ମିଳିଛି। ଜିଲ୍ଲାର ଚାନ୍ଦପୋଲା-୧ ଏବଂ ଚାନ୍ଦପୋଲା-୨ ପ୍ରକଳ୍ପକୁ ବିଭାଗ ପକ୍ଷରୁ ପ୍ରଶାସନିକ ଅନୁମୋଦନ ମିଳିଥିବା ଜଣାପଡ଼ିଛି। ପ୍ରକଳ୍ପ ଦ୍ୱୟକୁ କାର୍ଯ୍ୟନ୍ୱୟନ କରିବା ପାଇଁ ଖୁବଶୀଘ୍ର ଟେଣ୍ଡର ପ୍ରକ୍ରିୟା ଆରମ୍ଭ କରାଯିବ। ବିଭାଗ ପକ୍ଷରୁ ମିଳିଥିବା ସୂଚନା ଅୁଯାୟୀ ଏହି ପ୍ରକଳ୍ପ ଦ୍ୱୟ ନିର୍ମାଣ ପାଇଁ ମୋଟ ୧୪୭ କୋଟି ୫୯ ଲକ୍ଷ ଟଙ୍କା ଖର୍ଚ୍ଚ ହେବ। ଏହାଦ୍ୱାରା ଜିଲ୍ଲାର ମୋଟ ୩୧୮୦ ହେକ୍ଟର ଚାଷଜମିରେ ଜଳସେଚନ ସୁବିଧା ଉପଲବ୍ଧ ହେବ।

## ଅବଶିଷ୍ଟାଂଶ

### ବାଡ଼ିବୁଢ଼ୀ ନେଲାଣି...

ଚିହ୍ନଟ ହୋଇ ନ ଥିଲେ। ୨୦୧୮ ମସିହାରେ ରାଜ୍ୟରେ ୩ଜଣ କଲେରାରେ ଆକ୍ରାନ୍ତ ବାହାରିଥିଲେ। ଏବେ ଦୀର୍ଘ ୭ ବର୍ଷ ପରେ ଯାଜପୁର ଜିଲ୍ଲାରେ କଲେରା ଆକ୍ରାନ୍ତ ଚିହ୍ନଟ ହୋଇଛନ୍ତି। ଯାହା ସରକାରଙ୍କ ପାରିବାପଣିଆ ଉପରେ ବିରାଟ ପ୍ରଶ୍ନବାଚୀ ସୃଷ୍ଟି କରୁଛି। ରାଜ୍ୟରେ ବଡ଼ ଧରଣର ଡାଇରିଆ ପଛରେ ଭିବ୍ରିଓ କଲେରା ବ୍ୟାକ୍ଟେରିଆ ରହିଛି ବୋଲି ବିଶେଷଜ୍ଞ କହୁଛନ୍ତି। ଦୀର୍ଘବର୍ଷ ପୂର୍ବରୁ ରାୟଗଡାର କାଶୀପୁର, ରାଉରକେଲାରେ ଏହା ଭୟଙ୍କର ପରିସ୍ଥିତି ସୃଷ୍ଟି କରିଥିଲା। ଏବେ ଯାଜପୁରରେ ସେହି ଘଟଣାର ପୁନରାବୃତ୍ତି ହୋଇଥିବା କୁହାଯାଉଛି।

ରାଜ୍ୟ ସରକାରଙ୍କ ପକ୍ଷରୁ ଜଳର ରାସାୟନିକ ପରୀକ୍ଷା କରିବା ପାଇଁ ସ୍ୱୟଂ ସହାୟକ ଗୋଷ୍ଠୀର ମହିଳାମାନଙ୍କୁ ଟେଷ୍ଟ କିଟ୍ ପ୍ରଦାନ କରାଯାଉଛି। ସେହିଭଳି ବୃହତ ପାନୀୟ ଜଳ ପ୍ରକଳ୍ପ ଗୁଡ଼ିକରେ ମଧ୍ୟ ଜଳ ବିଶୋଧନାଗାରରେ ମାନ ନିର୍ଦ୍ଧାରଣ ପାଇଁ ବ୍ୟବସ୍ଥା ରହିଛି। ଜଳର ଗୁଣବତ୍ତା ଯାଞ୍ଚ ପାଇଁ ପ୍ରତ୍ୟେକ ଜିଲ୍ଲାରେ ଗୋଟିଏ ଲେଖାଏଁ ପରୀକ୍ଷାଗାର ରହିଛି। ସେହିପରି ଉପଖଣ୍ଡସ୍ତରରେ ମଧ୍ୟ ୪୬ଟି ସରକାରୀ ପରୀକ୍ଷାଗାର ରହିଛି। ପ୍ରତ୍ୟେକ ପରୀକ୍ଷାଗାରରେ ବର୍ଷକୁ ହଜାର ହଜାର ସଂଖ୍ୟାରେ ଜଳର ନମୁନା ପରୀକ୍ଷା କରାଯାଉଛି। ଜଳର ରାସାୟନିକ ପରୀକ୍ଷା ସହିତ ଜୀବାଣୁ ଜନିତ ପରୀକ୍ଷା କରାଯାଇ ଆବଶ୍ୟକ ପ୍ରତିଷେଧକ ନିଆଯାଉଛି। ତେବେ ଏତେ ସବୁ ବ୍ୟବସ୍ଥା ସତ୍ତ୍ୱେ ପୁଣି ଡାଇରିଆ ବ୍ୟାପିବା ସରକାରୀ କଳର କାର୍ଯ୍ୟଦକ୍ଷତା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ସରକାର ବଦଳିବା ପରେ ରାଜ୍ୟରେ ପ୍ରଶାସନିକ ବ୍ୟବସ୍ଥା ଢିଲା ହୋଇ ଯାଇଥିବା ଓ ସ୍ୱାସ୍ଥ୍ୟ ବିଭାଗ ଗଭୀର ନିଦ୍ରାରେ ଶୋଇଥିବା ଅଭିଯୋଗ ହୋଇଛି।

ଏ ସମ୍ପର୍କରେ ଡାକ୍ତର ରମେଶ ଚନ୍ଦ୍ର ହୋତା କହିଛନ୍ତି, ଡାଇରିଆ ଏକ ଋତୁଭିତ୍ତିକ ରୋଗ(ସିଜିନାଲ୍ ଡିଜିଜ୍) ନୁହେଁ। ଏହା ଯେକୌଣସି ସମୟରେ ବି ହୋଇପାରେ। ଏହା ବିଶେଷକରି ଦୂଷିତ ପାଣି କିମ୍ବା ଖାଦ୍ୟ ଯୋଗୁଁ ବ୍ୟାପିଥାଏ। ପାଣିରେ ଦୀର୍ଘଦିନ ପର୍ଯ୍ୟନ୍ତ ଭିବ୍ରିଓ କଲେରା ରହିପାରେ। ତେଣୁ ସ୍ୱଚ୍ଛ ପାନୀୟ ଜଳ ଓ ପରିମଳ ପ୍ରତି ବିଶେଷ ଦୃଷ୍ଟି ଦେଲେ ଏହାକୁ ପ୍ରତିହତ କରିହେବ। ସେହିଭଳି ପାଣି ପରୀକ୍ଷା କରିବାର ମଧ୍ୟ କିଛି ନିର୍ଦ୍ଦିଷ୍ଟ ସମୟ ବ୍ୟବଧାନ ନାହିଁ। ଦୂଷିତ ପାଣି ସନ୍ଦେହ ଉପୁଜିଲେ, ତୁରନ୍ତ ଏହାର ପରୀକ୍ଷା କରାଇବା ଆବଶ୍ୟକ ବୋଲି ସେ କହିଛନ୍ତି।

### ଘମାଘୋଟ ଲଢ଼େଇ...

ଗତରାତିରେ ଇରାନର ପ୍ରତିରକ୍ଷା ବିଭାଗ ମୁଖ୍ୟାଳୟ ଉପରେ ମଧ୍ୟ ଇସ୍ରାଏଲ ଆକ୍ରମଣ କରିଥିବା ଖବର ମିଳିଛି। ଇସ୍ରାଏଲ ପକ୍ଷରୁ କୁହାଯାଇଛି ଯେ ଗତ ତିନି ଦିନ ମଧ୍ୟରେ ଇରାନର ୭୨ରୁ ଅଧିକ ସାମରିକ ଭିତ୍ତିଭୂମି ସହିତ ୧୭୦ଟି ସ୍ଥାନରେ କ୍ଷେପଣାସ୍ତ୍ର ଏବଂ ବୋମାମାଡ଼ କରାଯାଇଛି। ଏହି ଅଭିଯାନରେ ୨୦ରୁ ଅଧିକ ଲଢୁଆ ବିମାନ ସାମିଲ ହୋଇଥିଲେ। ଗତକାଲି ଇସ୍ରାଏଲ ଆକ୍ରମଣରେ ତେହରାନରେ ଏକ ଆବାସିକ କୋଠା ଭୁଶୁଡ଼ିବା ଯୋଗୁଁ ୨୯ ଶିଶୁଙ୍କ ସମେତ ୬୦ ଜଣ ବ୍ୟକ୍ତି ପ୍ରାଣ ହରାଇଥିଲେ।

ଇସ୍ରାଏଲରୁ ମିଳିଥିବା ସୂଚନା ଅନୁଯାୟୀ ଇରାନ ଆକ୍ରମଣରେ ୧୩ ଜଣ ପ୍ରାଣ ହରାଇଥିବା ବେଳେ ୨୦୦ରୁ ଅଧିକ ଆହତ ହୋଇଛନ୍ତି। ଗତ ରାତିସାରା ଇରାନ କ୍ଷେପଣାସ୍ତ୍ର ଆକ୍ରମଣ ଜାରି ରଖିଥିବା ବେଳେ ଏଥିରେ ୧୦ ଜଣ ବ୍ୟକ୍ତି ପ୍ରାଣ ହରାଇଛନ୍ତି। ଇସ୍ରାଏଲର ଆବାସିକ କୋଠାକୁ ଟାର୍ଗେଟ କରି ଇରାନ ଆକ୍ରମଣ ଚଳାଇଥିବା କୁହାଯାଉଛି। ଏଥିରେ ଅନେକ କୋଠା ଭୁଶୁଡ଼ି ପଡ଼ିଥିବା କୁହାଯାଉଛି। ଗତକାଲି ଇସ୍ରାଏଲର ସେନା ମୁଖ୍ୟାଳୟ ଉପରେ ମଧ୍ୟ ଇରାନ କ୍ଷେପଣାସ୍ତ୍ର ମାଡ଼ କରିଥିଲା। ଇରାନର ଏଭଳି ଆକ୍ରମଣରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରି ଇସ୍ରାଏଲ ପ୍ରଧାନମନ୍ତ୍ରୀ ନେତନ୍ୟାହୁ ଚେତାବନୀ ଦେଇଛନ୍ତି ଯେ ଇରାନରେ ଆୟୋତୋଲ୍ଲା ପ୍ରଶାସନର ସବୁ ଟାର୍ଗେଟ ଉପରେ ଆକ୍ରମଣ କରାଯିବ।

ଅନ୍ୟପକ୍ଷରେ ଇରାନ ବୈଦେଶିକ ମନ୍ତ୍ରୀ ଅବ୍ବାସ ଅରାକଚି କହିଛନ୍ତି ଯେ ଇରାନ ଓ ଆମେରିକା ମଧ୍ୟରେ ପରମାଣୁ କଥାବାର୍ତ୍ତା ଚାଲିଥିଲା ଏବଂ ଚୁକ୍ତି ପାଇଁ ପଥ ପ୍ରସ୍ତୁତ ହେଉଥିବା ବେଳେ ଇରାନର ପରମାଣୁ କେନ୍ଦ୍ର ଉପରେ ଆକ୍ରମଣ କରି ଇସ୍ରାଏଲ ଭୟଙ୍କର ଭୁଲ କରିଛି। କଥାବାର୍ତ୍ତାକୁ ଭଣ୍ଡୁର କରିବା ସହିତ ମଧ୍ୟପ୍ରାଚ୍ୟରେ ଯୁଦ୍ଧର ବାତାବରଣ ସୃଷ୍ଟି କରିବାକୁ ଇସ୍ରାଏଲ ଚକ୍ରାନ୍ତ ଚଳାଇଛି। ସେ କହିଲେ ଯେ ତୈଳ ବିଶୋଧନାଗାର ଉପରେ ଆକ୍ରମଣ କରି ଇସ୍ରାଏଲ ଯେଉଁ ଭୁଲ କରିଛି ତାର ପରିଣାମ ଭୋଗିବାକୁ ଇସ୍ରାଏଲ ପ୍ରସ୍ତୁତ ରହୁ। ଇତିମଧ୍ୟରେ ଆମେରିକା ରାଷ୍ଟ୍ରପତି ଟ୍ରମ୍ପ କହିଛନ୍ତି ଯେ ସେ ଚାହିଲେ ଯୁଦ୍ଧ କିଛି କ୍ଷଣ ମଧ୍ୟରେ ଶେଷ ହୋଇଯିବ। ଭାରତ ଓ ପାକିସ୍ତାନ ମଧ୍ୟରେ ହୋଇଥିବା ଯୁଦ୍ଧର ଉଦାହରଣ ଦେଇ ସେ କହିଲେ ଯେ ତାଙ୍କ ଯୋଗୁଁ ଦୁଇ ଦେଶ ଅସ୍ତ୍ରବିରତି କରିଥିଲେ। ଇରାନ ଓ ଇସ୍ରାଏଲ ମଧ୍ୟରେ ମଧ୍ୟ ଯୁଦ୍ଧବିରତି ହୋଇଯିବ। ଏଥିପାଇଁ ବିଭିନ୍ନ ସ୍ତରରେ କଥାବାର୍ତ୍ତା ଚାଲିଥିବା ସେ କହିଛନ୍ତି।

### ବଜ୍ରପାତ ନେଲା...

ଜଗନ୍ନାଥଙ୍କୁ ବାଙ୍ଗରିପୋଷି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। ଅବସ୍ଥା ସଂକଟାପନ୍ନ ହେବାରୁ ତାଙ୍କୁ ବାରିପଦା ସ୍ଥାନାନ୍ତର କରାଯାଇଛି। ସେହିପରି ଗ୍ରାମର ମାଇଦି ସୋରେନ (୨୬) ଓ ରାମଚନ୍ଦ୍ର ସୋରେନ (୭) ମଧ୍ୟ ବଜ୍ରପାତରେ ଆହତ ହୋଇଛନ୍ତି। ଦୁହିଁଙ୍କୁ ବାଙ୍ଗରିପୋଷି ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି।

କେନ୍ଦୁଝର ଜିଲ୍ଲା ବାଡ଼ଁଶୁଳି ଗ୍ରାମର ଦିଲେଶ୍ୱର ନାଏକଙ୍କ ପତ୍ନୀ ଶୈଳେନ୍ଦ୍ରୀ ଆଜି ଅପରାହ୍ଣରେ ବାଡ଼ିପଟକୁ ଯାଇଥିବା ବେଳେ ବଜ୍ରପାତ ହେବାରୁ ଘଟଣାସ୍ଥଳରେ ସେ ଟଳି ପଡ଼ିଥିଲେ। ପରିବାରଲୋକ ତାଙ୍କୁ ଜିଲ୍ଲା ମୁଖ୍ୟଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ ହେଁ ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ।

ସେହିପରି ପାଇକମାଳ ବ୍ଲକ୍, ବାରଫାଲିଆରେ ଆଜି ଅପରାହ୍ଣରେ ହଠାତ୍ ବର୍ଷା ହେବାରୁ ବଳଦେବ, ଧନସିଂ ଛତ୍ରିଆ (୩୦) ଓ ବୈକୁଣ୍ଠ ଛତ୍ରିଆ (୩୦) ଏକ ବରଗଛ ମୂଳେ ଆଶ୍ରୟ ନେଇଥିଲେ। ସେହି ସମୟରେ ଗଛ ଉପରେ ଏକ ବଜ୍ରପାତ ହେବାରୁ ବଳଦେବଙ୍କ ମୃତ୍ୟୁ ହୋଇଯାଇଥିଲା। ଧନସିଂ ଓ ବୈକୁଣ୍ଠଙ୍କୁ ନୂଆପଡ଼ା ଜିଲ୍ଲା ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି।

ଅନ୍ୟ ଏକ ଘଟଣାକ୍ରମେ, ମହାକାଳପଡ଼ା ବ୍ଲକ୍ ଅନ୍ତର୍ଗତ ଚୌମୁହାଣି ଫେରିଘାଟରେ ଆଜି ମଧ୍ୟାହ୍ନରେ ବଜ୍ରପାତ ହେବାରୁ ପ୍ରଶାନ୍ତଙ୍କ ମୃତ୍ୟୁ ହୋଇଥିବା ବେଳେ ଅନ୍ୟ ୨ଜଣ ଗୁରୁତର ଆହତ ହୋଇଛନ୍ତି। ଆହତଦ୍ୱୟ ହେଲେ, ତେନ୍ତୁଳିକନ୍ଧା ଗ୍ରାମର ବାବାଜୀ ରାଉତ ଓ ମଙ୍ଗଳପୁର ପଞ୍ଚାୟତର ଦୁଷ୍ମନ୍ତ ରାଉତ। ସୂଚନାନୁଯାୟୀ, ସବୁଦିନ ଭଳି ଆଜି ମଧ୍ୟାହ୍ନରେ ପାରାଦୀପରୁ କାମ ସାରି ମହାକାଳପଡ଼ା ଅଞ୍ଚଳର ୩୦ଜଣ ଶ୍ରମିକ ଚୌମୁହାଣି ଫେରିଘାଟରେ ଡଙ୍ଗାରେ ନଦୀ ପାର୍ ହେଉଥିଲେ। ମଧ୍ୟାହ୍ନରେ ଡଙ୍ଗା ନଦୀ ଅତିକ୍ରମ କରି କୂଳଠାରୁ ମାତ୍ର ୩୦ଫୁଟ୍ ଦୂରରେ ଥିବା ବେଳେ ବ୍ରଜପାତ ହୋଇଥିଲା। ଏଥିରେ ପ୍ରଶାନ୍ତ, ବାବାଜୀ ଓ ଦୁଷ୍ମନ୍ତ ଆହତ ହୋଇଥିଲେ। ଡଙ୍ଗା କୂଳରେ ପହଞ୍ଚିବା ପରେ ସେମାନଙ୍କୁ ମହାକାଳପଡ଼ା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ସେଠାରେ ପ୍ରଶାନ୍ତଙ୍କୁ ଡାକ୍ତର ମୃତ ଘୋଷଣା କରିଥିଲେ।

### ୬ ପଦ ପାଇଁ...

ସୂଚନା ଅନୁସାରେ ମୋହନ ସରକାରଙ୍କ ନୂଆ ମନ୍ତ୍ରୀ ପରିଷଦର ନକ୍ସା ସମ୍ପୂର୍ଣ୍ଣ ପ୍ରସ୍ତୁତ ହୋଇ ସାରିଛି। କେଉଁ ମନ୍ତ୍ରୀ ସରକାରରୁ ବାଦ ପଡ଼ିବେ, କାହାର ବିଭାଗ ପରିବର୍ତ୍ତନ ହେବ ସେ ସମ୍ପର୍କରେ ଆପାତତଃ ନିଷ୍ପତ୍ତି ହୋଇଛି। ତେବେ ସରକାରଙ୍କ ବର୍ଷପୂର୍ତ୍ତି ଉତ୍ସବ ଓ ପ୍ରଧାନମନ୍ତ୍ରୀଙ୍କ ଗସ୍ତ ଦୃଷ୍ଟିରୁ ଏ ସମ୍ପର୍କରେ ସମ୍ପୂର୍ଣ୍ଣ ଗୋପନୀୟତା ଅବଲମ୍ବନ କରାଯାଉଛି। ଅନ୍ୟପକ୍ଷରେ ମନ୍ତ୍ରୀ ପରିଷଦରେ ଖାଲି ପଡ଼ିଥିବା ୬ ପଦ ପାଇଁ ବିଭିନ୍ନ ଗୋଷ୍ଠୀର ୬୦ ନେତା ଆଶାୟୀ ଥିବାରୁ ଏ କ୍ଷେତ୍ରରେ ମୁଖ୍ୟମନ୍ତ୍ରୀଙ୍କ ନିଷ୍ପତ୍ତି ଚୂଡ଼ାନ୍ତ ହେବ ବୋଲି କୁହାଯାଉଛି।

ସୂଚନାଯୋଗ୍ୟ ଯେ ପ୍ରଥମ ବର୍ଷ ପୂର୍ତ୍ତି ଅବସରରେ ଅନେକ ବିଭାଗର ରିପୋର୍ଟ କାଡର୍ ମୁଖ୍ୟମନ୍ତ୍ରୀଙ୍କୁ ସନ୍ତୁଷ୍ଟ କରିପାରି ନାହିଁ। ଅଭିଜ୍ଞତାର ଅଭାବ, ଜଣେ ଜଣେ ମନ୍ତ୍ରୀଙ୍କ ଉପରେ ଏକାଧିକ ବିଭାଗର ଦାୟିତ୍ୱ ସେମାନଙ୍କ ପ୍ରଦର୍ଶନ ଉପରେ ନକରାତ୍ମକ ପ୍ରଭାବ ପକାଇଛି। ଏହି ଆଧାରରେ ଆଗାମୀ ସମ୍ପ୍ରସାରଣ ସମୟରେ ୨ରୁ ୩ ଜଣ ମନ୍ତ୍ରୀ ବାଦ୍ ପଡ଼ିବାର ସମ୍ଭାବନା ରହିଛି ଓ ବହୁ ମନ୍ତ୍ରୀଙ୍କର ବିଭାଗ ପରିବର୍ତ୍ତନ ହେବା ଏକପ୍ରକାର ନିଶ୍ଚିତ ବୋଲି କୁହାଯାଉଛି। ସେହିପରି ବଳକା ୬ଟି ମନ୍ତ୍ରୀ ପଦ ପାଇଁ ଆଶାୟୀ ନିଜ ନିଜସ୍ତରରେ ଲବି ଜାରି ରଖିଥିବା ବେଳେ ସବୁ ବିଧାୟକ ମନ୍ତ୍ରୀ ପଦ ପାଇଁ ଆଶାୟୀ ଅଛନ୍ତି। ପ୍ରଥମଥର ନିର୍ବାଚିତ ହୋଇଥିବା ଅନେକ ବିଧାୟକଙ୍କୁ ସରକାରରେ ମନ୍ତ୍ରୀ ପଦ ମିଳିଥିବାରୁ ସେମାନେ ମଧ୍ୟ ନିଜକୁ ଏଥିପାଇଁ ଯୋଗ୍ୟ ମନେ କରୁଛନ୍ତି। ତେବେ ଦଳର ବିଭିନ୍ନ ଗୋଷ୍ଠୀ ଓ ବଡ଼ ନେତାଙ୍କ ଅନୁଗତ କୁହାଯାଉଥିବା ପାଖାପାଖି ୨୦ରୁ ଊର୍ଦ୍ଧ୍ୱ ବିଧାୟକ ମନ୍ତ୍ରୀ ପଦ ପାଇବାକୁ ଆଶା ବାନ୍ଧି ବସିଛନ୍ତି। ସେହିପରି ନିଜ ନିଜ ଅନୁଗତଙ୍କ ପାଇଁ ରାଜ୍ୟ ବିଜେପିର କିଛି ଛାମୁଆ ନେତା ଉଭୟ ଓଡ଼ିଶା ଏବଂ ଦିଲ୍ଲୀସ୍ତରରେ ଲବି ଜାରି ରଖିଛନ୍ତି। ତେବେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣରେ ସର୍ବାଧିକ ଭୂମିକା ମୁଖ୍ୟମନ୍ତ୍ରୀଙ୍କର ହେବା ନେଇ ଦିଲ୍ଲୀ ନେତୃତ୍ୱ ସଙ୍କେତ ଦେଇଥିବା ବେଳେ ଏଥିଯୋଗୁଁ ଆଶାୟୀଙ୍କ ହୃଦସ୍ପନ୍ଦନ ବଢ଼ିଯାଇଛି। ସମ୍ପ୍ରସାରଣ ବେଳେ ଜିଲ୍ଲାୱାରୀ ସମୀକରଣ, ଦଳୀୟ ଆନୁଗତ୍ୟକୁ ମୁଖ୍ୟମନ୍ତ୍ରୀ ସର୍ବାଧିକ ଗୁରୁତ୍ୱ ଦେଇଥିବା ବେଳେ ଏଥିଯୋଗୁଁ ଅନେକ ଟାଣୁଆ ନେତାଙ୍କୁ ଆଗାମୀ ସମ୍ପ୍ରସାରଣରେ ନିରାଶ ହେବାକୁ ପଡ଼ିପାରେ ବୋଲି କୁହାଯାଉଛି। ସେହିପରି ମନ୍ତ୍ରିମଣ୍ଡଳରେ ମହିଳା ଭାଗିଦାରୀ ବୃଦ୍ଧି କରିବାକୁ ମୁଖ୍ୟମନ୍ତ୍ରୀ ଏକପ୍ରକାର ନିଷ୍ପତ୍ତି ନେଇଥିବା ବେଳେ ଯୁବ ଚେହେରାଙ୍କୁ ମଧ୍ୟ ସମାନ ସୁଯୋଗ ପ୍ରଦାନ କରିବାକୁ ଯାଉଛନ୍ତି। ସେହିପରି ଯେଉଁ ଜିଲ୍ଲାଗୁଡ଼ିକରୁ ସରକାରରେ ପ୍ରତିନିଧିତ୍ୱ ମିଳିନାହିଁ, ସେହି ଜିଲ୍ଲାଗୁଡ଼ିକୁ ଆଗାମୀ ସମ୍ପ୍ରସାରଣ ବେଳେ ସୁଯୋଗ ମିଳିପାରେ ବୋଲି ମଧ୍ୟ ଚର୍ଚ୍ଚା ହେଉଛି। ଏହା ପରେ ମନ୍ତ୍ରିମଣ୍ଡଳରୁ ବାଦ ପଡ଼ିଥିବା ବରିଷ୍ଠ ନେତାଙ୍କୁ ନିଗମ, ବୋର୍ଡ଼ ଓ ଅନ୍ୟାନ୍ୟ ସରକାରୀ ପ୍ରତିଷ୍ଠାନରେ ନିଯୁକ୍ତି ଦିଆଯାଇ ସନ୍ତୁଷ୍ଟ କରାଯିବାକୁ ଚେଷ୍ଟା କରାଯିବ ବୋଲି ସୂଚନା ମିଳିଛି।

### ଜଳଭଣ୍ଡାରକୁ ଡେଇଁ...

ଛାତ୍ର। ଉଭୟଙ୍କ ମଧ୍ୟରେ ପ୍ରେମସମ୍ପର୍କ ଗଢ଼ି ଉଠିଥିଲା। କିନ୍ତୁ ପରିବାର ଲୋକେ ଏହାକୁ ବିରୋଧ କରିବାରୁ ସେମାନେ ଆତ୍ମହତ୍ୟା ପାଇଁ ନିଷ୍ପତ୍ତି ନେଇଥିଲେ। ଉଭୟଙ୍କର ମୋବାଇଲ୍ ଜଳଭଣ୍ଡାର ଭିତରୁ ମାଛ ଧରାଳି ଉଦ୍ଧାର କରି ଦେବା ପରେ ସେମାନେ ପାଣିରେ ବୁଡ଼ି ଯାଇଥିବା ଅନୁମାନ କରାଯାଉଥିଲା। ଅଗ୍ନିଶମ ବାହିନୀ ଖୋଜାଖୋଜି କରିବା ପରେ ପ୍ରେମୀଯୁଗଳଙ୍କ ହାତ ବନ୍ଧା ଯାଇଥିବା ଅବସ୍ଥାରେ ମୃତଶରୀର ଉଦ୍ଧାର କରାଯାଇଥିଲା। ସେମାନେ ପାଣିକୁ ଡେଇଁବା ପୂର୍ବରୁ ଉଭୟ ପରସ୍ପର ହାତକୁ ବାନ୍ଧି ଦେଇଥିବା ଅନୁମାନ କରାଯାଉଛି। ପୁଲିସ ଶବ ଜବତ କରି ବ୍ୟବଚ୍ଛେଦ ପରେ ଉଭୟଙ୍କ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି। ଏହି ଘଟଣା ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳାଇ ଦେଇଛି।


**NOTICE**
**(above 18 years of age)**

By virtue of an affidavit sworn before Executive Magistrate(K), Udala, Mayurbhanj, dated 05-05-2025, I Bisal Sahu, Address At-Chotraypur, PO- Khaladi, PS- Udala, Dist- Mayurbhanj, Odisha, Pin- 757041 declare that I have changed my name from Bishal Kumar Sahu to Bisal Sahu. Henceforth, I shall be known as Bisal Sahu for all purposes.

Bisal Sahu

**SALE**

Booking Open 2/3 BHK Flats Price Starts from 60 Lakhs BHPL KRISHNA BHARATPUR, BHPL RUDRA in front of CET College, Ghatikia, BHPL SB HOMES, Ghatikia, BHPL PNM, Satya Vihar, BHPL GRAND-4, Jagamara & Ready to move 3 BHK Flats BHPL ARYA, Ghatikia & R.J Palace, Samantarapur, Bhubaneswar.

Contact
**GADHWAL GROUP**
**Mob.: 9437015112**

**AFFIDAVIT**

By virtue of an affidavit before The Executive Magistrate, Titilagarh, on dated- 22/05/2025. I, **Laxman Sahu** (Applicant name) Son of Debendra Sahu, permanent resident of At- Sargiguda (Ram Mandir Road), P.O./P.S. Titilagarh, Dist- Bolangir, (Odisha), PIN- 767033 now residing at the same place affirm that I have changed my minor daughter name from **Monalisa Sahu** (old name) To **Payal Sahu** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion she will be known as **Payal Sahu** (new name).

**Laxman Sahu**

# ରାଜନଗରରେ ଆଦିତ୍ୟ ବାହିନୀର ନୂତନ ଶାଖା ଗଠିତ



ରାଜନଗର,୧୫।୬(ସମିସ): ଗୋବର୍ଦ୍ଧନ ପୀଠ ପୁରୀ ଅଧୀନ ପୀଠ-ପରିଷଦ ଅନ୍ତର୍ଗତ ଆଦିତ୍ୟ ଓ ଆନନ୍ଦ ବାହିନୀର ନୂତନ ଶାଖା ରାଜନଗର ପେଣ୍ଠ ବଳଦେବଜୀଉଙ୍କ ମନ୍ଦିର ପ୍ରାଙ୍ଗଣରେ ଶତାଧିକ କାର୍ଯ୍ୟକର୍ତ୍ତାଙ୍କୁ ନେଇ ଗଠନ କରାଯାଇଛି। ଏ ଅବସରରେ ଆଦିତ୍ୟ ବାହିନୀର ପ୍ରାନ୍ତୀୟ ମହାସଚିବ କୁମାର ସତ୍ୟଜିତ ବେଜ, ସଂଗଠନ ସଚିବ ଡଃ ଶୁଭେନ୍ଦୁ ସ୍ୱାଇଁ, ପୂର୍ବ ବିଭାଗର ସଂଗଠନ ସଚିବ ଲିଙ୍ଗରାଜ ପତି ଓ କେନ୍ଦ୍ରାପଡା ଜିଲ୍ଲାର କ୍ଷେତ୍ରୀୟ ସମ୍ପାଦକ ବିକାଶ ବେହେରା ଯୋଗଦାନ କରିଥିଲେ। ଗୋବର୍ଦ୍ଧନ ପୀଠର ପୀଠାଧୀଶ୍ୱରଙ୍କ ମହତବାଣୀ ଓ ସଂଗଠନର ମୂଳ ମନ୍ତ୍ର, ସଂଗଠନର ଉଦ୍ଦେଶ୍ୟ ଉପରେ ଅତିଥିମାନେ ଆଲୋଚନା କରିଥିଲେ। ସେବା, ସଂଗଠନ, ସତସଙ୍ଗ ସହିତ ନିଜ ନିଜ ଅଞ୍ଚଳରେ ଦିନକୁ ଏକ ଘଣ୍ଟା ଓ ଏକ ଟଙ୍କା ବିନିଯୋଗ କରି ବିକାଶ ଧାରାକୁ ଆଗକୁ ନେବା ପାଇଁ ମହାସଚିବ ମତପୋଷଣ କରିବା ସହିତ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ରଥଯାତ୍ରାରେ କରସେବା ଦେବାପାଇଁ ନିମନ୍ତ୍ରଣ କରିଥିଲେ। ଘରକୁ ଗୁରୁକୁଳ କରିବା ଓ ପ୍ରତ୍ୟେକ ଦିନ ପରିବାରରେ ସଂଗଠିତ ହୋଇ ଭାଗବତ ପଠନ କରି ନିଜକୁ ଜଣେ ସନାତନୀ ହିନ୍ଦୁ ଭାବେ ରାଷ୍ଟ୍ର, ଆଧ୍ୟା, ବିଜ୍ଞାନ ଓ ଗୋମାତାର ରକ୍ଷା ଦିଗରେ ଜଗଦ୍ ଗୁରୁ ଶଙ୍କରାଚାର୍ଯ୍ୟ ଭଗବାନଙ୍କ ମାର୍ଗଦର୍ଶନରେ କାର୍ଯ୍ୟ କରିବାର ମନ୍ତ୍ର ସଂଗଠନ ସଚିବ ଡଃ ସ୍ୱାଇଁ ପ୍ରଦାନ କରିଥିଲେ। ସଭାକୁ ପଣ୍ଡିତ ଲିଙ୍ଗରାଜ ପତି ପରିଚାଳନା କରିଥିବାବେଳେ କ୍ଷେତ୍ରୀୟ ସମ୍ପାଦକ ଧନ୍ୟବାଦ ଅର୍ପଣ କରିଥିଲେ। ବୈଠକରେ ରାଜନଗର ଆଦିତ୍ୟ ବାହିନୀ ଶାଖାର ପୁରାତନ ସଦସ୍ୟ ଉପସ୍ଥିତ ଥିଲେ।

# ଶିଶୁ ଶ୍ରମିକ ବିରୋଧ ଦିବସ ପାଳିତ




ଜଗତସିଂହପୁର/ନାଉଗାଁ, ୧୫।୬(ସମିସ): ଜଗତସିଂହପୁର ଜିଲ୍ଲା ନାଉଗାଁ ବ୍ଲକ ଅନ୍ତର୍ଗତ ବଛାଳୋ ପଞ୍ଚାୟତ କାର୍ଯ୍ୟାଳୟରେ ଜିଲ୍ଲା ଆଇନ ସେବା ପ୍ରାଧିକରଣ ପକ୍ଷରୁ ବିଶ୍ୱ ଶିଶୁ ଶ୍ରମିକ ବିରୋଧ ଦିବସ ପାଳିତ ହୋଇଯାଇଛି। ଜିଲ୍ଲା ଆଇନ ସେବା ପ୍ରାଧିକରଣ ସଚିବ ବିଡ଼ିଡି ଚନ୍ଦନାଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ସହକାରୀ ଶ୍ରମ ଅଧିକାରୀ ଦେବାଶିଷ ମିଶ୍ର, ସରପଞ୍ଚ ପ୍ରିୟଦର୍ଶିନୀ ଲେଙ୍କା, ପାରା ଲିଗାଲ ସ୍ୱେଚ୍ଛାସେବୀ ଅଜୟ ରାଉତ ଓ ଗ୍ରାମବାସୀ ଯୋଗ ଦେଇଥିଲେ । ପାରା ଲିଗାଲ ସ୍ୱେଚ୍ଛାସେବୀ ଶ୍ରୀ ରାଉତ ଅତିଥି ପରିଚୟ ପ୍ରଦାନ କରିବା ସହ ସ୍ୱାଗତ ଭାଷଣ ଦେଇଥିଲେ। ଜିଲ୍ଲା ଆଇନ ସେବା ପ୍ରାଧିକରଣ ସଚିବ କହିଥିଲେ, ଏହି ଦିବସର ଉଦ୍ଦେଶ୍ୟ ହେଉଛି ଶିଶୁ ଶ୍ରମିକ ପ୍ରଥାକୁ ବନ୍ଦ କରିବା, ଶିଶୁଙ୍କୁ ଗୁଣାତ୍ମକ ଶିକ୍ଷା ଓ ସ୍ୱାସ୍ଥ୍ୟ ପ୍ରଦାନ କରିବା। ଶିଶୁ ଶ୍ରମିକ ହେବାର ଅନେକ କାରଣ ଅଛି। କିଛି ପରିବାର ଗରିବ ଶ୍ରେଣୀର ହୋଇଥିବାରୁ ସେମାନେ ପିଲାଙ୍କୁ ବିଦ୍ୟାଳୟକୁ ପଠାଇ ପାରନ୍ତିନାହିଁ। କିଛି ଲୋକ ନିଜର ସୁବିଧା ପାଇଁ ପିଲାଙ୍କୁ କମ କିମ୍ବା ବିନା ଟଙ୍କାରେ କାମ କରାନ୍ତି। ଅଭିଭାବକ ଅନୁଭବ କରନ୍ତି ନାହିଁ ଯେ ପିଲାଙ୍କୁ ଶ୍ରମରେ ନିୟୋଜିତ କରିବା ଶାରୀରିକ ଓ ମାନସିକ କ୍ଷେତ୍ରରେ କ୍ଷତିକାରକ। ଏଥିପାଇଁ ସଚେତନତା ଗୁରୁତ୍ୱପୂର୍ଣ୍ଣ। ଶିଶୁ ଶ୍ରମିକ ଏକ ଦଣ୍ଡନୀୟ ଅପରାଧ ଓ ଶିଶୁଙ୍କୁ ଶ୍ରମିକ ଭଳି ନିୟୋଜିତ କରୁଥିବା ବ୍ୟକ୍ତିଙ୍କୁ ଭାରତୀୟ ନ୍ୟାୟ ସଂହିତା ଅନୁଯାୟୀ ଜେଲ ଦଣ୍ଡ ସହ ଜରିମାନା ବ୍ୟବସ୍ଥା ମଧ୍ୟ ଅଛି। ଶିଶୁ ଶ୍ରମିକ ପ୍ରଥା ବନ୍ଦ କରାଯାଇ ସମସ୍ତ ଶିଶୁଙ୍କୁ ପାଠ ପଢ଼ାଇବାକୁ ସଚିବ ଆହ୍ୱାନ ଦେଇଥିଲେ। ଯଦି ଜିଲ୍ଲାର କୌଣସି ସ୍ଥାନରେ ଶିଶୁଙ୍କୁ ଶ୍ରମିକ ଭାବେ ନିୟୋଜିତ କରାଯାଇଥାଏ, ତେବେ ଜିଲ୍ଲା ଆଇନ ସେବା ପ୍ରାଧିକରଣ ସହ ଯୋଗାଯୋଗ କରିବାକୁ ସଚିବ ସଚେତନ କରାଇବା ସହ ଶ୍ରମ ଆଇନରେ ଅନ୍ତର୍ଭୁକ୍ତ ଥିବା ବିଭିନ୍ନ ବ୍ୟବସ୍ଥା ବିଷୟରେ ଆଲୋଚନା କରିଥିଲେ। ସହକାରୀ ଶ୍ରମ ଅଧିକାରୀ ଶ୍ରୀ ମିଶ୍ର ଏହି ଦିବସର ଆଭିମୁଖ୍ୟ ସମ୍ପର୍କରେ ଆଲୋଚନା କରିବା ସହ ଶିଶୁ ଶ୍ରମିକ ଆଇନ କିପରି କଡ଼ାକଡ଼ି ଭାବେ ପାଳନ କରାଯାଇ ଶିଶୁଙ୍କୁ ଶ୍ରମିକ ଭାବେ ନିୟୋଜିତ ନ କରାଯିବ, ଏ ବିଷୟରେ ପୁଙ୍ଖାନୁପୁଙ୍ଖ ଭାବେ ଆଲୋଚନା କରିଥିଲେ। ସରପଞ୍ଚ ପ୍ରିୟଦର୍ଶିନୀ ଲେଙ୍କା ଧନ୍ୟବାଦ ଅର୍ପଣ କରିଥିଲେ।

## ଜବରଦଖଲକାରୀ କିସମ ବଦଳାଇ କରି ନେଉଛନ୍ତି ପଟ୍ଟା

# ଅଧାରେ ଅଟକିଛି ପୁରୁଣା ଗୋବରୀ ନଦୀ ଖନନ

ପଟ୍ଟାମୁଣ୍ଡାଇ,୧୫।୬(ସମିସ):

ସମ୍ପ୍ରତି ପୁରୁଣା ଗୋବରୀ ନଦୀ ଖନନ କାର୍ଯ୍ୟ ଅଧାରେ ଅଟକିଛି। ପୂର୍ବ ସରକାର ସମୟରେ ପୋତା ଗୋବରୀ ନଦୀ ଖନନ କାର୍ଯ୍ୟ ଆରମ୍ଭ ହୋଇଥିଲେ ମଧ୍ୟ ଅଧାପନ୍ତରିଆ ଭାବେ ପଡ଼ିରହିଛି। ଏବେ ନଦୀରେ ଦଳ ଭର୍ତ୍ତି ହୋଇ ପୂର୍ବଂ ତଥା ପଙ୍କ ଅବସ୍ଥା ହେବାକୁ ଯାଉଛି। ଅନ୍ୟପକ୍ଷରେ ପୋତା ଗୋବରୀ ନଦୀପଠାର କିସମ ପରିବର୍ତ୍ତନ ଚାଲିଥିବାବେଳେ ପଟ୍ଟାମୁଣ୍ଡାଇ ପୌରପରିଷଦର ମାଟିଆଠାରୁ ବ୍ଲକ ଗଡାଣି ରାସ୍ତା ମଧ୍ୟରେ ବହୁ ଲୋକ ପଟ୍ଟା ହାସଲ କରି କୋଠାବାଡି ନିର୍ମାଣ କରିଚାଲିଛନ୍ତି। ଗୋବରୀ ନଦୀପଠା ଜବରଦଖଲ ହୋଇଥିବା ରାଜସ୍ୱ ବିଭାଗ ସ୍ୱୀକାର କରିଥିବାବେଳେ କିସମ ପରିବର୍ତ୍ତନ କରାଯାଇ ସ୍ଥାୟୀ ପଟ୍ଟା ପ୍ରଦାନ ଘଟଣାକୁ ବିଭାଗ ଅସ୍ୱୀକାର କରିଛି। ନଦୀପଠାରେ କୋଠାବାଡି କରି ବେଆଇନ ଭାବେ ବସବାସ କରୁଥିବା ଲୋକଙ୍କୁ ପୌରପରିଷଦ ପକ୍ଷରୁ ବିଭିନ୍ନ ସହରୀ ସୁବିଧା ଯୋଗାଇ ଦିଆଯାଇଥିବାବେଳେ ସେମାନଙ୍କୁ ହୋଲ୍ଡିଂ ନମ୍ବର ପ୍ରଦାନ କରାଯିବା ଘଟଣା ଗୋଳମାଳିଆ ପରିସ୍ଥିତି ସୃଷ୍ଟି କରିଛି।

ପଟ୍ଟାମୁଣ୍ଡାଇ ଅଞ୍ଚଳରେ ପ୍ରବାହିତ ୨୦ କିମି ବ୍ୟାପି ପୁରୁଣା ଗୋବରୀ ନଦୀ କ୍ରମଶଃ ପୋତିହୋଇ ପଡିଥିବାବେଳେ ଏହାର ପୁନରୁଦ୍ଧାର ପାଇଁ ୨୦୦୩ଠାରୁ ପଟ୍ଟାମୁଣ୍ଡାଇବାସୀ ଦାବି କରିଆସୁଛନ୍ତି। ପଟ୍ଟାମୁଣ୍ଡାଇ ସହିତ ରାଜନଗର, ମହାକାଳପଡ଼ା, କେନ୍ଦ୍ରାପଡା ବ୍ଲକର ୩ ଲକ୍ଷ ଚାଷୀଙ୍କ ଜୀବନଜୀବିକା ତଥା ଅର୍ଥନୀତି ଓ ସାମାଜିକ ସ୍ଥିତି ପରିବର୍ତ୍ତନ ହେବାର ସମ୍ଭାବନା ଥିବାରୁ ଜନସାଧାରଣଙ୍କ ଦାବି ଫଳରେ ଓଡ଼ିଶା ଷ୍ଟେଟ କନଷ୍ଟ୍ରକ୍ସନ କମ୍ପାନୀ (ଓସିସି) ପକ୍ଷରୁ ଖନନ ପାଇଁ ଟେଣ୍ଡର ଆହ୍ୱାନ କରାଯାଇଥିଲା। ହାଇଦ୍ରାବାଦର ଏକ ସଂସ୍ଥା ଖନନ ପାଇଁ ଠିକା ପାଇଥିଲା। ଗୋବରୀ ନଦୀ ଖନନ କାର୍ଯ୍ୟ ଆରମ୍ଭ ପରେ ଗୋବରୀ ନଦୀ କୂଳବାସୀଙ୍କ ମଧ୍ୟରେ ଆନନ୍ଦ ପ୍ରକାଶ ପାଇଥିଲା। ତତ୍କାଳୀନ କେନ୍ଦ୍ରାପଡ଼ା ଜଳ ନିକାସ ବିଭାଗ ସହକାରୀ ନିର୍ବାହୀ ଯନ୍ତ୍ରୀ ପ୍ରମୋଦ ରାଉତ ଠିକା ପାଇଥିବା ସଂସ୍ଥା ଗୋବରୀ ନଦୀ ଖନନ

**କିସମ ପରିବର୍ତ୍ତନ ହୋଇନି କହିଲା ରାଜସ୍ୱ ବିଭାଗ**

କରିବ ଓ ପ୍ରୋକଲିନ୍ ଲଗାଇ ମାଟିଉଠାଇ ଦୂରରେ ପକାଇବ ବୋଲି କହିଥିଲେ। ପଙ୍କ ମାଟି ରହିଥିବା ୬ କିମି ନଦୀକୁ ପମ୍ପିଂ କରି ପଙ୍କ ଦୂରରେ ପକାଇବ ବୋଲି ସହକାରୀ ନିର୍ବାହୀ ଯନ୍ତ୍ରୀ ରାଉତ ସୂଚନା ଦେଇଥିଲେ। କିନ୍ତୁ ଏପରି କିଛି ନ କରି ଠିକା ସଂସ୍ଥା କାମ ଅଧାରେ ଛାଡ଼ି ଛୁ ମାରିଥିଲା। ପରବର୍ତ୍ତୀ ସମୟରେ ଗୋବରୀ ନଦୀ ଖନନ କାର୍ଯ୍ୟ ଆରମ୍ଭ ହୋଇଥିଲେ ମଧ୍ୟ ତାହା ଅଧାପନ୍ତରିଆ ଭାବେ ପଡିରହିଛି।

ଗୋବରୀ ନଦୀ ଖନନ ବାବଦରେ ୧୦ କୋଟିରୁ ଊର୍ଦ୍ଧ୍ୱ ଟଙ୍କା ଖର୍ଚ୍ଚ ହୋଇସାରିଛି। ତେବେ ମଧ୍ୟ ନଦୀର ରୂପରେଖ ପରିବର୍ତ୍ତନ ହୋଇପାରିନାହିଁ। ୨୦୧୦ରେ ତତ୍କାଳୀନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଜନସାଧାରଣଙ୍କ ସୁବିଧା ପାଇଁ ପଟ୍ଟାମୁଣ୍ଡାଇ ଏମଏନ ହାଇସ୍କୁଲଠାରେ ଗୋବରୀ ନଦୀ ଖନନ ପାଇଁ ୩ କୋଟି ଟଙ୍କା ବ୍ୟୟ ଅଟକଳରେ ଶିଳାନ୍ୟାସ କରିଥିଲେ। ତେବେ ଠିକା ପାଇଥିବା ସଂସ୍ଥା ଅଧାରୁ କାମ ଛାଡ଼ି ଚାଲିଯାଇଥିଲା। ଏ ନେଇ ବିଭିନ୍ନ ମହଲରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଥିବାବେଳେ ଗୋବରୀ ନଦୀ ପୁନରୁଦ୍ଧାର ପାଇଁ ଦାବି ହୋଇଆସୁଥିଲା। ଗୋବରୀ ନଦୀ ସହିତ ୩୦ରୁ ଅଧିକ ପାଟନାଳୀ ସଂଯୋଗ ହୋଇଥିବାରୁ ଗୋବରୀ ନଦୀ ଶୁଖିଲା ପଡିଥିବାବେଳେ ପାଟନାଳି ମଧ୍ୟ ଶୁଖିଲା ପଡିଛି। ପଟ୍ଟାମୁଣ୍ଡାଇ ସହରର ଜଳ ନିଷ୍କାସନ ଡ୍ରେନ ମଧ୍ୟ ଗୋବରୀ ନଦୀ ସହିତ ସଂଯୋଗ ରହିଛି। ଜବରଦଖଲକାରୀ ନଦୀପଠାରେ କୋଠାବାଡି ନିର୍ମାଣ କରିବା ଫଳରେ ସହରର ପାଣି ନିଷ୍କାସନ ସମସ୍ୟା ସୃଷ୍ଟି ହୋଇଛି। ଏହା ଛଡା ଭୂତଳ ଜଳସ୍ତର ୧୦/୧୨ ଫୁଟ କମି ଯାଇଥିବାବେଳେ ବହୁ ସ୍ଥାନରେ ନଳକୂପରୁ ପଣି ବାହାରୁ ନାହିଁ। ଫଳରେ ୪ଟି ବ୍ଲକର ଚାଷୀ ନାହିଁ ନ ଥିବା ସମସ୍ୟା ଭୋଗ କରୁଛନ୍ତି। କାମ ନ ପାଇ ଶିକ୍ଷିତ ବେକାର ଯୁବକ ଦାଦନ ଖଟିବାକୁ ଅନ୍ୟ ରାଜ୍ୟକୁ ଚାଲିଯିବା ଏ ଅଞ୍ଚଳ ପାଇଁ ଏକ ବଡ଼ ପ୍ରସଙ୍ଗ ହୋଇଛି।

ପୋତିହୋଇ ପଡିଥିବା ପୁରୁଣା ଗୋବରୀ ନଦୀକୁ କେନ୍ଦ୍ର ସରକାରଙ୍କ ନଦୀ ସଂଯୋଗୀକରଣ ଯୋଜନାରେ ସାମିଲ କରିବା ପାଇଁ ପଟ୍ଟାମୁଣ୍ଡାଇ ଅଞ୍ଚଳର ବୃଦ୍ଧିଜିବୀ ଜାତୀୟ ଆଇନସେବା ପ୍ରାଧିକରଣ (ନାଲସା) ନିକଟରେ ଦାବି କରିଥିଲେ। ଗୋବରୀ ସହିତ ଚିରସ୍ରୋତା ବ୍ରାହ୍ମଣୀ ନଦୀର ସଂଯୋଗ କରାଗଲେ ପଟ୍ଟାମୁଣ୍ଡାଇ, ରାଜନଗର, କେନ୍ଦ୍ରାପଡ଼ା ଓ ମହାକାଳପଡ଼ା ୪ଟି ବ୍ଲକ୍‌ର ହଜାର ହଜାର ଚାଷୀଙ୍କ ଆର୍ଥିକ, ସାମାଜିକ ସ୍ଥିତିରେ ସୁଧାର ଆସିବ ବୋଲି ବୃଦ୍ଧିଜୀବୀ ଓ ସାମାଜିକ କର୍ମୀ ଆଶା ପ୍ରକାଶ କରିଥିବାବେଳେ ଗୋବରୀ ନଦୀପଠା ବ୍ୟାପକ ଭାବେ ଜବରଦଖଲକାରୀଙ୍କ କବ୍‌ଜାରେ ରହିଥିବାରୁ ଏହାର ଭୌଗୋଳିକ ସ୍ଥିତି ବଦଳିଯାଇଛି। ଗୋବରୀ ନଦୀ ଖନନ ହେବା ସହିତ ଚିରସ୍ରୋତା ବ୍ରାହ୍ମଣୀ ସହିତ ସଂଯୋଗ କରାଗଲେ ୪ଟି ବ୍ଲକର ଜନସାଧାରଣ ଉପକୃତ ହେବା ସହିତ ପରିସ୍ଥିତି ବଦଳିବାର ସମ୍ଭାବନା ରହିଛି।

ଅନ୍ୟପକ୍ଷରେ ଗୋବରୀ ନଦୀ ଜମି କିସମ ପରିବର୍ତ୍ତନ ସମ୍ପର୍କରେ ପଟ୍ଟାମୁଣ୍ଡାଇ ଅଞ୍ଚଳର ସ୍ୱେଚ୍ଛାସେବୀ ସଂଗଠନ ଉତ୍କଳମଣି ଯୁବକ ସଂଘ ସଭାପତି ଗୌତମ ବେହେରା ରାଜସ୍ୱ ବିଭାଗର ଦୃଷ୍ଟି ଆକର୍ଷଣ କରିଥିଲେ। ତେବେ ରାଜସ୍ୱ ବିଭାଗ ପକ୍ଷରୁ ପଟ୍ଟାମୁଣ୍ଡାଇ ତହସିଲ ଅଧୀନରେ (କିସମ ପରିବର୍ତ୍ତନ) "ନଦୀ କିସମ'ରୁ "ଘରାବାରୀ କିସମ'କୁ ପରିବର୍ତ୍ତନ କରାଯାଇଥିବା ଅଭିଯୋଗ କରିଥିଲେ। କିନ୍ତୁ ଉତ୍ତରରେ ପଟ୍ଟାମୁଣ୍ଡାଇ ତହସିଲଦାର ସ୍ପଷ୍ଟ କରିଥିଲେ ଯେ, ରାଜସ୍ୱ ବିଭାଗ ନିୟମ ଅନୁଯାୟୀ ଏପରି କୌଣସି ପରିବର୍ତ୍ତନକୁ ଅନୁମତି ଦିଆଯାଇନାହିଁ। ଏପରି କୌଣସି ରେକର୍ଡ କରାଯାଇନାହିଁ। ତହସିଲରେ କିସମ ପରିବର୍ତ୍ତନ ସମ୍ପର୍କରେ କୌଣସି ଆଲୋଚନା କିମ୍ବା କାର୍ଯ୍ୟାନୁଷ୍ଠାନ ହୋଇନାହିଁ। ଗୋବରୀ ନଦୀ କୂଳରେ ବେଆଇନ ଜବରଦଖଲ ନିଶ୍ଚିତ ହୋଇଛି। ଜବରଦଖଲକାରୀଙ୍କୁ ଉଚ୍ଛେଦ ନୋଟିସ୍ ପ୍ରଦାନ କରାଯାଇଛି। ଜବରଦଖଲ ହୋଇଥିବା ଜମିକୁ ଶୀଘ୍ର ଉଚ୍ଛେଦ କରାଯିବ ବୋଲି ତହସିଲଦାର କହିଥିବାବେଳେ ଏହି ମାମଲା ବିଭାଗ ନଜରରେ ଥିବା ତହସିଲଦାର ସୂଚନା ଦେଇଛନ୍ତି।

# ବେସରକାରୀ ଅଧ୍ୟାପକ କର୍ମଚାରୀ ସଂଘର ପ୍ରଥପ୍ରାନ୍ତ ସଭା




ବାଲିକୁଦା,୧୫।୬(ସମିସ): ଓଡ଼ିଶା ରାଜ୍ୟ ବେସରକାରୀ ଅଧ୍ୟାପକ କର୍ମଚାରୀ ସଂଘ ପକ୍ଷରୁ ବାଲିକୁଦା ବ୍ଲକ ଗୋପାଳପୁର ଛକ ନିକଟରେ ସଂଘ ପକ୍ଷରୁ ରାଜ୍ୟ ସଭାପତି ବିଶ୍ୱରଞ୍ଜନ ଦାସଙ୍କ ନିର୍ଦ୍ଦେଶରେ ପଥପ୍ରାନ୍ତ ସଭା ଅନୁଷ୍ଠିତ ହୋଇଯାଇଛି। ସଂଘର ଦାବି ୨୦୦୮ରୁ ୨୦୧୮ ମସିହା ପର୍ଯ୍ୟନ୍ତ ପରିଚାଳନା ସମିତି ଦ୍ୱାରା ନିଯୁକ୍ତ ସମସ୍ତ ଅଧ୍ୟାପକ କର୍ମଚାରୀଙ୍କୁ ସରକାରୀ ଅନୁଦାନ ପ୍ରଦାନ କରିବା, ରାଜ୍ୟ ସରକାର ଏ ଦିଗରେ ବିହିତ ପଦକ୍ଷେପ ଗ୍ରହଣ କରି ଯଥାଶୀଘ୍ର ସରକାରୀ ଅନୁଦାନ ପ୍ରଦାନ କରିବା ଦାବି କରାଯାଇଥିଲା। ନଚେତ ଆଗାମୀ ଦିନରେ ରାଜରାସ୍ତାରେ ଆନ୍ଦୋଳନ ତୀବ୍ରତର ହେବ ବୋଲି କଟକ ବିଭାଗ ସଂଯୋଜକ ପପିନ୍ଦ୍ର ଲେଙ୍କା ଚେତାବନୀ ଦେଇଛନ୍ତି। ଏହି କାର୍ଯ୍ୟକ୍ରମରେ ଜିଲ୍ଲା ସଂଯୋଜକ ଚଗଲି ଚରଣ ସ୍ୱାଇଁ, ଖଣ୍ଡ ସଂଯୋଜକ ଦିଲ୍ଲୀପ କୁମାର ବିଶ୍ୱାଳ, ବସନ୍ତ କୁମାର ମହାନ୍ତି, ଦେବକୀ ଦାସ ଓ ତପନ କୁମାର ରାଉତ ଯୋଗ ଦେଇଥିଲେ।

# ଜଗନ୍ନାଥପୁର ଶାସନ ବିଦ୍ୟାଳୟରେ ଗୁରୁପୂଜନ



ରାଜନଗର,୧୫।୬(ସମିସ): ରାଜନଗର ବ୍ଲକ୍ ଓସ୍ତିଆ ପଞ୍ଚାୟତର ସର୍ବପୁରାତନ ଶିକ୍ଷାନୁଷ୍ଠାନ ଭଗବାନପୁରସ୍ଥ ଜଗନ୍ନାଥପୁର ଶାସନ ନୋଡାଲ ଶିକ୍ଷ୍ୟା ନିକେତନ ୧୯୮୩ ବ୍ୟାଚ୍ ଛାତ୍ରଛାତ୍ରୀଙ୍କ ପକ୍ଷରୁ ଗୁରୁପୂଜନ ଓ ବନ୍ଧୁମିଳନ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ରଜ ସଂକ୍ରାନ୍ତି ପୂର୍ବାହ୍ନରେ ଆୟୋଜିତ ଉତ୍ସବରେ ଛାତ୍ରଛାତ୍ରୀଙ୍କ ୧୦ ଜଣ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଓ ସହକାରୀ ଶିକ୍ଷକଙ୍କୁ ବିଦ୍ୟାଳୟ ଫାଟକ ନିକଟରୁ ସ୍ୱାଗତ କରାଯାଇ ପାଦ ଧୋଇ ଫୁଲ ଚନ୍ଦନ ଦେଇ ବନ୍ଦାଣ କରିଥଲେ। ପୁରାତନ ଛାତ୍ରଛାତ୍ରୀଙ୍କ ପକ୍ଷରୁ ଗୁରୁ ବନ୍ଦନା ଶହ ଶଙ୍ଖ ହୁଳହୁଳି ମାଧ୍ୟମରେ ଗୁରୁଙ୍କୁ ଆମନ୍ତ୍ରଣ କରାଯାଇଥିଲା। ବିଶେଷକରି ୧୯୮୩ ବ୍ୟାଚ୍‌ର ଛାତ୍ର ତଥା ଏବର ରାଜନଗର ବିଧାୟକ ଧ୍ରୁବ ସାହୁ ପ୍ରତ୍ୟେକ ଗୁରୁଙ୍କୁ ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧିତ କରିଥଲେ। ହାଇସ୍କୁଲର ପ୍ରଥମ ପ୍ରଧାନଶିକ୍ଷକ ପ୍ରାବନ୍ଧିକ ଶରତ ଚନ୍ଦ୍ର ମହାପାତ୍ର ପୌରୋହିତ୍ୟ କରିଥିବାବେଳେ ପୁରାତନ ଛାତ୍ର ବାସୁଦେବ ରଥ କାର୍ଯ୍ୟକ୍ରମ ସଂଯୋଜନା କରିଥଲେ। ପୂର୍ବତନ ପ୍ରଧାନଶିକ୍ଷକ ଦାମୋଦର ଶତପଥୀ, ବ୍ରହ୍ମାନନ୍ଦ ରଥ, ସୁକାନ୍ତ ତ୍ରିପାଠୀ, ବୃନ୍ଦାବନ ସିଂହ, ପୂର୍ଣ୍ଣଚନ୍ଦ୍ର ରାଉତ, ଦୈତାରୀ ନାଉରୀ, ବାଇଧର ସ୍ୱାଇଁ, ଆଦିକନ୍ଦ ତ୍ରିପାଠୀ, ରମାକାନ୍ତ ଷଡ଼ଙ୍ଗୀ, ପ୍ରଧାନ ଶିକ୍ଷୟିତ୍ରୀ ସୁଚିତ୍ରା ବେହେରା ଅତିଥି ଭାବେ ଯୋଗ ଦେଇଥିଲେ। ପୁରାତନ ଛାତ୍ର ବିଧାୟକ ଶ୍ରୀ ସାହୁ ପିଲାଦିନର ସ୍ମୃତି ମନେ ପକାଇଥିଲେ। ଛାତ୍ର ବିରଞ୍ଚି ନାରାୟଣ ତ୍ରିପାଠୀ, ଶ୍ରୀକାନ୍ତ ମହାପାତ୍ର, ନିଧିରାମ ଜେନା, ପବିତ୍ର ରଥ, ଉର୍ମିଳା ରାଉତ, ଛାତ୍ର ସଂସଦ ସଭାପତି ପ୍ରାଧ୍ୟାପକ ବ୍ରହ୍ମାନନ୍ଦ ତ୍ରିପାଠୀ ପ୍ରମୁଖ ଯୋଗ ଦେଇଥିଲେ। ଏ ଅବସରରେ ପୂର୍ବତନ ପ୍ରଧାନଶିକ୍ଷକ ସୁକାନ୍ତ ତ୍ରିପାଠୀଙ୍କ ଲିଖିତ ଗୀତିମାଳା ଅତିଥିଙ୍କ ଦ୍ୱାରା ଉନ୍ମୋଚିତ ହୋଇଥିଲା। ଶେଷରେ ବରିଷ୍ଠ ପତ୍ରକାର ଭାସ୍କର ରାଉତରାୟ ଧନ୍ୟବାଦ ଅର୍ପଣ କରିଥଲେ।

# ଅବସରପ୍ରାପ୍ତ କର୍ମଚାରୀ ସେବା ସଂଘ ବୈଠକ

କୁଜଙ୍ଗ,୧୫।୬(ସମିସ): ଭୂତମୁଣ୍ଡାଇରେ ଅବସରପ୍ରାପ୍ତ କର୍ମଚାରୀ ସେବା ସଂଘ ବୈଠକ ଅନୁଷ୍ଠିତ ହୋଇଯାଇଛି। କୋଷାଧ୍ୟକ୍ଷ ପ୍ରଶାନ୍ତ ଚୌଧୁରୀଙ୍କ ବାସଭବନରେ ସଭାପତି ମାୟାଧର ଦାସଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ବରିଷ୍ଠ ଉପଦେଷ୍ଟା ଶଙ୍କର୍ଷଣ ସ୍ୱାଇଁ, କୁଳମଣି ତରାଇ, ନିରଞ୍ଜନ ବଳିୟାରସିଂହ, ବାବୁରାମ ଚୌଧୁରୀ ପ୍ରମୁଖ ଯୋଗ ଦେଇଥିଲେ। ଶାନ୍ତି ପାଠ ପରେ ବାଙ୍ଗାଲୋର ଦଳାଚକଟା, ପହଲଗାମ ଓ ଅହମ୍ମଦାବାଦର ବିମାନ ଦୁର୍ଘଟଣାରେ ମୃତ୍ୟୁବରଣ କରିଥିବା ଯାତ୍ରୀଙ୍କ ଆତ୍ମାର ସଦଗତି ନିମିତ୍ତ ଦୁଇ ମିନିଟ ନିରବ ପ୍ରାର୍ଥନା କରାଯାଇଥିଲା। ସମ୍ପାଦକ ପ୍ରମୋଦ ପତି ଗତମାସର ବିବରଣୀ ପାଠ କରିଥିଲେ। ଏପ୍ରିଲ ମାସର ନୟାଗଡ଼ ଶ୍ରୀରାମ ମନ୍ଦିର, କଣ୍ଟିଲୋ ନୀଳମାଧବ, ଅତ୍ରି ଉଷ୍ଣ ପ୍ରସବଣ ଇତ୍ୟାଦିର ଭ୍ରମଣ ବିବରଣୀ ସମ୍ପାଦକ ଉପସ୍ଥାପନ କରିଥିଲେ। ଆଗାମୀ ଭ୍ରମଣ ନେପାଳ ସମ୍ବନ୍ଧରେ ଡାକ୍ତର ବିପିନ ବିହାରୀ ସାମନ୍ତରାୟ ଓ ଗୋଲାପରାଣୀ ସାହୁ



ଆଲୋଚନା କରିଥିଲେ। କିଛି ନୀତି କଥା ସଭାପତି ମାୟାଧର ଦାସ କହିଥିଲେ। ସାଂଗଠନିକ ଆଲୋଚନାରେ ବାବୁରାମ ଚୌଧୁରୀ, ଶଙ୍କର୍ଷଣ ସ୍ୱାଇଁ, ଡାକ୍ତର କାହ୍ନୁଚରଣ ସ୍ୱାଇଁ, ନିରଞ୍ଜନ ବଳିୟାରସିଂହ, ତ୍ରିଲୋଚନ ସିଂହ ଅଂଶଗ୍ରହଣ କରିଥିଲେ। ଗୋଲାପରାଣୀ ସାହୁ ଏକ ଆର୍ଶୀବାଦର କବିତା ପାଠ କରିଥିବାବେଳେ ଧିରେନ୍ଦ୍ର ଦାସ ଧନ୍ୟବାଦ ଅର୍ପଣ କରିଥିଲେ। ଏ ଅବସରରେ ପରିବାର ସଂସ୍କାର ସହ ସାମୂହିକ ଭଜନ, ପରିବାର ଓ ସମାଜରେ ସମ୍ପ୍ରତି ଓ ଆତ୍ମୀୟତା ବୃଦ୍ଧି ଉପରେ ଅବସରପ୍ରାପ୍ତ କର୍ମଚାରୀ ସେବାସଂଘ ସଦସ୍ୟ ଗୁରୁତ୍ୱ ଦେବା ସହ ପିଲାଙ୍କୁ ସମ୍ପତ୍ତି ଅପେକ୍ଷା ସଂସ୍କାର ପ୍ରଦାନ ଜରୁରୀ ବୋଲି ମତ ପ୍ରକାଶ ପାଇଥିଲା।

# ଧାନେଶ୍ୱରୀ ପୀଠରେ ଅଚ୍ୟୁତାନନ୍ଦ ମହାପୁରୁଷ ଓ କଳ୍କୀ ଅବତାରଙ୍କ ବ୍ରହ୍ମ ଏକାକ୍ଷର ମେଳା



ପଟ୍ଟାମୁଣ୍ଡାଇ/ଦାଣ୍ଡିସାହି,୧୫।୬(ସମିସ): ପଟ୍ଟାମୁଣ୍ଡାଇ ବ୍ଲକ ଅନ୍ତର୍ଗତ ଅଳପୁଆ ପଞ୍ଚାୟତ ଧାନେଶ୍ୱରୀ ପୀଠରେ ଅଚ୍ୟୁତାନନ୍ଦ ମହାପୁରୁଷଙ୍କ ଗାଦି ଓ କଳ୍କୀ ଅବତାରଙ୍କ ବ୍ରହ୍ମ ଏକାକ୍ଷର ମେଳା ଅନୁଷ୍ଠିତ ହୋଇଯାଇଛି। ପୀଠାଧୀଶ ପ୍ରଫୁଲ୍ଲ ଚନ୍ଦ୍ର ପଣ୍ଡା, ସେବକ ଗଗନ ମହାଳିକଙ୍କ ତତ୍ତ୍ୱାବଧାନରେ ସମସ୍ତ କାର୍ଯ୍ୟକ୍ରମ ଆୟୋଜିତ ହୋଇଛି। ରତିକାନ୍ତ ଧଳଙ୍କ ପୌରୋହିତ୍ୟରେ ରଜ ସଂକ୍ରାନ୍ତି ଅବସରରେ ଆୟୋଜିତ ମେଳାରେ ଶତାଧିକ ଶ୍ରଦ୍ଧାଳୁ ଓ ଜନସାଧାରଣ ଯୋଗ ଦେଇ ପୂଜା କରିବା ସହିତ ଭଗବାନଙ୍କ ଆଶୀର୍ବାଦ ଭିକ୍ଷା କରିଥିଲେ। ଏଥିରେ ପୂର୍ବତନ ଜିଲ୍ଲା ପରିଷଦ ସଦସ୍ୟ ନାରଦ ବିଶ୍ୱାଳ, ସୁକାନ୍ତ ରାଉତ, କିଶୋର ରାଉତ, ଶିକ୍ଷାବିତ ବିଚିତ୍ରାନନ୍ଦ ବେହେରା, ନରେନ୍ଦ୍ର ଧଳ, ଭିକାରୀ ବାରିକ, ଘନଶ୍ୟାମ ମଲିକ, ନିରଞ୍ଜନ ସେଠୀ, ଅର୍ଜୁନ ଧଳ, କୁଳମଣି ଧଳ, ପଦ୍ମନାଭ ନାୟକ, ସୁବାସ ନାୟକ, ନିରଞ୍ଜନ ନାୟକ, ଚିତ୍ତରଞ୍ଜନ ସାହୁ, ଗୀତାଞ୍ଜଳି ନାୟକ, ରେଣୁବାଳା ରାଉତ, ଜମ୍ବୁବତୀ ରାଉତ ପ୍ରମୁଖ ଏହି ଆଧାତ୍ମିକ କାର୍ଯ୍ୟକ୍ରମରେ ଯୋଗ ଦେଇ ସହଯୋଗ କରିଥିଲେ। ପଣ୍ଡିତ ପ୍ରଫୁଲ୍ଲ ପଣ୍ଡାଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ନୀତିକାନ୍ତି ସମ୍ପନ୍ନ ହୋଇଥିଲା। ଶେଷରେ ରତିକାନ୍ତ ଧଳ, ଗଗନ ମହାଳିକ ପୂର୍ଣ୍ଣ ଆହୁତି ପ୍ରଦାନ କରିଥିଲେ।

● ମାନପୁର ପ୍ରାଥମିକ ବିଦ୍ୟାଳୟ

# ନିମ୍ନମାନର ନିର୍ମାଣ କାମକୁ ଗ୍ରାମବାସୀଙ୍କ ବିରୋଧ

ଆଳି,୧୫।୬(ସମିସ):

ଆଳି ବ୍ଲକ୍ ଅନ୍ତର୍ଗତ ସଂସିଧା ପଞ୍ଚାୟତ ଅଧୀନସ୍ଥ ମଙ୍ଗରାଜପୁର ମାନପୁର ପ୍ରାଥମିକ ବିଦ୍ୟାଳୟର ପୁରୁଣା ଘର ମରାମତି କରାଯାଉଛି। ଏହି କାମ ନିମ୍ନମାନର ହେଉଥିବାରୁ ଗ୍ରାମବାସୀ ଅସନ୍ତୋଷ ପ୍ରକାଶ କରିଛନ୍ତି। ପୁରୁଣା ଘର ଛାତ ଭଙ୍ଗାଯାଇ ନୂଆ ଛାତ ପକାଯାଉଛି। ଏଥିରେ ପୁରୁଣା ରଡ୍ ବ୍ୟବହାର ହେଉଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି।



ସୂଚନା ମୁତାବକ, ମାନପୁର ବିଦ୍ୟାଳୟ ଗୃହ ମରାମତି ପାଇଁ ବିଧାୟକଙ୍କ ପାଣ୍ଠିରୁ ୧୦ ଲକ୍ଷ ଟଙ୍କା ବ୍ୟୟବରାଦ କରାଯାଇଥିଲା। ପୁରୁଣା ଘର ମରାମତି ସହ ଛାତ ପକାଇବା ପାଇଁ ଯୋଜନା ଥିଲା। ଉକ୍ତ ଘର ବିନା ବିମ୍ ଓ ସାଇଟ ୱାଲ୍ ବିମରେ ପୁରୁଣା ରଡ଼ ଦେଇ ଛାତ ପକାଇବାକୁ ଠିକାଦାର ଉଦ୍ୟମ କରୁଥିବା ଲୋକେ ଅଭିଯୋଗ କରିଛନ୍ତି। ପଞ୍ଚାୟତ ଦାୟିତ୍ୱରେ ଥିବା କନିଷ୍ଠ ଯନ୍ତ୍ରୀ ମଧ୍ୟ କାମର ତଦାରଖ କରିବାକୁ ଆସୁ ନ ଥିବା ଅଭିଯୋଗ ହେଉଛି। ଗ୍ରାମବାସୀଙ୍କ କହିବା ଅନୁଯାୟୀ ପୂର୍ବରୁ ବର୍ଷା ହେବା ମାତ୍ରେ ପୁରୁଣା ଘର ଛାତରୁ ପାଣି ଗଳୁଥିଲା। ଫଳରେ ଛାତ୍ରଛାତ୍ରୀ ବର୍ଷା ହେଲେ ସ୍କୁଲକୁ ଯାଉ ନ ଥିଲେ ଓ ଏକପ୍ରକାର ବିପଦସଂକୁଳ ଅବସ୍ଥାରେ ପିଲା ପଢୁଥିଲେ। ଏ ନେଇ ବାରମ୍ବାର ପ୍ରଶାସନ ନିକଟରେ ଅଭିଯୋଗ ହେବା ପରେ ବିଧାୟକଙ୍କ ପାଣ୍ଠିରୁ ୧୦ ଲକ୍ଷ ଟଙ୍କା ମଞ୍ଜୁର ହୋଇଥିଲା। ଯାହାକୁ ନେଇ ବିଦ୍ୟାଳୟ କର୍ତ୍ତୃପକ୍ଷ ଆଳି ବିଧାୟକଙ୍କୁ କୃତଜ୍ଞତା ଜଣାଇଥିଲେ। ଠିକାଦାର କାମ ଆରମ୍ଭ କରିଥିଲେ। ପୂର୍ବରୁ ଥିବା ଶ୍ରେଣୀ ଗୃହ ବିନା ବିମରେ ଥିବାରୁ ଠିକାଦାର ସାଇଟ ବିମ ବିନା ଛାତ ପକାଇବାକୁ ଚେଷ୍ଟା କରିବାରୁ ଗ୍ରାମବାସୀ ବିରୋଧ କରିଛନ୍ତି। ବିନା ସାଇଟ୍ ବିମରେ ପୁରୁଣା ରଡ୍‌ରେ ଛାତ ପକାଯାଉଛି। ଯାହା ଛାତ୍ରଛାତ୍ରୀଙ୍କ ଜୀବନକୁ ବିପଦ ଆଡକୁ ଠେଲି ଦିଆଯାଉଛି। ଏ ନେଇ ସେମାନେ ଠିକାଦାରଙ୍କୁ କହିଥିଲେ ମଧ୍ୟ କୌଣସି ସୁଫଳ ମିଳିନାହିଁ। ବାଧ୍ୟ ହୋଇ ଗ୍ରାମର ବିଜୟ ସେଠୀ, ସୁକାନ୍ତ ସେଠୀ, ଅନିରୁଦ୍ଧ ସେଠୀ, ଅଶୋକ ସେଠୀ, ଗୋଲେଖ ସେଠୀ, ବୀରେନ୍ଦ୍ର ସେଠୀ, ଦୀନବନ୍ଧୁ ସେଠୀ, ଆଦିକନ୍ଦ ସେଠୀ, ଚକ୍ରଧର ସେଠୀ, ନିରାକାର ସେଠୀ, ମଦନ ସେଠୀ, ପୀତାମ୍ବର ସେଠୀ ପ୍ରମୁଖ ଆଳି ବିଡିଓ ଅବିନାଶ ବିଶ୍ୱଜିତ ସେଠୀ ଓ ବ୍ଲକ୍‌ର ମୁଖ୍ୟଯନ୍ତ୍ରୀଙ୍କୁ ଭେଟି ଅଭିଯୋଗ କରିଥିଲେ। ଆଳି ବିଡିଓ ଶ୍ରୀ ସେଠୀ ତାଙ୍କ ପ୍ରତିକ୍ରିୟାରେ ଜଣାଇଛନ୍ତି ଯେ, ମୋ ନିକଟରେ ଅଭିଯୋଗ ହେବା ପରେ ମୁଁ ବିଭାଗୀୟ ଯନ୍ତ୍ରୀଙ୍କ ସହ ଜଣେ ଯନ୍ତ୍ରୀ ଓ ଅନ୍ୟଜଣେ ସହକାରୀ ଯନ୍ତ୍ରୀଙ୍କୁ ଘଟଣାସ୍ଥଳକୁ ଯାଇ ତଦନ୍ତ କରିବାକୁ ନିର୍ଦ୍ଦେଶ ଦେଇଥିବା କହିଛନ୍ତି।

# କନିକା ବିଦ୍ୟାଳୟ ହୀରକ ଜୟନ୍ତୀ ପ୍ରସ୍ତୁତ ବୈଠକ

ରାଜକନିକା,୧୫।୬(ସମିସ): ରାଜକନିକା ବ୍ଲକ୍ ପୂର୍ବ କନିକାର ଆୟତନସ୍ଥ କନିକା ଉଚ୍ଚବିଦ୍ୟାଳୟର ହୀରକ ଜୟନ୍ତୀ ଉତ୍ସବ ପାଇଁ ତୃତୀୟ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଆସନ୍ତା ନଭେମ୍ବର କିମ୍ବା ଡିସେମ୍ବର ମାସରେ ଉତ୍ସବ କରାଯିବାକୁ ପ୍ରାରମ୍ଭିକ ନିଷ୍ପତ୍ତିକୁ କାର୍ଯ୍ୟକାରୀ କରିବା ପାଇଁ ଆଜିର ବୈଠକରେ ସହଯୋଗ ଓ ସଦଭାବନା ଅଭିଯାନ ଜରିଆରେ କମିଟି ସଦସ୍ୟ ଗାଁ ଗାଁରେ ପହଞ୍ଚି ସମସ୍ତ ପୁରାତନ ଛାତ୍ରଛାତ୍ରୀଙ୍କୁ ଏକାଠି କରିବାକୁ ନିଷ୍ପତ୍ତି ହୋଇଛି। ପୁରାତନ ଛାତ୍ର ସଂସଦ ସଭାପତି ବାଞ୍ଛାନିଧି ସୂତାରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସାଧାରଣ ସଭାରେ ସମ୍ପାଦକ ନବକିଶୋର ସୂତାର ବିବରଣୀ ପ୍ରଦାନ କରିଥିଲେ। ବିଦ୍ୟାଳୟର ଉତ୍ସବ ପାଳନ ପାଇଁ ପୁରାତନ ଛାତ୍ର ସଂସଦର ପଞ୍ଜିକରଣ କରାଇବା, ଉତ୍ସବ ପାଇଁ ଦିନ ଧାର୍ଯ୍ୟ, ବଜେଟ ଆକଳନ, ଉତ୍ସବକୁ ସାରା ଅଞ୍ଚଳରେ ପରିବ୍ୟାପ୍ତ କରିବାକୁ ବସୁଦେବ ସ୍ୱାଇଁ, ଗୁରୁଚରଣ ଭୂୟାଁ, ବିଦ୍ୟାଧର ବେହେରା, ପଦ୍ମଲୋଚନ ରାଉତ, ହରେକୃଷ୍ଣ ନାୟକ, ନରୋତ୍ତମ ବେହେରା, ବିଜୟ ବେହେରା, ନିରାକାର ମାହୁନ୍ତ, ସନାତନ ଧଳ, ହରମୋହନ ରାୟ, ନଳିନୀକାନ୍ତ ଧଳ, ଗୟାଚାନ୍ଦ ରାଉତ, ସୁକାନ୍ତ ଦାଶ, ପ୍ରସନ୍ନ ଧଳ, ନଟବର ବିଶ୍ୱାଳ, ଦେବେନ୍ଦ୍ର ବେହେରା, ଅଭୟ ସାହୁ, ସୁକାନ୍ତ ଜେନା ଓ ଦେବବ୍ରତ ବେହେରା, ମହେଶ୍ୱର ବେହେରା ପ୍ରମୁଖ ମତାମତ ଦେଇଥିଲେ।

# ବନ ବିଭାଗର ଚାରା ବଣ୍ଟନ

ମହାକାଳପଡ଼ା,୧୫।୬(ସମିସ): ମହାକାଳପଡ଼ା ସୁନୀତି ଅଞ୍ଚଳରେ ବନ ବିଭାଗ ପକ୍ଷରୁ "ଏକ ପେଡ ମାଆ କେ ଲିୟେ' ଯୋଜନାରେ ଚାରା ବଣ୍ଟନ କରାଯାଇଛି। ଜମ୍ବୁ ଫରେଷ୍ଟର



ମହନ୍ତ ମଲିକ, ଜଗରୀଜୋର ଫରେଷ୍ଟ ଗାର୍ଡ ସୋନାଲି ମଲିକ, ଜିଲ୍ଲା ପରିଷଦ ସଦସ୍ୟ ଅପୁ ପରିଡ଼ା, ସୁନୀତି ପଞ୍ଚାୟତ ପୂର୍ବତନ ସରପଞ୍ଚ ମନୋଜ ପାତ୍ର, ପୂର୍ବତନ ସରପଞ୍ଚ ଗଗନ ବିହାରୀ ପ୍ରଧାନ, ଜମ୍ବୁ ସରପଞ୍ଚ ବିଶ୍ୱଜିତ ବସୁ, ସୁନୀତି ପଞ୍ଚାୟତ ନାଏବ ସରପଞ୍ଚ ବେଣୁଧର ପଣ୍ଡା, ପ୍ରଧାନଶିକ୍ଷକ ଗୋପବନ୍ଧୁ ସ୍ୱାଇଁ ପ୍ରମୁଖ ଉପସ୍ଥିତ ଥିଲେ। ବନବିଭାଗ କର୍ମଚାରୀ ସହଯୋଗ କରିଥିଲେ।

## ରାସ୍ତା ପାର୍ଶ୍ୱକୁ ଓଲଟିଲା ପିକ୍‌ଅପ ଭ୍ୟାନ, ଚାଳକ ଆହତ



ଜଗତସିଂହପୁର,୧୫।୬(ସମିସ): ଜଗତସିଂହପୁର ସହର ଉପକଣ୍ଠସ୍ଥ ୫୫ ନମ୍ବର ଜାତୀୟ ରାଜପଥର ଇଟାପଡ଼ା ନିକଟରେ ଆଜି ମଧ୍ୟାହ୍ନରେ ବାଲିକୁଦା ଯାଉଥିବା ଏକ ପିକଅପ ଭ୍ୟାନ ଭାରସାମ୍ୟ ହରାଇ ଓଲଟି ପଡିଥିଲା। କଟକରୁ ପନିପରିବା ଓ ଫଳ ବୋଝେଇ କରି ବାଲିକୁଦା ବ୍ଲକ୍ ନାରଦିଆ ଯାଉଥିବା ଏହି ଗାଡ଼ି ରାସ୍ତା ପାଶ୍ୱର୍କୁ ଓଲଟି ପଡିବାରୁ ଡ୍ରାଇଭର ଗୁରୁତର ଆହତ ହୋଇଥିବା ସୂଚନା ମିଳିଛି। ଓଡ଼ିଶା ଡ୍ରାଇଭର ମହାସଂଘର ଜିଲ୍ଲା କର୍ମକର୍ତ୍ତାଙ୍କ ଦ୍ୱାରା ଡ୍ରାଇଭରଙ୍କୁ ଉଦ୍ଧାର କରାଯାଇ ପ୍ରଥମେ ଜଗତସିଂହପୁର ମୁଖ୍ୟ ଚିକିତ୍ସାଳୟ ଓ ପରେ କଟକ ସ୍ଥାନାନ୍ତରିତ କରାଯାଇଛି। ଜାତୀୟ ରାଜପଥ ନିର୍ମାଣ କାର୍ଯ୍ୟ ଚାଲୁଥିବାରୁ ରାସ୍ତାର ଅବସ୍ଥା ଖରାପ ହେତୁ ବାରମ୍ବାର ଏଭଳି ଦୁର୍ଘଟଣା ଘଟୁଥିବା ନେଇ ସ୍ଥାନୀୟ ଲୋକେ ଅଭିଯୋଗ କରିବା ସହିତ ବିହିତ ପ୍ରତିକାର ପାଇଁ ଦାବି କରିଛନ୍ତି।

### ପ୍ରଶାସନର ତ୍ରୁଟିପୂର୍ଣ୍ଣ ଚୟନ

## ଦୋଳି ନାଥଙ୍କ ପରିବାର ଆବାସରୁ ବଞ୍ଚିତ

ବାଲିକୁଦା,୧୫।୬(ସମିସ):



ରାଜ୍ୟ ଓ କେନ୍ଦ୍ର ସରକାର ଦାରିଦ୍ର୍ୟ ସୀମାରେଖା ତଳେ ଥିବା ଲୋକଙ୍କ ପାଇଁ ବହୁ ଯୋଜନା କରିଛନ୍ତି। ପକ୍କାଘର ଯୋଗାଇ ଦେବାକୁ ଆବାସ ଯୋଜନା ପ୍ରଣୟନ କରିଛନ୍ତି। ବାସ୍ତବରେ କେତେକ ଯୋଗ୍ୟ ହିତାଧିକାରୀ ଏହି ଯୋଜନା ପାଇବାରୁ ବଞ୍ଚିତ ହେଉଛନ୍ତି। ଜିଲ୍ଲା ଓ ବ୍ଲକସ୍ତରୀୟ ଅଧିକାରୀଙ୍କ ତ୍ରୁଟିପୂର୍ଣ୍ଣ ଚୟନ ଯୋଗୁଁ ଯୋଜନା ଦିଗହରା ହେଉଛି। ଏଭଳି ଘଟଣା ବାଲିକୁଦା ବ୍ଲକ୍ ଇଚ୍ଛାପୁର ପଞ୍ଚାୟତ ମଲ୍ଲିକାପୁର ଗ୍ରାମର ଅସହାୟ ଯୋଗୀ ପରିବାର ଦୋଳି ନାଥଙ୍କ କ୍ଷେତ୍ରରେ ଦେଖିବାକୁ ମିଳିଛି।

ଦୋଳି ନାଥଙ୍କ ସ୍ୱାମୀ ଭୁବନ ନାଥ ରୋଗରେ ପୀଡ଼ିତ। ଏହାସତ୍ତ୍ୱେ ସେ ନିଜର କୌଳିକ ବୃତ୍ତି ଭିକ୍ଷା ମାଗି ପରିବାରର ଗୁଜୁରାଣ ମେଣ୍ଟାଇ ଥା'ନ୍ତି। ଏହି ସ୍ୱଳ୍ପ ରୋଜଗାରରୁ ନିଜର ୧୨ ବର୍ଷର ଦିବ୍ୟାଙ୍ଗ ପୁଅର ଚିକିତ୍ସା ପାଇଁ କିଛି ଅର୍ଥ ଖର୍ଚ୍ଚ ହୋଇଥାଏ। ଯେଉଁ କାରଣରୁ ଦୀର୍ଘବର୍ଷ ଧରି ଭଙ୍ଗା ଚାଳଛପର ଘରେ ଦୁଃଖର ସହ ଜୀବନ ନିର୍ବାହ କରୁଛନ୍ତି ଅସହାୟ ଦୋଳି। ଘର ଖଣ୍ଡିଏ ପାଇବାକୁ ସରପଞ୍ଚଙ୍କଠାରୁ ଆରମ୍ଭ କରି ବ୍ଲକ ପ୍ରଶାସନ ଓ ଜିଲ୍ଲା ପ୍ରଶାସନକୁ ବାରମ୍ବାର ଗୁହାରି କରିଥିଲେ ସୁଦ୍ଧା ପ୍ରତିଶ୍ରୁତି ପ୍ରତାରଣା ପାଲଟିଛି। ବ୍ଲକ୍ ପ୍ରଶାସନ ପକ୍ଷରୁ ତଦନ୍ତ କରାଯାଇ ଚଳିତ ଥର ନିଶ୍ଚିତ ଗୃହ ଯୋଗାଇ ଦିଆଯିବ ବୋଲି ଆଶ୍ୱାସନା ଦିଆଇଥିବାବେଳେ ତାଲିକାରେ ନାମ ନ ଥିବା କାରଣରୁ ନିରାଶ ହୋଇ ପ୍ରଶାସନ ଓ ସରକାରୀ ବ୍ୟବସ୍ଥା ଉପରୁ ଭରସା ତୁଟାଇ ଦେଇଛନ୍ତି ଏହି ପରିବାର। ଏ ସରକାରୀ ଯୋଜନା କାହା ପାଇଁ ବୋଲି ପ୍ରଶ୍ନ କରିଛନ୍ତି। ଆମ ଭଳି ଗରିବଙ୍କ ଦୁଃଖ କିଭଳି ସରକାରଙ୍କ ଦୃଷ୍ଟିଗୋଚର ହେଉନି। ତାହା ଆମ ଭାଗ୍ୟର ବିଡ଼ମ୍ବନା। ଆଗକୁ ବର୍ଷାଋତୁ ଆସୁଥିବାବେଳେ ଚଳିତବର୍ଷ ଅର୍ଥ ଅଭାବରୁ ଛପର ମଧ ହୋଇନାହିଁ। ଏପରିକି ଅର୍ଥ ନ ଥିବା କାରଣରୁ ଜରି ପାଲ ଖଣ୍ଡିଏ ଘୋଡ଼ାଇବା ପାଇଁ ସକ୍ଷମ ନୁହଁନ୍ତି ଏହି ପରିବାର। ଭିକ୍ଷା ମାଗିଲେ ପେଟ ପୋଷନ୍ତି। ଯେଉଁଦିନ ଭିକ୍ଷା ବୃତ୍ତି ନହୁଏ, ସେଦିନ ଉପବାସ ରହୁଥିବା ଦୁଃଖର ସହ ପ୍ରକାଶ କରିଛନ୍ତି ଏହି ଦମ୍ପତି। ବୟସ ହୋଇ ନ ଥିବା କାରଣରୁ ଭତ୍ତା ମିଳୁ ନ ଥିବାବେଳେ ୩ ପ୍ରାଣୀ ୧୫ କେଜି ରାସନ ଚାଉଳ ଉପରେ ନିର୍ଭର କରନ୍ତି। ଆଗକୁ ବର୍ଷାଦିନ ଆସୁଥିବା କାରଣରୁ କିଭଳି ଏହି ଭଙ୍ଗା ଘରେ ଜୀବନ କଟିବ, ସେ ନେଇ ଆଶଙ୍କା ପ୍ରକାଶ କରିଛନ୍ତି ଏହି ପରିବାର। ଏଣୁ ବ୍ଲକ ପ୍ରଶାସନ ସଠିକ୍ ତଦନ୍ତ କରି ଏହି ପରିବାରକୁ ଘର ଖଣ୍ଡିଏ ଯୋଗାଇ ଦେବାକୁ ପଞ୍ଚାୟତ ସମିତି ସଭ୍ୟ ଜ୍ୟୋତି ରଞ୍ଜନ ପରିଡ଼ା ଦାବି କରିଛନ୍ତି।

## ବ୍ୟାସ କବି ଫକୀରମୋହନଙ୍କ ଶ୍ରାଦ୍ଧ ଉତ୍ସବ



ତିର୍ତ୍ତୋଲ, ୧୫।୬(ସମିସ): ବ୍ୟାସ କବି ଫକୀରମୋହନ ସେନାପତିଙ୍କ ୧୦୭ତମ ଶ୍ରାଦ୍ଧ ଉତ୍ସବ ଜଗତସିଂହପୁର ସାରସ୍ୱତ ପରିଷଦ ପକ୍ଷରୁ ତିର୍ତ୍ତୋଲ ବ୍ଲକ ଅର୍ନ୍ତଗତ ମୂଳିସିଂହ ସେଣ୍ଟ ଜାଭିୟର୍ସ ପବ୍ଲିକ ସ୍କୁଲ ପରିସରରେ ପାଳିତ ହୋଇଯାଇଛି। ପରିଷଦର ସଭାପତି ହିମାଂଶୁ ଆଚାର୍ଯ୍ୟ ଏଥିରେ ସଭାପତିତ୍ୱ କରି ଫକୀରମୋହନ ପ୍ରଥମ ଓଡ଼ିଆ ଯିଏ କି ନିଜ ଲେଖନୀରେ ଗାଉଁଲି ଭାଷା ବ୍ୟବହାର କରି ତାକୁ ବିଶେଷ ଭାବେ ଜନପ୍ରିୟ କରାଇଥିଲେ। ସେ ଲେଖିଥିବା ଉପନ୍ୟାସ ଛ'ମାଣ ଆଠଗୁଣ୍ଠ, ଗଳ୍ପ ସଂକଳନ ଗଳ୍ପ ସଳ୍ପ ଆଦି ଓଡ଼ିଆ ସାହିତ୍ୟର ଗୋଟିଏ ଗୋଟିଏ ଅନବଦ୍ୟ ସୃଷ୍ଟି ବୋଲି କହିଥିଲେ। ଅନୁଷ୍ଠାନର ନିର୍ଦ୍ଦେଶକ ବିକ୍ରମ ଜେନା, ଅଧକ୍ଷା ଜ୍ୟୋତିର୍ମୟୀ ମହାରଣା, ଶିକ୍ଷୟିତ୍ରୀ ମୋନାଲିସା ଭଟ୍ଟ ଓ ସୋନାଲି ମହାରଣା ପ୍ରମୁଖ ଆଲୋଚନାରେ ଅଂଶଗ୍ରହଣ କରି ଓଡ଼ିଆ ଭାଷା ସାହିତ୍ୟର ସୁରକ୍ଷା ଦିଗରେ ଫକୀରମୋହନ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ ବୋଲି ମତବ୍ୟକ୍ତ କରିବା ସହ ତାଙ୍କ ବହୁମୁଖି ପ୍ରତିଭା ଉପରେ ଆଲୋକପାତ କରିଥିଲେ। ଶିକ୍ଷୟିତ୍ରୀ ସୁଭସ୍ମିତା ସିଂ ଧନ୍ୟବାଦ ଦେଇଥିଲେ।

## ପ୍ରାଣୀ ଚିକିତ୍ସାଧିକାରୀଙ୍କୁ ବିଦାୟକାଳୀନ ସମ୍ବର୍ଦ୍ଧନା



ବାଲିକୁଦା,୧୫।୬(ସମିସ): ବାଲିକୁଦା ଗୋଷ୍ଠୀ ପ୍ରାଣୀ ଚିକିତ୍ସାଧିକାରୀ ସିମ୍ଫୋନି ମହାନ୍ତିଙ୍କୁ ବିଦାୟକାଳୀନ ସମ୍ବର୍ଦ୍ଧନା ଦିଆଯାଇଛି। ଶ୍ରୀ ମହାନ୍ତି ବାଲିକୁଦା ଗୋଷ୍ଠୀ ପ୍ରାଣୀ ଚିକିତ୍ସାଧିକାରୀ ଭାବେ ୩ ବର୍ଷ ଧରି ନିଷ୍ଠାର ସହ କାର୍ଯ୍ୟ ସମ୍ପାଦନ କରିଥିଲେ। ତାଙ୍କ କାର୍ଯ୍ୟଦକ୍ଷତାକୁ ଦୃଷ୍ଟିରେ ରଖି ସରକାର ତାଙ୍କୁ ପଦୋନ୍ନତି ଦେଇ ନୂଆପଡ଼ା ପଠାଇଛନ୍ତି। କାର୍ଯ୍ୟାଳୟର ବିବିଓ ସ୍ୱାଗତ ପଟ୍ଟନାୟକଙ୍କ ସଭାପତିତ୍ୱରେ ଆୟୋଜିତ ସମ୍ବର୍ଦ୍ଧନା ସଭାରେ ମାଛଗାଁ ଭିଏସ ଯଜ୍ଞଦତ୍ତ ଦାସ, ଡା. ମଧୁସ୍ମିତା ମିଶ୍ର, ସମସ୍ତ ଏଲଆଇ ଯୋଗଦେଇ ରହି ପ୍ରାଣୀ ଚିକିତ୍ସାଧିକାରୀ ସିମ୍ଫୋନି ମହାନ୍ତିଙ୍କୁ ପୁଷ୍ପଗୁଚ୍ଛ, ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରିଥିଲେ।

## ଜିଲ୍ଲାସ୍ତରୀୟ ବିକାଶ ମେଳାର ଚତୁର୍ଥ ଦିବସ

ଜଗତସିଂହପୁର, ୧୫।୬(ସମିସ): ଆଜି ଜିଲ୍ଲାସ୍ତରୀୟ ବିକାଶ ମେଳାର ଚତୁର୍ଥ ସନ୍ଧ୍ୟାରେ ଜିଲ୍ଲା ଉଦ୍ୟାନ କୃଷି ବିଭାଗ, ଜିଲ୍ଲା ମୃତ୍ତିକା ସଂରକ୍ଷଣ ବିଭାଗ ଓ ଏଲ୍‌ଡିଏମ୍ ବିଭାଗ ପକ୍ଷରୁ କର୍ମଶାଳା ଆୟୋଜିତ ହୋଇଥିଲା। ସଭାରେ ଅଧକ୍ଷତା କରି ସହକାରୀ ନିର୍ଦ୍ଦେଶକ ଅନୀଲ କୁମାର ସେଠୀ ସରକାରଙ୍କ ଯୋଜନାକୁ ଲୋକାଭିମୁଖୀ କରି ହିତାଧିକାରୀଙ୍କ ପାଖରେ ପହଞ୍ଚାଇବା ନିମନ୍ତେ ସଚେତନତାର ଆବଶ୍ୟକ ରହିଛି ବୋଲି କହିବା ସହ ଉଦ୍ୟାନ କୃଷି ବିଭାଗର ବିଭିନ୍ନ ଜନକଲ୍ୟାଣ ଯୋଜନା ବିଷୟରେ ସୂଚନା ଦେଇଥିଲେ। ମୃତ୍ତିକା ସହକାରୀ ନିର୍ଦ୍ଦେଶକ ଦୀପ୍ତିରଞ୍ଜନ ବିଭାଗର ବିଭିନ୍ନ ଯୋଜନା ଓ ଏହାର କାର୍ଯ୍ୟକାରିତା ସମ୍ପର୍କରେ ଆଲୋକପାତ କରିଥିଲେ। ଏଲ୍‌ଡିଏମ୍ ଅନୀଲ କୁମାର ପ୍ରଧାନ ହିତାଧିକାରୀଙ୍କୁ ବିଭିନ୍ନ ବ୍ୟାଙ୍କ ଋଣ ବିଷୟରେ ଆଲୋକପାତ କରିଥିଲେ। ଆରଏସଇଟିଆଇ ନିର୍ଦ୍ଦେଶକ ଶେଷଦେବ ଭୋଇ ଓ ମହୁଚାଷର ରିସୋର୍ସ ପର୍ସନ ଅଶୋକ ଷଡ଼ଙ୍ଗୀ ଉପସ୍ଥିତ ରହି ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ଉଦ୍ୟାନ କୃଷି ଓ ମୃତ୍ତିକା ସଂରକ୍ଷଣ ବିଭାଗ ହିତାଧିକାରୀଙ୍କୁ ସହାୟତା ରାଶି ବଣ୍ଟନ କରାଯାଇଥିଲା। ଉଦ୍ୟାନ କୃଷି ବିଭାଗର ସୁଶାନ୍ତ କୁମାର ଦାସ ଧନ୍ୟବାଦ ଅର୍ପଣ କରିଥିଲେ। ପରେ ବିଭିନ୍ନ ସାଂସ୍କୃତିକକାର୍ଯ୍ୟକ୍ରମଅନୁଷ୍ଠିତହୋଇଥିଲା।



## ରଜ ସଂକ୍ରାନ୍ତିରେ ଗୋରେଖନାଥ ପୀଠରେ ଭକ୍ତଙ୍କ ଭିଡ଼



ରଘୁନାଥପୁର,୧୫।୬(ସମିସ): ପବିତ୍ର ରଜ ସଂକ୍ରାନ୍ତିରେ ଜଗତସିଂହପୁର ଜିଲ୍ଲା ରଘୁନାଥପୁର ବ୍ଲକ୍ କେରେକେରାସ୍ଥ ପ୍ରସିଦ୍ଧ ବିଭୂତି କ୍ଷେତ୍ର ପ୍ରଭୁ ଗୋରେଖନାଥଙ୍କ ପୀଠରେ ପ୍ରବଳ ଜନଗହଳି ପରିଲକ୍ଷିତ ହୋଇଥିଲା। ପ୍ରତ୍ୟୁଷରୁ ପ୍ରଭୁଙ୍କୁ ଚିତା ଲାଗି କରାଯାଇ ନୀତିକାନ୍ତି ସମାପନ ପରେ ପୀଠକୁ ଭକ୍ତଙ୍କ ଆଗମନ ହୋଇଥିଲା। ଏହା କ୍ରମଶଃ ବୃଦ୍ଧି ପାଇବାରେ ଲାଗିଥିଲା। ବିଭିନ୍ନ ପାଶ୍ୱର୍ରୁ ପୀଠକୁ ଆସିବାକୁ ଥିବା ରାସ୍ତାରେ ଶତାଧିକ ସଂଖ୍ୟାରେ ଅଟୋ, କାର ଓ ବାଇକ ଟ୍ରାଫିକ ଜାମରେ ଘଣ୍ଟା ଘଣ୍ଟା ଫସି ରହିଥିଲା। ତିର୍ତ୍ତୋଲ ଥାନା ପକ୍ଷରୁ ବ୍ୟାପକ ପୁଲିସ ବ୍ୟବସ୍ଥା ହୋଇ ନ ଥିବାରୁ ପ୍ରବଳ ଗୁଳୁଗୁଳିରେ ରାସ୍ତାରେ ଯାତ୍ରୀ ଅସହାୟ ଅବସ୍ଥାରେ ଅଟକି ରହିଥିଲେ। ଏପରିକି ପାଦରେ ଚାଲି ଚାଲି ଆସୁଥିବା ଲୋକେ ମଧ ଅସୁବିଧାର ସମ୍ମୁଖୀନ ହୋଇଥିଲେ। ବହୁ ସଂଖ୍ୟାରେ ଯାତ୍ରୀ ସମାଗମକୁ ଦୃଷ୍ଟିରେ ରଖି ପୀଠ ପକ୍ଷରୁ ପର୍ଯ୍ୟାପ୍ତ ପାନୀୟଜଳ ବ୍ୟବସ୍ଥା କରାଯାଇଥିଲା।

ସେହିପରି ପୀଠରେ ରଘୁନାଥପୁର ଅତିରିକ୍ତ ତହସିଲଦାର ତପନ ପରିଡା ମାଜିଷ୍ଟ୍ରେଟ ଦାୟିତ୍ୱରେ ରହିଥିଲେ। ପୀଠ ଚତୁପାଶ୍ୱର୍ ରସ୍ତାକୁ ସ୍ଥାନୀୟ ବ୍ୟବସାୟୀ ବେପାର ଉଦ୍ଦେଶ୍ୟରେ ଅବରୋଧ କରି ରଖିଥିବାରୁ ଯାତାୟାତ ପାଇଁ ଲୋକେ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହୋଇଥିଲେ। ଦିନ ତମାମ ପୀଠ ମଧ୍ୟରେ ଭଜନ କୀର୍ତ୍ତନ ଲାଗି ରହିଥିଲା। ଯାତ୍ରୀଙ୍କ ପାଇଁ ଧାଡି ଦର୍ଶନ ବ୍ୟବସ୍ଥା କରାଯାଇଥିଲା। ଆଗଭଳି ଏଠାରେ ପ୍ରସାଦ ସେବନର ବ୍ୟବସ୍ଥା ନ ଥିବାରୁ ଦୂରଦୂରାନ୍ତରୁ ଆସିଥିବା ଯାତ୍ରୀ ଅସନ୍ତୋଷ ପ୍ରକାଶ କରି ଫେରିଯାଇଥିଲେ। ଗୋରେଖନାଥ ପୀଠରେ ଆଗରୁ ଏଭଳି ଅସୁବିଧା ଭକ୍ତ ପରିଲକ୍ଷିତ କରି ନ ଥିଲେ। ବିଗତ ଦିନରେ ଗୋରେଖନାଥଙ୍କ ପୀଠରେ ଏଭଳି ଅବ୍ୟବସ୍ଥା କେବେବି ଦେଖିବାକୁ ମିଳି ନ ଥିଲା। ଉପଦେଷ୍ଟା କମିଟି ସଦସ୍ୟ ଉପସ୍ଥିତ ରହି ସେବା ଯୋଗାଇ ଦେଉଥିବାବେଳେ ଏଭଳି ଅସୁବିଧା ହେଲା ବୋଲି ବୁଦ୍ଧିଜୀବୀ ମହଲରେ ଆଲୋଚନାର ହେଉଛି।

## ପୁରାତନ ଛାତ୍ରଛାତ୍ରୀଙ୍କ ବନ୍ଧୁମିଳନ



ପାରାଦୀପ, ୧୫।୬ (ସମିସ): ପାରାଦୀପ ପୋର୍ଟ ହାଇସ୍କୁଲର ୨୦୧୫ ବ୍ୟାଚ୍ ଛାତ୍ରଛାତ୍ରୀଙ୍କ ବନ୍ଧୁମିଳନ ଉତ୍ସବ ଅନୁଷ୍ଠିତ ହୋଇଛି। ସ୍ଥାନୀୟ ନେହେରୁ ବଙ୍ଗଳାଠାରେ ଆୟୋଜିତ କାର୍ଯ୍ୟକ୍ରମରେ ଛାତ୍ରଛାତ୍ରୀ କେକ୍ କାଟିବା ସହିତ ଖୁସି ମନାଇଥିଲେ। ପୁରୁଣା ସ୍ମୃତିକୁ ମନେ ପକାଇ ଭାବ ବିହ୍ୱଳ ହୋଇଥିଲେ। ସ୍ମୃତି ଉଦ୍ୟାନ ବୁଲି ଦେଖିବା ସହିତ ମାଛଧରା ବନ୍ଦର ଓ ମୁହାଣ ମୁହଁ ବୁଲିଥିଲେ। ଏହି କାର୍ଯ୍ୟକ୍ରମକୁ ସନ୍ତୋଷ ସାହୁ, ରାକେଶ ନାୟକ, ରାଜେଶ ସ୍ୱାଇଁ, ଶୁଭତୋଷ ସିଂ ପ୍ରମୁଖ ପରିଚାଳନା କରିଥିଲେ।

# ରଜ ପାଇଁ ଗାଁଠୁ ସହର ସବୁଠି ଉତ୍ସବମୁଖର

ଜଗତସିଂହପୁର,୧୫।୬(ସମିସ):

କାହିଁ କେଉଁ କାଳରୁ ଓଡ଼ିଶାର ଗଣପର୍ବ ଭାବେ ପାଳିତ ହୋଇଆସୁଛି ୩ ଦିନିଆ ରଜପର୍ବ। ସେହିପରି କେହି କେହି ମାଟି ଓ ମୌସୁମୀର ଏହା ହେଉଛି ମିଳନର ପର୍ବ ବୋଲି ମଧ କହିଥା'ନ୍ତି। ଆଦ୍ୟ ଆଷାଢ଼ର ପ୍ରଥମ ବର୍ଷାରେ ପୃଥିବୀ ଋତୁମତୀ ହୋଇଥିବାରୁ ମାତୃତ୍ୱ କାମନା କରି ଖୁସିରେ ବିଭୋର ଚଷାପୁଅ। ଏ ଅବସରରେ ଜଗସିଂହପୁର ଜିଲ୍ଲାର ଗାଁଠୁ ସହର ସବୁଆଡେ ଉତ୍ସବମୁଖର ପରିବେଶ। ଯଦିଓ ପୂର୍ବପରି ପାରମ୍ପରିକ ରଜ ଉତ୍ସବ ଆଉ ଦେଖିବାକୁ ମିଳୁନି, ତଥାପି ଜିଲ୍ଲାର ବିଭିନ୍ନ ଅନୁଷ୍ଠାନ ପକ୍ଷରୁ ଏହି ଉତ୍ସବ ଧୂମଧାମ ଓ ଆନନ୍ଦ ଉଲ୍ଲାସର ସହିତ ପାଳନ କରାଯାଉଛି। ବାଉଁଶ ଦୋଳି ଓ ବାଗୁଡି ଖେଳ ଧିରେ ଧିରେ ଲୋପ ହେବାକୁ ବସିଥିବାବେଳେ ଆଜିର ରଜ ଉତ୍ସବରେ ପରମ୍ପରା ଅପେକ୍ଷା ଆଧୁନିକତାର ଛାପ ଅଧିକ ଦେଖିବାକୁ ମିଳୁଛି। ଜିଲ୍ଲାର ସମସ୍ତ ୮ ଟି ବ୍ଲକ୍ ଓ ୨ଟି ପୌରାଞ୍ଚଳର ବିଭିନ୍ନ ଅନୁଷ୍ଠାନ ପକ୍ଷରୁ



ରଜପର୍ବ ପାଇଁ ସ୍ୱତନ୍ତ୍ର ଆୟୋଜନ କରାଯାଇଛି। ଅନେକ ସ୍ଥାନରେ ରଜଦୋଳି ସହିତ ପୋଡ଼ପିଠା ଓ ରଜପାନର ପସରା ମେଲିଥିବାବେଳେ ନୃତ୍ୟ ସଙ୍ଗୀତରେ ଆସର ମଧ ଯୁବପିଢ଼ିଙ୍କୁ ମତୁଆଲା କରିଛି। କେଉଁଠି ପୋଡ଼ପିଠା, ହୁଳହୁଳି, ପୁଚି ପ୍ରଭୃତି ପ୍ରତିଯୋଗିତା କରାଯାଇଥିବାବେଳେ ଅନ୍ୟ କିଛି ସ୍ଥାନରେ ନୃତ୍ୟ, ସଙ୍ଗୀତ ଓ ଏକକ ଅଭିନୟ ପ୍ରଦର୍ଶନର ବ୍ୟବସ୍ଥା କରାଯାଇଛି। ଏହାଛଡା ରକ୍ତଦାନ ଶିବିର, ବନ୍ଧୁମିଳନ ଓ ବିଭିନ୍ନ ଖେଳକୁଦ ପ୍ରତିଯୋଗିତା ମଧ ଆୟୋଜନ କରିଛନ୍ତି ରଜପର୍ବ ପାଳନ କରୁଥିବା କିଛି ଅନୁଷ୍ଠାନ। ଆଧୁନିକତାର ପ୍ରଭାବରେ ଆଜିର ଯୁବକ/ଯୁବତୀ ମୋବାଇଲ ମନସ୍କ ହୋଇପଡୁଥିବାବେଳେ ରଜପର୍ବର ପରମ୍ପରାକୁ ଉଜ୍ଜୀବିତ କରି ରଖିବା ପାଇଁ ଉଦ୍ୟମ ଜାରି ରଖିଥିବା ଅନୁଷ୍ଠାନ ଓ ବ୍ୟକ୍ତିବିଶେଷଙ୍କୁ ସାଧାରଣରେ ପ୍ରଶଂସା କରାଯାଇଛି।

**ତିର୍ତ୍ତୋଲ:** ତରଜଙ୍ଗ। ପଞ୍ଚାୟତର ବାଲିପାଟଣାଠାରେ ରଜ ମହୋତ୍ସବ ବସୁନ୍ଧରା ଉଦ୍‌ଘାଟିତ ହୋଇଛି। ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ସଂଗଠକ ବିମଳ ମହାପାତ୍ର ଅଧକ୍ଷତା କରିଥିଲେ। ମୁଖ୍ୟଅତିଥି ଓଷ୍ଟାର ପୂର୍ବତନ ରାଜ୍ୟ ସମ୍ପାଦକ ବସନ୍ତ ଦାସ, ମୁଖ୍ୟବକ୍ତା ଜ୍ୟୋତିର୍ବିଦ ଡ. ଅରୁଣ ପାଣି ରଜ ପର୍ବର ପୂର୍ବ ମହକ ନାହିଁ। ପାଶ୍ଚାତ୍ୟ ସଂସ୍କୃତି ପ୍ରଭାବରେ ରଜ ପର୍ବରେ ଦୋଳି, ରଜ ଗୀତ, ବାଗୁଡ଼ି ଖେଳ ଆଦି ଦେଖିବାକୁ କାଁ ଭାଁ ମିଳୁଛି। ଏହି ପ୍ରାଚୀନ ସଂସ୍କୃତି ଓ ପରମ୍ପରାକୁ ବଞ୍ଚାଇ ରଖିବାରେ ରଜ ମହୋତ୍ସବ ବସୁନ୍ଧରା କମିଟିର ଉଦ୍ୟମ ପ୍ରଶଂସନୀୟ ବୋଲି କହିଥିଲେ। ସମ୍ମାନିତ ଅତିଥି ସ୍ଥାନୀୟ ସରପଞ୍ଚ ରିତାଞ୍ଜଳି ମଲ୍ଲିକ, ଶିକ୍ଷାବିତ୍ ଡ. ବସନ୍ତ



ମଞ୍ଜରୀ ଦାସ, ଅଧାପିକା ରାଜଶ୍ରୀ ସ୍ୱାଇଁ, ଆଇନଜୀବୀ ମଞ୍ଜୁଲତା ରାଉତ, କମିଟି ସଭାପତି ବଂଶୀଧର ସାହୁ, ସମ୍ପାଦକ ରବିନାରାୟଣ ମହାନ୍ତି, ଉପଦେଷ୍ଟା ରବିନାରାୟଣ ସାହୁ ପ୍ରମୁଖ ଯୋଗଦେଇ ରଜ ପର୍ବ ପାଳନର ବିଶେଷତ୍ୱ ସମ୍ପର୍କରେ ଆଲୋକପାତ କରିଥିଲେ। ସ୍ୱାମୀ ବିବେକାନନ୍ଦ ମହାବିଦ୍ୟାଳୟର ପୂର୍ବତନ ଅଧକ୍ଷ ରବିପ୍ରସନ୍ନ ସାହୁ ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରିଥିଲେ। ଗ୍ରାମର ମହିଳା ପାର୍ବତୀ ପଣ୍ଡା, ସରସ୍ୱତୀ ପଣ୍ଡା, ସସ୍ମିତା ମିଶ୍ରଙ୍କ ପ୍ରସ୍ତୁତ ପୋଡ ପିଠା ଓ ରଜ ପାନ ବଣ୍ଟନ କରାଯାଇଥିଲା।

**ପାରାଦୀପ:** ପାରାଦୀପ ବନ୍ଦର ପ୍ରାଧିକରଣର ଜଗନ୍ନାଥ ଲଳିତ କଳା ସଂସଦ ପକ୍ଷରୁ ରଜ ମହୋତ୍ସବ ଆୟୋଜିତ ହୋଇଛି। ବନ୍ଦର ଅଧକ୍ଷ ପି.ଏଲ୍. ହରାନାଦଙ୍କ ଦ୍ୱାରା ପୋଡପିଠା କଟାଯାଇ ରଜ ଉତ୍ସବ ଉଦଘାଟିତ ହୋଇଛି। ପାରାଦୀପ ଗୋପବନ୍ଧୁ ଷ୍ଟାଡିୟମରେ ଆୟୋଜିତ ଏହି ରଜ ମହୋତ୍ସବରେ ରଜପାନ, ପୋଡ଼ପିଠା, ଦୋଳିରେ ଝୁଲିବା, ଲୁଡୁ, ତାସ୍, ଶଙ୍ଖ ଫୁଙ୍କା, ନାଚଗୀତ ଓ ରଜଗୀତ ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ଉଦଘାଟନୀ କାର୍ଯ୍ୟକ୍ରମରେ ବନ୍ଦରର ବହୁ ଉଚ୍ଚପଦସ୍ଥ ଅଧିକାରୀ ଯୋଗ ଦେଇଥିଲେ।



**ପାରାଦୀପ:** ମଧୁବନସ୍ଥ ଜେଏସଡବ୍ଲୁ କାର୍ଯ୍ୟାଳୟ ପରିସରରେ ପାରମ୍ପରିକ ଭାବେ ରଜପର୍ବ ପାଳିତ ହୋଇଯାଇଛି। ତିନିଦିନ ଧରି ଏହି ରଜପର୍ବକୁ କମ୍ପାନୀର ମହିଳା କର୍ମଚାରୀ ଆନନ୍ଦ ଉଲାସ ସହକାରେ ପାଳନ କରିଛନ୍ତି। ପହିଲି ରଜରେ ମଧୁବନସ୍ଥ ଅଫିସ କାର୍ଯ୍ୟାଳୟ ପରିସରରେ ଝିଅଙ୍କ ମଧ୍ୟରେ ଅନ୍ତାକ୍ଷରୀ, ଅଳତା ଲଗାଇବା, ରଜ ପାନ ଭାଙ୍ଗିବା ଓ ରଜ କୁଇନ ପ୍ରତିଯୋଗିତା କରାଯାଇଥିଲା। ଏଥିରେ ଝାନସୀ ମଲ୍ଲ ରଜ କୁଇନ ଭାବେ ପ୍ରଥମ ସ୍ଥାନ ଅଧିକାର କରିଥିବାବେଳେ ନମିତା ନାୟକ ଅଳତା ଲଗା ପ୍ରତିଯୋଗିତାରେ ପ୍ରଥମ ହୋଇଥିଲେ। ଏହି କୃତୀ ପ୍ରତିଯୋଗୀଙ୍କୁ ଜେଏସଡବ୍ଲୁ ପକ୍ଷରୁ ପୁରସ୍କୃତ କରାଯାଇଥିଲା। ଏ ଅବସରରେ ସମସ୍ତେ ହସ ଖୁସିରେ ଦୋଳିରେ ଝୁଲିବା ସହିତ ଲୁଡୁ ଓ ଅନ୍ତାକ୍ଷରୀ ପ୍ରତିଯୋଗିତା କରିଥିଲେ।



**ପାରାଦୀପ:** ପାରାଦୀପ ଉପକଣ୍ଠ ପିମ୍ପଳ ବନ ବିହାରୀ ସାଂସ୍କୃତିକ ପରିଷଦ ପକ୍ଷରୁ ଆୟୋଜିତ ରଜ ମହୋତ୍ସବର ଆଜି ଥିଲା ଦ୍ୱିତୀୟ ଦିବସ। ଆଜି ମହିଳାମାନଙ୍କୁ ନେଇ ବିଭିନ୍ନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଆଜି ସନ୍ଧ୍ୟାରେ ଆୟୋଜିତ ସାଂସ୍କୃତିକ ସଭାରେ ମୁଖ୍ୟଅତିଥି ଭାବେ କେନ୍ଦ୍ରାପଡ଼ା ବିଜୁ



ଜନତା ଦଳ ବିଧାୟକ ଗଣେଶ୍ୱର ବେହେରା ଯୋଗ ଦେଇଥିବାବେଳେ ବକ୍ତା ଭାବେ କଟକ ନାଳନ୍ଦା ପବ୍ଲିକ ସ୍କୁଲ ଅଧକ୍ଷା ସୁଶ୍ରୀ ଯଶସ୍ୱିନୀ ପଟ୍ଟନାୟକ, ସମ୍ମାନିତ ଅତିଥି ଭାବେ ସମାଜସେବୀ ପ୍ରହ୍ଲାଦ ବେହେରା, ଅବସରପ୍ରାପ୍ତ ଶିକ୍ଷକ ଅକ୍ଷୟ ସେଠୀ ପ୍ରମୁଖ ଯୋଗ ଦେଇଥିଲେ। ମୁଖ୍ୟଅତିଥି ଚଳିତ ବର୍ଷ ମାଟ୍ରିକ ପରୀକ୍ଷାରେ କୃତକାର୍ଯ୍ୟ ହୋଇଥିବା ଛାତ୍ରଛାତ୍ରୀଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ଶେଷରେ ମା' ମହିଷାଶୁଣି ଭାରତ ଲୀଳା ନାଟ୍ୟ ସଂସଦ, ନୟାଗଡ଼ ଓ ଖୋର୍ଦ୍ଧାର ନୃତ୍ୟାୟନ ପକ୍ଷରୁ କଳାକାରଙ୍କୁ ନେଇ ବିଭିନ୍ନ ନୃତ୍ୟ ଗୀତ ପରିବେଷଣ କରାଯାଇଥିଲା।

**ପାରାଦୀପ:** ହୋଟେଲ ଏମ୍ପାୟର୍ସ ପକ୍ଷରୁ ଚଳିତ ବର୍ଷ ପ୍ରଥମଥର ପାଇଁ ରଜ ମହୋତ୍ସବ ଆୟୋଜନ କରାଯାଇଛି। ସାରା ଓଡ଼ିଶାର ପରମ୍ପରାକୁ ବଜାୟ ରଖି ଗାଁଠୁ ସହର ପର୍ଯ୍ୟନ୍ତ ପୁରପଲ୍ଲୀରେ ରଜ ମହୋତ୍ସବ ପାଳନ କରାଯାଉଥିବାବେଳେ ପାରାଦୀପ ହୋଟେଲ୍ ଏମ୍ପାୟର୍ସ ପକ୍ଷରୁ ଓଡ଼ିଶାର ଗର୍ବ ଓ ଗୌରବକୁ ଉଜ୍ଜୀବିତ ରଖିବା ପାଇଁ ଏହି ରଜ ମହୋତ୍ସବକୁ ଖୁବ୍ ଧୁମ୍‌ଧାମରେ ପାଳନ କରୁଥିବା ଦେଖିବାକୁ ମିଳିଛି। ଏଥିରେ ହୋଟେଲ ଏମ୍ପାୟର୍ସ ପକ୍ଷରୁ ବିଭିନ୍ନ ସୁସ୍ୱାଦୁ ପିଠା, ମିଠା ପ୍ରସ୍ତୁତ କରାଯାଇଥିବାବେଳେ ରଜର ପୋଡ଼ ପିଠା, ଆରିସା କାକରା, ମଣ୍ଡା, ଗୁପଚୁପର ମଜା ସାଙ୍ଗକୁ ରଜ ଦୋଳି ସହ ପାନ ମଧ ଭାଙ୍ଗି ଦେବାର ବ୍ୟବସ୍ଥା କରାଯାଇଛ।

# ନାଇଜେରିଆରେ ଶହେ ଜଣଙ୍କୁ ଗୁଳିକରି ହତ୍ୟା

**ଅନେକଙ୍କୁ ଘରେ ବନ୍ଦ କରି ଜିଅନ୍ତା ଜାଳିଦେଲେ**



ଅବୁଜା, ୧୫।୬ (ଏଜେନ୍ସି): ନାଇଜେରିଆ ବେନ୍ୟୁ ରାଜ୍ୟର ଗୁମା ଅନ୍ତର୍ଗତ ୟେଲେୱାଟାଠାରେ ଆତଙ୍କବାଦୀ ନରସଂହାର କରିଛନ୍ତି। ସଶସ୍ତ୍ର ଆକ୍ରମଣକାରୀ ଗ୍ରାମବାସୀଙ୍କୁ ଚାରିପଟୁ ଘେରି ଗୁଳିମାଡ଼ କରିଛନ୍ତି। ଏଥିରେ ଶହେରୁ ଅଧିକ ଲୋକଙ୍କ ଜୀବନ ଯାଇଛି। ଶତାଧିକ ଆହତ ହୋଇଛନ୍ତି। ଅନେକ ଲୋକ ନିଖୋଜ ମଧ୍ୟ ଅଛନ୍ତି। କିନ୍ତୁ ଦୁଃଖର ବିଷୟ ଏହି କି ଯେ ଆହତଙ୍କୁ ଏ ପର୍ଯ୍ୟନ୍ତ ଜରୁରୀ ଚିକିତ୍ସା ସୁବିଧା ମିଳିପାରି ନାହିଁ। ଶୁକ୍ରବାର ରାତିରେ ଏହି ଆକ୍ରମଣ ହୋଇଥିବାବେଳେ ରବିବାର ଏହା ସାମ୍ନାକୁ ଆସିଛି। ମାନବାଧିକାର ଗୋଷ୍ଠୀ ଆମେନିଷ୍ଟି ଇଣ୍ଟରନ୍ୟାସନାଲ ନାଇଜେରିଆ ପକ୍ଷରୁ ସାମାଜିକ ଗଣମାଧ୍ୟମରେ ଏହି ସୂଚନା ଦିଆଯାଇଛି। ଏହି ଗୋଷ୍ଠୀବଦ୍ଧ ଆକ୍ରମଣରେ ଆକ୍ରମଣକାରୀ ଗାଁର ଅନେକ ପରିବାରକୁ ତାଙ୍କ ଘରେ ବନ୍ଦ କରି ଜିଅନ୍ତା ଜାଳି ଦେଇଥିଲେ। ଏଥିରେ ଲୋକେ ଏଭଳି ଭାବେ ଜଳି ଯାଇଛନ୍ତି ଯେ ମୃତଦେହ ଚିହ୍ନଟ କରିବା ମଧ୍ୟ କଷ୍ଟସାଧ୍ୟ ହୋଇଯାଇଛି। ବେନ୍ୟୁ ପୁଲିସ ଏହି ମାମଲାର ସୂଚନା ଦେଇଛି। କିନ୍ତୁ କିଏ ଓ କାହିଁକି ଆକ୍ରମଣ କରିଥିଲା ଏବଂ କେତେ ଜଣ ପ୍ରାଣ ହରାଇଛନ୍ତି ତାହାର ତଥ୍ୟ ଦେଇ ନାହିଁ। ବେନ୍ୟୁ ନାଇଜେରିଆର ମଧ୍ୟ ବେଲ୍ଟରେ ରହିଛି। ଏହାର ଉତ୍ତରରେ ମୁସଲମାନ ସଂଖ୍ୟାଗରିଷ୍ଠ। କିନ୍ତୁ ଦକ୍ଷିଣରେ ଅଧିକାଂଶ ଖ୍ରୀଷ୍ଟିଆନ ରହୁଛନ୍ତି। ଜମି ଏବଂ ପାଣିକୁ ନେଇ ଉଭୟ ସମ୍ପ୍ରଦାୟ ମଧ୍ୟରେ ସବୁବେଳେ ସଂଘର୍ଷ ହେଉଛି। ଜନଜାତି ଏବଂ ଧାର୍ମିକ ଭାଗବଣ୍ଟା ଯୋଗୁଁ ଝଗଡ଼ା ଦିନକୁ ଦିନ ବଢ଼ିବାରେ ଲାଗିଛି। ଜମିକୁ ନେଇ ମୁସଲମାନ ଏବଂ ଖ୍ରୀଷ୍ଟିଆନ ପଶୁପାଳକ ଓ କୃଷକଙ୍କ ମଧ୍ୟରେ ପ୍ରତିଯୋଗିତା ହେଉଛି।

# ଚିହ୍ନଟ ହେଲା ରୁପାଣୀଙ୍କ ମୃତଦେହ, ଅନ୍ତ୍ୟେଷ୍ଟି ଆଜି

**ଚିହ୍ନଟ ହେଲାଣି ୪୭ ମୃତଦେହ**

**୨୪ ମୃତଦେହ ସମ୍ପର୍କୀୟଙ୍କୁ ହସ୍ତାନ୍ତର**



ଅହମଦାବାଦ, ୧୫।୬ (ଏଜେନ୍ସି): ଅହମଦାବାଦ ବିମାନ ଦୁର୍ଘଟଣାରେ ପ୍ରାଣ ହରାଇଥିବା ଗୁଜରାଟର ପୂର୍ବତନ ମୁଖ୍ୟମନ୍ତ୍ରୀ ବିଜୟ ରୁପାଣୀଙ୍କ ମୃତଦେହ ଚିହ୍ନଟ କରାଯାଇଛି। ରବିବାର ତାଙ୍କ ଡିଏନଏ ମିଶିଛି। ସୋମବାର ଅପରାହ୍ଣ ୩ଟାରେ ରାଜକୋଟରେ ତାଙ୍କର ଅନ୍ତିମ ସଂସ୍କାର କରାଯିବ ବୋଲି ପରିବାର ପକ୍ଷରୁ ସୂଚନା ଦିଆଯାଇଛି। ଗତଚ ୧୨ ତାରିଖରେ ହୋଇଥିବା ଏହି ବିମାନ ଦୁର୍ଘଟଣା ଜନିତ ମୃତ୍ୟୁସଂଖ୍ୟା ୨୭୫ରେ ପହଞ୍ଚି ଯାଇଛି। ଅହମଦାବାଦ ସିଭିଲ ହସ୍ପିଟାଲ ପ୍ରଶାସନ ପକ୍ଷରୁ କୁହାଯାଇଛି ଯେ ଏ ପର୍ଯ୍ୟନ୍ତ ୨୩୦ ପରିବାର ସହ ଯୋଗାଯୋଗ କରାଗଲାଣି। ଆଜି ସକାଳ ସୁଦ୍ଧା ୨୪୮ ମୃତଦେହର ଡିଏନଏ ନମୁନା ସଂଗ୍ରହ କରାଯାଇଛି। ୪୭ ମୃତଦେହ ଚିହ୍ନଟ କରାଯାଇଛି। ମୃତ୍ୟୁ ପ୍ରମାଣପତ୍ର ସହିତ ୨୪ଟି ମୃତଦେହ ସମ୍ପର୍କୀୟଙ୍କୁ ପ୍ରଦାନ କରାଯାଇଛି। ଆମ୍ବୁଲାନ୍ସ ମାଧ୍ୟମରେ ମୃତଦେହକୁ ପଠା ଯାଉଛି। ଏଥିପାଇଁ ୨୩୦ ଟିମ୍ ଗଠନ କରାଯାଇଛି। ଏମାନେ ମୃତକଙ୍କ ସମ୍ପର୍କୀୟଙ୍କ ସହ ଯୋଗାଯୋଗ କରୁଛନ୍ତି। ଦୁର୍ଘଟଣାରେ ପ୍ରାଣ ହରାଇଥିବା ୧୧ ବିଦେଶୀ ନାଗରିକଙ୍କ ସମ୍ପର୍କୀୟ ଆଜି ଅହମଦାବାଦରେ ପହଞ୍ଚି ପାରନ୍ତି। ସେହିପରି ମୃତଦେହ ରଖିବା ପାଇଁ ଭଦୋଦରାରୁ ୧୦୦ କଫିନ ଅହମଦାବାଦ ଅଣାଯାଇଛି। ଅନ୍ୟପକ୍ଷରେ ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟାଳୟ (ପିଏମଓ) ଟିମ୍ ଏବଂ ବୋଇଂ ଟିମ୍ ଘଟଣାସ୍ଥଳରେ ପହଞ୍ଚିଛି। ପ୍ରଧାନମନ୍ତ୍ରୀଙ୍କ ପ୍ରମୁଖ ସଚିବ ପିକେ ମିଶ୍ରା ଘଟଣାସ୍ଥଳରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଛନ୍ତି। ସେ ଅହମଦାବାଦ ହସ୍ପିଟାଲକୁ ଯାଇ ଆହତଙ୍କ ସହ ମଧ୍ୟ କଥା ହୋଇଛନ୍ତି। ଏହି ଦୁର୍ଘଟଣା ଗଭୀର ଆଘାତ ଦେଇଛି ବୋଲି ସେ କହିଛନ୍ତି।

## ଏୟାର ଇଣ୍ଡିଆକୁ ଶନିଦଶା



### ଭଦୋଦରାରେ ଜରୁରୀ ଅବତରଣ

ନୂଆଦିଲ୍ଲୀ, ୧୫।୬ (ଏଜେନ୍ସି): ଏୟାର ଇଣ୍ଡିଆର ସଙ୍କଟ ଥମିବାର ନା ଧରୁନି। ଅହମଦାବାଦ ବିମାନ ଦୁର୍ଘଟଣା ପରେ ରବିବାର ସନ୍ଧ୍ୟାରେ ନୂଆଦିଲ୍ଲୀରେ କମ୍ପାନୀର ଆଉ ଏକ ବିମାନ ଜରୁରୀ ଅବତରଣ କରିଛି। ସୂଚନା ଅନୁଯାୟୀ ଦିଲ୍ଲୀର ଇନ୍ଦିରା ଗାନ୍ଧୀ ଅନ୍ତର୍ଜାତୀୟ ବିମାନ ବନ୍ଦର (ଆଇଜିଆଇ)ରୁ ସନ୍ଧ୍ୟା ୬ଟା ୫୧ରେ ଦିଲ୍ଲୀ-ଭଦୋଦରା (ଏଆଇ-୮୧୯) ବିମାନ ଉଡ଼ାଣ ଆରମ୍ଭ କରିଥିଲା। ମାତ୍ର ଏହା ପରେ ପାଇଲଟ୍ ଲ୍ୟାଣ୍ଡିଂ ଗିୟରରେ ସମସ୍ୟା ଥିବା ଆଶଙ୍କା କରିଥିଲେ। ଏହା ପରେ ଦିଲ୍ଲୀ ଏୟାର ଟ୍ରାଫିକ କଣ୍ଟ୍ରୋଲ (ଏଟିସି)କୁ ସୂଚନା ଦେଇଥିଲେ। ସତର୍କତାମୂଳକ ପଦକ୍ଷେପ ସ୍ୱରୂପ ଏହାକୁ ଦିଲ୍ଲୀ ଫେରାଇ ଅଣା ଯାଇଥିଲା। ଉଡ଼ାଣର ଅଧଘଣ୍ଟା ପରେ ୭ଟା୨୦ରେ ଆଇଜିଆଇରେ ବିମାନ ଜରୁରୀ ଅବତରଣ କରିଥିଲା। ଏଥିପାଇଁ ବିମାନବନ୍ଦରରେ ସମସ୍ତ ପ୍ରସ୍ତୁତି କରାଯାଇଥିଲା। ସବୁ କିଛି ଯାଞ୍ଚ କରିବା ପରେ ଏହା ରାତିରେ ଉଡ଼ାଣ ଭରିବ।

### ଏସି ନାହିଁ, ଗରମରେ ୫ ଘଣ୍ଟା ସିଝିଲେ ଯାତ୍ରୀ

ଦୁବାଇ, ୧୫।୬ (ଏଜେନ୍ସି): ସମସ୍ୟା ଏୟାର ଇଣ୍ଡିଆ କମ୍ପାନୀର ପିଛା ଛାଡୁ ନାହିଁ। ଏୟାର ଇଣ୍ଡିଆ ଏକ୍ସପ୍ରେସର ବିମାନ ଆଇଏକ୍ସ-୧୯୬ରେ ଏସି କାମ କରିନାହିଁ। ଏଥିପାଇଁ ଯାତ୍ରୀ ବିନା ଏସିରେ ୫ ଘଣ୍ଟା ପର୍ଯ୍ୟନ୍ତ ଗରମରେ ସିଝିଥିଲେ। ଯାତ୍ରୀଙ୍କୁ ବିମାନବନ୍ଦରକୁ ଯିବାକୁ ମଧ୍ୟ ଦିଆଯାଇ ନ ଥିଲା। ବିମାନ ଭିତରେ ରହିବାକୁ ବାଧ୍ୟ କରାଯାଇଥିଲା ବୋଲି ଅଭିଯୋଗ ହୋଇଛି। ଗତ ୧୩ ତାରିଖରେ ଦୁବାଇରୁ ରାଜସ୍ଥାନର ଜୟପୁର ଆସୁଥିବା ବିମାନରେ ଏହି ସ୍ଥିତି ଦେଖା ଯାଇଥିଲା। ଯାନ୍ତ୍ରିକ ତ୍ରୁଟି ଯୋଗୁଁ ଏହି ବିମାନ ୫ ଘଣ୍ଟା ବିଳମ୍ବରେ ଉଡ଼ାଣ କରିଥିଲା। ଏହି ବିମାନର ଭିଡିଓ ଭାଇରାଲ ହେବାରେ ଲାଗିଛି। ୪୦ ଡିଗ୍ରୀ ତାପମାତ୍ରାରେ ଯାତ୍ରୀ ବିମାନ ଭିତରେ ରହି ହାତରେ କାଗଜ ଧରି ବିଞ୍ଚି ହେଉଥିବାର ଦେଖାଯାଉଛି। ଏଥିଯୋଗୁଁ କିଛି ବରିଷ୍ଠ ନାଗରିକଙ୍କ ସ୍ୱାସ୍ଥ୍ୟାବସ୍ଥା ମଧ୍ୟ ବିଗିଡି ଯାଇଥିଲା। ବିମାନରେ ପର୍ଯ୍ୟାପ୍ତ ପାଣି ବି ନ ଥିଲା। ଏଥିପାଇଁ ବିମାନ କମ୍ପାନୀର ପରିଚାଳକଙ୍କୁ ଦାୟୀ କରିବାକୁ ଡିଜିସିଏ ନିକଟରେ ଯାତ୍ରୀ ଦାବି କରିଛନ୍ତି।

### ଗୌହାଟୀ-କୋଲକାତା ବିମାନ ୧୮ ଘଣ୍ଟା ବିଳମ୍ବ

ନୂଆଦିଲ୍ଲୀ, ୧୫।୬ (ଏଜେନ୍ସି): ଏୟାର ଇଣ୍ଡିଆ ଏକ୍ସପ୍ରେସର ବିମାନ ଆଇଏକ୍ସ-୧୨୨୬ ବିମାନ ଯାତ୍ରୀଙ୍କ ପାଇଁ ଖରାପ ସ୍ୱପ୍ନ ସଦୃଶ ହୋଇଛି। ଗୌହାଟୀରୁ କୋଲକାତା ଯାତ୍ରା କରିବାକୁ ଥିବା ଏହି ବିମାନର ଉଡ଼ାଣରେ ୧୮ ଘଣ୍ଟା ବିଳମ୍ବ ହୋଇଛି। ଯାନ୍ତ୍ରିକ ତ୍ରୁଟି ଦେଖାଯିବା ଯୋଗୁଁ ବିମାନକୁ ଦୁଇ ଦୁଇ ଥର ଅଟକାଇ ଦିଆଯାଇଛି। ଏହି ବିମାନରେ ୧୭୦ ଯାତ୍ରୀ ଯାତ୍ରା କରୁଥିଲେ। ଏହା ଶନିବାର ରାତି ୯ଟା ୨୦ରେ ଲୋକପ୍ରିୟ ଗୋପୀନାଥ ବରୋଦୋଲୋଇ ଅନ୍ତର୍ଜାତୀୟ ବିମାନବନ୍ଦରରୁ ଛାଡ଼ିବାର ଥିଲା। ଯାତ୍ରୀ ବସି ସାରିଥିବା ସତ୍ତ୍ୱେ ବିମାନକୁ ମଧ୍ୟରାତ୍ରିରେ ଅନେକ ଘଣ୍ଟା ପର୍ଯ୍ୟନ୍ତ ଅଟକାଇ ଦିଆଯାଇଥିଲା। ରାତି ୧ଟା୩୦ରେ ଯାତ୍ରୀଙ୍କୁ ପ୍ରଥମେ ଲାଉଞ୍ଜ ଏବଂ ପରେ ହୋଟେଲକୁ ନିଆଯାଇଥିଲା। ଏଠାରେ ଜଳଖିଆ କରିବାକୁ ମଧ୍ୟ ଦିଆଯାଇ ନ ଥିଲା। ଏହା ପରେ ସକାଳେ ପୁଣି ଯାତ୍ରୀଙ୍କୁ ବିମାନବନ୍ଦରକୁ ନିଆଯାଇ ସମାନ ସମସ୍ୟା ଲାଗି ଫେରାଇ ଅଣା ଯାଇଥିଲା। ଶେଷରେ ଅନ୍ୟ ଏକ ବିମାନରେ ରବିବାର ଅପରାହ୍ଣ ୩ଟା ୩୪ରେ ଯାତ୍ରୀଙ୍କୁ ଗନ୍ତବ୍ୟସ୍ଥଳକୁ ପଠା ଯାଇଥିଲା।

# ଜନ୍ମଦିନରେ ଟ୍ରମ୍ପଙ୍କ ବିରୋଧରେ ବିକ୍ଷୋଭ



ୱାଶିଂଟନ, ୧୫।୬ (ଏଜେନ୍ସି): ସାରା ବିଶ୍ୱକୁ ଗଣତନ୍ତ୍ରର ଶିକ୍ଷା ଦେଉଥିବା ଆମେରିକା ଉପରେ ଏକଛତ୍ରବାଦର ଅଭିଯୋଗ ଲାଗିଛି। ଆମେରିକା ସେନାର ୨୫୦ତମ ପ୍ରତିଷ୍ଠା ଦିବସ, ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଜନ୍ମଦିନ (ଶନିବାର)କୁ ନେଇ ଖୁସିର ମାହୋଲ ଥିବାବେଳେ ରବିବାର ହଜାର ହଜାର ଲୋକ ରାଷ୍ଟ୍ରପତିଙ୍କ ବିରୋଧରେ ରାସ୍ତାକୁ ଓହ୍ଲାଇଛନ୍ତି। ଗୋଟିଏ ପଟେ ଟ୍ରମ୍ପ ସେନାକୁ ସମ୍ବୋଧନ କରିଥିବାବେଳେ ଅନ୍ୟପଟେ ତାଙ୍କ ବିରୋଧରେ ବିକ୍ଷୋଭ ପ୍ରଦର୍ଶନ ଉଗ୍ର ହୋଇଛି। ଗଣତାନ୍ତ୍ରିକ ରାଷ୍ଟ୍ରରେ ଏକଛତ୍ରବାଦର ଶାସନ ଚାଲିଛି ବୋଲି ବିକ୍ଷୋଭକାରୀ ଅଭିଯୋଗ କରିଛନ୍ତି। କଥା କଥାରେ ଅନ୍ୟ ଦେଶକୁ ଗଣତନ୍ତ୍ରର ପରାମର୍ଶ ଦେଉଥିବା ଆମେରିକା ଆଜି ନିଜେ ଏଥିରେ ଛନ୍ଦି ହୋଇଯାଇଛି। ଲୋକଙ୍କ ଅଧିକାରକୁ ଟ୍ରମ୍ପ ପ୍ରଶାସନ ଦଳିଚକଟି ଦେଉଥିବା ଅଭିଯୋଗ କରି ଲୋକେ ରାସ୍ତାକୁ ଓହ୍ଲାଇଛନ୍ତି। ଟ୍ରମ୍ପଙ୍କ ନୀତି ବିଶେଷ କରି ପ୍ରବାସୀଙ୍କ ବିରୋଧରେ ହେଉଥିବା କାର୍ଯ୍ୟାନୁଷ୍ଠାନକୁ ବିରୋଧ କରି ଶନିବାର ଦେଶରେ ବଡ଼ଧରଣର ବିକ୍ଷୋଭ ପ୍ରଦର୍ଶନ ହୋଇଥିଲା। ଆଜି ମଧ୍ୟ ଏହା ଜାରି ରହିଛି। ଅନେକ ସହରରେ ବିକ୍ଷୋଭ କରାଯାଇଛି। ରାଜା ଶାସନ ଚାଲିବ ନାହିଁ ବୋଲି ବିକ୍ଷୋଭକାରୀ ସ୍ଲୋଗାନ ଦେଇଛନ୍ତି। ଆଟଲାଣ୍ଟା, ଫିଲାଡେଲଫିଆ, ସିକାଗୋ, ନ୍ୟୁୟର୍କ, ଅଷ୍ଟିନ, ଲସ୍ ଆଞ୍ଜେଲସ ଏବଂ ହ୍ୟୁଷ୍ଟନ ସମେତ ଅନ୍ୟ ସହର ଗୁଡିକରେ ଲୋକେ 'ନୋ କିଙ୍ଗ୍ସ: ଡେ ଅଫ୍ ଡିଫାୟନ୍ସ' ନାମରେ ବିରୋଧ କରାଯାଇଛି। ସଡ଼କ, ପାର୍କ ଏବଂ ପୁଲିସ ପୋଷ୍ଟ ଗୁଡିକର ବିକ୍ଷୋଭ କରାଯାଇଛି। ଏଥିରେ ଲକ୍ଷାଧିକ ଲୋକ ସାମିଲ ହୋଇଥିଲେ। ଟ୍ରମ୍ପ ଗଣତାନ୍ତ୍ରିକ ସଂସ୍ଥାକୁ ଦୁର୍ବଳ କରି ରାଜା ଭଳି ବ୍ୟବହାର କରୁଥିବା ସେମାନେ ଅଭିଯୋଗ କରିଛନ୍ତି। ଏକଛତ୍ରବାଦ ଚଳିବ ନାହିଁ ଏବଂ ପ୍ରବାସୀଙ୍କ ଅଧିକାର ଜିନ୍ଦାବାଦ ସ୍ଲୋଗାନ ଦିଆଯାଇଛି।

ଆଜି ଆମେରିକା ସମାଜର ୨ଟି ଝଲକ ଦେଖିବାକୁ ମିଳିଥିଲା। ଗୋଟିଏ ପଟେ ସେନା ଶୌର୍ଯ୍ୟ ପ୍ରଦର୍ଶନ କରି ଇତିହାସ ସୃଷ୍ଟି କରିଥିବାବେଳେ ଅନ୍ୟପଟେ ଗଣତାନ୍ତ୍ରିକ ଏବଂ ଲୋକଙ୍କ ଅଧିକାର ପାଇଁ ସ୍ୱର ଉଠିଛି। ଟ୍ରମ୍ପଙ୍କ ଏହି ପରେଡ ତାଙ୍କ ସମର୍ଥକଙ୍କ ପାଇଁ ଉତ୍ସବ ଆଣିଥିବାବେଳେ ବିରୋଧୀଙ୍କ ତାଙ୍କୁ ଚେତାବନୀ ଦେଇଛନ୍ତି। ଏହି ପ୍ରଦର୍ଶନ ସମୟରେ କିଛଇ ସ୍ଥାନରେ ହିଂସା ହୋଇଛି। ଲସ୍ ଆଞ୍ଜେଲସ ଏବଂ ପୋର୍ଟଲାଣ୍ଡରେ ପୁଲିସ ପ୍ରଦର୍ଶନକାରୀଙ୍କ ମଧ୍ୟରେ ସଂଘର୍ଷ ହୋଇଛି। ଆନ୍ଦୋଳନକାରୀଙ୍କୁ ଘଉଡାଇବା ପାଇଁ ଲୁହବୁହା ଗ୍ୟାସ ମାଡ କରାଯାଇଛି। ଏଥିରେ ଅନେକ ଆହତ ହୋଇଛନ୍ତି। ସଲ୍ଟ ଲେକ୍ ସିଟିରେ ପୁଲିସ ଫାଙ୍କା ଗୁଳିଚାଳନା କରିଛି। ଏଥିରେ ଜଣେ ଗୁରୁତର ଆହତ ହୋଇଛନ୍ତି।

# ଦୁଇ ଭାଇ ଠକିନେଲେ ୨୬୭୬ କୋଟି



ଜୟପୁର, ୧୫।୬ (ଏଜେନ୍ସି): ରାଜସ୍ଥାନରୁ ବଡ଼ ଠକେଇ ମାମଲା ସାମ୍ନାକୁ ଆସିଛି। ସିକର ଜିଲ୍ଲାର ଦୁଇ ଭାଇ ସୁଭାଷ ବିଜାରାନୀ ଏବଂ ରଣବୀର ବିଜାରାନୀ ସ୍ମାର୍ଟ ସିଟି ନାମରେ ଲୋକଙ୍କୁ ଠକି ସର୍ବସ୍ୱାନ୍ତ କରିଦେଇଛନ୍ତି। ଦୁହେଁ ଅଧିକ ରିଟର୍ଣ୍ଣ, ଫ୍ଲାଟ୍, ପ୍ଲଟ୍‌ର ପ୍ରତିଶ୍ରୁତି ଦେଇ ସାରା ଦେଶରୁ ପ୍ରାୟ ୭୦ ହଜାର ଲୋକଙ୍କଠାରୁ ୨,୬୭୬ କୋଟି ଟଙ୍କା ଠକି ନେଇଛନ୍ତି। ଏହି ଠକେଇ ପାଇଁ ସେ ସଂସ୍ଥା ମଧ୍ୟ ଗଢ଼ିଥିଲେ। ନିଯୁକ୍ତି ଦେଇ ଲୋକଙ୍କୁ ଠକିବାର ପ୍ରଶିକ୍ଷଣ ଦେଇଥିଲେ। ଯେତେ ଅଧିକ ନିବେଶକ ଯୋଡିବେ ସେତେ ଅଧିକ କମିଶନ ସହିତ ବାଇକ୍, ଲ୍ୟାପ୍‌ଟପ୍, କାର୍ ଆଦି ଦେବାକୁ ଏଜେଣ୍ଟମାନଙ୍କୁ ପ୍ରତିଶ୍ରୁତି ଦେଇଥିଲେ। ଶେଷରେ ନିବେଶକ ବିପୁଳ ଟଙ୍କା ଧରି ଦୁଇ ଭାଇ ଅଫିସ ବନ୍ଦ କରି ଫେରାର ହୋଇ ଯାଇଥିଲେ। ରାଜସ୍ଥାନ ଯୋଧପୁର ପୁଲିସ ଏହି ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଇଡି ମଧ୍ୟ ମାମଲା ହାତକୁ ନେଇଛି। ଗତ ଗୁରୁବାର ଏଜେନ୍ସି ଏହି ମାମଲାରେ ୨୫ ଠିକଣାରେ ଚଢ଼ଉ କରିଥିଲା।

ସୂଚନା ଅନୁଯାୟୀ ସୁଭାଷ ଏବଂ ରଣବୀର ୨୦୨୧ରେ 'ନେକ୍ସା ଏଭରଗ୍ରୀନ୍' ନାମରେ କମ୍ପାନୀ ଖୋଲିଥିଲେ। ଏହାକୁ ଅହମଦାବାଦରେ ପଞ୍ଜିକୃତ କରିଥିଲେ। ଗୁଜୁରାଟର 'ଧୋଲେରା ସ୍ମାର୍ଟ ସିଟି' ପ୍ରକଳ୍ପର ଫଟୋ ଦେଖାଇ ନିବେଶକଙ୍କୁ ଆକୃଷ୍ଟ କରିଥିଲେ। ରଣବୀର ପ୍ରଥମେ ୨୦୧୪ରେ ଏବଂ ପରେ ଅବସରପ୍ରାପ୍ତ ସେନା କର୍ମଚାରୀ ସୁଭାଷ ୩୦ ଲକ୍ଷ ଟଙ୍କା ଦେଇ ଧୋଲେରାରେ ଜମି କିଣିଥିଲେ। ଏଠାରେ ନିଜର ୧୩୦୦ ବିଘା ଜମି ରହିଛି ଏବଂ ଏହା ବିଶ୍ୱସ୍ତରୀୟ ସସ ସ୍ମାର୍ଟସିଟି ହେବାକୁ ଯାଉଥିବା କହି ଲୋକଙ୍କୁ ଭୁଆଁ ବୁଲାଇ ଥିଲା। ଏଥିରେ ଦୁଇ ଭାଇଙ୍କୁ ସଲିମ୍ ଖାନ, ସମୀର, ଦାତାର ସିଂହ, ରକ୍ଷାପାଲ, ଓମପାଲ ଏବଂ ସନୱାରମାଲ ଆଦି ସହଯୋଗ କରିଥିଲେ। ଏମାନଙ୍କ ମାଧ୍ୟମରେ ଏଜେଣ୍ଟ ନିଯୁକ୍ତ କରି ୧୫୦୦ କୋଟି ଟଙ୍କାର କମିଶନ ବାଣ୍ଟି ନେଇଗଲେ। ଠକେଇ ଅର୍ଥରୁ ୧୩୦୦ ବିଘା ଜମି, ରାଜସ୍ଥାନରେ ବିଳାସପୂର୍ଣ୍ଣ କାର, ଖଣି ଏବଂ ହୋଟେଲ, ଅହମଦାବାଦରେ ଫ୍ଲାଟ୍ ଏବଂ ଗୋଆରେ ୨୫ଟି ରେସ୍ତୋରାଁ କିଣିଥିଲେ। ନଗଦ ଆକାରରେ ୨୫୦ କୋଟି ନେଇଥିଲେ। ଅବଶିଷ୍ଟ ଟଙ୍କାକୁ ୨୭ଟି ସେଲ୍ କମ୍ପାନୀକୁ ହସ୍ତାନ୍ତର କରିଥିଲେ।

**■ ଜେସିବିରେ ମାଟିଖୋଳା**

# ଏକାସଙ୍ଗେ ଭୁଶୁଡ଼ିଲା ୬ କୋଠା; ୩ ମୃତ

ମଥୁରା, ୧୫।୬ (ଏଜେନ୍ସି): ଉତ୍ତର ପ୍ରଦେଶ ମଥୁରାର ଗୋବିନ୍ଦ ନଗର ଅଞ୍ଚଳରେ ରବିବାର ଦ୍ୱିପହରେ ବଡ଼ ଅଘଟଣ ଘଟିଛି। ଜେସିବିରେ ମାଟି ଖୋଳା ଚାଲିଥିବାବେଳେ ୬ଟି କୋଠା ଏକାଥରକେ ଭୁଶୁଡ଼ି ଯାଇଛି। ଏହି ଦୁର୍ଘଟଣାରେ ୩ ଜଣଙ୍କ ଜୀବନ ଯାଇଛି। ୪ ଜଣଙ୍କୁ ଅବଶେଷ ତଳୁ ଉଦ୍ଧାର କରାଯାଇଛି। ଆହୁରି ୬-୭ ଜଣ ଅବଶେଷ ତଳେ ଫସି ରହିଥିବା କୁହାଯାଉଛି। ଏହାର ସୂଚନା ପାଇବା ପରେ ପୁଲିସ, ନଗର ନିଗମ, ପ୍ରଶାସନ ଏବଂ ଅଗ୍ନିଶମ ବାହିନୀ ଦଳ ଘଟଣାସ୍ଥଳରେ ପହଞ୍ଚି ଥିଲା। ପରେ ଏନଡିଆର୍‌ଏଫ ଏଥିରେ ସାମିଲ ହୋଇଛି। ବିଳମ୍ବିତ ରାତି ପର୍ଯ୍ୟନ୍ତ ଉଦ୍ଧାର କାର୍ଯ୍ୟ ଜାରି ରହିଛି। ମୃତକଙ୍କ ମଧ୍ୟରେ ତୋତାରାମ (୩୮), ଦୁଇ ଭଉଣୀ ଯଶୋଦା (୬) ଏବଂ କାବ୍ୟ (୬) ସାମିଲ ଅଛନ୍ତି। ସୂଚନା ଅନୁଯାୟୀ ଭୁଶୁଡି ଯାଇଥିବା ସମସ୍ତ ୬ଟି ଘର ମାଟିର ଢିପି ଉପରେ ନିର୍ମିତ ହୋଇଥିଲା। ପ୍ରତ୍ୟକ୍ଷଦର୍ଶୀଙ୍କ ଅନୁଯାୟୀ ଏଠାରେ ଥିବା ଖାଲି ଜମିରେ ଜେସିବି ଖୋଳୁଥିଲା। ହଠାତ୍ ମାଟି ଭୁଶୁଡ଼ି ପଡ଼ିଲା ଏବଂ ଗୋଟିଏ ପରେ ଗୋଟିଏ ସମସ୍ତ ଘର ଭଗ୍ନାଂଶରେ ଅବଶେଷରେ ପରିଣତ ହୋଇଗଲା। ଏହି ସମୟରେ ଭୂମିକମ୍ପ ହୋଇଥିବା ପରି ଅନୁଭବ ହୋଇଥିଲା।

## ସାଇପ୍ରସରେ ମୋଦୀ; ସ୍ୱାଗତ କଲେ ରାଷ୍ଟ୍ରପତି

ନିକୋସିଆ, ୧୫।୬ (ଏଜେନ୍ସି): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ରବିବାର ସାଇପ୍ରସରେ ପହଞ୍ଚିଛନ୍ତି। ସାଇପ୍ରସ ରାଷ୍ଟ୍ରପତି ନିକୋସ କ୍ରିଷ୍ଟୋଡୌଲିଡେସ ତାଙ୍କୁ ବିମାନବନ୍ଦରରେ ସ୍ୱାଗତ କରିଛନ୍ତି। ମୋଦୀଙ୍କ ହାତ ଧରି ନିକୋଶ ପାଛୋଟି ନେଇଛନ୍ତି। ଏହା ପରେ ମୋଦୀ ସାଇପ୍ରସର ଲିମାସୋଲ ଯାଇଥିଲେ। ହୋଟେଲ ବାହାରେ ଭାରତୀୟ ସମୁଦାୟର ଲୋକଙ୍କୁ ଭେଟିଥିଲେ। ଦୁଇ ଦେଶ ମଧ୍ୟରେ ବ୍ୟାପାର ବୃଦ୍ଧିକୁ ନେଇ ମୋଦୀ ଏବଂ ନିକୋଶଙ୍କ ମଧ୍ୟରେ ବୈଠକ ହୋଇଥିଲା। ଏଥିରେ ବ୍ୟବସାୟୀକ ବର୍ଗ ମଧ୍ୟ ସାମିଲ ହୋଇଥିଲେ। ସାଇପ୍ରସ ପରେ ମୋଦୀ କାନାଡ଼ା ଗସ୍ତ କରି ଜି-୭ ଶିଖର ସମ୍ମିଳନୀରେ ସାମିଲ ହେବେ।

## ଆଜି ଜାରି ହେବ ବିଜ୍ଞପ୍ତି

ନୂଆଦିଲ୍ଲୀ, ୧୫।୬ (ଏଜେନ୍ସି): ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହା ରବିବାର ଏକ ବୈଠକ କରି ଆଗାମୀ ଜନଗଣନା ପାଇଁ ଚାଲିଥିବା ପ୍ରସ୍ତୁତିର ସମୀକ୍ଷା କରିଛନ୍ତି। ଏହି ବୈଠକରେ ସ୍ୱରାଷ୍ଟ୍ର ସଚିବ ଗୋବିନ୍ଦ ମୋହନ ଏବଂ ରେଜିଷ୍ଟ୍ରାର ଜେନେରାଲ ଆଣ୍ଡ ସେନ୍‌ସସ୍ କମିଶନର ମୃତ୍ୟୁଞ୍ଜୟ କୁମାର ନାରାୟଣ ଏବଂ ଅନ୍ୟ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ।

**ଜନଗଣନାକୁ ନେଇ ଶାହାଙ୍କ ସମୀକ୍ଷା ବୈଠକ**

ଭାରତର ୧୬ତମ ଜନଗଣନା ୨୦୨୭ ମାର୍ଚ୍ଚ ୧ରେ ଆରମ୍ଭ ହେବ। ତେବେ ଲଦାଖ ଭଳି ବରଫ ଆଚ୍ଛାଦିତ ଅଞ୍ଚଳରେ ଏହା ୨୦୨୬ ଅକ୍ଟୋବରରୁ ପ୍ରାରମ୍ଭ ହେବ। ପ୍ରଥମ ଥର ପାଇଁ ଜନଗଣନାରେ ଜାତିଗତ ତଥ୍ୟ ସଂଗ୍ରହ କରାଯିବ। ଏ ନେଇ ସୋମବାର ବିଧିବଦ୍ଧ ଭାବେ ବିଜ୍ଞପ୍ତି ଜାରି ହେବ ବୋଲି ସୂଚନା ମିଳିଛି। ଏହି ଜନଗଣନା ଦୁଇଟି ପର୍ଯ୍ୟାୟରେ ହେବ। ପ୍ରଥମ ପର୍ଯ୍ୟାୟରେ ହାଉସଲିଷ୍ଟିଂ ଅପରେସନ (ଏଚ୍‌ଏଲ୍‌ଓ) ଏବଂ ପରେ ଜନସଂଖ୍ୟା ଗଣନା ହେବ। ଜନଗଣନା କାପାଇଁ, ପ୍ରାୟ ୩୪ ଲକ୍ଷ ଗଣନାକାରୀ ଓ ପର୍ଯ୍ୟବେକ୍ଷକ ଏବଂ ପ୍ରାୟ ୧.୩ ଲକ୍ଷ ଜନଗଣନା କାର୍ଯ୍ୟକର୍ତ୍ତାଙ୍କୁ ନିୟୋଜିତ କରାଯିବ।

**କାଳ ପାଲଟିଛି ପରକୀୟା ପ୍ରୀତି**

# ୫ ବର୍ଷରେ ନିଜ ସିନ୍ଦୂର ପୋଛିଛନ୍ତି ୭୮୫ ପତ୍ନୀ

ନୂଆଦିଲ୍ଲୀ, ୧୫।୬ (ଏଜେନ୍ସି):



ପରକୀୟାପ୍ରୀତି କାଳ ପାଲଟି ଯାଉଛି। ପତ୍ନୀଙ୍କ ଅବୈଧ ସମ୍ପର୍କ ଲାଗି ଅନେକ ସ୍ୱାମୀଙ୍କ ଜୀବନ ଯାଉଛି। ରାଜା ରଘୁବଂଶୀ ହୁଅନ୍ତୁ ଅବା ମିରଠର ସୌରଭ ରାଜପୁତ କିମ୍ବା ଭିୱାନୀର ପ୍ରବୀଣ ହତ୍ୟାକାଣ୍ଡ ସବୁଥିରେ ପତ୍ନୀ ଏବଂ ତାଙ୍କ ପ୍ରେମିକଙ୍କ ହାତ ରହିଛି। ପରକୀୟାପ୍ରୀତି ପାଇଁ ସମାଜ, ସଂସ୍କୃତି ଏବଂ ସଂସ୍କାରକୁ ବି ଦେଖୁନାହାନ୍ତି। ପ୍ରେମ ପାଇବା ପାଇଁ ଛଳ କରୁଛନ୍ତି। ମିଛ କହୁଛନ୍ତି। ଏପରିକି ଅନ୍ୟର ଜୀବନ ନେବାକୁ ମଧ୍ୟ ପଛାଉ ନାହାନ୍ତି। ଗତ କିଛି ବର୍ଷ ହେଲା ଏଭଳି ମାମଲା ଅଧିକ ବୃଦ୍ଧି ପାଇଛି। କାହାର ବିବାହ ପୂର୍ବରୁ ତ ଆଉ କାହାର ବିବାହ ପରେ ପ୍ରେମ ହେଉଛି। ଏହାର ଫଳ ନିରୀହ ସ୍ୱାମୀଙ୍କୁ ଭୋଗିବାକୁ ପଡୁଛି। ହାତ ଧରି ଘରକୁ ଆଣିଥିବା ପତ୍ନୀ ହିଁ ସ୍ୱାମୀ ପାଇଁ କାଳ ପାଲଟି ଯାଉଛି। କେଉଁଠି ନୀଳ ଡ୍ରମରେ ମୃତଦେହ ମିଳୁଛି ତ ଆଉ କେଉଁଠି ହତ୍ୟାକରି ନାଳରେ ଫୋପାଡ଼ି ଦିଆଯାଉଛି। ଏଭଳି ଅନେକ ମାମଲା ଦେଶରେ ଚର୍ଚ୍ଚାରେ ରହିଛି।

କ୍ରାଇମ ଡାଟା ଏବଂ ରିପୋର୍ଟ ଅନୁଯାୟୀ ଗତ ୫ ବର୍ଷରେ ଦେଶର ୫ ରାଜ୍ୟରେ ୭୮୫ ପତ୍ନୀ ନିଜେ ନିଜ ସିନ୍ଦୂର ପୋଛିଛନ୍ତି। ପରକୀୟାପ୍ରୀତି ପାଇଁ ସ୍ୱାମୀଙ୍କୁ ମାରି ଦିଆଯାଇଛି। ଏହି ରାଜ୍ୟ ମଧ୍ୟରେ ମଧ୍ୟପ୍ରଦେଶ, ଉତ୍ତର ପ୍ରଦେଶ, ବିହାର, ରାଜସ୍ଥାନ ଏବଂ ମହାରାଷ୍ଟ୍ର ସାମିଲ ରହିଛି। ସେହିପରି ଦେଶରେ ବର୍ଷକୁ ୨୭୫ ସ୍ୱାମୀଙ୍କୁ ହତ୍ୟା କରାଯାଉଛି। ଏହି ତଥ୍ୟ ଅନେକ ପ୍ରଶ୍ନବାଚୀ ସୃଷ୍ଟି କରିଛି। ସ୍ୱାମୀଙ୍କୁ ହତ୍ୟା କରିବା ପାଇଁ ମହିଳା କାହିଁକି ଚାହୁଁଛନ୍ତି ବୋଲି ପ୍ରଶ୍ନ ଉଠୁଛି।

ରିପୋର୍ଟ ଅନୁଯାୟୀ ସ୍ୱାମୀଙ୍କ ହତ୍ୟାରେ ୟୁପି ଆଗରେ ରହିଛି। ଏଠାରେ ୨୦୨୦ରେ ୨୦ ଜଣ, ୨୦୨୧ରେ ୫୨ ଜଣ, ୨୦୨୨ରେ ୬୦ ଜଣ, ୨୦୨୩ରେ ୫୫ ଜଣ ଏବଂ ୨୦୨୪ରେ ୬୨ ଜଣ ସ୍ୱାମୀଙ୍କୁ ହତ୍ୟା କରାଯାଇଥିଲା। ଏହି କ୍ରମରେ ବିହାରରେ ୩୦ ଜଣ, ୩୫ ଜଣ , ୪୦ ଜଣ, ୩୯ ଜଣ ଏବଂ ୪୨ ଜଣ ସ୍ୱାମୀଙ୍କୁ ମାରି ଦିଆଯାଇଥିଲା। ସେହିପରି ରାଜସ୍ଥାନରେ ଗତ ୫ ବର୍ଷରେ ୨୦ ଜଣ, ୨୫ ଜଣ, ୨୮ ଜଣ, ୩୦ ଜଣ, ୩୫ ଜଣ, ମହାରାଷ୍ଟ୍ରରେ ୧୫ଜଣ, ୧୮ ଜଣ, ୨୦ ଜଣ, ୨୨ ଜଣ ଏବଂ ୨୫ ଜଣ, ମଧ୍ୟପ୍ରଦେଶରେ ୧୨ ଜଣ, ୧୫ ଜଣ, ୧୮ ଜଣ, ୨୦ ଜଣ ଏବଂ ୨୨ ଜଣ ସ୍ୱାମୀଙ୍କୁ ହତ୍ୟା କରାଯାଇଥିଲା। ୨୦୨୨ର ଏନ୍‌ସିଆରବି ରିପୋର୍ଟ ଅନୁଯାୟୀ ହତ୍ୟାରେ ପ୍ରେମ ବ୍ୟାପାର ତୃତୀୟ ବଡ଼ କାରଣ ହୋଇଛି। ଏକ ଯାଞ୍ଚରୁ ଜଣାପଡ଼ିଛି ଯେ ଭାରତରେ ପ୍ରତି ବର୍ଷ ୨୭୫ ସ୍ୱାମୀଙ୍କୁ ସ୍ତ୍ରୀ ହତ୍ୟା କରୁଛନ୍ତି। ବ୍ରିଟିଶ ମେଡିକାଲ ଜର୍ଣ୍ଣାଲ 'ଦ ଲାନସେଟ'ରେ ପ୍ରକାଶିତ ଏକ ରିପୋର୍ଟ ଅନୁଯାୟୀ ମହିଳାଙ୍କ ସମ୍ବନ୍ଧିତ ୬୦ ପ୍ରତିଶତ ହତ୍ୟା ପଛରେ ତାଙ୍କର ବର୍ତ୍ତମାନ କିମ୍ବା ପୂର୍ବତନ ପ୍ରେମିକର ହାତ ରହିଛି। ଦେଶରେ ୧୦ରୁ ଗୋଟିଏ ହତ୍ୟା ପଛରେ ପ୍ରେମିକ, ପତି କିମ୍ବା ପତ୍ନୀ ଦ୍ୱାରା କରାଯାଇଥାଏ। ୨୦୧୦ରୁ ୧୦୧୪ ମଧ୍ୟରେ ପ୍ରେମ ସମ୍ବନ୍ଧ ଏବଂ ସମ୍ପର୍କ ସମ୍ବନ୍ଧିତ ହତ୍ୟାର ଅନୁପାତ ୭ରୁ ୮ ପ୍ରତିଶତ ମଧ୍ୟରେ ଥିଲା। ମାତ୍ର ୨୦୧୫ରୁ ୨୦୨୨ ମଧ୍ୟରେ ଏହା ୧୦ରୁ ୧୧ ପ୍ରତିଶତରେ ପହଞ୍ଚି ଯାଇଛି।

**ବର୍ଷକୁ ୨୭୫ ସ୍ୱାମୀଙ୍କୁ କରାଯାଉଛି ହତ୍ୟା**

# ୨୪ ଘଣ୍ଟାରେ ୧୦ କରୋନା ରୋଗୀଙ୍କ ମୃତ୍ୟୁ

**ଚିକିତ୍ସାଧୀନ ରୋଗୀସଂଖ୍ୟା ୭୩୮୩କୁ ବୃଦ୍ଧି**



ନୂଆଦିଲ୍ଲୀ, ୧୫।୬ (ଏଜେନ୍ସି): ଦେଶରେ କରୋନା ମହାମାରୀ ଦ୍ରୁତଗତିରେ କାୟା ମେଲାଇବାରେ ଲାଗିଛି। ସଂକ୍ରମିତଙ୍କ ସଂଖ୍ୟା ଏବଂ ମୃତ୍ୟୁସଂଖ୍ୟା ବୃଦ୍ଧି ପାଇବାରେ ଲାଗିଛି। ଗତ ୨୫ ଘଣ୍ଟା ମଧ୍ୟରେ ୧୦ ଜଣ ଲୋକ ପ୍ରାଣ ହରାଇଛନ୍ତି। କରୋନାର ଏହି ନୂଆ ପ୍ରଜାତି ଦିନକରେ ସର୍ବାଧିକ ଜୀବନ ନେଇଛି। ମୃତକଙ୍କ ମଧ୍ୟରେ କେରଳରେ ୫ ଜଣ, ଦିଲ୍ଲୀରେ ୩ ଜଣ ଏବଂ ମହାରାଷ୍ଟ୍ରରେ ଜଣେ ସାମିଲ ଅଛନ୍ତି। ଜାନୁଆରୀ ପରଠାରୁ ଏ ପର୍ଯ୍ୟନ୍ତ ୯୭ ଜଣ ରୋଗୀଙ୍କ ପ୍ରାଣ ହରାଇଲେଣି। ସେହିପରି ଦେଶର ୩୧ଟି ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳରେ ସକ୍ରିୟ ମାମଲା ସଂଖ୍ୟା ୭୩୮୩ ରେ ପହଞ୍ଚି ଯାଇଛି। ତେବେ ଆଶ୍ୱସ୍ତିର ବିଷୟ ଏହି କି ଯେ ରବିବାର କୌଣସି ନୂଆ ରୋଗୀ ଚିହ୍ନଟ ହୋଇନାହାନ୍ତି। ଏହି ସମୟରେ ୧୭ ଜଣ ରୋଗୀ ସୁସ୍ଥ ହୋଇଛନ୍ତି। କେରଳରେ ସର୍ବାଧିକ ୨୦୦୭ ଜଣ, ଗୁଜରାଟରେ ୧୪୪୧ ଏବଂ ପଶ୍ଚିମବଙ୍ଗରେ ୭୪୭ ରୋଗୀ ଚିକିତ୍ସାଧୀନ ଅଛନ୍ତି।

ଏହା ମଧ୍ୟରେ କରୋନା ମାମଲା ବୃଦ୍ଧିକୁ ଦେଖି ଉତ୍ତର ପ୍ରଦେଶ ସରକାର ସତର୍କତା ଅବଲମ୍ବନ କରିବାକୁ ନିର୍ଦ୍ଦେଶ ଜାରି କରିଛନ୍ତି। ଆବଶ୍ୟକୀୟ ଔଷଧ, ପିପିଇ କିଟ୍, ପରୀକ୍ଷା ସୁବିଧା, ଆଇସୋଲେସନ୍ ବେଡ୍, ଅକ୍ସିଜେନ୍ ସିଲିଣ୍ଡର, ଆଇସିୟୁ ଏବଂ ଭେଣ୍ଟିଲେଟର ପ୍ରସ୍ତୁତ ରଖିବାକୁ ସବୁ ଡାକ୍ତରଖାନାଗୁଡିକୁ କୁହାଯାଇଛି। ସେହିପରି କେରଳ ସରକାର କରୋନା ଏବଂ ଇନଫ୍ଲୁଏଞ୍ଜାର ଲକ୍ଷଣ ଥିବା ରୋଗୀଙ୍କୁ ଚିକିତ୍ସା କରିବା ୨୦୨୩ ଜୁନ୍‌ରେ ଜାରି ହୋଇଥିବା କୋଭିଡ୍ ନିର୍ଦ୍ଦେଶାବଳୀ ପାଳନ କରିବାକୁ ହସ୍ପିଟାଲଗୁଡ଼ିକୁ ନିର୍ଦ୍ଦେଶ ଦେଇଛି। ହସ୍ପିଟାଲରେ ସମସ୍ତଙ୍କ ପାଇଁ ମାସ୍କ ପିନ୍ଧିବା ବାଧ୍ୟତାମୂଳକ କରାଯାଇଛି। ଏହା ସହିତ, ଥଣ୍ଡା, କାଶ ଏବଂ ଜ୍ୱର ଭଳି ଲକ୍ଷଣ ଥିବା ରୋଗୀଙ୍କ ପାଇଁ କୋଭିଡ୍ ପରୀକ୍ଷା ବାଧ୍ୟତାମୂଳକ ହୋଇଛି।



## ଆଜିର ରାଶିଫଳ

**ମେଷ:** ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ସମ୍ଭାଳି ପାରନ୍ତି । ଦୃଢ଼ ସଂକଳ୍ପ ସହ ଲକ୍ଷ୍ୟ ହାସଲ କରିବାକୁ ଯୋଜନା କରିବେ । ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ । କ୍ଷମତା ଉପରେ ଭରସା ରଖନ୍ତୁ । ବୈବାହିକ ଜୀବନ ସୁଖମୟ ହେବ ।

**ବୃଷ:** ଘନିଷ୍ଠ ଲୋକଙ୍କ ସହଯୋଗ ରହିବ । ଆର୍ଥିକ ଅବସ୍ଥା ସ୍ୱଚ୍ଛଳ ରହିବ । ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହେବ । ନିଜକୁ କମଜୋର ଭାବନ୍ତୁ ନାହିଁ । ଛାତ୍ରଛାତ୍ରୀ କୃତକାର୍ଯ୍ୟ ହେବେ । ଦୀର୍ଘ ଦିନର ଆଶା ପୂରଣ ହେବ ।

**ମିଥୁନ:** ଦୂରଯାତ୍ରାରୁ ଥକ୍କାପଣ ଅନୁଭବ କରିବେ । ଅନ୍ୟର ଥଟ୍ଟା ପରିହାସକୁ ଅଣଦେଖା କରନ୍ତୁ । ଦୀର୍ଘ ଦିନରୁ ପଡ଼ିରହିଥିବା କାର୍ଯ୍ୟ ପୂରଣ ହେବ । ପାରିବାରିକ ସୁଖ ଶାନ୍ତି ମିଳିବ । ଯାନବାହନ କ୍ରୟ କରିପାରନ୍ତି ।

**କର୍କଟ:** ନିଜ ପରିଶ୍ରମକୁ ଗୁରୁତ୍ୱ ଦିଅନ୍ତୁ । ମନୋରଞ୍ଜନ ପାଇଁ ଅଧିକ ଖର୍ଚ୍ଚାନ୍ତ ହୋଇପାରନ୍ତି । ଜୀବନସାଥିଙ୍କ ସହଯୋଗ ଲୋଡ଼ିବେ । ବିଦ୍ୟାର୍ଥୀମାନଙ୍କ ପାଇଁ ଭଲ ସମୟ । ରାଜନେତାଙ୍କ ପାଇଁ ଭଲ ସମୟ ।

**ସିଂହ:** କୌଣସି କାର୍ଯ୍ୟ କରିବା ପୂର୍ବରୁ ହଜାର ଥର ଚିନ୍ତା କରନ୍ତୁ । ଧନପ୍ରାପ୍ତି ଯୋଗ ରହିଛି । ପିଲାମାନଙ୍କ ଉନ୍ନତିରେ ଖୁସି ଅନୁଭବ କରିବେ । କିଣା-ବିକାରେ ସମୟ ବିତିବ । ବୈବାହିକ ଜୀବନ ସୁଖମୟ ହେବ ।

**କନ୍ୟା:** ଜମି କିଣାବିକା ପାଇଁ ଭଲ ସମୟ । ଆୟ ଅନୁସାରେ ବ୍ୟୟ କମ୍ ହେବ । ପ୍ରିୟଜନଙ୍କ ସହ ଦୂରଯାତ୍ରା କରିପାରନ୍ତି । ପ୍ରେମୀଯୁଗଳଙ୍କ ପାଇଁ ଦିନଟି ଆଦୌ ଭଲ ନୁହେଁ । ଅଫିସ୍ ସହକର୍ମୀଙ୍କ ସହଯୋଗ ମିଳିବ ।

**ତୁଳା:** ପୁରୁଣା ରୋଗରୁ ଆରାମ ମିଳିପାରେ । ଅକସ୍ମାତ ଖୁସି ଖବର ପାଇବେ । ଜୀବନସାଥିଙ୍କ ସହ ଖୁସିର ମୁହୂର୍ତ୍ତ ବିତାଇବେ । ବ୍ୟବସାୟରୁ ଲାଭ ପାଇବେ । କର୍ମକ୍ଷେତ୍ରରେ ନୂତନ ସହଯୋଗୀଙ୍କ ସାହାଯ୍ୟ ମିଳିବ ।

**ବିଛା:** କର୍ମକ୍ଷେତ୍ରରେ ପ୍ରଶଂସା ପାଇବେ । ସାମାଜିକ ଏବଂ ଧାର୍ମିକ ସମାରୋହ ପାଇଁ ଦିନଟି ଭଲ । ବିଦ୍ୟାର୍ଥୀମାନେ କ୍ୟାରିୟର କଥା ଚିନ୍ତା କରିବେ । ସାମାଜିକ କାର୍ଯ୍ୟରେ ସାମିଲ ହେବେ ।

**ଧନୁ:** ବନ୍ଧୁ ମିଳନ ଯୋଗ ରହିଛି । ଅଧିକ ଚିନ୍ତା କରନ୍ତୁନି । ନୂତନ ବ୍ୟବସାୟ ଆରମ୍ଭ କରିପାରିବେ । ପତି-ପତ୍ନୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ । ମହିଳାମାନେ ଧର୍ମପରାୟଣା ହେବେ । କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ ।

**ମକର:** ସ୍ୱାସ୍ଥ୍ୟପ୍ରତି ଧ୍ୟାନ ଦିଅନ୍ତୁ । ଉଧାର ଦେଉଥିଲେ ସାବଧାନ ହୋଇଯାଆନ୍ତୁ । ପରିବାର ସହିତ କିଛି ସମୟ ବିତାନ୍ତୁ । କର୍ମକ୍ଷେତ୍ରରେ ପଦୋନ୍ନତି ଯୋଗ ରହିଛି । ବୟସ୍କ ବ୍ୟକ୍ତିଙ୍କ ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦିଅନ୍ତୁ ।

**କୁମ୍ଭ:** ସମସ୍ୟାରେ ପଡ଼ିପାରନ୍ତି । ଅତିଥିଙ୍କ ସ୍ୱାସ୍ଥ୍ୟସମସ୍ୟାକୁ ନେଇ ଚିନ୍ତାପ୍ରକଟ କରିବେ । ପିଲାମାନଙ୍କ କାର୍ଯ୍ୟ କଳାପରେ ଦିନଟି ଭଲରେ ବିତିବ । ଜୀବନସାଥିଙ୍କ ପାଇଁ କୌଣସି କାର୍ଯ୍ୟ ଗଡ଼ବଡ଼ ହୋଇପାରେ ।

**ମୀନ:** ଆଖି ବୁଜି ଅନ୍ୟମାନଙ୍କ ଉପରେ ଭରସା କରନ୍ତୁନି । ନିଜ କଥା ଉପରେ ନିୟନ୍ତ୍ରଣ ରଖନ୍ତୁ । ପିଲାମାନେ ପଢ଼ାପଢ଼ିରେ ଅଧିକ ଧ୍ୟାନ ଦେବେ । ଅପ୍ରିୟ ସତ କହି ସମସ୍ୟାରେ ପଡ଼ିପାରନ୍ତି ।


## ଆଜିର ଇତିହାସ

- ୧୭୭୯ - ସ୍ପେନ୍ ଗ୍ରେଟ୍ ବ୍ରିଟେନ୍ ବିରୋଧରେ ଯୁଦ୍ଧ ଆରମ୍ଭ କଲା ।
- ୧୯୧୧ - ନ୍ୟୁୟର୍କରେ ଆଇବିଏମ୍ କମ୍ପାନିର ସ୍ଥାପନା ହେଲା ।
- ୧୯୨୫- ରାଷ୍ଟ୍ରବାଦୀ ନେତା ଚିତ୍ତରଞ୍ଜନ ଦାସଙ୍କ ଦେହାନ୍ତ ।
- ୨୦୦୭ - ଭାରତୀୟ ବଂଶୋଦ୍ଭବ ସୁନିତା ୱିଲିୟମ୍ସ ମହାକାଶରେ ଅଧିକ ଦିନ ରହିଥିବା ମହିଳା ମହାକାଶଚାରୀ ହେବାର ଗୌରବ ଅର୍ଜନ କରିଥିଲେ ।
- ୨୦୧୯ - ନାଇଜେରିଆରେ ବୋମା ବିସ୍ଫୋରଣରେ ୩୦ ଲୋକଙ୍କ ପ୍ରାଣହାନି ।

## ଇଲେକଟ୍ରୋନିକ୍ ଟାଟୁ ମାନସିକ ଥକ୍କାକୁ ଚିହ୍ନଟ କରିବ



ଆମେରିକାର ବୈଜ୍ଞାନିକମାନେ ଏକ ଇଲେକଟ୍ରୋନିକ୍ ଟାଟୁ ବିକଶିତ କରିଛନ୍ତି । ଯାହାକି ମସ୍ତିଷ୍କର ଥକ୍କାପଣକୁ ମାପିବ । ଏହି ଟାଟୁକୁ ମଥାରେ ଲଗାଯିବ । ସେହିପରି ଉକ୍ତ ଟାଟୁ ଟ୍ରକ୍ ଚାଳକ ଏବଂ ଅନ୍ୟ କର୍ମଚାରୀଙ୍କୁ ସାହାଯ୍ୟ କରିବା ଆଶା କରାଯାଉଛି । ଏହା ହେଉଛି ଏକ ଅସ୍ଥାୟୀ ଟାଟୁ । ଟାଟୁଟି ମସ୍ତିଷ୍କର ବୈଦ୍ୟୁତିକ ଗତିବିଧିକୁ ମାପିଥାଏ । ଏହାର ବଡ଼ ବିଶେଷତ୍ୱ ହେଉଛି ଟାଟୁ ତୁରନ୍ତ ଫଳାଫଳ ପ୍ରଦାନ କରିଥାଏ । ଯାହାକୁ ଇଲେକଟ୍ରୋଏନସେଫେଲୋଗ୍ରାଫି (ଇଇଜି) ଏବଂ ଇଲେକଟ୍ରୋଓକୁଲୋଗ୍ରାଫି (ଇଓଜି) କୁହାଯାଏ । ଉକ୍ତ ଟାଟୁ ଚକ୍ଷୁର ଗତିକୁ ମଧ୍ୟ ଟ୍ରାକ୍ କରିଥାଏ । ବୈଜ୍ଞାନିକଙ୍କ ମତରେ, ଟେକ୍ନିକ୍ ଏବେ ମଣିଷଠାରୁ ଅଧିକ ବିକଶିତ ହେଉଛି । ଫଳରେ ମସ୍ତିଷ୍କ ଏହାର ସାଥ୍ ଦେଇ ନ ପାରି ସହଜରେ ଥକ୍କିଯାଏ । ମଣିଷ ଏକ ସନ୍ତୁଳିତ ମାନସିକ ଅବସ୍ଥାରେ ଭଲ କାମ କରିଥାଏ । ଏହାକୁ ଗୋଲଡିଲକ୍ସ ଜୋନ୍ କୁହାଯାଏ । ଏଥିରେ ଅଧିକ ଚିନ୍ତା କି ବିରକ୍ତିକର ପରିସ୍ଥିତି ନ ଥାଏ । ଏହି ସନ୍ତୁଳନ ପ୍ରତ୍ୟେକ ବ୍ୟକ୍ତିଙ୍କ ଲାଗି ଭିନ୍ନ ହୋଇଥାଏ । ତେବେ ପୂର୍ବରୁ ମାନସିକ ଥକ୍କାପଣକୁ ମାପିବା ପାଇଁ ନାସା ଟାସ୍କ ଲୋଡ୍ ଇଣ୍ଡେକସର ଉପଯୋଗ କରାଯାଉଥିଲା । ଏହା ଥିଲା ଏକ ଲମ୍ବା ସର୍ଭେ । ଲୋକେ ଏହାକୁ କାମ ପରେ ପୂରଣ କରୁଥିଲେ । ହେଲେ ଇଲେକଟ୍ରୋନିକ୍ ଟାଟୁ ଏହାକୁ ଆହୁରି ଅଧିକ ସହଜ କରିଛି । ଏହି ଟାଟୁ ହାଲୁକା ଏବଂ ଏଥିରେ ପତଳା ଷ୍ଟିକର୍ ଭଳି ସେନସର୍ ଅଛି । ସେହିପରି ପ୍ରତ୍ୟେକ ମଣିଷଙ୍କ ମସ୍ତିଷ୍କ ଅଲଗା ହୋଇଥାଏ । ତେଣୁ ମୁହଁର ଆକାରକୁ ମାପି ଏହି ଟାଟୁ ତିଆରି କରାଯାଏ । ଗବେଷକମାନେ ଛଅଜଣଙ୍କ ଉପରେ ଏହାର ପରୀକ୍ଷା କରିଥିଲେ । ଏହି ଟାଟୁ ମସ୍ତିଷ୍କର ଥକ୍କାପଣକୁ ସଠିକତାର ସହ ଅନୁମାନ ଲଗାଇଥାଏ ବୋଲି ବୈଜ୍ଞାନିକମାନେ କହିଛନ୍ତି । କେବଳ ସେତିକି ନୁହେଁ ଏହା ଅଲଗା ଅଲଗା ସ୍ତରର ଥକ୍କାକୁ ଚିହ୍ନଟ କରିବାରେ ମଧ୍ୟ ସକ୍ଷମ । ସେମାନେ ଏକ କମ୍ପ୍ୟୁଟର ମଡେଲ ତିଆରି କରିଛନ୍ତି । ଏହି ମଡେଲ ଟାଟୁ ସିଗ୍ନାଲରୁ ମାନସିକ ଥକ୍କାକୁ ଚିହ୍ନଟ କରିଥାଏ । । କେଶ ନ ଥିବା ତ୍ୱଚାରେ ଏହି ଟାଟୁ କାମ କରେ । ଗବେଷକମାନେ ଏବେ ଏହାକୁ ଇଙ୍କ ଆଧାରିତ ସେନସର୍ ସହ ଯୋଡ଼ିବା ପାଇଁ ଚେଷ୍ଟା ଚଳାଇଛନ୍ତି ଯଦ୍ୱାରା ଏହା କେଶଯୁକ୍ତ ତ୍ୱଚା ଉପରେ ମଧ୍ୟ କାମ କରିବ । ଏହାଦ୍ୱାରା ପୂରା ମସ୍ତିଷ୍କ ଉପରେ ନଜର ରଖିବା ସହଜ ହେବ । ସେହିପରି ପାରମ୍ପରିକ ଇଇଜି ଉପକରଣର ଦାମ୍ ୧୩ ଲକ୍ଷ ଟଙ୍କା ହୋଇଥିବାବେଳେ ଏହି ଟାଟୁର ବ୍ୟାଟେରି ପ୍ୟାକ୍ ୧୭ ହଜାର ଟଙ୍କା ଏବଂ ଉକ୍ତ ଟାଟୁର ଡିସପୋଜେବଲ ସେନସର୍‌ର ଦାମ୍ ୧୭୦୦ ଟଙ୍କା ରହିଛି । ଏଣୁ ଏହା ଶସ୍ତା ହୋଇଥିବାରୁ ଏହି ଟେକ୍ନିକ ସମସ୍ତଙ୍କ ପାଇଁ ସୁଲଭ ହୋଇପାରିବ । ଅନ୍ୟପକ୍ଷରେ ଏହି ଗବେଷଣା ଡିଭାଇସ୍ ଜର୍ଣ୍ଣାଲରେ ପ୍ରକାଶ ପାଇଛି ।





## 'ମେଟ୍ରୋ ଇନ୍ ଦିନୋ'

### ସାରାଙ୍କୁ ଦେଖି ସୈଫ୍‌ଙ୍କୁ ମନେ ପକାଇଲେ ଦର୍ଶକେ

ବଲିଉଡ୍ ଅଭିନେତ୍ରୀ ସାରା ଅଲ୍ଲୀ ଖାନ୍ ଏବେ ଅନୁରାଗ ବସୁଙ୍କ ଫିଲ୍ମ 'ମେଟ୍ରୋ ଇନ୍ ଦିନୋ'ରେ ନଜର ଆସିବେ । ଏଥିରେ ତାଙ୍କ ବିପକ୍ଷରେ ଆଦିତ୍ୟ ରାୟ କପୁର ଦେଖାଯିବେ । ଇତିମଧ୍ୟରେ ଫିଲ୍ମର କଳାକାରମାନଙ୍କ ଲୁକ୍ ସାମ୍ନାକୁ ଆସିଛି । ଫିଲ୍ମରେ ସବୁଠୁ ଅଧିକ ସାରାଙ୍କ ଲୁକ୍‌କୁ ନେଇ ଚର୍ଚ୍ଚା ହେଉଛି । ଏଥିରେ ସେ ପୂରା ଅଲଗା ଅନ୍ଦାଜରେ ଦେଖାଯାଇଛନ୍ତି । କିଛି ଦିନ ପୂର୍ବରୁ ଫିଲ୍ମର ଟ୍ରେଲର୍ ଆସିଥିଲା । ଟ୍ରେଲର୍‌ରେ ଫିଲ୍ମରେ ଏକାଧିକ କାହାଣୀକୁ ଦେଖାଯାଇଛି ବୋଲି ସ୍ପଷ୍ଟ ହୋଇଛି । ତେବେ ଫିଲ୍ମରେ ସାରାଙ୍କ ଲୁକ୍ ଦେଖି ଦର୍ଶକେ ତାଙ୍କ ବାପା ସୈଫ୍ ଅଲ୍ଲୀ ଖାନ୍‌ଙ୍କ ଏକ ଫିଲ୍ମର ଲୁକ୍ ସହ ତୁଳନା କରୁଛନ୍ତି । ୨୦୧୪ରେ ଆସିଥିବା 'ହମ୍‌ସକଲ୍' ଫିଲ୍ମରେ ସୈଫ୍‌ଙ୍କ ଲୁକ୍ ସାରାଙ୍କ ଲୁକ୍ ସହ ମେଳ ଖାଉଛି ବୋଲି ଦର୍ଶକେ ମତ ଦେଇଛନ୍ତି । ଏହି ଫିଲ୍ମରେ ରୀତେଶ ଦେଶମୁଖ ଓ ସୈଫ୍ ଉଭୟ ଝିଅ ବେଶରେ ଦେଖାଯାଇଥିଲେ । ତେବେ ସାରା ଓ ସୈଫ୍‌ଙ୍କ ଏହି ଫଟୋ ଏବେ ସୋସିଆଲ ମିଡିଆରେ ବେଶ୍ ଭାଇରାଲ ହେଉଛି ।

## ଦେଶଭକ୍ତିର ଅଦ୍ଭୁତ ନିଦର୍ଶନ ତନୋଟ ମାତା ମନ୍ଦିର

ରାଜସ୍ଥାନ, ଜୈସଲମେର ଠାରୁ ୧୨୦ କିଲୋମିଟର ଦୂରରେ ତନୋଟ ମାତାଙ୍କ ମନ୍ଦିର ରହିଛି । ଏହି ମନ୍ଦିରଟି ଭାରତ-ପାକିସ୍ତାନ ସୀମାରେ ଅବସ୍ଥିତ । ଏହା ଏବେ ଦେଶଭକ୍ତି ଓ ଚମତ୍କାରର ପ୍ରତୀକ ପାଲଟିଛି । ତନୋଟ ମାତାଙ୍କୁ ଦେବୀ ଦୁର୍ଗାଙ୍କ ଅବତାର ବୋଲି କୁହାଯାଏ । ଦ୍ୱାଦଶ ଶତାବ୍ଦୀରେ ଜୈସଲମେରର ରାଜପୁତ ଶାସକ ମହାରାୱାଲ ଲୋନକାବତ ଏହାକୁ ନିର୍ମାଣ କରିଥିଲେ । ୧୯୬୫ ଓ ୧୯୭୧ ଭାରତ-ପାକ୍ ଯୁଦ୍ଧ ସମୟରେ ଏହି ମନ୍ଦିରର ଚମତ୍କାରକୁ ନେଇ ଆଜିବି ଚର୍ଚ୍ଚା ହୁଏ । ପାକିସ୍ତାନୀ ସେନା ଅନେକ ଥର ମନ୍ଦିରକୁ ଟାର୍ଗେଟ୍ କରିଥିବାବେଳେ ପ୍ରତିଥର ମାତାଙ୍କ କୃପାରୁ ସେମାନଙ୍କ ଯୋଜନା ପଣ୍ଡ ହୋଇଯାଇଛି । ମାତାଙ୍କ କୃପାରୁ ମନ୍ଦିରର କୌଣସି କ୍ଷତି ହୋଇ ନ ଥାଏ । ସ୍ଥାନୀୟ ଲୋକଙ୍କ ସହ ଭାରତୀୟ ସେନାର ଯବାନମାନଙ୍କ ମଧ୍ୟରେ ମନ୍ଦିରକୁ ନେଇ ଅତୁଟ ବିଶ୍ୱାସ ରହିଛି । ୧୯୬୫ ଭାରତ-ପାକ୍ ଯୁଦ୍ଧ ସମୟରେ ଏହି ମନ୍ଦିର ବେଶ୍ ଚର୍ଚ୍ଚାକୁ ଆସିଥିଲା । ପାକିସ୍ତାନ ପକ୍ଷରୁ ତନୋଟରେ ଭାରୀ ମାତ୍ରାରେ ଗୁଳିଗୋଳା ବର୍ଷଣ କରାଯାଇଥିଲା । ମନ୍ଦିର ଓ ଏହାର ଆଖପାଖ ଅଞ୍ଚଳରେ ୩୦୦୦ ବୋମା ବର୍ଷଣ କରାଯାଇଥିଲେ ମଧ୍ୟ ମନ୍ଦିରର କୌଣସି କ୍ଷତି ହୋଇ ନ ଥିଲା । ଯେଉଁ ବୋମାଗୁଡ଼ିକ ଫୁଟି ନ ଥିଲା ସେଗୁଡ଼ିକ ଆଜିବି ମନ୍ଦିର ମଧ୍ୟରେ ଏକ କାଚ ବାକ୍ସ ଭିତରେ ରଖାଯାଇଛି । 'ବର୍ଡର' ଫିଲ୍ମରେ ମଧ୍ୟ ଏହି ମନ୍ଦିରକୁ ଦେଖାଯାଇଛି । ଭାରତୀୟ ସୀମା ସୁରକ୍ଷା ବଳ(ବିଏସ୍ଏଫ୍)ର ଯବାନମାନେ ଏହି ମନ୍ଦିରର ଦେଖାଶୁଣା କରି ଥାଆନ୍ତି ।







## ଅଣସର ପଞ୍ଚମୀ

**ଆଜି ହେଉଛି ମହାପ୍ରଭୁଙ୍କ ଅଣସର ସେବାର ପଞ୍ଚମ ଦିନ ବା ଅଣସର ପଞ୍ଚମୀ । ସ୍ନାନ ବେଦୀରେ ୧୦୮ ଗରା ସୁବାସିତ ଜଳରେ ସ୍ନାନ କରି ମହାପ୍ରଭୁ ଜଗନ୍ନାଥ, ଭାଇ ବଳଭଦ୍ର ଏବଂ ଭଉଣୀ ସୁଭଦ୍ରା ଜ୍ୱରରେ ପୀଡ଼ିତ ଅଛନ୍ତି । ସେଥିପାଇଁ ୧୫ ଦିନ ଅଣସର ଘରେ ଅଛନ୍ତି ତିନିଠାକୁର । ଅଙ୍ଗଲାଗି ସେବକ, ଦଇତାପତି ସେବାୟତମାନେ ଠାକୁରଙ୍କ ସୁସ୍ଥତା ପାଇଁ ବିଭିନ୍ନ ଉପଚାର ଆରମ୍ଭ କରିଛନ୍ତି । ଏହି ସମୟରେ ମହାପ୍ରଭୁ ଭକ୍ତମାନଙ୍କୁ ଦର୍ଶନ ଦେଉ ନ ଥିବାରୁ ପଟିଦିଅଁ ପୂଜା ପାଉଛନ୍ତି ।**

ଦେବସ୍ନାନ ପୂର୍ଣ୍ଣିମାରେ ଦେବସ୍ନାନ ମଣ୍ଡପରେ ମହାପ୍ରଭୁ ଶ୍ରୀ ଜଗନ୍ନାଥ, ଶ୍ରୀ ବଳଭଦ୍ର, ଦେବୀ ସୁଭଦ୍ରା ଓ ଶ୍ରୀ ସୁଦର୍ଶନଙ୍କୁ ୧୦୮ ଗରା ସୁବାସିତ ଜଳରେ ସ୍ନାନ କରାଯାଇଥାଏ । ଏହାପରେ ସେମାନେ ଜ୍ୱରରେ ପୀଡ଼ିତ ହୋଇଥାନ୍ତି । ସେଥିପାଇଁ ଦେବସ୍ନାନ ପୂର୍ଣ୍ଣିମା ପରଦିନଠାରୁ ନେତ୍ରୋତ୍ସବ ପର୍ଯ୍ୟନ୍ତ ରତ୍ନସିଂହାସନରେ ତିନିଠାକୁର ଭକ୍ତମାନଙ୍କୁ ଦର୍ଶନ ଦେଇ ନ ଥାନ୍ତି । ଏହି କାଳକୁ ଅଣସର ବା ଅନବସର କୁହାଯାଏ । ଏହି ସମୟରେ ତିନିଠାକୁରଙ୍କର ଦଇତାପତି ସେବକ ୧୫ ଦିନ ପର୍ଯ୍ୟନ୍ତ ଗୁପ୍ତ ସେବା ବା ଉପଚାର କରନ୍ତି । ଠାକୁର ଅସୁସ୍ଥ ଥିବାରୁ ଅଣସର ପଣା ସମର୍ପଣ କରାଯାଇଥାଏ ।

ଶ୍ରୀ ଜଗନ୍ନାଥଙ୍କ ଅଣସର ଦୁଇ ପ୍ରକାର ପାଳିତ ହୁଏ । ଗୋଟିଏ ସାଧାରଣ ଅଣସର ଏବଂ ଅନ୍ୟଟି ମହା ଅଣସର । ସାଧାରଣ ଅଣସର ୧୫ଦିନ ପାଳିତ ହୁଏ । ମହାଅଣସର ୪୫ ଦିନ ପାଇଁ ନବକଳେବର ସମୟରେ ପାଳନ କରାଯାଏ । ୧୫ ଦିନ ଅଣସରରେ ଶ୍ରୀମନ୍ଦିରରେ ପଟିଦିଅଁ ପୂଜା ପାଆନ୍ତି । ବଳଭଦ୍ର ବାସୁଦେବ ରୂପରେ ପୂଜା ପାଉଥିବା ବେଳେ, ଦେବୀ ସୁଭଦ୍ରା ଭୁବନେଶ୍ୱରୀ ଏବଂ ଜଗନ୍ନାଥ ନାରାୟଣ ରୂପରେ ପୂଜା ପାଇଥାନ୍ତି । ତେବେ ଯେଉଁ ନୀତି ବିଗ୍ରହମାନଙ୍କ ପାଖରେ ନିତିଦିନ କରାଯାଏ, ସେସବୁ ଏହି ସମୟରେ ପଟିଦିଅଁଙ୍କଠାରେ ଅନୁଷ୍ଠିତ ହୋଇଥାଏ । ସେହିପରି ପଟିଦିଅଁଙ୍କ ସହ ମହାପ୍ରଭୁଙ୍କ ଚଳନ୍ତି ପ୍ରତିମା ଦୋଳଗୋବିନ୍ଦ, ମଦନମୋହନ, ଲକ୍ଷ୍ମୀ, ସରସ୍ୱତୀ, ରାମକୃଷ୍ଣ, ନୃସିଂହ ଭଗବାନଙ୍କୁ ପୂଜା କରାଯାଏ ।

କଥିତ ଅଛି, ମହାପ୍ରଭୁଙ୍କ ଅଣସର ସମୟରେ ଶ୍ରୀମନ୍ଦିର ଭିତରେ କୌଣସି ଘଣ୍ଟ ଅବା ଗୀତ ବୋଲା ଯାଏ ନାହିଁ । ମନ୍ଦିର ଶୂନଶାନ୍ ରହିବା ସହ ୧୫ ଦିନ ପର୍ଯ୍ୟାୟ କ୍ରମେ ଗୁପ୍ତ ନୀତି ପାଳନ କରାଯାଏ । ଅଣସର ପିଣ୍ଡିରେ ମହାପ୍ରଭୁଙ୍କ ବିଜେ ପରେ ଓଦା ଲୁଗା ଉଲାଗି ସହ ପରମ୍ପରା ଅନୁଯାୟୀ ବିଶେଷ ଦିନରେ ଫୁଲୁରି ତେଲ, ଓଷୁଅ ଲାଗି, ଚକାବିଜେ, ଚନ୍ଦନ ଲାଗି ଓ ଘଣା ଲାଗି ନୀତି ହୋଇଥାଏ । ତେବେ ଅଣସର ପଞ୍ଚମୀରେ ଫୁଲୁରି ତେଲ ଲାଗି ହେବାର ପରମ୍ପରା ଅଛି ।



## ବସୁମତୀ ସ୍ନାନ

**ଝିଅମାନଙ୍କ ଦ୍ୱାରା ପାଳନ କରାଯାଉଥିବା ରଜପର୍ବର ଚତୁର୍ଥ ଅର୍ଥାତ୍ ଶେଷ ଦିନଟି ବିଶେଷ ମହତ୍ତ୍ୱ ବହନ କରେ । ଏହିଦିନଟିକୁ ବସୁମତୀ ସ୍ନାନ ବା ଠାକୁରାଣୀ ବୁଡ଼ ଭାବେ ପାଳନ କରାଯାଏ । ଏହାର ବିଧିବିଧାନ ବୈଚିତ୍ର୍ୟମୟ । ରଜସ୍ୱଳା ନାରୀ ଯେଭଳି ଚତୁର୍ଥ ଦିନ ସ୍ନାନ କରି ଶୁଦ୍ଧ ହୁଏ । ଏହାକୁ 'ଧରାସ୍ନାନ', 'ମହାଲକ୍ଷ୍ମୀ ଗାଧୁଆ' ତଥା 'ଶୁଦ୍ଧ ସ୍ନାନ' ବୋଲି ମଧ୍ୟ କୁହାଯାଏ ।**

ନାରୀ ସହ ମାଟି ମାଆର ନିବିଡ଼ ସମ୍ପର୍କ ରହିଛି । କଥିତ ରହିଛି ଯେ, ରଜପର୍ବରେ ଧରିତ୍ରୀ ମାତା ରଜସ୍ୱଳା ହୁଅନ୍ତି । ତିନିଦିନ ଧରି ସେ ଅଛୁତ ରହନ୍ତି । ଏହି ସମୟରେ ଠାକୁର ପୂଜା, ଭୂମି ଦହନ, ବଟାବଟି, କଟାକଟି ଆଦି ଶାରୀରିକ କାର୍ଯ୍ୟ କରିବା ପାଇଁ ନାରୀଙ୍କୁ ବାରଣ କରାଯାଇଥାଏ । ଶେଷଦିନ ବସୁଧା ମା'ଙ୍କ ପୂଜାର୍ଚ୍ଚନା କରିବାର ବିଧି ରହିଛି । ଏହା ହେଉଛି ଶୁଦ୍ଧ ଓ ପବିତ୍ର ହେବାର ପ୍ରତୀକ । ରଜସ୍ୱଳା ନାରୀ ସଦୃଶ ବସୁମତୀ ମାତା ତିନିଦିନ ଅସ୍ପୃଶ୍ୟ ହୋଇ ରହିବା ପରେ ଚତୁର୍ଥ ଦିନ ପ୍ରାତଃ କାଳରେ ଶୁଦ୍ଧ ସ୍ନାନ ପର୍ବ କରାଯାଏ । ଝିଅ, ବୋହୂମାନେ ପ୍ରାତଃରୁ ସ୍ନାନ କରନ୍ତି । ପିଢ଼ା ଉପରେ ଶିଳପୁଆ ରଖାଯାଇ କଜଳପାତି, ଲଙ୍ଗଳ ଲୁହା, କପାତୁଳା ରଖି ସେମାନେ ପୂଜାର୍ଚ୍ଚନା କରିଥାନ୍ତି । ହଳଦିପାଣିରେ ବସୁମତୀ ମା'ଙ୍କୁ ସ୍ନାନ କରାଯାଏ । ଚନ୍ଦନ, ସିନ୍ଦୂର, ଫୁଲ,ଭୋଗ ସହ ପୂଜା କରାଯାଏ । ଶୁଦ୍ଧ ସ୍ନାନ ପରେ ବସୁମାତା ସୃଜନକ୍ଷମ ହୋଇଥାନ୍ତି । ଏହିପର୍ବ ନାରୀ ଜାତି ମଧ୍ୟରେ ଉତ୍ସାହ, ଉନ୍ମାଦନା ଓ ନୂତନ ଶକ୍ତି ଜାଗ୍ରତ କରିଥାଏ ।

## କେଉଁ ସ୍ଥାନରେ ଜୋତା-ଚପଲ ରଖିବା ଅଶୁଭ

**ବାସ୍ତୁ ଶାସ୍ତ୍ର ଅନୁସାରେ, ଘରେ ଠିକ୍ ସ୍ଥାନରେ ଜୋତା ଚପଲ ନ ରଖିବା ଦ୍ୱାରା ନକାରାତ୍ମକ ଶକ୍ତି ବୃଦ୍ଧି ପାଏ । ଏହା ସହ ଘରେ ଅଶାନ୍ତି ଏବଂ ଦାରିଦ୍ର୍ୟତା ଦେଖା ଦିଏ । ତେବେ କେଉଁ ସ୍ଥାନରେ ଜୋତା-ଚପଲ ରଖିବା ଅଶୁଭ, ସେ ସମ୍ପର୍କରେ ଜାଣିବା ।**

**ବେଡ୍‌ରୁମ୍:** ବାସ୍ତୁ ଶାସ୍ତ୍ର ଅନୁସାରେ, ବେଡ୍‌ରୁମ୍ ଭିତରେ ତଥା ଖଟ ତଳେ ଜୋତା ଚପଲ ରଖିବା ଭଲ ନୁହେଁ । ଏଭଳି କରିବା ଦ୍ୱାରା ଦାମ୍ପତ୍ୟ ଜୀବନରେ ସମସ୍ୟା ଦେଖା ଦିଏ । ଏଣୁ ଜୋତାକୁ ଘର ବାହାର ଷ୍ଟାଣ୍ଡରେ ରଖନ୍ତୁ ।

**ରୋଷେଇ ଘର:** ଘରର ରୋଷେଇ ଘରେ କେବେ ବି ଜୋତା ଚପଲ ରଖନ୍ତୁ ନାହିଁ । ରୋଷେଇ ଘରେ ମା' ଅନ୍ନପୂର୍ଣ୍ଣା ବାସ କରନ୍ତି । ଏହି ସ୍ଥାନରେ ଜୋତା ଚପଲ ରଖିବା ଦ୍ୱାରା ଅପରିଷ୍କାର ଓ ନକାରାତ୍ମକ ଶକ୍ତି ଭିତରକୁ ଆସେ । ଏହା ଦ୍ୱାରା ସ୍ୱାସ୍ଥ୍ୟ ସମସ୍ୟା ଓ ଧନ ହାନି ହୋଇଥାଏ ।

**ପୂଜା ଘର:** ଘରର ପୂଜା ସ୍ଥାନରେ ଦେବୀ ଦେବତା ବାସ କରନ୍ତି । ଏଣୁ ପୂଜା ଘରକୁ ଜୋତା ଚପଲ ପିନ୍ଧି ଯିବା ଅନୁଚିତ । ପୂଜା ଘରେ ଜୋତା ଚପଲ ପିନ୍ଧିଲେ ମାନସିକ ସମସ୍ୟା ସାମ୍ନା କରିବାକୁ ପଡ଼େ ।

**ମୁଖ୍ୟ ଦ୍ୱାର:** ଘରର ମୁଖ୍ୟ ଦ୍ୱାର ସାମ୍ନାରେ କେବେ ବି ଜୋତା ଚପଲ ରଖନ୍ତୁ ନାହିଁ । ଏହି ସ୍ଥାନରେ ଜୋତା ଚପଲ ରଖିବା ଦ୍ୱାରା ଦେବୀ ଦେବତାଙ୍କ ମାର୍ଗ ଅବରୋଧ ହୁଏ । ଭଗବାନଙ୍କ ଆଶୀର୍ବାଦ ପ୍ରାପ୍ତି ହୁଏ ନାହିଁ । ଫଳରେ ଜୀବନରେ ବହୁ ସମସ୍ୟା ସାମ୍ନା କରିବାକୁ ପଡ଼େ ।

## ଗୁରୁ ଚଣ୍ଡାଳ ଯୋଗର ପ୍ରଭାବ

**ଜାତକରେ ଗ୍ରହର ସ୍ଥିତି ଆଧାରରେ ଶୁଭ-ଅଶୁଭ ଯୋଗ ସୃଷ୍ଟି ହୁଏ । ଏମିତି ଏକ ଅଶୁଭ ଯୋଗ ହେଉଛି ଗୁରୁ ଚଣ୍ଡାଳ ଯୋଗ । ଯେତେବେଳେ ବୃହସ୍ପତି ବା ଗୁରୁ ଏବଂ ରାହୁ-କେତୁ ଜାତକରେ ଏକାଠି ହୁଅନ୍ତି, ଗୁରୁ ଚଣ୍ଡାଳ ଯୋଗ ସୃଷ୍ଟି ହୁଏ । ଏହାକୁ ବିନାଶକାରୀ ଯୋଗ ଭାବେ ବିବେଚନା କରାଯାଏ । ତେବେ ଏହା ଜୀବନ ଉପରେ କ'ଣ ପ୍ରଭାବ ପକାଏ, ସେ ସମ୍ପର୍କରେ ଜାଣିବା ।**

- ଗୁରୁ ଚଣ୍ଡାଳ ଯୋଗ ଥିବା ବ୍ୟକ୍ତି ବିଶେଷ ନିଶା ସେବନ କରନ୍ତି ।
- ଏହାର ପ୍ରଭାବ ସ୍ୱାସ୍ଥ୍ୟ ଉପରେ ପଡ଼ିଥାଏ । କୌଣସି ଗୁରୁତର ରୋଗରେ ପୀଡ଼ିତ ହେବାର ଆଶଙ୍କା ଅଧିକ ଥାଏ ।
- ଆର୍ଥିକ ସ୍ତରରେ ସୁଦୃଢ଼ ହୋଇ ନ ଥାନ୍ତି । ରୋଜଗାର ହେଲେ ବି ଅର୍ଥ ସମସ୍ୟା ଦେଖା ଦିଏ ।
- ବ୍ୟବସାୟ ହେଉ ଅବା ଚାକିରି, କୌଣସି କ୍ଷେତ୍ରରେ ଦୀର୍ଘ ସମୟ ତିଷ୍ଠି ରହିପାରନ୍ତି ନାହିଁ ।
- ଲଗାତାର ଜୀବନରେ କ୍ଷତି ସହିବାକୁ ପଡ଼େ ।
- ଏଭଳି ଲୋକେ ଖୁବଶୀଘ୍ର ଅବସାଦ ଦେଇ ଗତି କରନ୍ତି ।



ଦୁଲୀପ ଟ୍ରଫି ଫର୍ମାଟରେ ପରିବର୍ତ୍ତନ

# ରଣଜୀ ଟ୍ରଫି ଗ୍ରୁପ-ଏ'ରେ ଓଡ଼ିଶା





ନୂଆଦିଲ୍ଲୀ,୧୫।୬ (ଏଜେନ୍ସି): ୨୦୨୫-୨୬ ଘରୋଇ କ୍ରିକେଟ ସିଜନ ଲାଗି ବିସିସିଆଇ ପକ୍ଷରୁ ଖେଳସୂଚୀ ଘୋଷଣା କରାଯାଇଛି। ଏହି କ୍ରମରେ ଦୁଲୀପ ଟ୍ରଫିରୁ ଘରୋଇ ସିଜନ ଆରମ୍ଭ ହେବ ଓ ଅକ୍ଟୋବର ୧ରୁ ୫ ତାରିଖ ଯାଏ ଇରାନି କପ୍ ଖେଳାଯିବ। ଅଗଷ୍ଟ ୨୮ରୁ ସିଜନ ଆରମ୍ଭ ହେବା ସହ ଆନ୍ତଃଜୋନ୍ ଭିତ୍ତିରେ ଦୁଲୀପ ଟ୍ରଫି ଖେଳାଯିବାର କାର୍ଯ୍ୟକ୍ରମ ସ୍ଥିର କରାଯାଇଛି। ଘରୋଇ କ୍ରିକେଟର ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଟୁର୍ଣ୍ଣାମେଣ୍ଟ ରଣଜୀ ଟ୍ରଫି ଅକ୍ଟୋବର ୧୫ରୁ ଆରମ୍ଭ ହେବ। ଓଡ଼ିଶା ଏଥର ରଣଜୀ ଟ୍ରଫି ଏଲିଟ୍ ଗ୍ରୁପ୍-ଏ'ରେ ସ୍ଥାନ ପାଇଛି। ତାମିଲନାଡୁ, ବରୋଦା, ଝାଡଖଣ୍ଡ, ଉତ୍ତରପ୍ରଦେଶ, ଆନ୍ଧ୍ର ଓ ନାଗାଲାଣ୍ଡକୁ ଏଥର ଓଡ଼ିଶା ସହ ଏଲିଟ୍ ଗ୍ରୁପ୍-ଏ'ରେ ମୁକାବିଲା କରିବାକୁ ପଡ଼ିବ। ବିଶଦ୍ ଖେଳସୂଚୀ ପରେ ପ୍ରକାଶ ପାଇବ। ସେହିପରି ବିସିସିଆଇ ଆପେକ୍ସ କାଉନ୍ସିଲ ବୈଠକରେ ଅନେକ ପରିବର୍ତ୍ତନ କରାଯାଇଛି। ସୟଦ ମୁସ୍ତାକ ଅଲୀ ଟି-୨୦ ଓ ବରିଷ୍ଠ ମହିଳା ଟି-୨୦ ଟ୍ରଫିରେ ଉଭୟ ଗ୍ରୁପ୍ ଲିଗ୍ ପର୍ଯ୍ୟାୟ ଓ ସୁପର ଲିଗ୍ ପର୍ଯ୍ୟାୟ ଖେଳାଯିବାକୁ ନିଷ୍ପତ୍ତି ହୋଇଛି। ଏହା ବ୍ୟତୀତ ବରିଷ୍ଠ ଘରୋଇ ଲିଷ୍ଟ-ଏ' ଓ ଟି-୨୦ ଟୁର୍ଣ୍ଣାମେଣ୍ଟରେ ପ୍ଲେଟ୍ ଡିଭିଜନ ସୃଷ୍ଟି କରାଯାଇଛି।

### ଆନ୍ତଃଜୋନ୍ ଭିତ୍ତିରେ ଖେଳାଯିବ ମହିଳା ଚ୍ୟାଲେଞ୍ଜର୍ସ

ଚଳିବର୍ଷ ଦୁଲୀପ୍ ଟ୍ରଫି ପୂର୍ବ ଫର୍ମାଟକୁ ଫେରିଛି। ବରିଷ୍ଠ ମହିଳା ଚ୍ୟାଲେଞ୍ଜର୍ସ ମଧ୍ୟ ସମାନ ଫର୍ମାଟରେ ଖେଳାଯିବ। ଚଳିତବର୍ଷ ଦୁଲୀପ୍ ଟ୍ରଫି ଆନ୍ତଃଜୋନ୍ ଭିତ୍ତିରେ ଖେଳାଯିବ। ଏଥର ୬ଟି ଜୋନ ଯଥା ପୂର୍ବାଞ୍ଚଳ, ପଶ୍ଚିମାଞ୍ଚଳ, ଦକ୍ଷିଣାଞ୍ଚଳ, କେନ୍ଦ୍ରାଞ୍ଚଳ, ଉତ୍ତରାଞ୍ଚଳ ଓ ଉତ୍ତରପୂର୍ବାଞ୍ଚଳ ଅଂଶଗ୍ରହଣ କରିବେ। ଖେଳାଳିମାନେ ନିଜ ଜୋନ୍‌କୁ ପ୍ରତିନିଧିତ୍ୱ କରିବେ। ପୂର୍ବରୁ ଟିମ-ଏ, ବି, ସି ଓ ଡି' ଭାବରେ ଜାତୀୟ ମନୋନୟନ କମିଟି ଦ୍ୱାରା ଖେଳାଳି ଚୟନ କରାଯାଇ ଦଳ ଗଠନ କରାଯାଇଥିଲା। ଏହାକୁ ଏବର୍ଷ ବନ୍ଦ କରିଦିଆଯାଇଛି। ଜୋନାଲ ଚୟନ କମିଟି ଏଥର ଖେଳାଳି ଚୟନ କରିବେ। ବରିଷ୍ଠ ମହିଳା ଚ୍ୟାଲେଞ୍ଜର୍ସ ମଧ୍ୟ ଜୋନାଲ ଫର୍ମାଟରେ ୬ଟି ଦଳକୁ ନେଇ ଖେଳାଯିବ। ଉଭୟ ଟୁର୍ଣ୍ଣାମେଣ୍ଟ ରାଉଣ୍ଡ ରବିନ ଫର୍ମାଟରେ ଖେଳାଯିବ।

### ଅକ୍ଟୋବର ୧୫ରୁ ରଣଜୀ ଟ୍ରଫି

ଘରୋଇ କ୍ରିକେଟର ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଟୁର୍ଣ୍ଣାମେଣ୍ଟ ଅକ୍ଟୋବର ୧୫ରୁ ଆରମ୍ଭ ହେବ। ଗତବର୍ଷ ଭଳି ଏହା ଦୁଇଟି ପର୍ଯ୍ୟାୟରେ ଖେଳାଯିବ। ପ୍ରଥମ ପର୍ଯ୍ୟାୟ ପରେ ସୀମିତ ଓଭର କ୍ରିକେଟ ଟୁର୍ଣ୍ଣାମେଣ୍ଟ ଖେଳାଯିବ। ଦେଶର ବିଭିନ୍ନ ଭାଗରେ ଜଳବାୟୁର ସ୍ଥିତିକୁ ଆଖି ଆଗରେ ରଖି ଏହି ଟୁର୍ଣ୍ଣାମେଣ୍ଟର ଖେଳସୂଚୀରେ ପରିବର୍ତ୍ତନ କରାଯାଇଛି। ଏହି ଟୁର୍ଣ୍ଣାମେଣ୍ଟ ଲାଗି କେଉଁ ଗ୍ରୁପ୍‌ରେ କେଉଁ ଦଳ ସ୍ଥାନ ପାଇବ ତାହା ସ୍ଥିର କରାଯାଇଛି। ରଣଜୀ ଟ୍ରଫି ଏଲିଟ୍ ଗ୍ରୁପ୍-ଏ'ରେ ଏଥର ଓଡ଼ିଶା ପ୍ରତିଦ୍ୱନ୍ଦ୍ୱୀ ତାମିଲନାଡୁ, ବରୋଦା, ଝାଡଖଣ୍ଡ, ଉତ୍ତରପ୍ରଦେଶ, ଆନ୍ଧ୍ର ଓ ନାଗାଲାଣ୍ଡ ସହ ସ୍ଥାନ ପାଇଛି। ଏଲିଟ୍ ଗ୍ରୁପ୍‌ରେ ୩୦ଟି ଦଳ ଓ ପ୍ଲେଟ୍ ଗ୍ରୁପ୍‌ରେ ୫ଟି ଦଳକୁ ସ୍ଥାନ ଦିଆଯାଇଛି। ପ୍ଲେଟ୍ ଗ୍ରୁପ୍‌ରେ ମେଘାଳୟ, ମିଜୋରାମ, ସିକ୍କିମ, ମଣିପୁର ଓ ଅରୁଣାଚଳ ପ୍ରଦେଶକୁ ସ୍ଥାନ ମିଳିଛି।

### ସୁପରଲିଗ୍ ଓ ପ୍ଲେଟ୍ ଡିଭିଜନ

ଚଳିତ ସିଜନଠାରୁ ବିସିସିଆଇ ଦ୍ୱାରା ଆୟୋଜିତ ଏକାଧିକ ଟୁର୍ଣ୍ଣାମେଣ୍ଟରେ ସୁପର ଲିଗ୍ ଓ ପ୍ଲେଟ୍ ଡିଭିଜନ ସୃଷ୍ଟି ହେବ। ବରିଷ୍ଠ ପୁରୁଷ ଓ ମହିଳା ଟି-୨୦ ଟୁର୍ଣ୍ଣାମେଣ୍ଟରେ ପ୍ରଥମଥର ଲାଗି ସୁପର ଲିଗ୍ ପର୍ଯ୍ୟାୟ ଖେଳାଯିବ। ଅଂଶଗ୍ରହଣକାରୀ ଦଳଗୁଡ଼ିକୁ ୪ଟି ଗ୍ରୁପ୍‌ରେ ଭାଗ କରାଯିବ। ପ୍ରତ୍ୟେକ ଗ୍ରୁପ୍‌ର ୨ ଶ୍ରେଷ୍ଠ ଦଳ ସୁପର ଲିଗ୍‌କୁ ଉନ୍ନୀତ ହେବେ। ଉନ୍ନୀତ ହୋଇଥିବା ୮ଟି ଦଳକୁ ପୁନର୍ବାର ୨ଟି ଗ୍ରୁପ୍‌ରେ ଭାଗ କରାଯିବ। ଗ୍ରୁପ୍ ପର୍ଯ୍ୟାୟ ରାଉଣ୍ଡ ରବିନ ଲିଗ୍ ଭିତ୍ତିରେ ଖେଳାଯିବ। ପ୍ରତ୍ୟେକ ଗ୍ରୁପ୍‌ର ଶ୍ରେଷ୍ଠ ଦଳ ଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କରିବେ।

ସେହିପରି ବିଜୟ ହଜାରେ ଟ୍ରଫି, ବରିଷ୍ଠ ମହିଳା ଦିନିକିଆ ଟୁର୍ଣ୍ଣାମେଣ୍ଟ ଓ ପୁରୁଷ ୨୩ ବର୍ଷରୁ କମ୍ ଷ୍ଟେଟ୍ ଟ୍ରଫିରେ ପ୍ଲେଟ୍ ଡିଭିଜନ ସୃଷ୍ଟିହେବ। ୨୦୨୪-୨୫ ସିଜନରେ ଶେଷ ୬ଟି ସ୍ଥାନ ଅଧିକାର କରିଥିବା ଦଳ ପ୍ଲେଟ୍ ଡିଭିଜନ୍‌ରେ ଖେଳିବେ। ଚଳିତ ସିଜନଠାରୁ ପ୍ଲେଟ୍ ଡିଭିଜନରେ ପ୍ରଥମସ୍ଥାନ ଅଧିକାର କରିଥିବା ଦଳ କେବଳ ଏଲିଟ ଡିଭିଜନକୁ ଉନ୍ନୀତ ହେବ। ସେହିପରି ଏଲିଟ ଗ୍ରୁପ୍‌ରେ ଶେଷ ସ୍ଥାନ ହାସଲ କରିଥିବା ଦଳ ପ୍ଲେଟ୍ ଲିଗ୍‌କୁ ଖସି ଆସିବ।

### କଟକରେ ବରିଷ୍ଠ ମହିଳା ପ୍ଲେଟ୍ ଲିଗ୍ ଦିନିକିଆ

ଏଥର ଘରୋଇ କ୍ରିକେଟରେ ବରିଷ୍ଠ ମହିଳା କ୍ରିକେଟ ପ୍ଲେଟ୍ ଲିଗ୍ ଦିନିକିଆ ମ୍ୟାଚ୍ କଟକରେ ଖେଳାଯିବ। ଏହି ପ୍ରତିଯୋଗିତା ଫେବୃଆରୀ ୬ରୁ ଆରମ୍ଭ ହୋଇ ୧୬ ତାରିଖ ଯାଏ ଚାଲିବ। ଏହି ପ୍ରତିଯୋଗିତା ବ୍ୟତୀତ ଗୋଟିଏ ଭେନ୍ୟୁରେ ଅନ୍ୟ କୌଣସି ଟୁର୍ଣ୍ଣାମେଣ୍ଟ ଆୟୋଜନ କରିବାକୁ ଓଡ଼ିଶା ସୁଯୋଗ ପାଇନାହିଁ। ଅନ୍ୟ ଟୁର୍ଣ୍ଣାମେଣ୍ଟର ଘରୋଇ ମ୍ୟାଚ୍‌ର ସୂଚୀ ପରେ ଜଣାପଡ଼ିବ।

### ବିସିସିଆଇ ୨୦୨୫-୨୬ ଖେଳସୂଚୀ

| | | |
|---|---|---|
| ଦୁଲୀପ ଟ୍ରଫି | : | ଅଗଷ୍ଟ ୨୮ ରୁ ସେପ୍ଟେମ୍ବର ୧୫ |
| ଇରାନି କପ୍ | : | ଅକ୍ଟୋବର ୧ରୁ ୫ |
| ରଣଜୀ ଟ୍ରଫି-୧ | : | ଅକ୍ଟୋବର ୧୫ରୁ ନଭେମ୍ବର ୧୯ |
| ରଣଜୀ ଟ୍ରଫି-୨ | : | ଜାନୁଆରୀ ୨୨ରୁ ଫେବୃଆରୀ ୧, ୨୦୨୬ |
| ରଣଜୀ ନକ୍‌ଆଉଟ | : | ଫେବୃଆରୀ ୬ରୁ ୨୮, ୨୦୨୬ |
| ମୁସ୍ତାକ ଅଲି ଟି-୨୦ | : | ନଭେମ୍ବର ୨୬ରୁ ଡିସେମ୍ବର ୧୮ |
| ବିଜୟ ହଜାରେ ଟ୍ରଫି | : | ଡିସେମ୍ବର ୨୪ରୁ ଜାନୁଆରୀ ୧୮ |
| ସିକେ ନାଇଡୁ ଟ୍ରଫି | : | ଅକ୍ଟୋବର ୧୬ରୁ ଜାନୁଆରୀ ୧୨, ୨୦୨୬ |
| ୨୩ ବର୍ଷରୁ କମ୍ ଷ୍ଟେଟ୍ ଟ୍ରଫି | : | ନଭେମ୍ବର ୧୦ରୁ ଡିସେମ୍ବର ୧ |
| ବିନୁ ମଙ୍କଡ ଟ୍ରଫି | : | ଅକ୍ଟୋବର ୯ ରୁ ନଭେମ୍ବର ୧ |
| ୧୯ ବର୍ଷରୁ କମ୍ ଦିନିକିଆ ଚ୍ୟାଲେଞ୍ଜର | : | ନଭେମ୍ବର ୫ରୁ ୧୧ |
| କୁଚ୍ ବେହାର ଟ୍ରଫି | : | ନଭେମ୍ବର ୧୬ରୁ ଜାନୁଆରୀ ୨୦, ୨୦୨୬ |
| ବିଜୟ ମର୍ଚ୍ଚାଣ୍ଟ ଟ୍ରଫି | : | ଡିସେମ୍ବର ୭ରୁ ଜାନୁଆରୀ ୨୮। |

### ମହିଳା କ୍ରିକେଟ୍

| | | |
|---|---|---|
| ଅକ୍ଟୋବର ୮ ରୁ ୩୧ | : | ବରିଷ୍ଠ ମହିଳା ଏଲିଟ୍ ଟି-୨୦ |
| ନଭେମ୍ବର ୪ରୁ ୧୪ | : | ଆନ୍ତଃଜୋନ୍ ଟି-୨୦ |
| ଫେବୃଆରୀ ୬ରୁ ୨୮ | : | ବରିଷ୍ଠ ମହିଳା ଏଲିଟ୍ ଦିନିକିଆ ଟ୍ରଫି |
| ମାର୍ଚ୍ଚ ୨୦ରୁ ଏପ୍ରିଲ ୩ | : | ଆନ୍ତଃଜୋନ୍ ମଲ୍ଟି ଡେ ଟ୍ରଫି |

### ରଣଜୀ ଏଲିଟ୍ ଗ୍ରୁପ୍

ଗ୍ରୁପ-ଏ: ଓଡ଼ିଶା, ତାମିଲନାଡୁ, ବରୋଦା, ଝାଡଖଣ୍ଡ, ଉତ୍ତରପ୍ରଦେଶ, ଆନ୍ଧ୍ର ଓ ନାଗାଲାଣ୍ଡ।
ଗ୍ରୁପ-ବି: ସୌରାଷ୍ଟ୍ର, ଚଣ୍ଡିଗଡ଼, କର୍ଣ୍ଣାଟକ, ମହାରାଷ୍ଟ୍ର, ମଧ୍ୟପ୍ରଦେଶ, ପଞ୍ଜାବ ଓ ଗୋଆ।
ଗ୍ରୁପ୍-ସି: ଗୁଜରାଟ, ହରିୟାଣା, ସର୍ଭିସେସ୍, ବେଙ୍ଗଲ, ରେଳବାଇ, ତ୍ରିପୁରା, ଉତ୍ତରାଖଣ୍ଡ, ଆସାମ।
ଗ୍ରୁପ-ଡି: ମୁମ୍ବାଇ, ଜମ୍ମୁ-କଶ୍ମୀର, ହିମାଚଳ ପ୍ରଦେଶ, ଦିଲ୍ଲୀ, ହାଇଦରାବାଦ୍, ରାଜସ୍ଥାନ, ଛତିଶଗଡ଼, ପୁଡୁଚେରୀ।

### ରଣଜୀ ପ୍ଲେଟ୍ ଗ୍ରୁପ୍

ମେଘାଳୟ, ମିଜୋରାମ, ସିକ୍କିମ, ମଣିପୁର, ଅରୁଣାଚଳ ପ୍ରଦେଶ ଓ ବିହାର।

### କେଉଁ ଗ୍ରୁପ୍‌ରେ ସ୍ଥାନ ପାଇଛି ଓଡ଼ିଶା

**ସୟଦ ମୁସ୍ତାକ ଅଲୀ ଟି-୨୦:**
ଏଲିଟ୍ ଗ୍ରୁପ-ଏ: ମୁମ୍ବାଇ, ବିଦର୍ଭ, ଆନ୍ଧ୍ର, କେରଳ, ରେଳବାଇ, ଆସାମ, ଛତିଶଗଡ଼ ଓ ଓଡ଼ିଶା।

**ବିଜୟ ହଜାରେ ଟ୍ରଫି :**
ଏଲିଟ୍ ଗ୍ରୁପ-ଡି : ହରିୟାଣା, ଗୁଜରାଟ, ରେଳବାଇ, ଆନ୍ଧ୍ର, ସୌରାଷ୍ଟ୍ର, ଦିଲ୍ଲୀ, ସର୍ଭିସେସ୍ ଓ ଓଡ଼ିଶା।

**ସିକେ ନାଇଡୁ ଟ୍ରଫି :**
ଏଲିଟ୍ ଗ୍ରୁପ-ବି : ମୁମ୍ବାଇ, ରାଜସ୍ଥାନ, ବେଙ୍ଗଲ, ହରିୟାଣା, ହାଇଦରାବାଦ୍, ବିଦର୍ଭ, ଆସାମ ଓ ଓଡ଼ିଶା।

**୨୩ ବର୍ଷରୁ କମ୍ ପୁରୁଷ ଷ୍ଟେଟ୍ ଟ୍ରଫି :**
ଏଲିଟ୍ ଗ୍ରୁପ-ବି : ଗୁଜରାଟ, ଆନ୍ଧ୍ର, ଜମ୍ମୁ-କଶ୍ମୀର, ଝାଡଖଣ୍ଡ, ମୁମ୍ବାଇ, ଆସାମ, ଗୋଆ ଓ ଓଡ଼ିଶା।

**ବିନୁ ମଙ୍କଡ ଟ୍ରଫି :**
ଏଲିଟ୍ ଗ୍ରୁପ-ଏ : ଗୁଜରାଟ, ଆନ୍ଧ୍ର, ବିଦର୍ଭ, ଗୋଆ, ବରୋଦା ଓ ଓଡ଼ିଶା।

**କୁଚ୍ ବେହାର ଟ୍ରଫି :**
ଏଲିଟ୍ ଗ୍ରୁପ-ସି: ମହାରାଷ୍ଟ୍ର, ଆନ୍ଧ୍ର, କର୍ଣ୍ଣାଟକ, ଉତ୍ତରାଖଣ୍ଡ, ହିମାଚଳ।

**ବିଜୟ ମର୍ଚ୍ଚାଣ୍ଟ ଟ୍ରଫି :**
ଏଲିଟ୍ ଗ୍ରୁପ-ବି: ପଞ୍ଜାବ, ରାଜସ୍ଥାନ, ଛତିଶଗଡ଼, ପଣ୍ଡିଚେରୀ, ବିହାର ଓ ଓଡ଼ିଶା।

**ବରିଷ୍ଠ ମହିଳା ଟି-୨୦ ଟ୍ରଫି :**
ଏଲିଟ୍ ଗ୍ରୁପ-ସି : ମଧ୍ୟପ୍ରଦେଶ, ଆନ୍ଧ୍ର, କର୍ଣ୍ଣାଟକ, ହରିୟାଣା, ହାଇଦରାବାଦ୍, ଛତିଶଗଡ଼, ତ୍ରିପୁରା ଓ ଓଡ଼ିଶା।

**ବରିଷ୍ଠ ମହିଳା ଦିନିକିଆ ଟ୍ରଫି :**
ଏଲିଟ୍ ଗ୍ରୁପ-ଏ: ଏମ୍‌ପି, ୟୁପି, ମହାରାଷ୍ଟ୍ର, କର୍ଣ୍ଣାଟକ, ବରୋଦା, ଆସାମ, ପଣ୍ଡିଚେରୀ।

● ଏଫ୍‌ଆଇଏଚ୍ ପ୍ରୋ ଲିଗ୍: ଭାରତୀୟ ପୁରୁଷ ଓ ମହିଳା ହକି ଦଳ ପରାସ୍ତ

# ଅଷ୍ଟ୍ରେଲିଆଠୁ ଡବଲ୍ ଝଟ୍‌କା



ଆଣ୍ଟୱର୍ପ, ୧୫।୬ (ଏଜେନ୍ସି): ଚଳିତ ଏଫ୍‌ଆଇଏଚ୍ ପ୍ରୋ ଲିଗ୍‌ର ଚଳିତ ୟୁରୋପ୍ ଲେଗ୍‌ରେ ରବିବାର ଖେଳାଯାଇଥିବା ଦୁଇଟି ମ୍ୟାଚରେ ଭାରତର ଉଭୟ ପୁରୁଷ ଓ ମହିଳା ହକି ଦଳ ଅଷ୍ଟ୍ରେଲିଆ ନିକଟରୁ ହାରିଯାଇଛି। ଫଳରେ ଅଷ୍ଟ୍ରେଲିଆ ଗୋଟିଏ ଦିନରେ ଭାରତର ପୁରୁଷ ଓ ମହିଳା ଦଳକୁ ପରାସ୍ତ କରି ହକି ଦଳ ଡବଲ୍ ଝଟ୍‌କା ଦେଇଛି।

**କ୍ରମାଗତ ୬ଷ୍ଠ ପରାଜୟ:**

ଏଫ୍‌ଆଇଏଚ୍ ପ୍ରୋ ଲିଗ୍‌ରେ ହର୍‌ମନପ୍ରୀତ୍ ସିଂହଙ୍କ ନେତୃତ୍ୱାଧିନ ଭାରତୀୟ ପୁରୁଷ ହକି ଦଳ ୟୁରୋପ୍ ପର୍ଯ୍ୟାୟରେ ନୈରାଶ୍ୟଜନକ ପ୍ରଦର୍ଶନ ଜାରି ରଖି କ୍ରମାଗତ ୬ଷ୍ଠ ପରାଜୟବରଣ କରିଛି। ରବିବାର ଅଷ୍ଟ୍ରେଲିଆ ନିକଟରୁ ଭାରତ ୨-୩ ଗୋଲରେ ମ୍ୟାଚ୍ ହାରିଥିଲା। ପ୍ରଥମାର୍ଦ୍ଧରେ ଅଷ୍ଟ୍ରେଲିଆ ୩ଟି ଯାକ ଗୋଲ୍ ଦେଇଥିଲା। ଭାରତ ପକ୍ଷରୁ ସଞ୍ଜୟ ଓ ଦିଲ୍‌ପ୍ରୀତ୍ ସିଂହ ଗୋଲ୍ ଦେଇଥିଲେ ମଧ୍ୟ ଦଳକୁ ପରାଜୟରୁ ରକ୍ଷା କରିପାରି ନ ଥିଲେ। ୟୁରୋପ୍ ଲେଗ୍ ପୂର୍ବରୁ ଭାରତ ପ୍ରୋ ଲିଗ୍‌ରେ ୮ ମ୍ୟାଚ୍ ଖେଳି ୫ ବିଜୟ ସହ ୧୫ ପଏଣ୍ଟ ପାଇ ୪ର୍ଥ ସ୍ଥାନରେ ଥିଲା। କିନ୍ତୁ କ୍ରମାଗତ ୬ଟି ମ୍ୟାଚ୍ ହାରିବା ପରେ ବର୍ତ୍ତମାନ ୧୪ ମ୍ୟାଚରୁ ୯ ପରାଜୟ ସହ ସେହି ସମାନ ୧୫ ପଏଣ୍ଟ ପାଇ ୭ମ ସ୍ଥାନକୁ ଖସିଯାଇଛି। ଭାରତ ପରବର୍ତ୍ତୀ ମ୍ୟାଚରେ ଜୁନ ୨୧ରେ ବେଲ୍‌ଜିୟମକୁ ଭେଟିବ।

**ପୁଣି ହାରିଲା ମହିଳା ଦଳ:**

ମହିଳା ପ୍ରୋ ଲିଗ୍‌ରେ ଭାରତ କ୍ରମାଗତ ଦ୍ୱିତୀୟ ଦିନରେ ଅଷ୍ଟ୍ରେଲିଆ ନିକଟରୁ ପରାଜୟ ସାମ୍ନା କରିଛି। ଲଣ୍ଡନରେ ଶନିବାର ଖେଳାଯାଇଥିବା ପ୍ରଥମ ମ୍ୟାଚରେ ଅଷ୍ଟ୍ରେଲିଆ ମହିଳା ହକି ଦଳ ୩-୨ ଗୋଲରେ ଭାରତକୁ ହରାଇଥିଲା। ରବିବାର ମଧ୍ୟ ଅଷ୍ଟ୍ରେଲିଆ ଏହି ବିଜୟଧାରା ବଜାୟ ରଖି ୨-୧ ଗୋଲରେ ସାଲିମା ଟେଟେଙ୍କ ନେତୃତ୍ୱାଧୀନ ଭାରତୀୟ ଦଳକୁ ମାତ୍ ଦେଇଛି। ପ୍ରୋ ଲିଗ୍‌ର ଚଳିତ ସଂସ୍କରଣରେ ଭାରତର ଏହା ୧୨ତମ ମ୍ୟାଚରୁ ୭ମ ପରାଜୟ ଥିଲା। ୯ ପଏଣ୍ଟ ସହ ଦଳ ବର୍ତ୍ତମାନ ୭ମ ସ୍ଥାନରେ ରହିଛି।

ଅନ୍ତର୍ଜାତୀୟ ହକିରେ ୪୦୦ ମ୍ୟାଚ୍

# ଦିଲୀପଙ୍କ କ୍ଲବ୍‌ରେ ମନପ୍ରୀତ୍




ଆଣ୍ଟୱର୍ପ, ୧୫।୬ (ଏଜେନ୍ସି): ଭାରତୀୟ ହକି ଦଳର ପୂର୍ବତନ ଅଧିନାୟକ ତଥା ଭେଟେରାନ ମିଡ୍‌ଫିଲ୍ଡର ମନପ୍ରୀତ୍ ସିଂହ ରବିବାର ଏକ ସ୍ୱତନ୍ତ୍ର କ୍ଲବରେ ସାମିଲ ହୋଇଛନ୍ତି। ଦ୍ୱିତୀୟ ଭାରତୀୟ ପୁରୁଷ ଖେଳାଳି ଭାବେ ମନପ୍ରୀତ୍ ଅନ୍ତର୍ଜାତୀୟ ହକିରେ ୪୦୦ ମ୍ୟାଚ୍ ଖେଳିବାର ସୌଭାଗ୍ୟ ଲାଭ କରିଛନ୍ତି। ରବିବାର ଏଠାରେ ଖେଳାଯାଇଥିବା ଏଫ୍‌ଆଇଏଚ୍ ପ୍ରୋ ଲିଗ୍ (ପୁରୁଷ)ର ଅଷ୍ଟ୍ରେଲିଆ ବିପକ୍ଷ ମୁକାବିଲା ଖେଳି ମନପ୍ରୀତ୍ ଏହି ମାଇଲଖୁଣ୍ଟ ହାସଲ କରିଛନ୍ତି। ବର୍ତ୍ତମାନ ହକି ଇଣ୍ଡିଆର ସଭାପତି ଥିବା ପଦ୍ମଶ୍ରୀ ଦିଲୀପ ତିର୍କୀ (୪୧୨ ମ୍ୟାଚ୍) ପ୍ରଥମ ଭାରତୀୟ ପୁରୁଷ ହକି ଖେଳାଳି ଭାବେ ୪୦୦ କିମ୍ବା ଏହାଠାରୁ ଊର୍ଦ୍ଧ୍ୱ ମ୍ୟାଚ୍ ଖେଳିବାର ରେକର୍ଡ କରିଥିଲେ। ବର୍ତ୍ତମାନ ମନପ୍ରୀତ୍ ଏହି କ୍ଲବରେ ସାମିଲ ହୋଇଛନ୍ତି। ଏହି ଅବସରରେ ଅଷ୍ଟ୍ରେଲିଆ ହକି ପକ୍ଷରୁ ମନପ୍ରୀତ୍‌ଙ୍କୁ ସମସ୍ତ ଖେଳାଳିଙ୍କ ଦସ୍ତଖତ ସମ୍ବଳିତ ଏକ ସ୍ୱତନ୍ତ୍ର ଜର୍ସି ଉପହାର ଆକାରରେ ପ୍ରଦାନ କରାଯାଇଥିଲା।

୨୦୧୧ରେ ମାତ୍ର ୧୯ ବର୍ଷ ବୟସରେ ଭାରତ ପକ୍ଷରୁ ପଦାର୍ପଣ କରିଥିବା ମନପ୍ରୀତ୍ ଦୁଇ ଦୁଇଥର ଅଲିମ୍ପିକ ପଦକ ବିଜୟୀ ଭାରତୀୟ ଦଳର ସଦସ୍ୟ ରହିଛନ୍ତି। ମନପ୍ରୀତ୍‌ଙ୍କ ନେତୃତ୍ୱରେ ଭାରତ ୨୦୨୦ ଟୋକିଓ ଅଲିମ୍ପିକ୍ସରେ ଐତିହାସିକ କାଂସ୍ୟ ପଦକ ସଫଳତା ପାଇଥିଲା। ମନପ୍ରୀତ୍ ଭାରତର ସର୍ବୋଚ୍ଚ କ୍ରୀଡ଼ା ସମ୍ମାନ ମେଜର ଧ୍ୟାନଚାନ୍ଦ ଖେଳରତ୍ନ ପୁରସ୍କାର (୨୦୨୧) ସମେତ ଅର୍ଜୁନ (୨୦୧୮), ବର୍ଷର ଶ୍ରେଷ୍ଠ ହକି ଖେଳାଳି (୨୦୧୯) ପୁରସ୍କାର ଜିତିଛନ୍ତି।

### କ୍ୱିନ୍ସ କ୍ଲବ୍ ଚାମ୍ପିଅନସିପ୍: ମାରିଆ ବୟୋଜ୍ୟେଷ୍ଠ ଚାମ୍ପିଅନ

ଲଣ୍ଡନ, ୧୫।୬ (ଏଜେନ୍ସି): ୫୨ ବର୍ଷ ପରେ ଖେଳାଯାଇଥିବା କ୍ୱିନ୍ସ କ୍ଲବ ଡବ୍ଲ୍ୟୁଟିଏ ୫୦୦ ଇଭେଣ୍ଟ ମହିଳା ଟେନିସ ଟୁର୍ଣ୍ଣାମେଣ୍ଟରେ ଜର୍ମାନୀର ଯୋଗ୍ୟତା ଅର୍ଜନକାରୀ ଖେଳାଳି ତାତ୍‌ଜାନା ମାରିଆ ଚାମ୍ପିଅନ ହୋଇଛନ୍ତି। ରବିବାର ଖେଳାଯାଇଥିବା ଫାଇନାଲରେ ମାରିଆ ୬-୩, ୬-୪ ସିଧାସଳଖ ସେଟ୍‌ରେ ବିଶ୍ୱ ମାନ୍ୟତାର ୧୫ତମ ସ୍ଥାନରେ ରହିଥିବା ଆମେରିକାର ଆମଣ୍ଡା ଆନିସିମୋଭାଙ୍କୁ ପରାସ୍ତ କରିଛନ୍ତି। ଏଥିସହ ୩୭ ବର୍ଷୀୟା ମାରିଆ କ୍ୱିନ୍ସ କ୍ଲବରେ ଚାମ୍ପିଅନ ହେବାରେ ବୟୋଜ୍ୟେଷ୍ଠ ଖେଳାଳି ହୋଇଛନ୍ତି। ଉଲ୍ଲେଖଯୋଗ୍ୟ, ୧୯୭୩ରେ ଶେଷଥର ଲାଗି କ୍ୱିନ୍ସ କ୍ଲବରେ ମହିଳା ଟୁର୍ଣ୍ଣାମେଣ୍ଟ ଆୟୋଜିତ ହୋଇଥିଲା। ସେହିବର୍ଷ ରୁଷିଆର ଓଲଗା ମୋରୋଜୋଭା ଚାମ୍ପିଅନ ହୋଇଥିଲେ।

ଜାତୀୟ କରାଟେ

# ୮ ସ୍ୱର୍ଣ୍ଣ ସହ ଓଡ଼ିଶାକୁ ୩୬ ପଦକ




ଭୁବନେଶ୍ୱର, ୧୫।୬ (ସମିସ): ଉତ୍ତରାଖଣ୍ଡର ଡେରାଡୁନଠାରେ ଗତ ୧୨ ତାରିଖରୁ ଚାଲିଥିବା ଜାତୀୟ ଉପକନିଷ୍ଠ, କନିଷ୍ଠ ଓ ଯୁବ କରାଟେ ପ୍ରତିଯୋଗିତା ରବିବାର ଉଦ୍‌ଯାପିତ ହୋଇଯାଇଛି। ଏହି ପ୍ରତିଯୋଗିତାରେ ଓଡ଼ିଶା ଦଳ ପ୍ରଭାବୀ ପ୍ରଦର୍ଶନ କରି ମୋଟ୍ ୩୬ ପଦକ ବିଜୟୀ ହୋଇ ୪ର୍ଥ ସ୍ଥାନ ହାସଲ କରିଛି। ଯେଉଁଥିରେ ୮ ସ୍ୱର୍ଣ୍ଣ, ୧୩ ରୌପ୍ୟ ଓ ୧୫ କାଂସ୍ୟ ପଦକ ରହିଛି। ଶେଷ ଦିନରେ ଓଡ଼ିଶା ପାଇଁ ବୈଭବ ପଟ୍ଟନାୟକ ୧୧ ବର୍ଷରୁ କମ୍ ବାଳକ କାଟାରେ ସ୍ୱର୍ଣ୍ଣପଦକ ଜିତିଥିଲେ। ସେହିଭଳି ନୀତିକ ମହନ୍ତ, ବିଶ୍ୱଦୀପ ବେହେରା ଓ ଅଭିଜ୍ଞାନ ଦାଶ ରୌପ୍ୟ ପଦକ ବିଜୟୀ ହୋଇଥିଲେ। ଅପରପକ୍ଷରେ ବ୍ୟକ୍ତିଗତ ବିଭାଗରେ ୫ଜଣ ଓ ଦଳଗତ ବିଭାଗରେ ଓଡ଼ିଶା ଗୋଟିଏ କାଂସ୍ୟ ପଦକ ହାସଲ କରିଥିଲା।

ଏହି ସଫଳତା ଲାଗି ଓଡ଼ିଶା ରାଜ୍ୟ କରାଟେ ଡୋ ସଂଘ ତରଫରୁ ସମସ୍ତ ଖେଳାଳି, ପ୍ରଶିକ୍ଷକ ଓ ମ୍ୟାନେଜରଙ୍କୁ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଯାଇଛି। ପ୍ରଶିକ୍ଷକ ଭାବେ ଦୀପକ କୁମାର ସାମନ୍ତରା, ସନ୍ତୋଷ ମହାରଣା, ରାଜେନ୍ଦ୍ର ସାମଲ, କେ.ଜି.କେ. ପ୍ରତିହାରୀ, ସୁସମିନୀ ପାଲଟାସିଂ, କୃଷ୍ଣଚନ୍ଦ୍ର ମହାରଣା, ଭାଲେନା ଭାଲେଣ୍ଟିନା, ଦେବେନ୍ଦ୍ର ରଣା ଦଳ ସହ ଗସ୍ତ କରିଥିଲେ। ସେହିଭଳି ଅବିନାଶ ପୁହରି ମ୍ୟାନେଜର ଓ ରାଜୀବ ସିଂ ଅଫିସିଆଲ୍ ଦାୟିତ୍ୱରେ ରହିଥିଲେ।

୧୧ ବର୍ଷରୁ କମ୍ ଖୋର୍ଦ୍ଧା ଜିଲ୍ଲା ଚେସ୍

# ଅକ୍ଷରା ଓ ସତ୍ୟସ୍ୱରୂପ ଚାମ୍ପିଅନ

ଭୁବନେଶ୍ୱର, ୧୫।୬ (ସମିସ): ଅକ୍ଷରା ହାନଗା ଓ ସତ୍ୟସ୍ୱରୂପ ମିଶ୍ର ଚଳିତବର୍ଷ ୧୧ ବର୍ଷରୁ କମ୍ ଖୋର୍ଦ୍ଧା ଜିଲ୍ଲା ଚେସ୍ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି। ବାଳିକା ବିଭାଗରେ ଅକ୍ଷରା ଓ ବାଳକ ବିଭାଗରେ ସତ୍ୟସ୍ୱରୂପ ୫ ରାଉଣ୍ଡ ବିଶିଷ୍ଟ ଟୁର୍ଣ୍ଣାମେଣ୍ଟରେ ୪.୫ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲେ। ଅନ୍ୟ ବାଳିକା ପ୍ରତିଯୋଗୀଙ୍କ ମଧ୍ୟରେ ଅନିଷା ଆଚାର୍ଯ୍ୟ ରନର୍ସ ଅପ୍ ଓ ଶ୍ରୀୟାଦିତ୍ୟ ପଟ୍ଟନାୟକ ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ବାଳକ ବିଭାଗରେ ଆର୍ଯ୍ୟାଂଶ ମିଶ୍ର ଦ୍ୱିତୀୟ ଓ ନମନ ରାଜ ତୃତୀୟ ସ୍ଥାନ ହାସଲ କରିଥିଲେ। ଏହି ପ୍ରତିଯୋଗିତାରେ ୫୫ ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ। ଖେଳ ଶେଷରେ ସିଭି ରମଣ ଗ୍ଲୋବାଲ ୟୁନିଭର୍ସିଟିର ପ୍ରୋ ଭାଇସ୍ ଚାନ୍ସେଲର ଗୁଣ୍ଡା ଶ୍ରୀଦେବୀ ମୁଖ୍ୟ ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ ବୋଲି ଆୟୋଜକ ଖୋର୍ଦ୍ଧା ଜିଲ୍ଲା ଚେସ ସଂଘ ସମ୍ପାଦକ ଶୁଭାଶିଷ ପଟ୍ଟନାୟକ ଜଣାଇଛନ୍ତି। ଭବେଶ ମହାନ୍ତି, ସ୍ୱାଂଶୁ ସତ୍ୟକାମ ପ୍ରମୁଖ ଉପସ୍ଥିତ ଥିଲେ। ସୁଶାନ୍ତ ଷଡଙ୍ଗୀ, ସନ୍ତୋଷ ମହାପାତ୍ର ପ୍ରମୁଖ ଖେଳ ପରିଚାଳନାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ।

ଖଣ୍ଡିତର ସର୍ବଭାରତୀୟ କବାଡ଼ି

# ପୁରୁଷ ସେମିଫାଇନାଲରେ ପୁରୀ, ଭୋପାଳ



ରସୁଲପୁର,୧୫।୬(ସମିସ): ପୁରୀର ଶ୍ରୀ ଜଗନ୍ନାଥ ସଂସ୍କୃତ ବିଶ୍ୱବିଦ୍ୟାଳୟ ଓ ଭୋପାଳ ଦଳ ରସୁଲପୁର ବ୍ଲକ୍ ଖଣ୍ଡିତର ଠାରେ ଚାଲିଥିବା ୭୦ତମ ସର୍ବ ଭାରତୀୟ କବାଡି ପ୍ରତିଯୋଗିତାର ସେମିଫାଇନାଲରେ ପ୍ରବେଶ କରିଛନ୍ତି। ରବିବାର ଖେଳାଯାଇଥିବା କ୍ୱାର୍ଟର ଫାଇନାଲ ମୁକାବିଲାରେ ପୁରୀ ଟିମ୍ ଜବରଦସ୍ତ ଖେଳ ପ୍ରଦର୍ଶନ କରି ୪୦- ୧୭ ପଏଣ୍ଟରେ ଗୁଜରାଟକୁ ପରାସ୍ତ କରି ଦ୍ୱିତୀୟ ଦଳ ଭାବେ ସେମିଫାଇନାଲରେ ପ୍ରବେଶ କରିଥିଲା। ପୂର୍ବରୁ ଖେଳାଯାଇଥିବା ପ୍ରଥମ କ୍ୱାର୍ଟର ଫାଇନାଲରେ ଭୋପାଳ ଦଳ ମଧ୍ୟ ଦମ୍‌ଦାର ଖେଳିଥିଲା। ଏହି ମୁକାବିଲାକୁ ଭୋପାଳ ୩୩-୨୧ ପଏଣ୍ଟରେ ନାଗପୁର ଟିମ୍‌କୁ ପରାସ୍ତ କରି ପ୍ରଥମ ଦଳ ଭାବେ ସେମିଫାଇନାଲରେ ପ୍ରବେଶ କରିଥିଲା। ଆସନ୍ତାକାଲି ବା ସୋମବାର ଅନ୍ୟ ଦୁଇଟି କ୍ୱାର୍ଟର ଫାଇନାଲ ମୁକାବିଲା ହେବ। ୩ୟ କ୍ୱାର୍ଟର ଫାଇନାଲ୍‌ରେ ପୁଲ୍ ଏ'ର ବିଳାସପୁର ସହ ପୁଲ୍ ଡି'ର ଭଞ୍ଜନଗର, ୪ର୍ଥ କ୍ୱାର୍ଟର ଫାଇନାଲ୍‌ରେ ପୁଲ୍-ଡି ର ଦିଲ୍ଲୀ ସହ ପୁଲ୍ ଏ'ର କଟକ ମୁହାଁମୁହିଁ ହେବେ। ଷ୍ଟାର୍ ଖଚିତ ରେଳବାଇ ଦଳର ଭଲ ଖେଳ ପ୍ରଦର୍ଶନ ସତ୍ତ୍ୱେ କ୍ୱାର୍ଟର ଫାଇନାଲ୍‌ରେ ପ୍ରବେଶ କରିନପାରିବା ଦର୍ଶକ ମାନଙ୍କୁ ନିରାଶ କରିଥିଲା।

ପୂର୍ବରୁ ଆଜି ସକାଳେ ଅନୁଷ୍ଠିତ ପ୍ରଥମ ମ୍ୟାଚ୍‌ରେ ନାଗପୁର ଏନ୍‌ଏସଏସ ପଶ୍ଚିମବଙ୍ଗକୁ ୪୭-୧୧ପଏଣ୍ଟର ଏକ ବଡ ବ୍ୟବଧାନ ହରାଇଥିଲା। ସେହିପରି ବିଳମ୍ବରେ ଆରମ୍ଭ ହୋଇଥିବା ମହିଳା ବିଭାଗର ଆଜିର ପ୍ରଥମ ମ୍ୟାଚ୍‌ରେ ଦକ୍ଷିଣ ପୂର୍ବ ରେଳବାଇ ୩୧-୨୦ ପଏଣ୍ଟରେ କିଟ୍ ବିଶ୍ୱବିଦ୍ୟାଳୟକୁ ହରାଇଥିଲା। ଆଜିର ୨ୟ ମ୍ୟାଚ୍ ତଥା ପୁରୁଷ ବିଭାଗର ୧୬ତମ ମ୍ୟାଚ୍‌ରେ ବିଳାସପୁର ୩୪-୨୩ ପଏଣ୍ଟରେ କଟକକୁ ହରାଇଥିଲା। ୧୭ତମ ମ୍ୟାଚ୍‌ରେ କିନ୍ତୁ ଓଡିଶାର ଏସଜେଏସୟୁ ପୁରୀ କଡ଼ା ମୁକାବିଲାରେ ଭୋପାଳକୁ ୨୩-୧୯ ପଏଣ୍ଟରେ ହରାଇଥିଲା। ତେବେ ଗତକାଲି ଭଳି ଆଜି ମଧ୍ୟ ରାଜ୍ୟ ବାହାରର ଦଳ ମାନଙ୍କର ଦବଦବା ରହିଥିଲା।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS